

୨୦ରେ 'କାନ୍ତାରା ଚାପ୍ଟର୍ ୧' ଟ୍ରେଲର୍

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-83 ♦TUESDAY ♦16 SEPTEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୮୩ ♦ମଙ୍ଗଳବାର ♦୧୬ ସେପ୍ଟେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ନେପାଳରେ ଟେଣ୍ଟ ଭିତରେ ଚାଲୁଛି ସୁପ୍ରିମକୋର୍ଟ


■ **କାଠମାଣ୍ଡୁ, ୧୫।୯ (ଏଜେନ୍ସି):** ନେପାଳ ହିଂସାରେ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ସୁପ୍ରିମକୋର୍ଟ। ହଜାର ହଜାର ମାମଲାର ରେକର୍ଡ ଜଳି ଯାଇଛି କିମ୍ବା ହଜି ଯାଇଛି। କୋର୍ଟଙ୍କ କାର୍ଯ୍ୟ ଉପରେ ଏହାର ପ୍ରତ୍ୟକ୍ଷ ପ୍ରଭାବ ପଡ଼ିଛି। ପରିସ୍ଥିତି ଶାନ୍ତ ହେବା ପରେ ସୋମବାର ଖୋଲିଥିବା ସୁପ୍ରିମକୋର୍ଟ କୋଠା ବଦଳରେ ଟେଣ୍ଟ ବା ତମ୍ବୁ ତଳେ ଚାଲିଛି। ତେବେ ସ୍ୱାଭାବିକ ଭାବେ ଶୁଣାଣି ଆରମ୍ଭ ହୋଇପାରି ନାହିଁ। ସୁପ୍ରିମକୋର୍ଟ ବାର୍ ଆସୋସିଏସନର ପୂର୍ବତନ ସଭାପତି ପୂର୍ଣ୍ଣମାନ ଶାକ୍ୟ କହିଛନ୍ତି, ଅଗ୍ନିକାଣ୍ଡରେ ପ୍ରାୟ ୨୬,୦୦୦ ବିଚାରାଧୀନ ମାମଲାର ଫାଇଲ୍ ଏବଂ ୩୬,୦୦୦ରୁ ଅଧିକ ପୁରୁଣା ମାମଲାର ରେକର୍ଡ ନଷ୍ଟ ହୋଇଯାଇଛି। ଏହି କାରଣରୁ ଅନେକ ମାମଲାର ଶୁଣାଣି ସ୍ଥଗିତ ରଖାଯାଇଛି। ଆବେଦନକାରୀଙ୍କୁ ବର୍ତ୍ତମାନ ଅତିରିକ୍ତ ତାରିଖ ଦିଆଯାଉଛି।



ନେପାଳ ଓକିଲ ସଂଘ ସଭାପତି ବିଜୟ ପ୍ରସାଦ ମିଶ୍ର ସ୍ପଷ୍ଟ କରିଛନ୍ତି ଯେ ଏପରି ପରିସ୍ଥିତିରେ କୋର୍ଟ ପୂର୍ଣ୍ଣ କ୍ଷମତାରେ କାମ କରିପାରିବ ନାହିଁ। ପରିସ୍ଥିତି ଧୀରେ ଧୀରେ ସ୍ୱାଭାବିକ ହେବା ପରେ ସମ୍ପୂର୍ଣ୍ଣ ଭାବରେ କାମ ଆରମ୍ଭ ହେବ।

## ୩ ମିନିଟ୍‌ରେ ଭଙ୍ଗା ହାଡ଼ ଯୋଡ଼ିଦେବ 'ବୋନ୍ ଗ୍ଲୁ'

■ **ବେଜିଂ, ୧୫।୯ (ଏଜେନ୍ସି):** ଆଉ ହାଡ଼ ଯୋଡିବା ପାଇଁ ପ୍ଲାଷ୍ଟର କିମ୍ବା ମେଟାଲ ରଡ୍, ଫିଲର୍ସର ଆବଶ୍ୟକତା ପଡ଼ିବ ନାହିଁ। ଭଙ୍ଗା ହାଡ଼ ଯୋଡ଼ିବା ପାଇଁ ଚୀନର ବୈଜ୍ଞାନିକମାନେ ଅଠା ଭଳି ଏକ ପେଷ୍ଟ ପ୍ରସ୍ତୁତ କରିଛନ୍ତି। ଏହି ପେଷ୍ଟର ପ୍ରଲେପ ତିନି ମିନିଟରେ ଭଙ୍ଗା ହାଡ଼କୁ ଯୋଡ଼ି ଦେଉଛି। ଚୀନ୍ ଗଣମାଧ୍ୟମ ଗ୍ଲୋବାଲ ଟାଇମ୍ସର ରିପୋର୍ଟ ଅନୁଯାୟୀ, ଏହି ବୋନ୍ ଗ୍ଲୋରର ନାମ 'ବୋନ-୨' ରଖାଯାଇଛି। ଚୀନ୍‌ର ଝେଜିୟାଙ୍ଗ ୟୁନିଭର୍ସିଟି ସହ ଜଡ଼ିତ ସାର୍ ରନ୍ ରନ୍ ସା ହସ୍ପିଟାଲର ଡାକ୍ତରମାନେ ଏହାକୁ ପ୍ରସ୍ତୁତ କରିଛନ୍ତି। ୧୫୦ ରୋଗୀଙ୍କ ଉପରେ ଏହାର ସଫଳ ପରୀକ୍ଷଣ କରାଯାଇଛି। ଡାକ୍ତର ଲିନ୍ ଏହି ଗବେଷଣାର ନେତୃତ୍ୱ ନେଇଥିଲେ। ଶାମୁକାକୁ ଦେଖି ତାଙ୍କୁ ଏହି ଗ୍ଲୋ ପ୍ରସ୍ତୁତ କରିବା ପାଇଁ ପ୍ରେରଣା ମିଳିଥିଲା। ଜୋରରେ ଲହଡି ଆସିଲେ ମଧ୍ୟ ଶାମୁକା ପୋଲରେ ସେମିତି ଲାଖି ରହିଥାଏ। ଏହା ନିଜ ପାଦରୁ ଏକ ପ୍ରକାରର ପ୍ରଲେପ ବାହାର କରିଥାଏ। ଏହା ପଥର କିମ୍ବା ପୋଲ ସହ ଲାଖି ରହିଥାଏ। ଏଥିରେ ୧୦ ପ୍ରତିଶତ ପ୍ରୋଟିନ ଏବଂ ୯୦ ପ୍ରତିଶତ ପର୍ଯ୍ୟନ୍ତ କ୍ୟାଲସିୟମ କାର୍ବୋନେଟ ଥାଏ। ଯେତେ ପାଣି ଢାଳିଲେ ବି ଏହା ଛାଡ଼େ ନାହିଁ। ଏହି ଜ୍ଞାନକୌଶଳର ନକଲ କରି ହାଡ଼ ଯୋଡ଼ିବା ପାଇଁ ଏହି ଗ୍ଲୋ ପ୍ରସ୍ତୁତ କରାଯାଇଛି।



### ନିର୍ବାଚନ କମିସନଙ୍କୁ ସୁପ୍ରିମକୋର୍ଟଙ୍କ ଚେତାବନୀ

# ତ୍ରୁଟି ଥିଲେ ଏସ୍‌ଆଇଆର୍ ରଦ୍ଦ

■ **ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି):** ଭାରତର ନିର୍ବାଚନ କମିସନ ହେଉଛନ୍ତି ଏକ ସାମ୍ବିଧାନିକ ସଂସ୍ଥା। କମିସନ ଦ୍ୱାରା ବିହାରରେ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର୍ ପ୍ରକ୍ରିୟା ଚାଲିଛି। ଏହି ପ୍ରକ୍ରିୟା ଆଇନ ଅନୁଯାୟୀ ଚାଲିଛି ବୋଲି ଭାବିନେବା ସ୍ୱାଭାବିକ। ତେବେ କୌଣସି ସ୍ତରରେ ଟିକିଏ ହେଲେ ଆଇନ ବିରୋଧୀ କାମ ହୋଇଥିବା ଧରାପଡ଼ିଲେ ସମଗ୍ର ଏସ୍‌ଆଇଆର୍ ପ୍ରକ୍ରିୟାକୁ ରଦ୍ଦ କରି ଦିଆଯିବ ବୋଲି ସୁପ୍ରିମକୋର୍ଟ ଆଜି ନିର୍ବାଚନ କମିସନଙ୍କୁ ଚେତାବନୀ ଶୁଣାଇଦେଇଛନ୍ତି। ସୁପ୍ରିମକୋର୍ଟଙ୍କ ଏହି ଆଦେଶ କେବଳ ବିହାର ନୁହେଁ, ସମଗ୍ର ଦେଶରେ ଲାଗୁହେବ।



ବିହାରରେ ଏସ୍‌ଆଇଆର୍‌କୁ ବିରୋଧ କରି ଆଗତ ପିଟିସନର ଶୁଣାଣି ବେଳେ ଏଭଳି ଚେତାବନୀ ଦେଇଛନ୍ତି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କୁ ନେଇ ଗଠିତ ଖଣ୍ଡପୀଠ। ଆସନ୍ତା ଅକ୍ଟୋବର ୭ ତାରିଖକୁ ଚୂଡ଼ାନ୍ତ ଶୁଣାଣି ପାଇଁ ଦିନ ଧାର୍ଯ୍ୟ କରି ଖଣ୍ଡପୀଠ କହିଛନ୍ତି ଯେ ବର୍ତ୍ତମାନ ଏହି ପ୍ରକ୍ରିୟା ଉପରେ ଆମେ କୌଣସି ମତାମତ ଦେଉନୁ। କିନ୍ତୁ ବିହାର ଏସ୍‌ଆଇଆର୍ ଉପରେ କୋର୍ଟ ଯେଉଁ ରାୟ ଦେବେ, ତାହା ସମଗ୍ର ଦେଶ ପାଇଁ ପ୍ରଯୁଜ୍ୟ ହେବ। ସେପଟେମ୍ବର ୩୦ ତାରିଖରେ ଯେଉଁ ଚୂଡାନ୍ତ ଭୋଟର ତାଲିକା ପ୍ରକାଶ ପାଇବ ତାହାର ପ୍ରଭାବ କୋର୍ଟ ରାୟ ଉପରେ ପଡ଼ିବ ନାହିଁ। ଏହା ଆମ ପାଇଁ କିଛି ଫରକ ପଡ଼ିବ ନାହିଁ। ପ୍ରକ୍ରିୟାରେ ଆଇନ ବିରୋଧୀ କାମ ହୋଇଛି ବୋଲି କୋର୍ଟର ହୃଦବୋଧ ହେଲେ ସମଗ୍ର ପ୍ରକ୍ରିୟାକୁ ରଦ୍ଦ କରିଦିଆଯିବ। ଅନ୍ୟ ରାଜ୍ୟରେ ଏସ୍‌ଆଇଆର୍ ପାଇଁ ନିର୍ବାଚନ କମିସନଙ୍କୁ ବାରଣ କରାଯାଇ ପାରିବ ନାହିଁ ବୋଲି ଉଲ୍ଲେଖ କରି କୋର୍ଟ କହିଲେ ଚୂଡାନ୍ତ ଶୁଣାଣି ଦିନ ଆବେଦନକାରୀ ଏହା ଉପରେ ଯୁକ୍ତି ଉପସ୍ଥାପନ କରିପାରିବେ। ବିହାର ଏସ୍‌ଆଇଆର୍ ମାମଲା କୋର୍ଟଙ୍କ ବିଚାରାଧୀନ ଥିବା ବେଳେ ନିର୍ବାଚନ କମିସନ ଅନ୍ୟ ରାଜ୍ୟରେ ଏହି ପ୍ରକ୍ରିୟା ▶ପୃଷ୍ଠା-୭

## ୱାକଫ୍ ଆଇନ ବ୍ୟବସ୍ଥାରେ ସୁପ୍ରିମ୍‌କୋର୍ଟଙ୍କ ଆଂଶିକ ରୋକ୍

■ **ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି):** କେନ୍ଦ୍ର ସରକାରଙ୍କ ଦ୍ୱାରା ପ୍ରସ୍ତୁତ ୱାକଫ୍ ସଂଶୋଧନ ଆଇନ, ୨୦୨୫ ଉପରେ ସାମଗ୍ରିକ ଭାବେ ରୋକ୍ ଲଗାଇବାକୁ ମନା କରିଦେଇଛନ୍ତି ସୁପ୍ରିମକୋର୍ଟ। ତେବେ ନୂଆ ଆଇନର କେତେକ ବ୍ୟବସ୍ଥାରେ ରୋକ୍ ଲଗାଇଛନ୍ତି ସର୍ବୋଚ୍ଚ ଅଦାଲତ।

ମାମଲାର ବିଚାର କରୁଥିବା ପ୍ରଧାନ ବିଚାରପତି ଜଷ୍ଟିସ ବିଆର ଗଭାଇ ଏବଂ ଜଷ୍ଟିସ ଏଜି ମସିହଙ୍କୁ ନେଇ ଗଠିତ ବେଞ୍ଚ ଯେଉଁ କେତେକ ବ୍ୟବସ୍ଥା ଉପରେ ଅନ୍ତରୀଣ ରୋକ୍ ଲଗାଇଛନ୍ତି ସେଥିମଧ୍ୟରେ ରହିଛି ଜିଲ୍ଲାପାଳଙ୍କ କ୍ଷମତା। କୋର୍ଟ କହିଛନ୍ତି ଯେ ଏକ ନିର୍ଦ୍ଦିଷ୍ଟ ସଂପତ୍ତି ୱାକଫ କି ନୁହେଁ, ତାହା ଜିଲ୍ଲାପାଳ ▶ପୃଷ୍ଠା-୭

**ୱାକଫ୍ ବିଚାର କ୍ଷମତା ଜିଲ୍ଲାପାଳଙ୍କର ନାହିଁ**

**ସଂପତ୍ତି ଦାନ ପାଇଁ ୫ ବର୍ଷ ଧରି ମୁସ୍‌ଲିମ୍ ହେବା ଜରୁରି ନୁହେଁ**

**ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ମୁସଲିମ ରହିବା ଉଚିତ**

### ବ୍ରହ୍ମଗିରିରେ ଲଜ୍ଜା

## ପ୍ରେମିକକୁ ଗଛରେ ବାନ୍ଧି ପ୍ରେମିକାକୁ ଗଣଦୁଷ୍କର୍ମ !

■ **ବ୍ରହ୍ମଗିରି, ୧୫।୯ (ସମିସ):** ପ୍ରେମିକକୁ ଗଛରେ ବାନ୍ଧି ପ୍ରେମିକାକୁ ଗଣଦୁଷ୍କର୍ମ। ବ୍ରହ୍ମଗିରି ପ୍ରସିଦ୍ଧ ଶକ୍ତିପୀଠ ମା' ବାଲିହରିଚଣ୍ଡୀ ପୀଠ ନିକଟ ଜଙ୍ଗଲରେ ଏହି ଲଜ୍ଜାଜନକ ଘଟଣା ଘଟିଛି। ତେବେ ଏସଂପର୍କରେ ପୁଲିସ ମୁହଁ ଖୋଲୁନି। ଏହି ଘଟଣାରେ ବ୍ରହ୍ମଗିରି ଏବଂ ସଦର ଥାନା ପୁଲିସ ୩ଜଣଙ୍କୁ ଥାନାରେ ଅଟକ ରଖିଥିବା ବେଳେ ଆଉ ଜଣେ ଫେରାର୍ ଥିବା ସୂଚନା ମିଳିଛି। ଆଜି ପୁରୀ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ପୀଡ଼ିତାଙ୍କ ଡାକ୍ତରୀମାଇନା କରାଯାଇଛି।



ସ୍ଥାନୀୟ ଲୋକଙ୍କ କହିବାନୁଯାୟୀ, ଗତ ଶନିବାର ପୂର୍ବାହ୍ନ ପ୍ରାୟ ୧୧ଟାରେ ଏକ ପ୍ରେମୀଯୁଗଳ ବାଲିହରଚଣ୍ଡୀ ବୁଲିବାକୁ ଆସିଥିଲେ। ସେମାନେ ମା'ଙ୍କୁ ଦର୍ଶନ କରିସାରିବା ପରେ ସମୁଦ୍ର କୂଳକୁ ବୁଲିବାକୁ ଯାଇଥିଲେ। ଏହି ସମୟରେ ୪ଜଣ ଦୁର୍ବୃତ୍ତ ସେମାନଙ୍କୁ ପିଛା କରିଥିଲେ। ସମୁଦ୍ର କୂଳକୁ ଯିବାକୁ ହେଲେ ଏକ ନଦୀ ପାର୍ ହେବାକୁ ପଡ଼ିଥାଏ। ସମ୍ପୃକ୍ତ ଯୁବକମାନେ ଉଭୟଙ୍କୁ ଡଙ୍ଗାରେ ନଦୀ ପାର୍ କରାଇଥିଲେ। କିନ୍ତୁ ନଦୀ ଅପରପାର୍ଶ୍ୱରେ ପହଞ୍ଚିବା ପରେ ଯୁବକମାନଙ୍କ ସ୍ୱଭାବ ବଦଳି ଯାଇଥିଲା। ସେମାନେ ପ୍ରେମିକକୁ ଏକ ଗଛରେ ବାନ୍ଧି ତାଙ୍କ ସାମ୍ନାରେ ପ୍ରେମିକାକୁ ଗଣଦୁଷ୍କର୍ମ କରିଥିଲେ। ପ୍ରେମୀଯୁଗଳ ଯେତେ କାକୁତିମିନତି ହୋଇଥିଲେ ମଧ୍ୟ ସେମାନେ କିଛି ଶୁଣିନଥିଲେ। ପ୍ରାୟ ଅଧଘଣ୍ଟ ଧରି ୪ ଯୁବକ ପାଶବିକ ଅତ୍ୟାଚାର କରି ଚାଲିଥିଲେ। ଏହାପରେ ଯୁବକମାନେ ସେଠାରୁ ପଳାଇ ଯାଇଥିଲେ। ପରେ ପ୍ରେମୀଯୁଗଳ ବାଲିହରଚଣ୍ଡୀ ପୀଠକୁ ଆସି ଏ ବାବଦରେ ସ୍ଥାନୀୟ ଲୋକଙ୍କୁ ଜଣାଇଥିଲେ। ଖବର ପାଇ ସଦର ଏସ୍‌ଡିପିଓ ରବିନାରାୟଣ ଭଞ୍ଜ, ସ୍ପେଶାଲ ସ୍କ୍ୱାଡ୍, ବ୍ରହ୍ମଗିରି ଓ ସଦର ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଛାନ୍‌ଭିନ୍ କରିଥିଲେ। ଅଭିଯୁକ୍ତଙ୍କ ମଧ୍ୟରୁ ପୁଲିସ ୩ଜଣଙ୍କୁ କାବୁ କରିଥିବା ବେଳେ ଅନ୍ୟ ଜଣେ ଯୁବକ ଫେରାର୍ ହୋଇଯାଇଛି। ତେବେ ପୁଲିସ ମଧ୍ୟ ଯଥାସମ୍ଭବ ଏହି ଘଟଣାକୁ ଚାପିଦେବାକୁ ▶ପୃଷ୍ଠା-୭

# କ୍ଷୀର-ନୀର; ସବୁ ବିଷ

## ନଷ୍ଟ କରାଗଲା ୨୮ ହଜାର ଲିଟର ଅପମିଶ୍ରିତ କ୍ଷୀର

■ **ତିଗିରିଆ, ୧୫।୯ (ସମିସ):** ଗୁରୁଡିଝାଟିଆ ଥାନା ଅନ୍ତର୍ଗତ କୁଷ୍ପଙ୍ଗିରେ ଜବତ ହୋଇଥିବା ୨୮ ହଜାର ଲିଟର ଅପମିଶ୍ରିତ କ୍ଷୀରକୁ ଆଜି ପୁଲିସ ନଷ୍ଟ କରିଛି। ସୋମବାର ଆଠଗଡ଼ ଉପଖଣ୍ଡ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍‌ଙ୍କ ନିର୍ଦ୍ଦେଶକ୍ରମେ ଟ୍ୟାଙ୍କର୍ ମଧ୍ୟରେ ଥିବା ସମସ୍ତ ୨୮ ହଜାର ଲିଟର କ୍ଷୀରକୁ ଅପରାହ୍ଣରେ ତଦନ୍ତକାରୀ ଅଧିକାରୀ ଏସଆଇ ତନୁଶ୍ରୀ ସାହୁ, ଆଇଆଇସି ତପନ କୁମାର ପତ୍ରି ଓ ସାଇଣ୍ଟିଫିକ ଟିମଙ୍କ ଉପସ୍ଥିତିରେ ଏହି ଥାନା ନିକଟ ସାଉରିଆ ଗ୍ରାମ ପାର୍ଶ୍ୱରେ ଥିବା ଏକ ବନ୍ଦପଥର ଖାଦାନ ଭିତରେ ଢ଼ଳା ଯାଇଥିଲା। କାଳେ ଏହି କ୍ଷୀରକୁ କେହି ଜୀବଜନ୍ତୁ ଖାଇବେ କିମ୍ବା ତାଙ୍କର କୌଣସି ଅସୁବିଧା ହେବ, ସେଥିପାଇଁ କ୍ଷୀର ଢ଼ଳା ସରିବା ପରେ ଟ୍ରାକ୍ଟର ଦ୍ୱାରା ତା ଉପରେ ମାଟି ମୋରମ ପକାଯାଇ ଘୋଡ଼ାଇ ଦିଆଯାଇଥିଲା। ନଷ୍ଟ କରାଯାଇଥିବା ସମସ୍ତ ୨୮ ▶ପୃଷ୍ଠା-୭



## ପିଇବା ଯୋଗ୍ୟ ନୁହେଁ ୱାଟ୍‌କୋ ପାଇପ୍ ପାଣି

■ **ସମ୍ବଲପୁର, ୧୫।୯ (ସମିସ):** ସମ୍ବଲପୁରରେ ପାଇପ୍ ଯୋଗେ ଘରକୁ ଘର ଯୋଗାଣ ହେଉଥିବା ପାନୀୟ ଜଳ ପିଇବାଯୋଗ୍ୟ ନୁହେଁ। ଏହାକୁ ପାନୀୟ ଜଳ ଭାବେ ବ୍ୟବହାର କଲେ, ଜଣ୍ଡିସ, ଡାଇରିଆ ଭଳି ରୋଗରେ ଆକ୍ରାନ୍ତ ହେବାର ସମ୍ଭାବନା ରହିଛି। ସମ୍ବଲପୁର ଜିଲ୍ଲା ମୁଖ୍ୟ ଜନସ୍ୱାସ୍ଥ୍ୟ ଅଧିକାରୀ ଏପରି ଚିନ୍ତା ପ୍ରକଟ କରିବା ସହ ଚିଠି ଲେଖି ୱାଟ୍‌କୋକୁ ସଚେତନ କରାଇଛନ୍ତି। ସୂଚନାନୁସାରେ, ମହାନଗର ନିଗମ ଅନ୍ତର୍ଗତ ପଡ଼ାଗୁଡ଼ିକରେ ୱାଟ୍‌କୋ ପକ୍ଷରୁ ପାଇପ୍ ଯୋଗେ ପାଣି ଦିଆଯାଉଛି। ▶ପୃଷ୍ଠା-୭

**ସଚେତନ କଲା ଜନସ୍ୱାସ୍ଥ୍ୟ ବିଭାଗ; ସତର୍କ ନ ହେଲେ ୨୦୧୪ ପରି ଜଣ୍ଡିସ ସ୍ଥିତି ସୃଷ୍ଟି ହେବ**

### ସାର ସଙ୍କଟ

# ରାଜଧାନୀରେ ଗର୍ଜିଲା ବିଜେଡି

## ରାଜଭବନ ସମ୍ମୁଖରେ ବିଶାଳ ଗଣବିକ୍ଷୋଭ





■ **ଭୁବନେଶ୍ୱର, ୧୫।୯ (ସମିସ):** ରାଜ୍ୟରେ ପର୍ଯ୍ୟାପ୍ତ ପରିମାଣର ସାର ମହଜୁଦ୍ ଥିବା ସରକାର ଦାବି କରୁଛନ୍ତି; ଅଥଚ ଓଡ଼ିଶାର ଚାଷୀ ସାର ପାଇଁ ଦହଗଞ୍ଜ ହେଉଛି। ସାର ବସ୍ତାଏ ପାଇଁ ଚାଷୀକୁ ରାତି ରାତି ଅନିଦ୍ରା ହୋଇ ପାକ୍ସ ଓ ଲାମ୍ପ୍ସ ସାମ୍ନାରେ ଧାଡ଼ି ଲଗାଇବାକୁ ପଡୁଛି। ଅନ୍ୟପକ୍ଷରେ ଚୋରାବେପାରୀମାନେ କଳାବଜାରରେ ଚଢ଼ା ଦରରେ ସାର ବିକ୍ରି କରୁଥିବା ଦେଖିବାକୁ ମିଳୁଛି। ଖରିଫ ଚାଷ କାମ ଶୀର୍ଷରେ ଥିବାବେଳେ ରାଜ୍ୟ ସରକାର ସାର ଯୋଗାଇବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି। ରାଜ୍ୟରେ ଖରିଫ ଧାନ ଅଧିକ ଉତ୍ପାଦନ ହେଲେ ସରକାରଙ୍କୁ ଅଧିକ ବୋନସ ଦେବାକୁ ହେବ ବୋଲି ସରକାର ଖରିଫ ଧାନ ଉତ୍ପାଦନ କମାଇବା ପାଇଁ ସାର ଅଭାବର ଷଡ଼ଯନ୍ତ୍ର ରଚିଛନ୍ତି ବୋଲି ଅଭିଯୋଗ କରିଛି ବିଜେଡି। ସୋମବାର ରାଜଭବନ ସମ୍ମୁଖରେ ବିଶାଳ ଗଣଧାରଣା କରି ବିଜେଡି ନେତାମାନେ ରାଜ୍ୟ ସରକାରଙ୍କ ଉପରେ ପ୍ରବଳ ବର୍ଷିଛନ୍ତି। ରାଜଭବନ ସାମ୍ନାରେ ଏହି ଗଣଧାରଣାରେ ସାମିଲ ହୋଇଛନ୍ତି ହଜାର ହଜାର ▶ପୃଷ୍ଠା-୭

**କମ୍ ଧାନ କିଣିବାକୁ ସାର ଅଭାବ ଷଡ଼ଯନ୍ତ୍ର**

**କଳାବଜାରୀ ରୋକିବାରେ ସରକାର ବିଫଳ**

**ଗତ ଦୁଇ ଦଶନ୍ଧିରେ ଏଭଳି ସମସ୍ୟା ନ ଥିଲା**

### ଶ୍ରୀକ୍ଷେତ୍ରରେ ଜୀବନ-ମୃତ୍ୟୁର ସାପ-ଶିଡ଼ି ଖେଳ

## ସ୍ୱର୍ଗଦ୍ୱାରରୁ ଫେରିଆସିଲା ଶବ

■ **ପୁରୀ, ୧୫।୯ (ସମିସ):** ସ୍ୱର୍ଗଦ୍ୱାରରେ ସମସ୍ତଙ୍କୁ ଚକିତ କଲା ଭଳି ଆଜି ଏକ ଘଟଣା ଘଟିଛି। ଦାହ ପାଇଁ ଜଣେ ବୃଦ୍ଧାଙ୍କୁ ସ୍ୱର୍ଗଦ୍ୱାର ଆଣିଥିଲେ ପରିଜନ। ସତ୍କାର ପାଇଁ ଆବଶ୍ୟକ ପ୍ରସ୍ତୁତି ଚାଲିଥିଲା। ସମ୍ପର୍କୀୟମାନେ ବି କାନ୍ଦବୋବାଳି କରୁଥିଲେ। କିନ୍ତୁ ହଠାତ୍ ଘଟିଲା ଚମତ୍କାର। ବୃଦ୍ଧାଜଣଙ୍କ ଜୀବିତ ବୋଲି ଜଣାପଡ଼ିଲା। ସମସ୍ତେ ଆଶ୍ଚର୍ଯ୍ୟ ହୋଇଗଲେ। ସଙ୍ଗେସଙ୍ଗେ ସ୍ୱର୍ଗଦ୍ୱାର ସ୍ୱେଚ୍ଛାସେବୀଙ୍କ ସହାୟତାରେ ତାଙ୍କୁ ୧୦୮ ଆମ୍ବୁଲାନ୍ସରେ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଥିଲା। ସୂଚନାନୁଯାୟୀ, ଗଞ୍ଜାମ ପୋଲସରା ଅଞ୍ଚଳର ପି. ଲକ୍ଷ୍ମୀ(୮୬)ଙ୍କ ଶେଷକୃତ୍ୟ ପାଇଁ ପରିବାରଲୋକ ଆଜି ଅପରାହ୍ନ ପ୍ରାୟ ୪ଟାରେ ତାଙ୍କୁ ଏକ ଆମ୍ବୁଲାନ୍ସରେ ସ୍ୱର୍ଗଦ୍ୱାର ଆଣି ଆସିଥିଲେ। ସ୍ୱର୍ଗଦ୍ୱାରର କର୍ମଚାରୀମାନେ ନିୟମ ଅନୁଯାୟୀ ତାଙ୍କ ପରିବାରଙ୍କୁ ମେଡିକାଲ ରିପୋର୍ଟ ମାଗିଥିଲେ। ହେଲେ ▶ପୃଷ୍ଠା-୭

**ଜୁଇ ଜଳିବା ଆଗରୁ ଜିଇଁ ଉଠିଲେ ଅଶିତିପର ବୃଦ୍ଧା**



## ଜଗା ଦୁଆରେ ଉଡ଼ିଗଲା ପ୍ରାଣ



**ଚକାଆଖି ଦେଖିବା ପୂର୍ବରୁ ବାଇଶିପାହାଚରେ ଆଖି ବୁଜିଲେ**

■ **ପୁରୀ/ଭାପୁର, ୧୫।୯ (ସମିସ):** ଇଚ୍ଛା ଥିଲା ପିତୃପୁରୁଷଙ୍କୁ ପିଣ୍ଡଦାନ କରିବେ। ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କୁ ଦର୍ଶନ କରିବେ। ଏଥିପାଇଁ ପରିବାର ସଦସ୍ୟଙ୍କ ସହ ପୁରୀ ଆସିଥିଲେ ନୟାଗଡ଼ ଜିଲ୍ଲା ଖଣ୍ଡପଡ଼ା ଅଞ୍ଚଳର ମନ୍ଦାକିନୀ ସାହୁ(୬୫)। ପିଣ୍ଡଦାନ କଲେ ସିନା କିନ୍ତୁ ମହାପ୍ରଭୁଙ୍କୁ ଦର୍ଶନ କରିବାର ଇଚ୍ଛା ଅଧୁରା ରହିଗଲା। ଦର୍ଶନ ପାଇଁ ମନ୍ଦିରକୁ ଯିବା ବେଳେ ବାଇଶିପାହାଚରେ ଟଳି ପଡ଼ିଲେ। ତାଙ୍କୁ ତୁରନ୍ତ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ମନ୍ଦାକିନୀଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

ଏବେ ଚାଲିଛି ଅପରପକ୍ଷ। ପିତୃପୁରୁଷଙ୍କ ଉଦ୍ଦେଶ୍ୟରେ ଶ୍ରୀକ୍ଷେତ୍ରର ବିଭିନ୍ନ ତୀର୍ଥ ପୁଷ୍କରିଣୀରେ ତର୍ପଣ ସହ ପିଣ୍ଡଦାନ କରୁଛନ୍ତି ଲୋକେ। ପିତୃପୁରୁଷଙ୍କୁ ପିଣ୍ଡଦାନ ପାଇଁ ପରିବାର ସଦସ୍ୟଙ୍କ ସହିତ ଆସିଥିଲେ ମନ୍ଦାକିନୀ। ସେମାନେ ପିଣ୍ଡଦାନ କର୍ମ ସାରିବା ପରେ ମହାପ୍ରଭୁଙ୍କ ଦର୍ଶନ ପାଇଁ ଅପରାହ୍ନରେ ମନ୍ଦିରକୁ ▶ପୃଷ୍ଠା-୭

# ଦୁର୍ଘଟଣା ଘଟାଇବା ପରେ 'ବିଏମ୍‌ଡବ୍ଲ୍ୟୁ' ଡ୍ରାଇଭରଙ୍କ ଅମାନବୀୟ କାଣ୍ଡ

## ପାଖ ହସ୍ପିଟାଲ ଛାଡ଼ି ୧୯ କିଲୋମିଟର ଦୂରକୁ ନେଲେ
## ଅର୍ଥ ବିଭାଗ ଉପ ସଚିବଙ୍କ ଅକାଳ ମୃତ୍ୟୁ



ନୂଆଦିଲ୍ଲୀ, ୧୫।୯(ଏଜେନ୍ସି): କେନ୍ଦ୍ର ଅର୍ଥ ମନ୍ତ୍ରଣାଳୟରେ ଉପ ସଚିବ ନଭଜୋତ ସିଂହ ଦିଲ୍ଲୀ କାଣ୍ଟନମେଣ୍ଟ ମେଟ୍ରୋ ଷ୍ଟେସନ ନିକଟସ୍ଥ ରିଙ୍ଗ୍ ରୋଡ୍‌ରେ ଘଟିଥିବା ଦୁର୍ଘଟଣାରେ ପ୍ରାଣ ହରାଇଛନ୍ତି। ଏଥିରେ ତାଙ୍କ ପତ୍ନୀ ଆହତ ହୋଇଛନ୍ତି। ତେବେ ପାଖରେ ମେଡିକାଲ ଥାଇ ୧୯ କିମି ଦୂରରେ ଥିବା ମେଡିକାଲକୁ ନେବାରୁ ଉପସଚିବଙ୍କ ମୃତ୍ୟୁ ହୋଇଯାଇଥିଲା। ତାଙ୍କ ପତ୍ନୀ କାନ୍ଦି କାନ୍ଦି କାକୁତିମିନତି କରିବା ସତ୍ତ୍ୱେ ଦୁର୍ଘଟଣା ଘଟାଇଥିବା ବିଏମ୍‌ଡବ୍ଲ୍ୟୁ କାର୍ ଡ୍ରାଇଭର ତାଙ୍କ କଥା ଶୁଣି ନ ଥିଲେ। ଦୁର୍ଘଟଣାସ୍ଥଳରୁ ୧୯ କିମି ଦୂର ଜିଟିବି ନଗରରେ ଥିବା ନ୍ୟୁଲାଇଫ ହସ୍ପିଟାଲକୁ ନେଇଥିଲେ। ନଭଜୋତଙ୍କ ପତ୍ନୀ ସନ୍ଦୀପ କୌର କହିଛନ୍ତି ଯେ ଦୁର୍ଘଟଣା ପରେ କାର୍‌ରେ ନେବା ସମୟରେ ସ୍ୱାମୀ ଚେତାଶୂନ୍ୟ ଥିଲେ। ନିକଟସ୍ଥ ହସ୍ପିଟାଲକୁ ନେବା ପାଇଁ ତାଙ୍କୁ ଅନୁରୋଧ କରିଥିଲି। କିନ୍ତୁ କେହି ମୋ କଥା ଶୁଣି ନ ଥିଲେ। ଯଦି ପାଖରେ ଥିବା ହସ୍ପିଟାଲକୁ ନିଆଯାଇଥାନ୍ତା ତେବେ ତାଙ୍କର ଜୀବନ ବଞ୍ଚି ଯାଇଥାନ୍ତା।

ଗତକାଲି ନଭଜୋତ ଓ ତାଙ୍କ ପତ୍ନୀ ବାଇକରେ ଯାଉଥିବା ବେଳେ ଏକ ବିଏମ୍‌ଡବ୍ଲ୍ୟୁ କାର୍ ଧକ୍କା ଦେଇଥିଲା। ଏହାପରେ କାର୍ ଓଲଟିଯାଇଥିଲା। ଏହି ସମୟରେ ଏକ ଭ୍ୟାନ୍ ଡ୍ରାଇଭର ସେମାନଙ୍କୁ ଉଦ୍ଧାର କରିଥିଲେ। ଏହି ଭ୍ୟାନରେ ନଭଜୋତ ଓ ତାଙ୍କ ପତ୍ନୀଙ୍କ ସମେତ ବିଏମଡବ୍ଲ୍ୟୁ ଡ୍ରାଇଭର ଗଗନପ୍ରୀତ ବି ଥିଲେ। ଭ୍ୟାନ୍ ଡ୍ରାଇଭର ସେମାନଙ୍କୁ ନିକଟବର୍ତ୍ତୀ ହସ୍ପିଟାଲକୁ ନେଉଥିବା ବେଳେ ବିଏମଡବ୍ଲ୍ୟୁ ଡ୍ରାଇଭର ଗଗନପ୍ରୀତ ତାଙ୍କୁ ୧୯ କିମି ଦୂରରେ ଥିବା ନ୍ୟୁଲାଇଫ୍ ହସ୍ପିଟାଲ ନେବାକୁ ବାଧ୍ୟ କରିଥିଲେ। ସେଠାରେ ଚିକିତ୍ସା ଅବସ୍ଥାରେ ନଭଜୋତଙ୍କ ମୃତ୍ୟୁ ଘଟିଥିଲା। ପାଖରେ ହସପିଟାଲ ଥାଉ ଥାଉ ୧୯ କିଲୋମିଟର ଦୂରରେ ଥିବା ହସ୍ପିଟାଲକୁ ସେମାନଙ୍କୁ କାହିଁକି ନିଆଯାଇଥିଲା ବୋଲି ପ୍ରଶ୍ନ ଉଠୁଛି। ପୁଲିସ ଏହାର ଛାନଭିନ୍ ଆରମ୍ଭ କରିବା ସହିତ ବିଏମଡବ୍ଲ୍ୟୁ ଡ୍ରାଇଭର ଗଗନପ୍ରୀତଙ୍କୁ ଗିରଫ କରିଛି। ଗଗନପ୍ରୀତଙ୍କ ସ୍ୱାମୀଙ୍କ ନାମରେ ମଧ୍ୟ ମାମଲା ରୁଜୁ ହୋଇଛି। ମହିଳା ଜଣକ ବିଏମ୍‌ଡବ୍ଲ୍ୟୁ ଚଳାଉଥିଲେ ଓ ପାଖରେ ତାଙ୍କ ସ୍ୱାମୀ ବସିଥିଲେ ବୋଲି ଅନୁମାନ କରାଯାଉଛି। କୁହାଯାଉଛି ଯେ ନ୍ୟୁଲାଇଫ୍ ହସ୍ପିଟାଲରେ ଗଗନପ୍ରୀତଙ୍କ ପିତାଙ୍କ ମାଲିକାନା ରହିଛି। ପ୍ରମାଣ ନଷ୍ଟ କରିବା ଉଦ୍ଦେଶ୍ୟରେ ଗଗନପ୍ରୀତ ଆହତ ନଭଜୋତଙ୍କୁ ସେହି ହସ୍ପିଟାଲକୁ ନେଇଥିଲେ।

## ନେପାଳ ପ୍ରଧାନମନ୍ତ୍ରୀ ସୁଶୀଳା କାର୍କିଙ୍କ ଇସ୍ତଫା ଦାବିକଲା ଜେନ୍-ଜେଡ୍

କାଠମାଣ୍ଡୁ, ୧୦।୯ (ଏଜେନ୍ସି): ନେପାଳର ନବ ନିଯୁକ୍ତ କାମଚଳା ପ୍ରଧାନମନ୍ତ୍ରୀ ସୁଶୀଳା କାର୍କି ଜେନ୍ ଜେଡ୍‌ଙ୍କ ଆକ୍ରୋଶର ଶିକାର ହୋଇଛନ୍ତି। ଶପଥ ନେବାର ଦିନକ ପରେ ଜେନ ଜେଡ୍ ଗୋଷ୍ଠୀ ତାଙ୍କ ଇସ୍ତଫା ଦାବି କରିଛନ୍ତି। କ୍ୟାବିନେଟ ସମ୍ପ୍ରସାରଣକୁ ନେଇ ଆନ୍ଦୋଳନକାରୀ କ୍ଷୁବ୍ଧ ହୋଇଛନ୍ତି। ବିକ୍ଷୋଭକାରୀଙ୍କ ମତାମତ ନ ନେଇ ପ୍ରଧାନମନ୍ତ୍ରୀ ମନଇଚ୍ଛା ମନ୍ତ୍ରୀ ଚୟନ କରୁଥିବାରୁ ବିରୋଧ କରିଛନ୍ତି। ଏହାକୁ ନେଇ ରବିବାର ରାତିରେ ପ୍ରଧାନମନ୍ତ୍ରୀଙ୍କ ବାସଭବନ ବାହାରେ ବିକ୍ଷୋଭ ପ୍ରଦର୍ଶନ ଏବଂ ସ୍ଲୋଗାନ ଦେଇଛନ୍ତି। ସୁଦାନ ଗୁରଙ୍ଗ ଏହାର ନେତୃତ୍ୱ ନେଇଛନ୍ତି। ସେ ଧମକ ଦେଇଛନ୍ତି କହିଛନ୍ତି ଯେ ପୁଣିଥରେ ରାସ୍ତାକୁ ଓହ୍ଲାଇଲେ କେହି ଆମକୁ ଅଟକାଇ ପାରିବେ ନାହିଁ। ଯେଉଁ ଆସନରେ ବସାଇଛୁ ସେଥିରୁ ବାହାର କରି ଫୋପାଡ଼ି ଦେବୁ। ବରିଷ୍ଠ ଓକିଲ ଓମପ୍ରକାଶ ଆର୍ଯ୍ୟଲ ସରକାରରେ ହସ୍ତକ୍ଷେପ କରୁଥିବା ସେ ଅଭିଯୋଗ କରିଛନ୍ତି। ଆର୍ଯ୍ୟଲ ନିଜେ ସ୍ୱରାଷ୍ଟ୍ରମନ୍ତ୍ରୀ ହେବାକୁ ପ୍ରୟାସ କରୁଛନ୍ତି। କାଠମାଣ୍ଡୁ ମେୟର ବାଲେନ ଶାହାଙ୍କ ଘନିଷ୍ଠ ଭାବେ ସେ ପରିଚିତ। ଆର୍ଯ୍ୟଲଙ୍କୁ ସ୍ୱରାଷ୍ଟ୍ର ଏବଂ ଆଇନ ମନ୍ତ୍ରୀ, ରାମେଶ୍ୱର ଖନାଲଙ୍କୁ ଅର୍ଥମନ୍ତ୍ରୀ ଏବଂ କୁଲମାନ ଘିସିଙ୍ଗଙ୍କୁ ଶକ୍ତିମନ୍ତ୍ରୀ ଭାବେ ସୁଶୀଳା ନିଯୁକ୍ତି ଦେଇଛନ୍ତି।

## ଉଡ଼ାଣ ପୂର୍ବରୁ ଜୟପୁର-ଦୁବାଇ ବିମାନରେ ଯାନ୍ତ୍ରିକ ତ୍ରୁଟି

ଜୟପୁର, ୧୫।୯(ଏଜେନ୍ସି): ଜୟପୁର ବିମାନ ବନ୍ଦରରୁ ଦୁବାଇ ଯିବାକୁ ଥିବା ଏୟାରଇଣ୍ଡିଆ ଏକ୍ସପ୍ରେସର ବିମାନରେ ସୋମବାର ଟେକ୍ ଅଫ୍ ପୂର୍ବରୁ ବୈଷୟିକ ତ୍ରୁଟି ଦେଖାଦେଇଥିଲା। ଫଳରେ ବିମାନର ଉଡାଣକୁ ଶେଷ ମୁହୂର୍ତ୍ତରେ ହିଁ ବାତିଲ କରାଯାଇଥିଲା। ଏୟାର ଇଣ୍ଡିଆ ଏକ୍ସପ୍ରେସର ଫ୍ଲାଇଟ୍ ଆଇଏକ୍ସ-୧୯୫ ସୋମବାର ସକାଳ ୫ଟା ୫୫ ମିନିଟ୍‌ରେ ଦୁବାଇକୁ ଉଡାଣ ଭରିବାର କାର୍ଯ୍ୟକ୍ରମ ଥିଲା। କିନ୍ତୁ ଟେକ୍‌ଅଫ୍‌ର ଠିକ୍ ପୂର୍ବରୁ ବିମାନରେ ବୈଷୟିକ ତ୍ରୁଟି ଥିବା ପାଇଲଟ୍‌ଙ୍କୁ ଜଣା ପଡ଼ିଥିଲା। ଏହାପରେ ପାଇଲଟ୍ ଏୟାର ଟ୍ରାଫିକ୍ କଣ୍ଟ୍ରୋଲ ୟୁନିଟ୍‌କୁ ଏ ସଂକ୍ରାନ୍ତରେ ସୂଚନା ଦେଇଥିଲେ ଓ ବିମାନକୁ ଟ୍ୟାକ୍ସି ୱେରୁ ଆପ୍ରନ ଏରିଆକୁ ଆଣିଥିଲେ। ଇଞ୍ଜିନିୟରମାନେ ବିମାନର ଏହି ବୈଷୟିକ ତ୍ରୁଟି ସୁଧାରିପାରି ନଥିଲେ। ଶେଷରେ ବିମାନର ଉଡାଣକୁ ରଦ୍ଦ କରାଯାଇଥିଲା। ସେହିପରି ଜୟପୁରରୁ ମୁମ୍ବାଇ ଯିବାକୁ ଥିବା ଇଣ୍ଡିଗୋ ବିମାନ ଫ୍ଲାଇଟ୍ ୬ଇ ୫୨୮୨କୁ ବି ଶେଷ ମୁହୂର୍ତ୍ତରେ ରଦ୍ଦ କରାଯାଇଛି।

## ମୁମ୍ବାଇରେ ପ୍ରବଳ ବର୍ଷା; ଟ୍ରାକ୍ ବୁଡ଼ିବାରୁ ଲୋକାଲ ଟ୍ରେନ୍ ବିଳମ୍ବ

ମୁମ୍ବାଇ,୧୫।୯(ଏଜେନ୍ସି): ମୁମ୍ବାଇରେ ସୋମବାର ସକାଳୁ ପ୍ରବଳ ବର୍ଷା ଜାରି ରହିଛି। ପୁଣି ଆଗକୁ ପ୍ରବଳ ବର୍ଷା ହେବ ଓ ୪୦ କିମି ବେଗରେ ପବନ ବହିବ ବୋଲି ପାଣିପାଗ ବିଭାଗ ରେଡ୍ ଆଲର୍ଟ ଜାରି କରିଛି। ବର୍ଷା କାରଣରୁ ମୁମ୍ବାଇରେ କେତୋଟି ଅଞ୍ଚଳରେ ପାଣି ଭରି ରହିଛି ଓ ଟ୍ରାଫିକ ଜାମ୍ ହୋଇଛି। ଅନ୍ଧେରୀ ସବ୍‌ୱେରେ ଦେଢ଼ ଫୁଟ୍ ପର୍ଯ୍ୟନ୍ତ ପାଣି ଠିଆ ହୋଇଥିବାରୁ ପୁଲିସ ଏହାକୁ ବନ୍ଦ କରିଛି। ସେହିପରି ଦରାର, କୁର୍ଲା ଓ ବାନ୍ଦ୍ରା ଷ୍ଟେସନରେ ପାଣି ଭରି ଯିବାରୁ ସବୁ ଲୋକାଲ ଟ୍ରେନ୍ ୧୦ରୁ ୧୫ ମିନିଟ ବିଳମ୍ବରେ ଚାଲିଥିଲା। ସେହିପରି ହାଇଦରାବାଦ୍‌ରେ ମଧ୍ୟ ପ୍ରବଳ ବର୍ଷା କାରଣରୁ ବନ୍ୟା ଭଳି ସ୍ଥିତି ସୃଷ୍ଟି ହୋଇଛି। ହବିବ ନଗର ଅଞ୍ଚଳରେ ରବିବାର ରାତିରେ ବର୍ଷା ହେବା ପରେ ଦୁଇ ଜଣ ବନ୍ୟାରେ ଭାସି ଯାଇଛନ୍ତି। ଡିଜାଷ୍ଟର ରେସପନ୍ସ ଫୋର୍ସ (ଡିଆରଏଫ୍) ଟିମ୍ ଏହି ଦୁଇ ଜଣଙ୍କ ସନ୍ଧାନ ଜାରି ରଖିଛି। କିନ୍ତୁ ଏହି ଅଞ୍ଚଳରେ ପାଣି ଏବେ ଜୋର୍‌ରେ ପ୍ରବାହିତ ହେଉଥିବାରୁ ସମସ୍ୟା ସୃଷ୍ଟି ହୋଇଛି। ପ୍ରବଳ ବର୍ଷା କାରଣରୁ ହାଇଦରାବାଦରେ ବାଇକ୍ ସହ ଜଣେ ଲୋକ ଭାସି ଯାଇଥିଲେ ଓ ତାଙ୍କୁ ବହୁକଷ୍ଟରେ ଉଦ୍ଧାର କରାଯାଇଥିଲା। ଅନ୍ୟପଟେ ପଶ୍ଚିମ ରାଜସ୍ଥାନରୁ ମୌସୁମୀ ୩ ଦିନ ତଳେ ବିଦାୟ ନେବାର ପ୍ରକ୍ରିୟା ଆରମ୍ଭ ହୋଇଛି। ରାଜସ୍ଥାନର ଶ୍ରୀଗଙ୍ଗାନଗର, ନାଗୋର, ଯୋଧପୁର ଓ ବିକାନେରରେ ମୌସୁମୀ ବିଦାୟ ନେଇସାରିଛି। ଆଗାମୀ ଦୁଇ ତିନି ଦିନରେ ପଞ୍ଜାବ ଓ ଗୁଜରାଟର କିଛି ଅଞ୍ଚଳରୁ ମୌସୁମୀ ବିଦାୟ ନେବା ଆରମ୍ଭ କରିବ।

## କରନ ଜୋହର ଦିଲ୍ଲୀ ହାଇକୋର୍ଟଙ୍କ ଦ୍ୱାରସ୍ଥ

ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି): ଐଶ୍ୱର୍ଯ୍ୟା ରାୟ ବଚ୍ଚନ ଏବଂ ତାଙ୍କ ସ୍ୱାମୀ ଅଭିଷେକ ବଚ୍ଚନଙ୍କ ପରେ ଏବେ ନିର୍ଦ୍ଦେଶକ କରନ ଜୋହର ବ୍ୟକ୍ତିଗତ ଅଧିକାରର ସୁରକ୍ଷା ଦାବି କରି ଦିଲ୍ଲୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେଉଛନ୍ତି। ତାଙ୍କ ନାମ, ଫଟୋ ଏବଂ ସ୍ୱର ବ୍ୟବହାର କରି ବେଆଇନ ଭାବେ ସାମଗ୍ରୀ ବିକ୍ରି ଏବଂ ପାଣ୍ଠି ସଂଗ୍ରହ କରାଯାଉଥିବା କହିଛନ୍ତି। କରନଙ୍କ ପକ୍ଷରୁ ବରିଷ୍ଠ ଓକିଲ ରାଜଶେଖର ରାଓ କହିଥିଲେ ଯେ ଏଭଳି ବେଆଇନ କାର୍ଯ୍ୟକଳାପ ଦ୍ୱାରା ବ୍ୟକ୍ତିଗତ ଛବି ଖରାପ ହେଉଛି। କେଉଁ କେଉଁ ଘଟଣାରେ କରନ ପରିଚୟକୁ ବ୍ୟବହାର କରାଯାଇଥିଲା ତାହାର ସୂଚନା ମଧ୍ୟ ସେ କୋର୍ଟଙ୍କୁ ଦେଇଥିଲେ। ଏହାକୁ ଚିହ୍ନଟ କରିବା ପାଇଁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

# ପ୍ରତ୍ୟେକ ଥାନାରେ ସିସିଟିଭି ଜରୁରି: ସୁପ୍ରିମକୋର୍ଟ




## ରେକର୍ଡିଂର ଯାଞ୍ଚ ପାଇଁ ଏଆଇ ଆଧାରିତ ନିୟନ୍ତ୍ରଣ କକ୍ଷ ହେଉ
## ମାନବିକ ହସ୍ତକ୍ଷେପ ହ୍ରାସ କରାଯାଉ
## ସ୍ୱାଧୀନ ଏଜେନ୍ସି ଦ୍ୱାରା ଥାନାର ଯାଞ୍ଚ ହେଉ

ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି): ଦେଶରେ ପୁଲିସ ବର୍ବରତାର ଅନେକ ମାମଲା ସାମ୍ନାକୁ ଆସୁଛି। କେଉଁଠି ଥାନାରେ ଗଣ୍ଡଗୋଳ ହେଉଛି ତ ଆଉ କିଏ ହେପାଜତରେ ରହି ପ୍ରାଣ ହରାଉଥିବା ଅଭିଯୋଗ ହେଉଛି। ଏପରି ସମୟରେ ନିଜଆଡ଼ୁ ଏକ ମାମଲାର ବିଚାର କରି ସୁପ୍ରିମକୋର୍ଟ ସୋମବାର ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଥାନାରେ ସିସିଟିଭି ନ ଥିବାରୁ ପର୍ଯ୍ୟବେକ୍ଷଣରେ ସମସ୍ୟା ହେଉଛି। ତେଣୁ ପ୍ରତ୍ୟେକ ଥାନାରେ ସିସିଟିଭି ଇନ୍‌ଷ୍ଟଲ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହି ସିସିଟିଭି ଗୁଡ଼ିକୁ ଅଧିକାରୀ ବନ୍ଦ କରିଦେବାର ସମ୍ଭାବନା ରହିଛି। ତେଣୁ ସିସିଟିଭି ଗୁଡ଼ିକ ଉପରେ ନଜର ରଖିବା ପାଇଁ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ଆଧାରିତ ନିୟନ୍ତ୍ରଣ କକ୍ଷ ପ୍ରତିଷ୍ଠା ନିମନ୍ତେ ଜୋର୍ ଦେଇଛନ୍ତି। ମାନବିକ ହସ୍ତକ୍ଷେପ ହ୍ରାସ ଏବଂ ଡିଭାଇସ ସ୍ୱିଚ୍ ଅଫ୍ ନ ହେବାକୁ ସୁନିଶ୍ଚିତ କରିବା ପାଇଁ ଏପରି ପଦକ୍ଷେପ ଜରୁରୀ ବୋଲି ଜଷ୍ଟିସ ବିକ୍ରମ ନାଥ ଏବଂ ସନ୍ଦୀପ ମେହେଟାଙ୍କ ଖଣ୍ଡପୀଠ କହିଛନ୍ତି। ଥାନାଗୁଡ଼ିକରେ ସିସିଟିଭିର କାର୍ଯ୍ୟକାରିତା ଉପରେ ଆଗତ ରିଟ୍ ପିଟିସନ ଉପରେ ନିଜଆଡ଼ୁ ଶୁଣାଣି କରି ଖଣ୍ଡପୀଠ ଏହି ଟିପ୍ପଣୀ ଦେଇଛନ୍ତି। ୨୬ ତାରିଖରେ ଏହି ମାମଲାର ଚୂଡ଼ାନ୍ତ ରାୟ ଆସିବ।

ଆଜି ଶୁଣାଣି ସମୟରେ ସିସିଟିଭି ଇନ୍‌ଷ୍ଟଲ ପ୍ରକ୍ରିୟାରେ ଇଣ୍ଡିଆନ ଇନ୍‌ଷ୍ଟିଚ୍ୟୁଟ ଅଫ ଟେକ୍ନୋଲୋଜି (ଆଇଆଇଟିଏସ)ର ସହାୟତା ନେବା ପାଇଁ ପ୍ରସ୍ତାବ ଦେଇଛନ୍ତି। ଖଣ୍ଡପୀଠ କହିଛନ୍ତି ଯେ ଏହି ସମସ୍ୟା ପର୍ଯ୍ୟବେକ୍ଷଣରେ ରହିଛି। ଆଜି ଏହାକୁ ପାଳନ କରିବାକୁ ନେଇ ସତ୍ୟପାଠ ଜାରି ହୋଇପାରେ। କିନ୍ତୁ କାଲିକୁ ଅଧିକାରୀ କ୍ୟାମେରାକୁ ସ୍ୱିଚ୍‌ଅଫ୍ କରିଦେଇପାରନ୍ତି। ତେଣୁ ମାନବିକ ହସ୍ତକ୍ଷେପ ବିନା ନିୟନ୍ତ୍ରଣ କକ୍ଷ ପରିଚାଳନା କରିବା ପାଇଁ କୋର୍ଟ ବିଚାର କରୁଛନ୍ତି। ଯଦି କୌଣସି କ୍ୟାମେରା ବନ୍ଦ ହୋଇଯାଏ ତେବେ ତାହାର ସୂଚନା ତୁରନ୍ତ ନିୟନ୍ତ୍ରଣ କକ୍ଷକୁ ମିଳୁ। ସମସ୍ୟାର ସମାଧାନ ଲାଗି ଏହା ହିଁ ଉଚିତ ଉପାୟ। ଏହା ବ୍ୟତୀତ ଅନ୍ୟ କୌଣସି ମାର୍ଗ ନାହିଁ। ଏହି ଜ୍ଞାନକୌଶଳ ପାଇଁ ଆଇଆଇଟିକୁ ପ୍ରକ୍ରିୟାରେ ସାମିଲ କରିବାକୁ ବିଚାର କରାଯାଉଛି। ସ୍ୱାଧୀନ ଏଜେନ୍ସି ଦ୍ୱାରା ମଧ୍ୟ ଥାନାର ଯାଞ୍ଚ କରାଯାଉ ବୋଲି ଜଷ୍ଟିସ ମେହେଟା କହିଛନ୍ତି। ଗତ ୪ ତାରିଖରେ ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟ ଉପରେ ନିଜ ଆଡ଼ୁ ମାମଲାର ଶୁଣାଣି କରିଥିଲେ। ଏହି ରିପୋର୍ଟରେ ହେପାଜତ ମୃତ୍ୟୁକୁ ନେଇ ରାଜସ୍ଥାନ ପୁଲିସ ସିସିଟିଭି ଫୁଟେଜ ଦେଉ ନ ଥିବା କୁହାଯାଇଥିଲା। ସିସିଟିଭି ଖରାପ ଥିବା କୁହାଯାଇଥିଲା। ଥାନାରେ ସିସିଟିଭି କାମ କରୁ ନ ଥିବାକୁ ନେଇ ଏକ ଜନସ୍ୱାର୍ଥ ମାମଲା ରୁଜୁ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ଦୈନିକ ଭାସ୍କରରେ ପ୍ରକାଶିତ ରିପୋର୍ଟରେ ଗତ ୮ ମାସରେ ରାଜସ୍ଥାନରେ ୧୧ ହେପାଜତ ମୃତ୍ୟୁ ହୋଇଥିବା କୁହାଯାଇଥିଲା। ତେବେ ଏହାକୁ ନେଇ ସିସିଟିଭି ଫୁଟେଜ ଦେବାକୁ ଅଧିକାରୀ ମନା କରିଦେଇଥିଲେ। ସିସିଟିଭି ଖରାପ, ଷ୍ଟୋରେଜ ଫୁଲ୍ ଏବଂ ଗୋପନୀୟତାର ବାହାନା କରିଥିଲେ।

## ରାଜନୈତିକ ଦଳଙ୍କୁ ଯୌନ ଉତ୍ପୀଡ଼ନ ଆଇନ ଅଧୀନରେ ଆଣିବାକୁ ସୁପ୍ରିମକୋର୍ଟଙ୍କ ନା

ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି): ରାଜନୈତିକ କ୍ଷେତ୍ରରେ ସାମିଲ ମହିଳାଙ୍କୁ ଯୌନ ଉତ୍ପୀଡ଼ନ ନିରୋଧୀ ଆଇନ ଅଧୀନରେ ସୁରକ୍ଷା ପ୍ରଦାନ ଦାବିରେ ଆଗତ ଆବେଦନର ଶୁଣାଣି କରିବାକୁ ସୁପ୍ରିମକୋର୍ଟ ସୋମବାର ମନା କରିଦେଇଛନ୍ତି। ରାଜନୈତିକ ଦଳଗୁଡ଼ିକ କିପରି ପିଓଏସ୍‌ଏଚ ଆଇନ ଅଧୀନରେ ସାମିଲ କରାଯିବ ବୋଲି ପ୍ରଧାନ ବିଚାରପତି ବିଆର ଗଭାଇ, ଜଷ୍ଟିସ କେ ବିନୋଦ ଚନ୍ଦ୍ରନ, ଅତୁଲ ଏସ ଚନ୍ଦ୍ରାକରଙ୍କ ଖଣ୍ଡପୀଠ କହିଛନ୍ତି। କୌଣସି ଦଳ ଏବଂ ଏହାର କର୍ମୀଙ୍କ ମଧ୍ୟରେ ନିଯୁକ୍ତିଦାତା ଓ କର୍ମଚାରୀ ସମ୍ପର୍କ ନାହିଁ। ଏପରି ସ୍ଥଳେ ଦଳଗୁଡ଼ିକ 'କର୍ମସ୍ଥଳୀ'ର ପରିଭାଷା ମଧ୍ୟରେ କେମିତି ଆସିପାରିବେ? ତେଣୁ ସୁପ୍ରିମକୋର୍ଟ ଏପରି କରିବାକୁ ମନା କରିଦେଇଥିଲେ।

# ବିହାରରେ ଆସନ ପାଇଁ ଟଣାଓଟରା

## ବିହାରରେ ଇଣ୍ଡିଆ ମେଣ୍ଟରେ କେଁ
## ସବୁ ଆସନରେ ଲଢ଼ିବାକୁ ତେଜସ୍ୱୀଙ୍କ ଧମକ



ପାଟନା, ୧୫।୯ (ଏଜେନ୍ସି): ବିଧାନସଭା ନିର୍ବାଚନ ପୂର୍ବରୁ ବିହାର ରାଜନୀତି ସରଗରମ ହୋଇ ଉଠିଛି। ଏ ପର୍ଯ୍ୟନ୍ତ ଇଣ୍ଡିଆ ମହାମେଣ୍ଟରେ ସହଯୋଗୀଙ୍କ ମଧ୍ୟରେ ଆସନ ବୁଝାମଣା ଚୂଡ଼ାନ୍ତ ହୋଇପାରି ନାହିଁ। ଏହାକୁ ନେଇ ଦୁଇ ପ୍ରମୁଖ ବିରୋଧୀ ଦଳ କଂଗ୍ରେସ ଏବଂ ଆର୍‌ଜେଡି ମଧ୍ୟରେ କେଁ ଫସି ରହିଛି। ଆଉ କିଛି ମାସ ମଧ୍ୟରେ ନିର୍ବାଚନ ହେବାକୁ ଥିବାବେଳେ ଆସନ ବଣ୍ଟନକୁ ନେଇ ମତଭେଦ ଦୂର ହୋଇପାରୁ ନାହିଁ। ଆସନ ବୁଝାମଣାକୁ ନେଇ କଂଗ୍ରେସ କଠୋର ଆଭିମୁଖ୍ୟ ଗ୍ରହଣ କରୁଛି। ମହାମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଭାବେ କାହାକୁ ଉପସ୍ଥାପନ କରିବାକୁ ଏହି ଦଳ ଅନିଚ୍ଛା ପ୍ରକାଶ କରିଛି। ତେବେ ବିରୋଧୀ ଗୋଷ୍ଠୀରେ ଆର୍‌ଜେଡି ନେତା ତେଜସ୍ୱୀ ଯାଦବଙ୍କୁ ଅଧିକାଂଶ ମୁଖ୍ୟମନ୍ତ୍ରୀ ଭାବେ ପସନ୍ଦ କରୁଥିବା ଚର୍ଚ୍ଚା ହେଉଛି। ଏପରି ସମୟରେ ତେଜସ୍ୱୀ ଚାପ ରାଜନୀତିକୁ ଆୟୁଧ କରିଛନ୍ତି। ରାଜ୍ୟର ସମସ୍ତ ୨୪୩ ଆସନରେ ଆରଜେଡି ଲଢିବ ବୋଲି କହି ସେ ମେଣ୍ଟ ସହଯୋଗୀଙ୍କ ଉପରେ ଚାପ ପକାଇଛନ୍ତି। ଏହାକୁ ନେଇ ବିରୋଧୀ ମେଣ୍ଟରେ ଛନକା ପଶିଛି।

ମୁଜାଫରପୁର ଜିଲ୍ଲାର କାନ୍ତିରେ ଅନୁଷ୍ଠିତ ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ବିରୋଧୀ ଦଳ ନେତା ତେଜସ୍ୱୀ ଶନିବାର କହିଥିଲେ ଯେ ଚଳିତ ଥର ସେ ୨୪୩ ଆସନରେ ନିର୍ବାଚନ ଲଢିବେ। ବୋଚହାଁ ହେଉ ଅବା ମୁଜଫରପୁର ସବୁଠି ଲଢିବୁ। ତେଜସ୍ୱୀଙ୍କ ନାମରେ ଭୋଟ ଦେବାକୁ ସେ ସମସ୍ତଙ୍କୁ ନିବେଦନ କରିଛନ୍ତି। ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ଭୋଟର ଅଧିକାର ଯାତ୍ରା ସଫଳ ହୋଇଥିବା ନେଇ କଂଗ୍ରେସ ଦାବି କରୁଥିବାବେଳେ ତେଜସ୍ୱୀ ଏଭଳି ଟିପ୍ପଣୀ ଦେଇ ହଟଚମଟ ସୃଷ୍ଟି କରିଛନ୍ତି। ରାହୁଲଙ୍କ ଏହି ଯାତ୍ରା ବିହାରର ୧୧୦ ବିଧାନସଭା କ୍ଷେତ୍ର ଦେଇ ଯାଇଥିଲା। କଂଗ୍ରେସ ନିର୍ବାଚନରେ ପ୍ରତିଦ୍ୱନ୍ଦିତା ପାଇଁ ଅତିକମରେ ୭୦ ଆସନ ଚାହୁଁଛି। ଏଥିପାଇଁ ଦଳ ମେଣ୍ଟ ଉପରେ ଚାପ ପକାଉଥିବା କୁହାଯାଉଛି। ଗତ ଥର ଦଳ ୭୦ ଆସନରେ ଲଢି ମାତ୍ର ୧୯ଟିରେ ବିଜୟୀ ହୋଇଥିଲା। ତେଣୁ ଅନ୍ୟ ଦଳଗୁଡ଼ିକ ବିଶେଷ କରି ଆରଜେଡି ଏତେ ଆସନ କଂଗ୍ରେସକୁ ଦେବାକୁ ଚାହୁଁନାହିଁ।

ଗତ ସପ୍ତାହରେ ଏଆଇସିସିର ବିହାର ପ୍ରଭାରୀ କୃଷ୍ଣ ଆଲ୍ଲାଭାରୁ କହିଥିଲେ ଯେ ବିହାରର ଲୋକମାନେ ମୁଖ୍ୟମନ୍ତ୍ରୀ ନେଇ ନିଷ୍ପତ୍ତି ନେବେ। ଏହାକୁ ନେଇ ରାଜ୍ୟ ରାଜନୀତିରେ ଚର୍ଚ୍ଚା ଜୋର୍ ଧରିଥିଲ। ବିରୋଧୀ ଦଳ କ୍ଷମତାକୁ ଫେରିଲେ କିଏ ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ହେବ ତାହାକୁ ଭୋଟର ଅଧିକାର ଯାତ୍ରା ସମୟରେ ରାହୁଲଙ୍କୁ ପ୍ରଶ୍ନ କରାଯାଇଥିଲା। ତେବେ ସେ ଏହି ପ୍ରଶ୍ନକୁ ଏଡାଇ ଯାଇଥିଲେ। ଏହାକୁ ନେଇ ମଧ୍ୟ ଆରଜେଡିରେ ଅସନ୍ତୋଷ ଦାନା ବାନ୍ଧୁଛି। ତେଜସ୍ୱୀ ମୁଖ୍ୟମନ୍ତ୍ରୀ ଚେହେରା ହୁଅନ୍ତୁ ବୋଲି ଆରଜେଡି ଚାହୁଁଥିବାବେଳେ କଂଗ୍ରେସ ବିନା ଚେହେରାରେ ଲଢିବାକୁ ଚାହୁଁଛି।

## ୭୭ତମ ଏମି ପୁରସ୍କାର 'ଦି ଷ୍ଟୁଡିଓ'କୁ ସର୍ବାଧିକ ୧୩ଟି ଟ୍ରଫି

ଲସ୍‌ଏଞ୍ଜେଲ୍ସ, ୧୫।୯(ଏଜେନ୍ସି): ଟେଲିଭିଜନ ଇଣ୍ଡଷ୍ଟ୍ରିର ସର୍ବୋଚ୍ଚ ପୁରସ୍କାର ବିବେଚିତ ହେଉଥିବା 'ଏମି ପୁରସ୍କାର'ର ୭୭ତମ ସଂସ୍କରଣ ସ୍ଥାନୀୟ ପିକକ୍ ଥିଏଟରରେ ଅନୁଷ୍ଠିତ ହୋଇଛି। ଏହି ପୁରସ୍କାର ବିତରଣ ଉତ୍ସବକୁ କମେଡିଆନ୍ ନେଟ୍ ବାରଗାଜ ଉପସ୍ଥାପକ ଭାବେ ସଞ୍ଚାଳନ କରିଥିଲେ। ଏଥିରେ ଉଭୟ ଅଭିଜ୍ଞ ଓ ଉଦୀୟମାନ ତାରକାଙ୍କୁ ପୁରସ୍କୃତ କରାଯାଇଥିଲା। 'ଦି ଷ୍ଟୁଡିଓ'କୁ ଆଉଟଷ୍ଟାଣ୍ଡିଂ କମେଡି ସିରିଜ ପାଇଁ ପୁରସ୍କୃତ କରାଯାଇଥିଲା। ଏହି ସିରିଜ ସର୍ବାଧିକ ୧୩ଟି ପୁରସ୍କାର ହାସଲ କରିଥିଲା। ଏଥିରେ ଅଭିନୟ କରିଥିବା ୧୫ ବର୍ଷୀୟ ଓୱେନ କୁପର ସର୍ବକନିଷ୍ଠ ଅଭିନେତା ଭାବେ ଟ୍ରଫି ଜିତି ଇତିହାସ ସୃଷ୍ଟି କରିଛନ୍ତି।

# ଇସ୍ରାଏଲ ବିରୋଧରେ ମେଳି କଲେ ୫୦ ମୁସଲିମ୍ ଦେଶ

## ସମ୍ପର୍କ ଛିନ୍ନ କରିବାକୁ ଇରାନର ପରାମର୍ଶ
## ନାଟୋ ଭଳି ସାମରିକ ମେଣ୍ଟ ଗଠନ ସପକ୍ଷରେ ପାକିସ୍ତାନ


ଦୋହା, ୧୫।୯(ଏଜେନ୍ସି): ମଧ୍ୟପ୍ରାଚ୍ୟରେ ଏକ ନୂଆ ମେଣ୍ଟ ଗଠନ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ଇସ୍ରାଏଲ ବିପକ୍ଷରେ କାତାର ରାଜଧାନୀ ଦୋହାଠାରେ ୫୦ଟି ମୁସ୍‌ଲିମ ଦେଶ ମେଳି ହୋଇଛନ୍ତି। ଆରବ ଲିଗ୍ ଓ ଅର୍ଗାନାଇଜେସନ ଅଫ୍ ଇସ୍‌ଲାମିକ କୋପରେସନ (ଓଆଇସି) ବୈଠକ ଡାକି ଏହି ୫୦ ଦେଶର ପ୍ରତିନିଧିଙ୍କୁ ଏକାଠି କରିଛି। ସେପ୍ଟେମ୍ବର ୯ରେ କାତାର ରାଜଧାନୀ ଦୋହା ଉପରେ ଇସ୍ରାଏଲ କରିଥିବା ଆକ୍ରମଣର ଜବାବ ଦେବା ଏହି ବୈଠକର ଉଦ୍ଦେଶ୍ୟ ବୋଲି କୁହାଯାଇଛି। ଇସ୍ରାଏଲର ଏହି ଆକ୍ରମଣରେ ହମାସର ୫ ସଦସ୍ୟ ଓ କାତାର ଜଣେ ସୁରକ୍ଷାକର୍ମୀ ନିହତ ହୋଇଥିଲେ। ଗତ ଦୁଇବର୍ଷ ହେବ ଗାଜାରେ ଚାଲିଥିବା ଯୁଦ୍ଧକୁ ଶେଷ କରିବା ପାଇଁ ହମାସର ଏକ ଟିମ୍ ଆମେରିକାର ପ୍ରସ୍ତାବ ଅନୁସାରେ ଦୋହାରେ ଥିଲେ ଓ ଏତିକି ବେଳେ ଇସ୍ରାଏଲ ଆକ୍ରମଣ କରିଥିଲା ବୋଲି ଏହି ବୈଠକରେ କୁହାଯାଇଛି। ଏହି ବୈଠକରେ ସବୁ ମୁସ୍‌ଲିମ ଦେଶଗୁଡ଼ିକ ସେମାନଙ୍କର ଇସ୍ରାଏଲ ବିରୋଧୀ ମନୋଭାବକୁ ସ୍ପଷ୍ଟ କରିଛନ୍ତି। ଏହି କ୍ରମରେ ଇସ୍ରାଏଲ ସହ ସବୁ ପ୍ରକାର ସମ୍ପର୍କ ଛିନ୍ନ କରିବାକୁ ଇରାନ ରାଷ୍ଟ୍ରପତ ମାସୁଦ ପେଜେସକିଆନ ଇସ୍‌ଲାମିକ୍ ରାଷ୍ଟ୍ରଗୁଡ଼ିକୁ ପରାମର୍ଶ ଦେଇଛନ୍ତି। ଇସ୍ରାଏଲର ଏହି ଦମନଳୀଳା ବିରୋଧରେ ସବୁ ମୁସ୍‌ଲିମ୍ ଦେଶକୁ ଏକାଠି ହେବାକୁ ସେ ପରାମର୍ଶ ଦେଇଛନ୍ତି। ସେହିପରି ନାଟୋ ଭଳି ଏକ ସାମରିକ ମେଣ୍ଟ ଗଠନ କରିବାକୁ ପାକିସ୍ତାନ ପରାମର୍ଶ ଦେଇଛି।

ଇସ୍ରାଏଲ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ବନ୍ଦ କୋଠରୀରେ ବୈଠକ ହୋଇଥିଲା। ଏଥିରେ ସବୁ ଇସ୍‌ଲାମିକ ଦେଶଗୁଡ଼ିକର ବୈଦେଶିକ ମନ୍ତ୍ରୀ ସାମିଲ ହୋଇଥିଲେ। ଏହି ଅବସରରେ କାତାର ପ୍ରଧାନମନ୍ତ୍ରୀ ଓ ବିଦେଶ ମନ୍ତ୍ରୀ ଶେଖ ଜସିମ ଅଲ ଥାନୀ ଇସ୍ରାଏଲର ଆକ୍ରମଣକୁ କଡ଼ା ନିନ୍ଦା କରିଥିଲେ। କାତାର ନିଜର ସାର୍ବଭୌମତ୍ୱ ରକ୍ଷା କରିବାକୁ ଆବଶ୍ୟକୀୟ ପଦକ୍ଷେପ ନେବାକୁ ପଛାଇବ ନାହିଁ ଓ ଏହି ଘଟଣାରେ ଆରବ ଓ ଅନ୍ୟ ଇସ୍‌ଲାମିକ ଦେଶଗୁଡ଼ିକ ସମର୍ଥନ କରିଥିବାରୁ ସେ କୃତଜ୍ଞତା ଜଣାଇଥିଲେ। ଏହା ପୂର୍ବରୁ ଇସ୍ରାଏଲ ଜାତିସଂଘ ମହାସଭାରେ କାତାର ଉପରେ କରିଥିବା ଆକ୍ରମଣକୁ ଯଥାର୍ଥ ବୋଲି ଅଭିହିତ କରିଥିଲା। ବିଗତ କେତେ ବର୍ଷ ଧରି ଇସ୍ରାଏଲ ଉପରେ ଆକ୍ରମଣ କରିବାକୁ ପ୍ରୟାସ କରିଆସୁଥିବା ହମାସ ନେତାମାନଙ୍କୁ ଟାର୍ଗେଟ କରି ଏହି ଆକ୍ରମଣ କରାଯାଇଥିଲା ବୋଲି ଇସ୍ରାଏଲ କହିଥିଲା।



● ବିବାହର ଜିଦ୍ ନେଲା ହତ୍ୟାକାଣ୍ଡର ରୂପ

# ୬୦୦ କିମି ଡ୍ରାଇଭ କରି ଯାଇଥିବା ମହିଳାଙ୍କୁ ମାରିଲେ ପ୍ରେମିକ



ବାରମେର, ୧୫।୯(ଏଜେନ୍ସି): ରାଜସ୍ଥାନରୁ ଏକ ଚାଞ୍ଚଲ୍ୟ ସୃଷ୍ଟି କଲା ଭଳି ଘଟଣା ସାମ୍ନାକୁ ଆସିଛି। ଜଣେ ୩୭ ବର୍ଷୀୟ ମହିଳା ନିଜ ପ୍ରେମିକଙ୍କୁ ବିବାହ ପାଇଁ ବୁଝାଇବାକୁ ୬୦୦ କିମି କାର୍ ଚଳାଇ ଯାଇଥିଲେ। କିନ୍ତୁ ଏହାର ଫଳ ଓଲଟା ହୋଇଥିଲା। ପ୍ରେମିକ ତାଙ୍କୁ ହତ୍ୟା କରିବାକୁ ପଛାଇ ନ ଥିଲା। ସମ୍ପୃକ୍ତ ପ୍ରେମିକକୁ ପୁଲିସ ଗିରଫ କରିଛି। ମହିଳା ଜଣକ ଅଙ୍ଗନାବାଡି ସୁପରଭାଇଜର ହୋଇଥିବା ବେଳେ ପ୍ରେମିକ ଜଣକ ଏକ ସରକାରୀ ସ୍କୁଲ୍‌ର ଶିକ୍ଷକ ଥିଲେ। ଫେସ୍‌ବୁକ ଜରିଆରେ ଦୁହେଁ ପରସ୍ପର ସହ ପରିଚିତ ହୋଇଥିଲେ। ପରେ ଦୁହିଁଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢି ଉଠିଥିଲା। କିନ୍ତୁ ବିବାହ କରିବାକୁ ମହିଳା ଜଣକ ଚାପ ପକାଇବା ପରେ ଦୁହିଁଙ୍କ ମଧ୍ୟ ସମ୍ପର୍କ ବିଗିଡି ଯାଇଥିଲା। ଶେଷରେ ଦୁହିଁଙ୍କ ମଧ୍ୟରେ ଝଗଡ଼ା ହତ୍ୟାକାଣ୍ଡର ରୂପ ନେଇଥିଲା। ପ୍ରେମିକ ତାଙ୍କୁ ଲୁହା ରଡ୍‌ରେ ପିଟି ହତ୍ୟା କରିଥିଲେ। ପୁଲିସ ଏହି ଘଟଣାରେ ଯାଞ୍ଚ୍ ଆରମ୍ଭ କରିଛି। ବାରମେରଠାରୁ ୨୦କିମି ଦୂର ସଦର ଅଞ୍ଚଳରେ ଏହି ଘଟଣା ଘଟିଛି। ଫରେନସିକ ସାଇନ୍ସ ଲାବୋରାଟୋରୀ, ଡଗ୍ ସ୍କ୍ୱାଡ, ମୋବାଇଲ କ୍ରାଇମ ୟୁନିଟ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ପ୍ରମାଣ ଏକାଠି କରିବାରେ ଲାଗି ପଡ଼ିଛନ୍ତି।

ରାଜସ୍ଥାନର ଝୁନଝୁନୁରେ ରହୁଥିବା ୩୭ ବର୍ଷୀୟା ଅଙ୍ଗନାବାଡି ସୁପରଭାଇଜର ମୁକେଶ କୁମାରୀ ପ୍ରାୟ ଏକ ଦଶନ୍ଧି ତଳେ ସ୍ୱାମୀଙ୍କଠାରୁ ଅଲଗା ହୋଇଥିଲେ। ଗତବର୍ଷ ଅକ୍ଟୋବର ମାସରେ ସେ ବାରମେରରେ ରହୁଥିବା ମାନାରାମ ନାମକ ଜଣେ ଶିକ୍ଷକ ସହ ପରିଚିତ ହୋଇଥିଲେ। ପରସ୍ପରକୁ ବରାବର ଭେଟିବା ସହ ଦୁହିଁଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ସୃଷ୍ଟି ହୋଇଥିଲା। ମାନାରାମଙ୍କୁ ବିବାହ କରି ମୁକେଶ ଘର ବସାଇବାକୁ ଚାହୁଁଥିଲେ। ଦୁହେଁ ପୂର୍ବରୁ ବିବାହିତ ଥିଲେ। ମୁକେଶ ତାଙ୍କ ସ୍ୱାମୀଙ୍କଠାରୁ ଛାଡ଼ପତ୍ର ନେଇ ସାରିଥିଲେ। କିନ୍ତୁ ମାନାରାମଙ୍କ ଛାଡ଼ପତ୍ର ମାମଲା କୋର୍ଟରେ ବିଚାରାଧିନ ରହିଛି। ତେଣୁ ବିବାହ କରିବାକୁ ନେଇ ଦୁଇଜଣଙ୍କ ମଧ୍ୟରେ ଝଗଡ଼ା ହେଉଥିଲା। ବିବାହ ପାଇଁ ଅତ୍ୟଧିକ ଚାପ ପକାଉଥିବାରୁ ମାନାରାମ ତାଙ୍କୁ ହତ୍ୟା କରିବାକୁ ଚରମ ନିଷ୍ପତ୍ତି ନେଇଥିଲେ। ମୁକେଶଙ୍କୁ ହତ୍ୟା କରିବା ପରେ ତାଙ୍କ ମୃତଦେହକୁ କାରର ଡ୍ରାଇଭର ସିଟ୍‌ରେ ରଖି ମାନାରାମ ଘରକୁ ଫେରି ଶୋଇ ପଡ଼ିଥିଲେ। ପରଦିନ ସକାଳୁ ଉଠି ସେ ନିଜ ଓକିଲଙ୍କ ସାହାଯ୍ୟରେ ମୁକେଶଙ୍କ ମୃତଦେହ ସମ୍ପର୍କରେ ପୁଲିସକୁ ଖବର ଦେବାକୁ କହିଥିଲେ।

# ବନ୍‌ତାରାକୁ କ୍ଲିନ୍‌ଚିଟ୍ ଦେଲେ କମିଟି

ନୂଆଦିଲ୍ଲୀ, ୧୫।୯ (ଏଜେନ୍ସି): ମହାରାଷ୍ଟ୍ର କୋହ୍ଲାପୁର ଜୈନ ମଠର ମାଧୁରୀ ହାତୀ ସ୍ଥାନାନ୍ତରକୁ ନେଇ ବିବାଦରେ ଥିବା ଜାମନଗର ସ୍ଥିତି 'ବନତାରା ୱାଇଲ୍ଡଲାଇଫ ରେସ୍‌କ୍ୟୁ ଆଣ୍ଡ ରିହାବିଲିଟେସନ ସେଣ୍ଟର'କୁ ସୁପ୍ରିମକୋର୍ଟ ସୋମବାର କ୍ଲିନ୍‌ଚିଟ୍ ଦେଇଛନ୍ତି। ଶିଳ୍ପପତି ମୁକେଶ ଅମ୍ବାନୀଙ୍କ ରିଲାଏନ୍ସ ଫାଉଣ୍ଡେସନ ଦ୍ୱାରା ପରିଚାଳିତ ବନତାରା ପଶୁପକ୍ଷୀଙ୍କ କ୍ରୟବିକ୍ରୟ ନିୟମ ଅଧିନରେ ଆସୁଛି ବୋଲି ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ଜଷ୍ଟିସ ପିବି ବରାଲେଙ୍କ ଖଣ୍ଡପୀଠ କହିଛନ୍ତି। ଏସ୍‌ଆଇଟି ଯାଞ୍ଚ ରିପୋର୍ଟରେ କୌଣସି ତ୍ରୁଟି ନ ଥିବା ଜଣାପଡ଼ିଛି। ଏବେ ବାରମ୍ବାର ଏହି ପ୍ରସଙ୍ଗ ଉଠାଇବାକୁ ଅନୁମତି ଦିଆଯିବ ନାହିଁ। ସ୍ୱତନ୍ତ୍ର କମିଟି ମାମଲାର ଯାଞ୍ଚ କରିଛି। ଏହା ଉପରେ ଆମେ ଭରସା କରିବୁ ବୋଲି ଖଣ୍ଡପୀଠ କହିଛନ୍ତି।

ଏହା ପୂର୍ବରୁ ସୁପ୍ରିମକୋର୍ଟ ଅଗଷ୍ଟ ୨୬ରେ ୨ଟି ଜନସ୍ୱାର୍ଥ ମାମଲାର ଶୁଣାଣି କରି ତଦନ୍ତ ପାଇଁ ଏସଆଇଟି ଗଠନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ମାଧୁରୀକୁ ବନତାରା ନେବା ପରେ ଓକିଲ ସିଆର ଜୟା ସୁକିନ ଏବଂ ଦେବ ଶର୍ମାଙ୍କ ପକ୍ଷରୁ ଏହି ଆବେଦନ ଦାଏର କରାଯାଇଥିଲା। ଶୁଣାଣି ସମୟରେ ସୁପ୍ରିମକୋର୍ଟ କହିଥିଲେ ଯେ ଯଦି କୌଣସି ହାତୀକୁ ଆଇନଗତ ପ୍ରକ୍ରିୟାରେ ହେପାଜତରେ ରଖି ଯତ୍ନ ନିଆଯାଉଛି ତେବେ ତାହା ଉପରେ ଆପତ୍ତି ଉଠାଇବା ଅନୁଚିତ। ମନ୍ଦିରରେ ମଧ୍ୟ ହାତୀ ରଖାଯାଉଛି। ଶୋଭାଯାତ୍ରା କିମ୍ବା ଦଶହରା ଭଳି ଆୟୋଜନରେ ଏହାକୁ ବ୍ୟବହାର କରାଯାଉଛି। ବନତାରା ଓକିଲ ହରିଶ ସାଲ୍‌ଭେ କହିଥିଲେ ଯେ ଯାଞ୍ଚ ରିପୋର୍ଟକୁ ସାର୍ବଜନୀନ କରା ନ ଯିବା ଉଚିତ। ଯଦି ରିପୋର୍ଟ ସାମ୍ନାକୁ ଆସେ ତେବେ ନ୍ୟୁୟର୍କ ଟାଇମ୍ସ ଭଳି ଖବରକାଗଜର କିଛି ଅଂଶ ପ୍ରକାଶନ କରି ନକରାତ୍ମକ ପ୍ରଚାରପ୍ରସାର କରିବେ। ଏହା ପରେ ରିପୋର୍ଟ ସାର୍ବଜନୀନ ହେବ ନାହିଁ ବୋଲି ସୁପ୍ରିମକୋର୍ଟ କହିଥିଲେ।

### ୨୭ ନୂତନ ଶିଳ୍ପ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ

# ଓଡ଼ିଶା ହେବ ପୂର୍ବ-ଭାରତର ମାନୁଫାକ୍‌ଚରିଂ ହବ୍: ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର, ୧୫।୯ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ୧୨ଟି ଜିଲ୍ଲାରେ ସମୁଦାୟ ୨୭ଟି ଶିଳ୍ପ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଏହି ପ୍ରକଳ୍ପଗୁଡ଼ିକ କାର୍ଯ୍ୟକାରୀ ହେବା ପାଇଁ ୨୫ ହଜାର କୋଟି ଟଙ୍କାରୁ ଊର୍ଦ୍ଧ୍ୱ ପୁଞ୍ଜି ବିନିଯୋଗ ହେବାକୁ ଥିବା ବେଳେ ଏହାଦ୍ୱାରା ୫୨ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ସରକାର ସ୍ୱଳ୍ପ ସମୟ ମଧ୍ୟରେ ୨୬୦ଟି ଶିଳ୍ପ ପ୍ରକଳ୍ପ ମଞ୍ଜୁର କରିଛନ୍ତି। ଏହାଦ୍ୱାରା ୫.୬ ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ ଆସିବା ସହ ୩.୬ ଲକ୍ଷ ନିଯୁକ୍ତି ସମ୍ଭାବନା ସୃଷ୍ଟି ହୋଇଛି। ଏହି ସମୟ ମଧ୍ୟରେ ୮୪ଟି ଶିଳ୍ପ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ ହୋଇଛି। ଏହା ଦ୍ୱାରା ଓଡ଼ିଶାରେ ୨ଲକ୍ଷ କୋଟିରୁ ଅଧିକ ଟଙ୍କାର ପୁଞ୍ଜି ନିବେଶ ହୋଇପାରିଛି ଏବଂ ୧ଲକ୍ଷ ୬୪ ହଜାର ନିଯୁକ୍ତି ସୃଷ୍ଟି କରାଯାଇପାରିଛି।

- ୨୫,୦୦୦ କୋଟିରୁ ଊର୍ଦ୍ଧ୍ୱ ପୁଞ୍ଜି ବିନିଯୋଗ
- ୫୨ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି

ଶିଳ୍ପପତିମାନଙ୍କୁ ଭରସା ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଓଡ଼ିଶାରେ ଶିଳ୍ପ ସ୍ଥାପନ ପାଇଁ ଉପଯୁକ୍ତ ନୀତି ସହ ପ୍ରତ୍ୟେକ କ୍ଷେତ୍ରକୁ ସ୍ୱତନ୍ତ୍ର ପ୍ରୋତ୍ସାହନ ଦିଆଯାଉଛି। ଶିଳ୍ପ ପ୍ରତିଷ୍ଠାର ଯାତ୍ରାରେ ଶିଳ୍ପପତିଙ୍କୁ ସହଯୋଗର ହାତ ବଢ଼ାଇବା ପାଇଁ ଆମେ ସବୁ ସମୟରେ ଉପସ୍ଥିତ ଅଛୁ। ଯେ ଯେତେବେଳେ ଓଡ଼ିଶାକୁ କିଛି ନିବେଶ ଆସୁଛି, ସେତେବେଳେ ଓଡ଼ିଶା ପ୍ରତି ଶିଳ୍ପ ଜଗତର ଭରସା ବୃଦ୍ଧି ପାଉଛି। ଶିଳ୍ପ ସ୍ଥାପନ ପାଇଁ ଓଡ଼ିଶା ସରକାରଙ୍କ ନୀତି ଓ ନିଷ୍ଠା ପ୍ରତି ନିବେଶକମାନଙ୍କ ଆସ୍ଥା ବୃଦ୍ଧି ପାଉଛି। ଓଡ଼ିଶାକୁ ପୂର୍ବ-ଭାରତର ମାନୁଫାକଚରିଂ ହବ୍ କରିବା ପାଇଁ ଆମେ ବିଭିନ୍ନ ହାଇଭାଲ୍ୟୁ ପ୍ରଡକ୍ଟ ଉତ୍ପାଦନ ଦିଗରେ ନିବେଶକମାନଙ୍କୁ ଆକୃଷ୍ଟ କରୁଛୁ। ମାନୁଫାକଚରିଂ ଭାଲ୍ୟୁ ଚେନ୍‌ରେ ଆହୁରି ଉପରକୁ ଉଠି ସାରା ବିଶ୍ୱର ବଜାରରେ ପ୍ରତିଯୋଗିତା କରିପାରୁଥିବା ଭଳି ଉତ୍ପାଦ ନିର୍ମାଣ କରୁଛୁ।

ମୁଖ୍ୟମନ୍ତ୍ରୀ ଆହୁରି କହିଥିଲେ ଯେ ରାଜ୍ୟ ବିଜେପି

କାର୍ଯ୍ୟକ୍ରମରେ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ପ୍ରମୁଖ ବକ୍ତବ୍ୟ ରଖିଥିଲେ। ଉନ୍ନୟନ କମିଶନର ଅନୁ ଗର୍ଗ ଏବଂ ପ୍ରମୁଖ ଶିଳ୍ପପତିମାନେ ମଞ୍ଚାସୀନ ଥିଲେ। ଶିଳ୍ପ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା ସ୍ୱାଗତଭାଷଣ ଦେଇଥିବା ବେଳେ ଦକ୍ଷତା ବିକାଶ ବିଭାଗର କମିଶନର ତଥା ସଚିବ ଭୂପେନ୍ଦ୍ର ସିଂ ପୁନିଆ ଧନ୍ୟବାଦ ଦେଇଥିଲେ।

# ୫ ମାସ ହେବ ଦରମା ପାଇନାହାନ୍ତି ଜିପିଏଲଏଫ୍ କର୍ମୀ

### ପର୍‌ଫର୍ମାନ୍ସ ପାରିଶ୍ରମିକକୁ ବିରୋଧ କରି ଏକାଠି ହେଲେ ୪ହଜାରରୁ ଊର୍ଦ୍ଧ୍ୱ କର୍ମଚାରୀ

ଭୁବନେଶ୍ୱର,୧୫।୯ (ସମିସ): କମ୍ୟୁନିଟି ସପୋର୍ଟ ଷ୍ଟାଫ୍‌ମାନଙ୍କୁ ପରଫରମାନ୍ସ ବୋନସ୍ ବଦଳରେ ପୂର୍ବଭଳି ମାସିକିଆ ଦରମା ପ୍ରଦାନ ପାଇଁ ଅଲ୍ ଓଡ଼ିଶା ଜିପିଏଲଏଫ୍ କର୍ମୀ ସଂଘର ଶହଶହ ସଦସ୍ୟ ଆଜି ଓଡ଼ିଶା ଜୀବିକା ମିଶନ କାର୍ଯ୍ୟାଳୟ ସମ୍ମୁଖରେ ଏକାଠି ହୋଇ ଦାବି ଜଣାଇଛନ୍ତି।



**ଦଶହରା ମଧ୍ୟରେ ଦରମା ନମିଳିଲେ ଆନ୍ଦୋଳନ ଚେତାବନୀ**

ସେମାନେ ଅଭିଯୋଗ କରିଥିଲେ ଯେ ରାଜ୍ୟର ୩୧୪ବ୍ଲକ୍‌ରୁ ପ୍ରାୟ ୪ହଜାର କର୍ମୀ ଗତ ୫ମାସ ହେବ ଦରମା ପାଇନାହାନ୍ତି। ୨୦୧୨ ମସିହାରୁ ଓଡ଼ିଶା ମିଶନ ଶକ୍ତି ବିଭାଗ ଅଧୀନରେ କାର୍ଯ୍ୟ କରୁଥିବା ଏମ୍‌ବିକେ, ସିଆରପି, ବ୍ୟାଙ୍କମିତ୍ର, କୃଷିମିତ୍ର, ପ୍ରାଣୀମିତ୍ରମାନେ ପୂର୍ବରୁ ପାରିଶ୍ରମିକ ବାବଦକୁ ମାସିକ ଏକ ନିର୍ଦ୍ଦିଷ୍ଟ ଦରମା ପାଉଥିଲେ। କିନ୍ତୁ, ବର୍ତ୍ତମାନ ସେମାନଙ୍କୁ ପରଫରମାନ୍ସ ବୋନସ୍ ଭାବେ ପାରିଶ୍ରମିକ ଦିଆଯାଉଛି। ନୂଆ ସରକାର ଆସିବା ପରେ ଗତ ମାର୍ଚ୍ଚରେ ଶେଷ ଦରମା ପାଇଥିବା ବେଳେ ଏପ୍ରିଲଠାରୁ ପରଫରମାନ୍ସ ବୋନସ୍ ଭାବେ ଦରମା ନେବାକୁ ବିଭାଗ ପକ୍ଷରୁ ଚିଠି ମାଧ୍ୟମରେ ଅବଗତ କରାଯାଇଥିଲା। ଏହାକୁ କର୍ମଚାରୀମାନେ ବିରୋଧ କରିବା ସହ ପୂର୍ବଭଳି ଦରମା ଦେବାକୁ ଦାବି କରି ଆସୁଛନ୍ତି। ଏ ବାବଦରେ ବିଭାଗୀୟ ଅଧିକାରୀଙ୍କୁ ମଧ୍ୟ ଜଣାଇଛନ୍ତି। କିନ୍ତୁ, ଏହାକୁ ୫ମାସ ବିତିଯାଇଥିଲେ ମଧ୍ୟ କୌଣସି କାର୍ଯ୍ୟାନୁଷ୍ଠାନ ନିଆ ନଯିବାରୁ ଆଜି ସଂଘର ସଦସ୍ୟାମାନେ ଓଡ଼ିଶା ଜୀବିକା ମିଶନ କାର୍ଯ୍ୟାଳୟ ସମ୍ମୁଖରେ ଏକାଠି ହୋଇ ଦାବି ଜଣାଇଛନ୍ତି। ଏ ସଂପର୍କରେ ସେମାନେ ଆଜି ବିଭାଗୀୟ ନିର୍ଦ୍ଦେଶିକା, ଶାସନ ସଚିବଙ୍କ ସହ ଆଲୋଚନା କରିଛନ୍ତି। ଯଥାଶୀଘ୍ର ଏହାର ସମାଧାନ କରାଯିବା ଦିଗରେ ପଦକ୍ଷେପ ନିଆଯିବ ବୋଲି ବିଭାଗ ପକ୍ଷରୁ କୁହାଯାଇଥିବା ସଂଘ ସୂଚନା ଦେଇଛି। ତେବେ ଆସନ୍ତା ଦଶହରା ମଧ୍ୟରେ ଏନେଇ କୌଣସି ପଦକ୍ଷେପ ନିଆ ନଗଲେ, ରାଜ୍ୟରେ ସମସ୍ତ ଜିପିଏଲଏଫ୍ କର୍ମୀ ରାଜରାସ୍ତାକୁ ଓହ୍ଲାଇବେ ବୋଲି ସଂଘ ଚେତାବନୀ ଦେଇଛି।

# ଛାତ୍ର ସଂସଦ ନିର୍ବାଚନକୁ ନେଇ ବଢୁଛି ଦ୍ୱନ୍ଦ୍ୱ

# ତାରିଖ ଦେଉନାହାନ୍ତି ସରକାର

ଭୁବନେଶ୍ୱର, ୧୫।୯ (ସମିସ): ଛାତ୍ର ସଂସଦ ନିର୍ବାଚନକୁ ନେଇ ହରଡ଼ଘଣାରେ ପଡ଼ିଛନ୍ତି ସରକାର। ୨୦୨୫ରେ ଛାତ୍ରସଂସଦ ନିର୍ବାଚନ କରିବାକୁ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ସରକାର ଏବେ ଯାଏଁ ବିଜ୍ଞପ୍ତି ବାହାର କରି ନାହାନ୍ତି। ଦୁର୍ଗା ପୂଜା ଛୁଟିକୁ ଆଉ ମାତ୍ର ୧୧ ଦିନ ବାକି ଥିବାବେଳେ ନିର୍ବାଚନ ତାରିଖ ଘୋଷଣା ନ କରିବାକୁ ନେଇ ବିଭିନ୍ନ ଛାତ୍ର ସଂଗଠନ ସରକାରଙ୍କୁ ଘେରିଛନ୍ତି। ନୂତନ ନେତୃତ୍ୱର

- ବିଚାର କରି ପଦକ୍ଷେପ ନେବେ ସରକାର: ଉଚ୍ଚଶିକ୍ଷା ମନ୍ତ୍ରୀ
- ପ୍ରତିଶ୍ରୁତି ଦେଇ ୟୁ-ଟର୍ଣ୍ଣ ମାରିଛନ୍ତି ସରକାର: ଛାତ୍ର ବିଜେଡି
- ନିର୍ବାନଚନ ପାଇଁ ସରକାରଙ୍କ ଆନ୍ତରିକତା ନାହିଁ: ଛାତ୍ର କଂଗ୍ରେସ

ଭ୍ରୁଣ ହତ୍ୟା କରିବାକୁ ସରକାର ଯୋଜନାବଦ୍ଧ ଷଡ଼ଯନ୍ତ୍ର କରୁଛନ୍ତି ଓ ଉଚ୍ଚ ଶିକ୍ଷା ବିଭାଗର ଅହେତୁକ ନିରବତା ଛାତ୍ର ସଂସଦ ନିର୍ବାଚନ ନ କରିବା ନେଇ ପରୋକ୍ଷ ସୂଚନା ଦେଉଛି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି।

ଦେଶର ଅନେକ ରାଜ୍ୟରେ ଛାତ୍ର ସଂସଦ ନିର୍ବାଚନ ଶେଷ ହୋଇଛି ଓ କିଛି ରାଜ୍ୟରେ ନିର୍ବାଚନ ପ୍ରକ୍ରିୟା ଜାରି ରହିଛି। ଦୁର୍ଗାପୂଜା ପୂର୍ବରୁ ନିର୍ବାଚନ ସାରିବାର ନିୟମ ମଧ୍ୟ ରହିଛି। ପୂଜା ଛୁଟିକୁ ଆଉ ମାତ୍ର ୧୧ଦିନ ଥିବାବେଳେ ଏହି ସମୟରେ ନିର୍ବାଚନ ପ୍ରକ୍ରିୟା ସାରିବା ଏକ ପ୍ରକାର ଅସମ୍ଭବ। ହେଲେ ମଧ୍ୟ ସରକାର କୌଣସି ସ୍ପଷ୍ଟ କରୁ ନ ଥିବାରୁ ଛାତ୍ରଛାତ୍ରୀ ଓ ଅଧ୍ୟାପକଙ୍କ ମଧ୍ୟରେ ଦ୍ୱନ୍ଦ୍ୱ ଲାଗି ରହିଛି।

ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି ଯେ ରାଜ୍ୟ ସରକାର ପୂର୍ବରୁ ଆଭିମୁଖ୍ୟ ସ୍ପଷ୍ଟ କରି ସାରିଛନ୍ତି। ଶିକ୍ଷା ଓ ଶିକ୍ଷାନୁଷ୍ଠାନ ସହ ଜଡ଼ିତ ବିଭିନ୍ନ ବର୍ଗଙ୍କ ମତକୁ ମଧ୍ୟ ବିଚାର କରାଯାଉଛି। ସେସବୁ ବିଚାର କରି ପଦକ୍ଷେପ ନିଆଯିବ। ହେଲେ କେବେ ନିର୍ବାଚନ ପାଇଁ ବିଜ୍ଞପ୍ତି ହେବ ଓ କେବେ ନିର୍ବାଚନ ଅନୁଷ୍ଠିତ ସେ ନେଇ କୌଣସି ସ୍ପଷ୍ଟ ସୂଚନା ନ ଦେବା ଛାତ୍ରଛାତ୍ରୀଙ୍କୁ ନିରାଶ କରିଛି। ବିଜୁ ଛାତ୍ର ଜନତା ଦଳ (ବିସିଜେଡି) ରାଜ୍ୟ ସଭାନେତ୍ରୀ ଇପ୍‌ସିତା ସାହୁ କହିଛନ୍ତି ଯେ, ରାଜ୍ୟ ସରକାର ୟୁ-ଟର୍ଣ୍ଣ ମାରିବାରେ ମାହିର। ଅନେକ ପ୍ରସଙ୍ଗରେ ୟୁ-ଟର୍ଣ୍ଣ ମାରି ସାରିଥିବା ସରକାର ଛାତ୍ର ସଂସଦ ନିର୍ବାଚନ କରିବାକୁ ଦେଇଥିବା ପ୍ରତିଶ୍ରୁତିକୁ ମଧ୍ୟ କାର୍ଯ୍ୟକାରୀ କରି ନାହାନ୍ତି। ବାଲେଶ୍ୱର ଛାତ୍ରୀ ଆତ୍ମହତ୍ୟା ଘଟଣା ଓ ଏବିଭିପିର ସମ୍ପୃକ୍ତି ସରକାରଙ୍କୁ ବ୍ୟାକଫୁଟ୍‌ରେ ପକାଇଛି। ଆଭ୍ୟନ୍ତରୀଣ ସର୍ଭେ କରି ଶିକ୍ଷାନୁଷ୍ଠାନରେ ସ୍ଥିତି ଠିକ୍ ନ ଥିବା ଜାଣିବା ପରେ ନିର୍ବାଚନ ଟାଳି ଦେବାକୁ ପ୍ରୟାସ କରୁଛନ୍ତି। ଛାତ୍ରଛାତ୍ରୀଙ୍କୁ ଦେଇଥିବା ପ୍ରତିଶ୍ରୁତିକୁ ସରକାର ପାଳନ କରନ୍ତୁ ବୋଲି ସେ ଆହ୍ୱାନ ଦେଇଛନ୍ତି। ଅନୁରୂପ ଭାବେ ପୂର୍ବତନ ଛାତ୍ର କଂଗ୍ରେସ ସଭାପତି ୟାସିର ନୱାଜ୍ କହିଛନ୍ତି ଯେ ନିର୍ବାଚନ ପୂର୍ବରୁ ଛାତ୍ରଛାତ୍ରୀଙ୍କୁ ପ୍ରତିଶ୍ରୁତି ଦେଲେ। ସରକାରକୁ ଆସିବା ପରେ ନିର୍ବାଚନ କରିବେ ବୋଲି ଘୋଷଣା କଲେ। ହେଲେ ନିର୍ବାଚନ ତାରିଖ ଦେଉ ନାହାନ୍ତି। ଛାତ୍ର ସଂସଦ ନିର୍ବାଚନ କରିବାକୁ ସରକାରଙ୍କ ଆନ୍ତରିକତା ନାହିଁ। ସରକାରଙ୍କ ବିରୋଧରେ ଛାତ୍ର ସମାଜ ଯେପରି ମୁହଁ ନ ଖୋଲିବେ ଏବଂ ଛାତ୍ର ନେତୃତ୍ୱ ଯେମିତି ନ ବାହାରିବେ ସେଥିପାଇଁ ସରକାର ତତ୍ପର ଥିବା ଜଣାପଡୁଛନ୍ତି। ନିର୍ବାଚନ ନ କଲେ ସେମାନେ ଛାତ୍ର ସଚେତନତା ସହ ରାସ୍ତାକୁ ଓହ୍ଲାଇବେ ବୋଲି ମଧ୍ୟ ଚେତାବନୀ ଦେଇଛନ୍ତି।

# ନୂଆପଡ଼ା ଉପନିର୍ବାଚନ: ଘାସିରାମ କଂଗ୍ରେସ ପ୍ରାର୍ଥୀ !

ଭୁବନେଶ୍ୱର,୧୫।୯ (ସମିସ): ନୂଆପଡ଼ା ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ପରଲୋକ ପରେ ପ୍ରଥମଥର ଉପନିର୍ବାଚନର ସମ୍ମୁଖୀନ ହେବ ଶାସକ ବିଜେପି। ଯଦିଓ ଏହି ଉପନିର୍ବାଚନ ବିଜ୍ଞପ୍ତି ପ୍ରକାଶ ପାଇନାହିଁ, ତଥାପି ଏହି ଆସନକୁ ନେଇ ଏବେଠୁ ରାଜ୍ୟ ରାଜନୀତି ସରଗରମ ହେଲାଣି। କୌତୂହଳ କଥା ହେଉଛି ଶାସକ ବିଜେପି ଓ ମୁଖ୍ୟ ବିରୋଧୀ ବିଜେପି ଅପେକ୍ଷା ଗତ ନିର୍ବାଚନରେ ତୃତୀୟସ୍ଥାନରେ ଥିବା କଂଗ୍ରେସ ଏହି ଆସନକୁ ନେଇ ଏବେ ବେଶ୍ ଉତ୍ସାହୀ ଓ ତତ୍ପର। ଏହି ସମୟରେ ଗତ ନିର୍ବାଚନରେ ଏହି ଆସନରୁ ସ୍ୱାଧୀନ ଭାବରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ଘାସିରାମ ମାଝୀ ଆଗାମୀ ନିର୍ବାଚନରେ କଂଗ୍ରେସର ପ୍ରାର୍ଥୀ ହେବେ ବୋଲି ସୂଚନା ମିଳିଛି । ଗତକାଲି ଘାସିରାମ କଂଗ୍ରେସରେ ଯୋଗ ଦେଇଥିଲେ ଓ ଆଜି ତାଙ୍କ ପ୍ରାର୍ଥିତ୍ୱ ସମ୍ପର୍କରେ ପିସିସି ସଭାପତି ଭକ୍ତଚରଣ ଦାସ ଇଙ୍ଗିତ ଦେଇଛନ୍ତି।

ପିସିସି ସଭାପତି କହିଛନ୍ତି ଯେ ଗତ ୨୦୨୪ ନିର୍ବାଚନରେ ଘାସିରାମ କଂଗ୍ରେସରୁ ଟିକଟ ନ ପାଇବାରୁ ସ୍ୱାଧୀନ ଭାବେ ଲଢ଼ିଥିଲେ। ସେଠାରୁ ସେ ୫୧ ହଜାର ଭୋଟ୍ ପାଇଥିବା ବେଳେ କଂଗ୍ରେସ ପ୍ରାର୍ଥୀ ୧୫ ହଜାର ଭୋଟ୍ ପାଇଥିଲେ। ବର୍ତ୍ତମାନ ଘାସିରାମ କଂଗ୍ରେସରେ ନୂଆପଡ଼ା ଜିଲ୍ଲା ସଂଯୋଜକ ରହିଛନ୍ତି। ପୂର୍ବରୁ ସେ ଜିଲ୍ଲା ସଭାପତି ଥିଲେ; ଆମେ ତାଙ୍କୁ ଟିକଟ ଦେଇପାରି ନ ଥିଲୁ। ଏଥର ଠିକ୍ ସମୟରେ ଠିକ୍ ନିଷ୍ପତ୍ତି ନିଆଯିବ ବୋଲି ଭକ୍ତ କହିଛନ୍ତି। ଏମିତି କି ଘାସିରାମଙ୍କୁ ଅନ୍ୟ ରାଜନୈତିକ ଦଳ ପ୍ରଭାବିତ କରିବାକୁ ଉଦ୍ୟମ କରୁଥିଲେ ମଧ୍ୟ ସେ ପ୍ରଭାବିତ ହେବେ ନାହି କି ଅନ୍ୟତ୍ର ଯିବେ ନାହିଁ। ଆମ ଆଶାୟୀ ପ୍ରାର୍ଥୀଙ୍କୁ ଯେତେ ଟଙ୍କା ଦେଲେ ମଧ୍ୟ ସେ ବିକ୍ରି ହେବାର ପ୍ରଶ୍ନ ଉଠୁନି ବୋଲି ଭକ୍ତ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

୨୦୨୪ ନିର୍ବାଚନରେ ବିଜେଡି ପ୍ରାର୍ଥୀ ତଥା ପୂର୍ବତନ ମନ୍ତ୍ରୀ ରାଜେନ୍ଦ୍ର ଢୋଲକିଆ ୬୧ ହଜାର ୮୨୨ ଖଣ୍ଡ ଭୋଟ୍ ପାଇ ବିଜୟୀ ହୋଇଥିଲେ। ସ୍ୱାଧୀନ ପ୍ରାର୍ଥୀ ଘାସିରାମ

- ଘାସିରାମଙ୍କ ପ୍ରାର୍ଥିତ୍ୱ ସପକ୍ଷରେ ଭକ୍ତଙ୍କ ପରୋକ୍ଷ ଇଙ୍ଗିତ
- ଗତ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବରେ ଲଢ଼ିଥିଲେ

ମାଝୀ ୫୦ ହଜାର ୯୪୧ ଖଣ୍ଡ ଭୋଟ୍ ପାଇବାକୁ ସକ୍ଷମ ହୋଇଥିଲେ। ବିଜେପି ପ୍ରାର୍ଥୀ ଅଭିନନ୍ଦନ ପଣ୍ଡା ୪୪ ହଜାର ୮୧୪ ଖଣ୍ଡ ଭୋଟ୍ ସହ ତୃତୀୟ ସ୍ଥାନରେ ଓ ତତ୍‌କାଳୀନ ପିସିସି ସଭାପତି ତଥା କଂଗ୍ରେସ ପ୍ରାର୍ଥୀ ଶରତ ପଟ୍ଟନାୟକ ମାତ୍ର ୧୫ ହଜାର ୫୦୧ ଖଣ୍ଡ ଭୋଟ୍ ପାଇ ଚତୁର୍ଥ ସ୍ଥାନରେ ରହିଥିଲେ। ଆସନ୍ତା ନିର୍ବଚନରେ ଘାସିରାମଙ୍କୁ ପ୍ରାର୍ଥୀ କରି କଂଗ୍ରେସ ନୂଆ ରଣନୀତି ଆପଣାଇବାକୁ ଯୋଜନା କରିଛି। ଯେହେତୁ ଘାସିରାମଙ୍କ ଭୋଟ୍ ଓ କଂଗ୍ରେସ ପ୍ରାର୍ଥୀ ପାଇଥିବା ଭୋଟକୁ ମିଶାଇଲେ, ଏଠାରେ କଂଗ୍ରେସର ସବୁଠୁ ଅଧିକ ଭୋଟ୍ ହେଉଛି। ତେଣୁ ଏହି ଆସନଟିକୁ କଂଗ୍ରେସ ଦଖଲ କରିବାକୁ ଯଥେଷ୍ଟ ଆଶାବାଦୀ ରହିଛି।

### ଜାଲ୍ ପ୍ରମାଣପତ୍ର ଦେଇ ଚାକିରି

# ବାଲିକୁଦା କଲେଜ ଅଧ୍ୟାପକ ନିଲମ୍ବିତ

ଜଗତସିଂହପୁର/ବାଲିକୁଦା, ୧୫।୯(ସମିସ): ଜାଲ୍ ପ୍ରମାଣପତ୍ର ଦେଇ ଜଗତସିଂହପୁର ଜିଲ୍ଲାର ବାଲିକୁଦା କଲେଜର ବାଣିଜ୍ୟ ବିଭାଗରେ ଚାକିରି କରିଥିବା ଅଧ୍ୟାପକଙ୍କୁ ନିଲମ୍ବନ କରାଯାଇଛି। ଏଥିସହ ଚାକିରି ଆରମ୍ଭ ଦିନରୁ ନେଇଥିବା ଦରମା ଫେରସ୍ତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ସନ୍ତୋଷ କୁମାର ଶତପଥୀ ଜାଲ୍‌ପ୍ରମାଣପତ୍ର ଦେଇ ବାଲିକୁଦା କଲେଜ ପରିଚାଳନା କମିଟି ଦ୍ୱାରା ବାଣିଜ୍ୟ ବିଭାଗରେ ୨୦୧୮ ମାର୍ଚ୍ଚ ୧୭ ତାରିଖରେ ନିଯୁକ୍ତି ପାଇଥିଲେ। ତାଙ୍କ ପ୍ରମାଣପତ୍ର ଜାଲ୍ ପ୍ରମାଣିତ ହେବା ପରେ ବିଭାଗୀୟ ରିଜୋନାଲ ଡାଇରେକ୍ଟରଙ୍କ ନିର୍ଦ୍ଦେଶରେ ଉପଜିଲ୍ଲାପାଳ ନିଲମ୍ବିତ କରିଛନ୍ତି।



ସୂଚନା ମୁତାବକ, ଶ୍ରୀ ଶତପଥୀଙ୍କ ସାର୍ଟିଫିକେଟ୍ ନକଲି ଥିବା ନେଇ ବାରମ୍ବାର ଅଭିଯୋଗ ହୋଇଆସୁଥିଲା। ୨୦୨୨ରେ ଏକ ଫ୍ୟାକ୍ଟଫାଇଣ୍ଡିଂ ଟିମ୍ ଗଠନ କରାଯାଇ ଏହାର ତଦନ୍ତ ଦାୟିତ୍ୱ ଦିଆଯାଇଥିଲା। ଏହି ଟିମ୍ ତଦନ୍ତ ସମୟରେ ଉକ୍ତ ପ୍ରମାଣପତ୍ର ୨୦୧୫ରେ ଭାଙ୍ଗିଯାଇଥିବା ସିକିମର ଏକ ବିଶ୍ୱବିଦ୍ୟାଳୟର ହୋଇଥିବା ଜଣାପଡ଼ିଥିଲା। ଏ ସମ୍ପର୍କରେ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ପୋର୍ଟାଲରେ ଅଭିଯୋଗ କରାଯିବା ପରେ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶକ୍ରମେ ଉଚ୍ଚଶିକ୍ଷା ବିଭାଗର ଟିମ ଘଟଣାର ତଦନ୍ତ କରି ଉକ୍ତ ବିଶ୍ୱବିଦ୍ୟାଳୟ ଭାଙ୍ଗିବାର ୨ବର୍ଷ ପରେ ଏହି ପ୍ରମାଣପତ୍ର ଆଣିଥିବା ଜଣାପଡ଼ିଥିଲା। ଯେଉଁ ଆଧାରରେ ରିଜୋନାଲ ଡାଇରେକ୍ଟର କଲେଜର ସଭାପତି ଥିବା ଉପଜିଲ୍ଲାପାଳଙ୍କୁ ଚିଠି କରି ତୁରନ୍ତ ବହିଷ୍କାର ପାଇଁ ନିର୍ଦ୍ଦେଶ ଦେବା ସହ ନେଇଥିବା ଦରମା ବାବଦକୁ ପ୍ରାୟ ୬ ଲକ୍ଷରୁ ଊର୍ଦ୍ଧ୍ୱ ଅର୍ଥ ସମେତ ଉକ୍ତ ଅଧ୍ୟାପକଙ୍କ ବିରୋଧରେ ଥାନାରେ ଅଭିଯୋଗ କରିବା ପାଇଁ ନିର୍ଦ୍ଦେଶ ରହିଥିଲା।

# ଦେଶକୁ ଗର୍ବିତ କଲେ ରାଉରକେଲାର ଅନ୍ୱେଷ



### ଅନ୍ତର୍ଜାତୀୟ ନ୍ୟୁୟର୍କ ଫିଲ୍ମ ଫେଷ୍ଟିଭାଲରେ ପ୍ରଦର୍ଶିତ ହେବ 'କଥାକାର କି ଡାଏରୀ'

ଭୁବନେଶ୍ୱର,୧୫।୯ (ସମିସ): ଭାରତୀୟ ସିନେମା ପାଇଁ ଏକ ଗର୍ବିତ ମୁହୂର୍ତ୍ତ ଆଣିଦେଇଛନ୍ତି ଓଡ଼ିଆ ଆଇଆର୍‌ଏସ୍ ତଥା ଚଳଚ୍ଚିତ୍ର ନିର୍ଦ୍ଦେଶକ ଅନ୍ୱେଷ ଚାଟାର୍ଜୀ। ତାଙ୍କ ନିର୍ଦ୍ଦେଶିତ 'କଥାକାର କି ଡାଏରୀ' ଚଳଚ୍ଚିତ୍ର ଅନ୍ତର୍ଜାତୀୟ ନ୍ୟୁୟର୍କ ଫିଲ୍ମ ଫେଷ୍ଟିଭାଲରେ ପ୍ରଦର୍ଶିତ ହେବାକୁ ମନୋନୀତ ହୋଇଛି। ଅବସରପ୍ରାପ୍ତ ବ୍ୟାଙ୍କ ଅଧିକାରୀ ପଶୁପତିନାଥ ଚାଟାର୍ଜୀଙ୍କ ପୁଅ ଅନ୍ୱେଷ ବର୍ତ୍ତମାନ ପୁଣେରେ ଜିଏସଟି ଯୁଗ୍ମ କମିଶନର ତଥା ଆଇଆରଏସ(ଭାରତୀୟ ରାଜସ୍ୱ ସେବା) ଅଧିକାରୀ ଭାବେ କାର୍ଯ୍ୟ କରୁଛନ୍ତି। ଅନ୍ତର୍ଜାତୀୟ ନ୍ୟୁୟର୍କ ଚଳଚ୍ଚିତ୍ର ମହୋତ୍ସବ ସେପ୍ଟେମ୍ବର ୨୬ରେ ଆରମ୍ଭ ହୋଇ ଅକ୍ଟୋବର ୧୩ରେ ଶେଷ ହେବ।

ଦେଢ଼ଘଣ୍ଟାର ଏହି ଫିଚର ଫିଲ୍ମ ମୁମ୍ବାଇ, ପୁଣେ ଓ ଓଡ଼ିଶାରେ ସୁଟିଂ ହୋଇଛି। ଓଡ଼ିଶାର ସୁନ୍ଦରଗଡ଼ର ଜଙ୍ଗଲରେ ଫିଲ୍ମର ପ୍ରମୁଖ ଦୃଶ୍ୟ ସୁଟିଂ ହୋଇଥିବାବେଳେ ପଶ୍ଚିମ ଓଡ଼ିଶାର ପ୍ରକୃତିକୁ ବିଶେଷ ଭାବେ ସ୍ଥାନ ଦିଆଯାଇଛି। ଜଣେ ସାଧାରଣ ମଣିଷର ଜୀବନ କାହାଣୀ ଦର୍ଶକ ଏଥିରେ ଦେଖିବାକୁ ପାଇବେ। ଅନ୍ୱେଷ ଏହି ଫିଲ୍ମର ଚିତ୍ରପଟ ଲେଖିଛନ୍ତି ଓ ନିର୍ଦ୍ଦେଶନା ଦେଇଥିବାବେଳେ୨୦୦ରୁ ଅଧିକ କଳାକାର ଏହି ସିନେମାରେ ଅଭିନୟ କରିଛନ୍ତି। ଏହି ଫିଲ୍ମକୁ ଜାତୀୟ ପୁରସ୍କାରପ୍ରାପ୍ତ ଏଡିଟର ଅସୀମ ସିହ୍ନା ଏଡିଟିଂ କରିଥିବାବେଳେ ଏହାକୁ ନିର୍ମାଣ କରିବାକୁ ଅନ୍ୱେଷଙ୍କୁ ଅଢେଇରୁ ତିନିବର୍ଷ ସମୟ ଲାଗିଥିବା ଜଣାପଡ଼ିଛି।

# ବନ ବିଭାଗକୁ ହାତୀଙ୍କ ପେଟ ଚିନ୍ତା

ଭୁବନେଶ୍ୱର,୧୫।୯ (ସମିସ): ରାଜ୍ୟରେ ପ୍ରତିବର୍ଷ ହାତୀ-ମଣିଷ ଲଢ଼େଇ ଯୋଗୁଁ ଶତାଧିକ ଲୋକଙ୍କ ଜୀବନ ଯାଉଛି। ଅନେକ ସମୟରେ ହାତୀ-ମଣିଷ ଲଢ଼େଇରେ ଓଡ଼ିଶାର ମୃତକଙ୍କ ସଂଖ୍ୟା ସାରା ଦେଶରେ ଅଧିକ ରହୁଛି। ମୁଖ୍ୟତଃ ଜଙ୍ଗଲରେ ଖାଦ୍ୟ ଅଭାବ ହେଉଥିବା ଯୋଗୁଁ ହାତୀମାନେ ଜନବସତିକୁ ପଳାଇ ଆସୁଛନ୍ତି। ଫଳରେ ଶାନ୍ତିପୂର୍ଣ୍ଣ ଓ ସୁରକ୍ଷିତ ସହାବସ୍ଥାନ ପାଇଁ ହାତୀ ଓ ମଣିଷ ମଧ୍ୟରେ ସଂଘର୍ଷ ଘଟୁଛି। ତେବେ ଏଥିରେ ରୋକ୍ ଲଗାଇବା ପାଇଁ ରାଜ୍ୟ ବନ ବିଭାଗ ଅଣ୍ଟା ଭିଡ଼ିଛି। ଏକ ଅଭିନବ ଉପାୟ ସ୍ୱରୂପ ଜଙ୍ଗଲ ଭିତରେ ହାତୀମାନଙ୍କ ପାଇଁ ଧାନ ଓ କଦଳୀ ଚାଷ କରିବାକୁ ବିଭାଗ ଯୋଜନା କରିଛି। କିଛି ଦିନ ତଳେ ମୁଖ୍ୟମନ୍ତ୍ରୀ ଜଙ୍ଗଲ ଭିତରେ ହାତୀଙ୍କ ପାଇଁ ଧାନ ଚାଷ କରିବାକୁ ପରାମର୍ଶ ଦେଇଥିବା ବେଳେ ଏହାକୁ ଆଧାର କରି ବନ ବିଭାଗ ପ୍ରତି ବନଖଣ୍ଡରେ ପ୍ରାୟ ୧୫ ହେକ୍ଟର ଜମିରେ ଧାନ ଓ କଦଳୀ ଚାଷ କରିବାକୁ ଯୋଜନା ଆରମ୍ଭ କରିଛି।



- ପ୍ରତି ବନଖଣ୍ଡରେ ୧୫ ହେକ୍ଟରରେ ଧାନ ଓ କଦଳୀ ଚାଷ
- ଜାଗା ଚିହ୍ନଟ ପାଇଁ ଡିଏଫ୍‌ଓଙ୍କୁ ଚିଠି ଲେଖିଲେ ପିସିସିଏଫ
- ହାତୀ-ମଣିଷ ଲଢ଼େଇ ରୋକିବାକୁ ବିଭାଗର ଯୋଜନା

ଏହି କ୍ରମରେ ବନ୍ୟପ୍ରାଣୀ ପିସିସିଏଫ୍ ପ୍ରେମ କୁମାର ଝା ରାଜ୍ୟର ସମସ୍ତ ଆଞ୍ଚଳିକ ଓ ବନ୍ୟପ୍ରାଣୀ ଡିଏଫ୍‌ଓଙ୍କୁ ପତ୍ର ଲେଖି ନିଜ ନିଜ ବନଖଣ୍ଡ ଅଧୀନରେ ଅତିକମ୍‌ରେ ୧୫ ହେକ୍ଟର ଖୋଲା ସ୍ଥାନ ଚିହ୍ନଟ କରିବାକୁ କହିଛନ୍ତି। ଏଥିମଧ୍ୟରୁ ୧୦ ହେକ୍ଟର ଜମିରେ ସ୍ଥାନୀୟ କିସମର ଶସ୍ୟ ରୋପଣ ପାଇଁ ବ୍ୟବହୃତ ହେବା ସହ ଅନ୍ୟ ୫ ହେକ୍ଟରରେ ସ୍ଥାନୀୟ ପ୍ରଜାତିର କଦଳୀ ଗଛ ରୋପଣ କରାଯିବାକୁ ନିଷ୍ପତ୍ତି ହୋଇଛି। ପିସିସିଏଫ୍ ନିଜ ଚିଠିରେ ଦର୍ଶାଇଛନ୍ତି ଯେ ଫସଲ ଅମଳକ୍ଷମ ବା ବଡ଼ ହେବା ପର୍ଯ୍ୟନ୍ତ ଏହାକୁ ବାଡ଼ ଘେରାଇ ରଖାଯିବ। ଏହାପରେ ସେଗୁଡ଼ିକୁ ଧୀରେ ଧୀରେ ହାତୀ ଏବଂ ଅନ୍ୟ ତୃଣଭୋଜୀ ପ୍ରାଣୀମାନଙ୍କ ପାଇଁ ଉପଲବ୍ଧ କରାଯିବ। ବନ୍ୟପ୍ରାଣୀ ପରିଚାଳନାର ଏକ ଅଂଶ ଭାବରେ ଚାରା ଏବଂ ଫଳ ଉତ୍ପାଦନକାରୀ ଉଦ୍ଭିଦ ସହିତ ଘାସ ବିକାଶ, ମାଟି ଏବଂ ଆର୍ଦ୍ରତା ସଂରକ୍ଷଣ ଏବଂ ଜଳାଶୟ ସୃଷ୍ଟି ଭଳି ପଦକ୍ଷେପମାନ ପୂର୍ବରୁ କାର୍ଯ୍ୟକାରୀ ହୋଇ ଆସୁଛି। ଏବେ ହାତୀଙ୍କ ପାଇଁ ଖାଦ୍ୟ ଉପଲବ୍ଧିକୁ ବଢ଼ାଇବା ଲକ୍ଷ୍ୟ ସହ ଜନବସତିକୁ ହାତୀଙ୍କ ପ୍ରବେଶ ହ୍ରାସ କରିବା ପାଇଁ ଏହି ପଦକ୍ଷେପ ଫଳପ୍ରଦ ହେବ ବୋଲି ବନ ବିଭାଗ ଆଶା ରଖିଛି। ତେଣୁ ରାଜ୍ୟ ବିଭିନ୍ନ ଅଞ୍ଚଳରେ ସ୍ଥାନୀୟ ଫସଲ ଯଥା ଧାନ, ମକ୍କା, ଜଅ ଏବଂ ସ୍ଥାନୀୟ ଘାସ ଭଳି ଶସ୍ୟ ଫସଲ ଚାଷ ଉପରେ ଏଥର ଗୁରତ୍ୱ ଦିଆଯାଉଥିବା ବିଭାଗ ପକ୍ଷରୁ କୁହାଯାଇଛି।

ସାଧାରଣତଃ ଗୋଟିଏ ହାତୀ ଦିନକୁ ପ୍ରାୟ ଦେଢ଼ କୁଇଣ୍ଟାଲର ଖାଦ୍ୟ ଓ ୨୦୦ରୁ ୨୫୦ ଲିଟର ପାଣି ଆବଶ୍ୟକ କରିଥାଏ। ଏହି ପରିମାଣରେ ଖାଦ୍ୟ ମିଳିଲେ ହିଁ ହାତୀର ପେଟ ପୂରିଥାଏ। ଓଡ଼ିଶାରେ ଏବେ ୨୧୦୦ ହାତୀ ଥିବା ରହିଛନ୍ତି। ଜଙ୍ଗଲ ଅନୁପାତରେ ହାତୀମାନଙ୍କ ସଂଖ୍ୟା ଅଧିକ ରହିଛି। ରାଜ୍ୟରେ ବିଭିନ୍ନ ପ୍ରକାର ଭିତ୍ତିଭୂମି ବିକାଶ ଯୋଗୁଁ ହାତୀଙ୍କ ବାସସ୍ଥାନ ହ୍ରାସ ହେବା ସହ ଜଙ୍ଗଲରେ ଖାଦ୍ୟାଭାବ ଯୋଗୁଁ ହାତୀଙ୍କ ପେଟ ପୂରୁ ନାହିଁ। ଫଳରେ ସେମାନେ ଜନବସତି ମୁହାଁ ହେଉଥିବା ବନ୍ୟପ୍ରାଣୀ ବିଶେଷଜ୍ଞମାନେ ମତ ଦେଉଛନ୍ତି।

# ଦେବଦାସ ଛୋଟରାୟ ପାଇବେ 'ଶାରଳା ପୁରସ୍କାର'

ଭୁବନେଶ୍ୱର, ୧୫।୯ (ସମିସ): ବିଶିଷ୍ଟ କଥାକାର ତଥା କବି ଦେବଦାସ ଛୋଟରାୟଙ୍କୁ ଚଳିତବର୍ଷର ମର୍ଯ୍ୟାଦାଜନକ 'ଶାରଳା ପୁରସ୍କାର' ପ୍ରଦାନ କରାଯିବ। ଟାଇମପାସ୍ ପ୍ରକାଶନୀ ଦ୍ୱାରା ୨୦୨୩ ମସିହାରେ ପ୍ରକାଶିତ ତାଙ୍କ ଗଳ୍ପସଂକଳନ 'ମ୍ୟାଟିନି ସୋ' ପାଇଁ ସେ ଏହି ପୁରସ୍କାର ଲାଭ କରିବେ। ଶ୍ରେଷ୍ଠ ସାହିତ୍ୟକୃତି ପାଇଁ ଇମ୍ପା ଚାରିଟେବଲ ଟ୍ରଷ୍ଟ (ଇମ୍ପାକ୍ଟ) ପକ୍ଷରୁ



ଦେବଦାସ ଛୋଟରାୟ | ବଳଦେବ ମହାରଥୀ | ଗୁରୁ ରାମହରି ଦାସ

ପ୍ରତିବର୍ଷ ଏହି ପୁରସ୍କାର ପ୍ରଦାନ କରାଯାଇ ଆସୁଛି। ଆସନ୍ତା ଅକ୍ଟୋବର ୨୬ ତାରିଖରେ ଆୟୋଜିତ ହେବାକୁ ଥିବା ଏକ ସାରସ୍ୱତ ସମାବେଶରେ ଲେଖକଙ୍କୁ ଉତ୍ତରୀୟ, ସମ୍ମାନପତ୍ର, ଫଳକ ସହ ୭ଲକ୍ଷ ଟଙ୍କାର ଅର୍ଥରାଶି ପ୍ରଦାନ କରାଯିବ।

ଏଥିସହ କଳା କ୍ଷେତ୍ରରେ ଜୀବନବ୍ୟାପୀ ସାଧନାର ଉତ୍କର୍ଷ ପାଇଁ 'ଇଲା-ବଂଶୀଧର ପଣ୍ଡା କଳା ସମ୍ମାନ' ମଧ୍ୟ ୨୦୨୫ ମସିହା ପାଇଁ ଘୋଷିତ ହୋଇଛି। ବିଶିଷ୍ଟ ଚିତ୍ରଶିଳ୍ପୀ ବଳଦେବ ମହାରଥୀ ଏବଂ ସଙ୍ଗୀତଗୁରୁ ରାମହରି ଦାସଙ୍କୁ ଚଳିତବର୍ଷ ଏହି ପୁରସ୍କାର ପ୍ରଦାନ କରାଯିବ। ପୁରସ୍କାର ବାବଦରେ ଉଭୟଙ୍କୁ ଅଢ଼େଇଲକ୍ଷ ଟଙ୍କାର ଅର୍ଥରାଶି ସହ ମାନପତ୍ର ଓ ଫଳକ ପ୍ରଦାନ କରାଯିବ।

ପ୍ରାଥମିକ ପୁସ୍ତକ ଚୟନମଣ୍ଡଳୀରେ ଦୁର୍ଗାପ୍ରସାଦ ପଣ୍ଡା, କୃଷ୍ଣକୁମାର ମହାନ୍ତି, ପବିତ୍ର ମୋହନ ଦାଶ, ଶ୍ରୀଦେବ, ଶକ୍ତି ମହାନ୍ତି ପ୍ରମୁଖ ବିଚାରକ ଥିଲା ବେଳେ ଚୂଡ଼ାନ୍ତ ପର୍ଯ୍ୟାୟର ବିଚାରକମାନେ ଥିଲେ ପ୍ରକାଶ ମହାପାତ୍ର, ପବିତ୍ର ପାଣିଗ୍ରାହୀ, ଧନଞ୍ଜୟ ସ୍ୱାଇଁ, ପାରମିତା ଶତପଥୀ, ସୁସ୍ମିତା ବାଗ୍‌ଚୀ, ପ୍ରବୀଣା ମହାନ୍ତି ଏବଂ ସୂର୍ଯ୍ୟ

### ଚିତ୍ରଶିଳ୍ପୀ ବଳଦେବ ମହାରଥୀ ଏବଂ ସଙ୍ଗୀତଗୁରୁ ରାମହରି ଦାସଙ୍କୁ 'ଇଲା-ବଂଶୀଧର ପଣ୍ଡା କଳା ସମ୍ମାନ'

ମିଶ୍ର। ସେହିପରି ସଙ୍ଗୀତ ବିଭାଗରେ ଆଦ୍ୟାଶା ଦାସ, ସୁଜାତା ମହାପାତ୍ର, ସଙ୍ଗୀତା ପଣ୍ଡା ଏବଂ ଚିତ୍ରକଳା ବିଭାଗରେ ପଞ୍ଚମୀ ମାନୁ ଉକିଲ, ସୁଦର୍ଶନ ପଟ୍ଟନାୟକ ଓ ପ୍ରଦୋଷ ସ୍ୱାଇଁ ବିଚାରକ ଭାବେ ମୂଲ୍ୟାୟନ କରିଥିଲେ।

ଏଥର ଶାରଳା ପୁରସ୍କାର ପାଇଁ ଚୂଡ଼ାନ୍ତ ପର୍ଯ୍ୟାୟର ପୁସ୍ତକଗୁଡ଼ିକ ଥିଲା ଦେବଦାସ ଛୋଟରାୟଙ୍କ ଗଳ୍ପ ସଂକଳନ 'ମ୍ୟାଟିନି ସୋ', ଅପର୍ଣ୍ଣା ମହାନ୍ତିଙ୍କ କବିତା ସଂକଳନ 'ଅପର୍ଣ୍ଣା ମହାନ୍ତିମାନଙ୍କ ପାଇଁ କବିତା', ମମତା ଦାଶଙ୍କ କବିତା ସଂକଳନ 'ଭୂମି ସ୍ପର୍ଶ', ପଦ୍ମଜ ପାଲଙ୍କ ଉପନ୍ୟାସ 'ସୀତା ମୁଁ ସୀତା', ପଦ୍ମଜ ପାଲଙ୍କ ଗଳ୍ପ ସଂକଳନ 'ଡାହାଣ ପାଦ ବାମ ପାଦ', ଆଶୁତୋଷ ପରିଡ଼ାଙ୍କ କବିତା ସଂକଳନ 'ବିଶ୍ୱାସ ଦେ ପୃଥ୍ୱୀ', ବିଜୟ କୁମାର ଶତପଥୀଙ୍କ ନାଟକ 'ଅନ୍ଧାରର ବିଭୀଷିକା'।

## ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର

# ୧୪୧ ଅଭିଯୋଗ ପଞ୍ଜୀକୃତ, ୧୫ ତୁରନ୍ତ ସମାଧାନ



ଡେଲାଙ୍ଗ,୧୫।୯(ସମିସ): ଡେଲାଙ୍ଗ ବ୍ଲକ୍ କାର୍ଯ୍ୟାଳୟସ୍ଥିତ ବିଜୁ ପଟ୍ଟନାୟକ ସମ୍ମିଳନୀ କକ୍ଷରେ ସୋମବାର ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଶିବିର ଆୟୋଜିତ ହୋଇଯାଇଛି। ପୁରୀ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସମାବେଶରେ ଏସ୍‌ପି ପ୍ରତୀକ ସିଂହ, ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡା. ଅକ୍ଷୟ କୁମାର ଶତପଥି, ଉପଜିଲ୍ଲାପାଳ ରାଜକିଶୋର ଜେନା, ଅତିରିକ୍ତ ଜିଲ୍ଲାପାଳ ଶରତଚନ୍ଦ୍ର ବେହେରା, ସହକାରୀ ଜିଲ୍ଲାପାଳ ପଞ୍ଚାନନ ପରିଡ଼ା, ମନୀଷା ଷଡ଼ଙ୍ଗୀ, ଅତିରିକ୍ତ ଏସ୍‌ପି ସଚିନ ପଟେଲ, ପିପିଲି ଉପଖଣ୍ଡ ଆରକ୍ଷୀ ଅଧିକାରୀ ଦେବାଶିଷ ମିଶ୍ର, ଡେଲାଙ୍ଗ ତହସିଲ୍‌ଦାର ଦେବୀପ୍ରସାଦ ଆଚାର୍ଯ୍ୟ, ବ୍ଲକ୍ ଉନ୍ନୟନ ଅଧିକାରୀ କ୍ଷିତିଶ ବେହେରା, ଉପାଧ୍ୟକ୍ଷ ଦୁର୍ବାସା ନିଶଙ୍କ ପ୍ରମୁଖଙ୍କ ସମେତ ପୂର୍ତ୍ତ, ଗ୍ରାମ୍ୟ ଉନ୍ନୟନ, ଖଣି, ଜଙ୍ଗଲ, ପାନୀୟଜଳ ଓ ପରିମଳ, ଶିକ୍ଷା, ପ୍ରାଣୀ ଚିକିତ୍ସା, ବିଦ୍ୟୁତ୍, ଯୋଗାଣ ପ୍ରମୁଖ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ। ଏହି ଅବସରରେ ୧୪୧ଟି ଅଭିଯୋଗ ପଞ୍ଜିକୃତ ହୋଇଥିବାବେଳେ ଏଥିମଧ୍ୟରୁ ୧୦୬ଟି ବ୍ୟକ୍ତିଗତ ଓ ୩୫ଟି ସାମୂହିକ ଅଭିଯୋଗ ଆସିଥିଲା। ତନ୍ମଧ୍ୟରୁ ତତ୍କାଳୀନ ୧୫ଟି ଅଭିଯୋଗର ସମାଧାନ କରାଯାଇଥିବା ଜଣାପଡ଼ିଛି। ଡେଲାଙ୍ଗ ବ୍ଲକ୍‌ର ବିଭିନ୍ନ ଗ୍ରାମରେ ରାସ୍ତା ଅବସ୍ଥା ଶୋଚନୀୟ ହୋଇପଡ଼ିଥିବାବେଳେ ଯାତାୟାତରେ ସମସ୍ୟା ଉପୁଜୁଛି। ଯଥାଶୀଘ୍ର ରାସ୍ତାଗୁଡ଼ିକୁ ମରାମତି କରିବା ପାଇଁ ଅଭିଯୋଗ ହୋଇଥିଲା। ଏହା ସହିତ ଅନେକ ସ୍ଥାନରେ ଅଧପନ୍ତରିଆ କାମ ହୋଇ ପଡ଼ିରହିଥିବା ରାସ୍ତାଗୁଡ଼ିକୁ ତୁରନ୍ତ ପୂର୍ଣ୍ଣାଙ୍ଗ କରିବା ପାଇଁ ସ୍ଥାନୀୟ ଲୋକେ ଦାବି କରିଥିବାବେଳେ ଗ୍ରାମ୍ୟ ଉନ୍ନୟନ ବିଭାଗୀୟ ଅଧିକାରୀଙ୍କ ଉପରେ ଜିଲ୍ଲାପାଳ ବର୍ଷିଥିଲେ। ସେହିପରି ବିଭିନ୍ନ ଗ୍ରାମରେ ଅନେକ ହିତାଧିକାରୀ ରାସନ କାର୍ଡ ପାଇବାରୁ ବଞ୍ଚିତ ଥିବା ଅଭିଯୋଗ ହୋଇଥିବାବେଳେ ରାସନ କାର୍ଡରେ ଶିଶୁମାନଙ୍କ ନାମ ଯୋଡ଼ି ହୋଇପାରୁ ନ ଥିବା ଏବଂ ନାମଥାଇ ମଧ୍ୟ ରାସନ ମିଳୁ ନ ଥିବା ଆଦି ସମସ୍ୟାର ତୁରନ୍ତ ସମାଧାନ କରିବାକୁ ଦାବି କରାଯାଇଛି। ସେହିପରି ଡେଲାଙ୍ଗ ବ୍ଲକ୍‌ରେ ଚାଷୀଙ୍କ ପାଇଁ ଆବଶ୍ୟକ ସାର ମିଳୁନଥିବା ନେଇ ଅଭିଯୋଗ ହୋଇଥିଲା।

## ରାସ୍ତା ଓ ରାସନ କାର୍ଡ ସମସ୍ୟା ସର୍ବାଧିକ

ଆଦର୍ଶ ବିଦ୍ୟାଳୟ ଛାତ୍ରୀ ଆବାସ ଗୃହ ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଥିଲେ ମଧ୍ୟ ଅଦ୍ୟାବଧି ଛାତ୍ରୀମାନଙ୍କ ରଖିବା ପାଇଁ କୌଣସି ବ୍ୟବସ୍ଥା କରାଯାଇ ନ ଥିବାବେଳେ ନୂତନ ଭାବେ ନିର୍ମାଣାଧୀନ ଛାତ୍ରାବାସ କାର୍ଯ୍ୟ ସମାପ୍ତ ହେବାର ନାଁ ନେଉନି। ଏହା ସହିତ ଆଦର୍ଶ ବିଦ୍ୟାଳୟରେ ନିମ୍ନମାନର ଖାଦ୍ୟ ବିତରଣ କରୁଥିବା ସଂସ୍ଥା ଉପରେ ରୋକ୍ ଲଗାଯାଇ ବିଦ୍ୟାଳୟରେ ରନ୍ଧା ଖାଦ୍ୟ ପ୍ରସ୍ତୁତ କରିବାକୁ ଅଭିଭାବକ ମଣ୍ଡଳୀ ଦାବି କରିଛନ୍ତି। ଜିଲ୍ଲାପାଳଙ୍କ ସ୍ମାରକପତ୍ର ଅନୁଯାୟୀ, ଘନିପୁର ପଞ୍ଚାୟତର ସରପଞ୍ଚ ନାଏବ ସରପଞ୍ଚଙ୍କୁ ଦାୟିତ୍ୱ ଦେବା ପାଇଁ ନିର୍ଦ୍ଦେଶ ଦେଇଥିବାବେଳେ ସରପଞ୍ଚ ନିର୍ଦ୍ଦେଶକୁ ଅବମାନନା କରିଥିବା ନେଇ ୱାର୍ଡ ସଭ୍ୟ/ସଭ୍ୟାମାନେ ଅଭିଯୋଗ କରିଛନ୍ତି। ବେଆଇନ ଖଣି ଖନନ ଓ ମାଙ୍କଡ଼ା ପଥର ଚୋରାଚାଲାଣ ଉପରେ ରୋକ୍ ଲଗାଇବାକୁ ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି। ଇନ୍ଦିପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଗୃହ ଭାଙ୍ଗିରୁଜି ଯାଇଥିବାରୁ ଦୀର୍ଘ ୯ ମାସ ହେବ ୯୭ଜଣ କୋମଳମତି ଛାତ୍ରଛାତ୍ରୀଙ୍କୁ ନେଇ ଶିକ୍ଷକମାନେ ବାତ୍ୟା ଆଶ୍ରୟସ୍ଥଳୀରେ ଅସ୍ଥାୟୀ ଭାବେ ଶିକ୍ଷାଦାନ କରୁଛନ୍ତି। ତୁରନ୍ତ ଜମି ଅଧିଗ୍ରହଣ କରାଯାଇ ନୂତନ ବିଦ୍ୟାଳୟ ଗୃହ ନିର୍ମାଣ ପାଇଁ ଅଭିଭାବକମାନେ ଦାବି କରିଛନ୍ତି। ସମସ୍ତ ଅଭିଯୋଗ ପାଇବା ପରେ ଜିଲ୍ଲାପାଳ ବିଭାଗୀୟ ଅଧିକାରୀଙ୍କୁ ଯଥାଶୀଘ୍ର ସମସ୍ୟାର ସମାଧାନ ପାଇଁ ନିର୍ଦ୍ଦେଶ ଦେଇଥିବା ଜଣାପଡ଼ିଛି।

## ବୋହୂକୁ ତାଲା ପକାଇ ଆସବାବପତ୍ର ନେଇଗଲେ ନଣନ୍ଦ ଓ ଶଶୁର

ବଲଙ୍ଗା,୧୪।୯(ସମିସ): ରବିବାର ରାତିରେ ବଲଙ୍ଗା ଥାନା ଅନ୍ତର୍ଗତ ଗଡ଼ପଦନପୁର ଗ୍ରାମରେ ବିଧବା ବୋହୂକୁ ବାହାରୁ ତାଲା ପକାଇ ଘରୁ ସମସ୍ତ ଆସବାବପତ୍ରକୁ ବିବାହିତା ନଣନ୍ଦ ଓ ଶଶୁର ନେଇଯାଇଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ପ୍ରକାଶ ଯେ, ଗ୍ରାମର ବିଣାପାଣୀ ତ୍ରିପାଠୀଙ୍କ ସ୍ୱାମୀ ସନ୍ଦିପ ଶତପଥୀଙ୍କର ମୃତ୍ୟୁ ହୋଇଯାଇଛି। ସେ ନିଜ ପିଲାଛୁଆଙ୍କୁ ଧରି ଶାଶୂ-ଶଶୁରଙ୍କ ପାଖରେ ରହୁଥିଲେ। କିନ୍ତୁ ଗତ କିଛିଦିନ ତଳେ ତାଙ୍କୁ ଶାଶୂଙ୍କର ମୃତ୍ୟୁ ହୋଇଯାଇଛି। ଶାଶୂଙ୍କ ମୃତ୍ୟୁ ପରେ ତାଙ୍କ ବଡ଼ ନଣନ୍ଦ ଆସି ପୁଅ ସହ ଏଠାରେ ରହୁଥିଲେ। ବିଭିନ୍ନ ସମୟରେ ନଣନ୍ଦ ଓ ତାଙ୍କ ପୁଅ ବିଣାପାଣୀଙ୍କୁ ମାର୍‌ଧର୍ କରିବା ସହ ଗାଳିଗୁଲଜ କରି ନିର୍ଯାତନା ଦେଇଆସୁଥିଲେ। ରବିବାର ରାତିରେ ବିଣାପାଣୀ ଘରେ ନିଜ ୨ ପିଲାଙ୍କ ସହ ଶୋଇଥିବା ସମୟରେ ନଣନ୍ଦ ଓ ଶଶୁର ଘର ବାହାରୁ କବାଟ ଦେଇ ଏକ ତାଲା ଅଟୋ ଯୋଗେ ଘରେ ଥିବା ସମସ୍ତ ଆସବାବପତ୍ରକୁ ନେଇ ପଳାଇଥିଲେ। ବିଣାପାଣୀ ଉଠିଲାବେଳକୁ କବାଟ ବନ୍ଦ ଥିବା ଜାଣି ତାଙ୍କ ପଡ଼ୋଶୀଙ୍କ ସହାୟତାରେ କବାଟ ଖୋଲି ବାହାରକୁ ବାହାରିଥିଲେ। ସେ ଏନେଇ ତାଙ୍କ ଭାଇଙ୍କୁ ଫୋନ୍ ଯୋଗେ ସମସ୍ତ ଘଟଣା ଜଣାଇବା ପରେ ଭାଇଙ୍କ ସହ ଆସି ରାତିରେ ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ଆଧାରରେ ବଲଙ୍ଗା ପୁଲିସ ଘଟଣାର ତଦନ୍ତ ଜାରି ରଖିଛି।

## ବାଇକ୍ ଜବତ, ଚୋର ଗିରଫ

କାକଟପୁର,୧୫।୯(ସମିସ): କାକଟପୁର ଥାନା ଅନ୍ତର୍ଗତ ଦହିଖିଆ ଗ୍ରାମର ଚନ୍ଦ୍ରଶେଖର ପରିଡ଼ା ନିଜ ଗ୍ୟାରେଜ୍‌ରେ ତାଙ୍କ ବାଇକ୍‌ଟିକୁ ରଖି ଘରକୁ ଯାଇଥିବାବେଳେ ରବିବାର ରାତିରେ କୌଣସି ଦୁର୍ବୃତ୍ତ କବାଟ ଭାଙ୍ଗି ଚୋରିକରି ନେଇଥିଲେ। ଏନେଇ ଗାଡ଼ି ମାଲିକ ଶ୍ରୀ ପରିଡ଼ା କାକଟପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପାଇ କାକଟପୁର ଥାନା ଆଇଆଇସି ବସନ୍ତ କୁମାର ସାହୁଙ୍କ ନିର୍ଦ୍ଦେଶ କ୍ରମେ ଥାନା ଏଏସ୍‌ଆଇ ପ୍ରମୋଦ କୁମାର ସେଠୀ, ଏସ୍‌ଆଇ ଗୌରୀଶଙ୍କର ସେଠୀ ବିଭିନ୍ନ ସ୍ଥାନ ଚଢ଼ଉ କରିବାବେଳେ ପ୍ରାଚୀ ବିହାରର ମୋଷ୍ଟ ୱାଣ୍ଟେଡ୍ ବାଇକ୍ ଚୋର ଗଗନ ବିହାରୀ ଛୁଆଳସିଂହ ଓରଫ ଗୁନକୁ ଗିରଫ କରିଛନ୍ତି। ତା'ଠାରୁ ଚୋରା ବାଇକ୍ ସହିତ ଚୋରିରେ ବ୍ୟବହୃତ ହାତୁଡ଼ିକୁ ଜବତ କରିଛନ୍ତି। ଏ ସଂକ୍ରାନ୍ତରେ କାକଟପୁର ଥାନାରେ ଏକ ମାମଲା ରୁଜୁ କରାଯାଇ ଥାନା କେସ୍ ନମ୍ବର ୨୭୪/୨୦୨୫ରେ ପୁଲିସ ଘଟଣାର ତଦନ୍ତ କରୁଛି। ଏଠାରେ ସୂଚନା ଥାଉକି, ଗଗନ ବିହାରୀ ଓରଫ ଗୁନର ନିଜ ଘର ଖୋର୍ଦ୍ଧା ଜିଲ୍ଲା ଗଡ଼ମାଣତିରି ଅଞ୍ଚଳରେ ହୋଇଥିବାବେଳେ, କାକଟପୁର ପ୍ରାଚୀ ବିହାରଠାରେ ରହି ଏକାଧିକ ଚୋରି ମାମଲାରେ ତା'ର ସମ୍ପୃକ୍ତି ରହିଥିବା ପୁଲିସ ପ୍ରକାଶ କରିଛି। ସୋମବାର ତା'ର ଜାମିନ ନାମଞ୍ଜୁର ହେବାରୁ ତାକୁ ନିମାପଡ଼ା ଜେଲ୍‌କୁ ପଠାଇ ଦିଆଯାଇଛି।

## ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ଉପ-ସ୍ୱାସ୍ଥ୍ୟକେନ୍ଦ୍ର ଉଦ୍‌ଘାଟିତ

କଣାସ,୧୫।୯(ସମିସ): ପୁରୀ ଜିଲ୍ଲା କଣାସ ବ୍ଲକ୍ ଦେଇପୁର ଗ୍ରାମପଞ୍ଚାୟତ ତେଲେଙ୍ଗାପଡ଼ା ଗ୍ରାମରେ ସୋମବାର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ଓଡ଼ିଶା ସରକାରଙ୍କ ପକ୍ଷରୁ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ଉପ ସ୍ୱାସ୍ଥ୍ୟକେନ୍ଦ୍ର ଉଦ୍‌ଘାଟିତ ହୋଇଯାଇଛି। ପୁରୀ ସାଂସଦ ସମ୍ବିତ୍ ପାତ୍ର ଓ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର ଅତିଥି ଭାବେ ଯୋଗଦେଇ ଆରୋଗ୍ୟ କେନ୍ଦ୍ରକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଘାଟନ ସମୟରେ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଭାରପ୍ରାପ୍ତ ଅଧିକାରୀ ଡାକ୍ତର କ୍ଷମାନିଧି ସେଠୀ, ଜିଲ୍ଲା ପରିଷଦ ସଭ୍ୟା ଲତାମଣି ଜଗଦେବ, କଣାସ ସରପଞ୍ଚ ଭଗବାନ ସୁବୁଦ୍ଧି, ସାହୁପଡ଼ା ସରପଞ୍ଚ ଭିକାରୀ ବଳିୟାରସିଂହ ପ୍ରମୁଖ ଉପସ୍ଥିତ ଥିଲେ।

## ପଥରବୋଝେଇ ଟ୍ରକ୍ ଜବତ, ଚାଳକ ଅଟକ

ବଲଙ୍ଗା,୧୫।୯(ସମିସ): ରବିବାର ପୂର୍ବାହ୍ନରେ ବଲଙ୍ଗା ପୁଲିସ ପକ୍ଷରୁ କୁଆଁରପୁର ଛକରେ ଚଢ଼ଉ କରାଯାଇ ଗୋଟିଏ ପଥରବୋଝେଇ ଟ୍ରକ୍‌କୁ ଜବତ କରିବା ସହ ଟ୍ରକ୍ ଚାଳକକୁ ଥାନାରେ ଅଟକ ରଖିଛି ପୁଲିସ। ଏନେଇ ଥାନରେ ଲଘୁଖଣିଜ ଦ୍ରବ୍ୟ ଚୋରା ଚାଲାଣ ଆକ୍ଟରେ ଏକ ମାମଲା ରୁଜୁ କରାଯାଇଛି। ସୂଚନା ମୁତାବକ, ଏକ ଟ୍ରକ୍ ପଥରବୋଝେଇ କରି ଖେଲାରରୁ ବାୟାବର ଅଭିମୁଖେ ଆସୁଥିବା ନେଇ ବଲଙ୍ଗା ପୁଲିସକୁ ସୂଚନା ମିଳିଥିଲା। ସୂଚନା ଆଧାରରେ ଥାନା ଏସ୍‌ଆଇ ସସ୍ମିତା ବେହେରାଙ୍କ ନେତୃତ୍ୱରେ ଏକ ପୁଲିସ ଟିମ୍ କୁଆଁରପୁର ଛକରେ ଚଢ଼ଉ କରି ଟ୍ରକ୍‌କୁ ଜବତ କରି କାଗଜପତ୍ର ଯାଞ୍ଚ କରିବାରେ ଏହା ଚୋରା ଚାଲାଣ କରାଯାଉଥିବା ଜଣାପଡ଼ିଥିଲା। ପରେ ପୁଲିସ ଟିମ୍ ଟ୍ରକ୍‌କୁ ଜବତ କରି ଥାନାକୁ ଆଣିବା ସହ ଗାଡ଼ିଚାଳକ ପିପିଲି ଥାନା କଣ୍ଟି ଗ୍ରାମର ସନ୍ତୋଷ ବେହେରାଙ୍କୁ ଥାନାରେ ଅଟକ ରଖିଛି।

## ପତ୍ନୀଙ୍କ ଅନ୍ତରଙ୍ଗ ମୁହୂର୍ତ୍ତର ଭିଡିଓ ଭାଇରାଲ କରି ସ୍ୱାମୀ ଗିରଫ

ସାକ୍ଷୀଗୋପାଳ,୧୫।୯(ସମିସ): ସତ୍ୟବାଦୀ ଥାନା ଅନ୍ତର୍ଗତ ଶୁକଳ ପଞ୍ଚାୟତର ମାର୍କଣ୍ଡପଡ଼ା ଗ୍ରାମର ସିଦ୍ଧାର୍ଥ ସେନାପତି(୩୦) ଜନୈକା ଯୁବତୀ (୨୪)ଙ୍କୁ ଗତବର୍ଷ ସ୍ଥାନୀୟ ମନ୍ଦିରରେ ପ୍ରେମ ବିବାହ କରି ସାଂସାରିକ ଜୀବନ ଅତିବାହିତ କରୁଥିଲେ। କାଳକ୍ରମେ ସିଦ୍ଧାର୍ଥ ସେନାପତି ତାଙ୍କର ବାପା, ମାଆଙ୍କ ପ୍ରରୋଚନାରେ ଧର୍ମପତ୍ନୀଙ୍କୁ ତାଙ୍କ ବାପ ଘରୁ ଯୌତୁକ ଆଣିବାକୁ ବାଧ୍ୟ କରିଥିଲେ। ସେମାନଙ୍କର ପ୍ରେମ ବିବାହ ଯୋଗୁଁ ତାହା ସମ୍ଭବ ହୋଇପାରି ନ ଥିଲା। ଯୌତୁକ ନ ଆଣିବା ଫଳରେ ସେମାନେ ତାଙ୍କୁ ନିର୍ଯାତନା ଦେଇଚାଲିଥିଲେ। ମହିଳା ଜଣକ ନିର୍ଯାତନା ସହି ନ ପାରି ତାଙ୍କ ବାପଘରକୁ ଚାଲିଯାଇଥିଲେ। ଏଥିରେ ଉତ୍କ୍ଷିପ୍ତ ହୋଇ ସିଦ୍ଧାର୍ଥ ତାଙ୍କ ଧର୍ମପତ୍ନୀଙ୍କ ଅନ୍ତରଙ୍ଗ ମୁହୂର୍ତ୍ତର ଫଟୋ ଓ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ୍ କରିଥିଲେ। ଏନେଇ ସିଦ୍ଧାର୍ଥଙ୍କ ପତ୍ନୀ ସତ୍ୟବାଦୀ ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ସତ୍ୟବାଦୀ ଥାନା ପୁଲିସ ଏକ ମାମଲା ରୁଜୁ କରିଥିଲା। ଏହି ମାମଲାକୁ ଗୁରୁତ୍ୱର ସହ ନିଆଯାଇ ଏସ୍‌ପିଙ୍କ ନିର୍ଦ୍ଦେଶ କ୍ରମେ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇ ରାଜ୍ୟର ବିଭିନ୍ନ ଅଞ୍ଚଳ ଓ ରାଜ୍ୟ ବାହାର ପୁଲିସର ସହଯୋଗ ନେଇ ସୋମବାର ସିଦ୍ଧାର୍ଥକୁ ଗିରଫ କରାଯାଇଛି। ତାଙ୍କ ପାଖରୁ ଭାଇରାଲରେ ବ୍ୟବହୃତ ମୋବାଇଲ୍ ଜବତ କରାଯାଇଛି। ସୋମବାର ତାଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

## କେନାଲ ଭିତରୁ ହରିଣ ଉଦ୍ଧାର



ବଲଙ୍ଗା,୧୪।୯(ସମିସ): ବଲଙ୍ଗା ନିକଟସ୍ଥ ମାଣ୍ଡିଆକୁଦ ଗ୍ରାମରେ ବାଲୁଖଣ୍ଡ ଅଭୟାରଣ୍ୟରୁ ଚାଲିଆସିଥିବା ଏକ ହରିଣକୁ ଉଦ୍ଧାର କରାଯାଇଛି। ସୂଚନା ମୁତାବକ, ଦକ୍ଷିଣରାଉସ ଗ୍ରାମର ୨ଜଣ ଯୁବକ ନୂଆଗାଁ କେନାଲ ବନ୍ଧରେ ଦୌଡ଼ିବାକୁ ଯାଇଥିଲାବେଳେ ଦକ୍ଷିଣରାଉସ ଗ୍ରାମ ନିକଟରେ ହରିଣକୁ ଦେଖିଥିଲେ। ହରିଣଟି ଯୁବକମାନଙ୍କୁ ଦେଖି କେନାଲ ଭିତରକୁ ଡେଇଁ ପଡ଼ିଥିଲା। ଯୁବକଦ୍ୱୟ କେନାଲ ଭିତରକୁ ପଶି ବହୁ କଷ୍ଟରେ ହରିଣଟିକୁ ଉଦ୍ଧାର କରିବା ପରେ ମାଣ୍ଡିଆକୁଦ ଗାଁ ମୁଣ୍ଡରେ ଥିବା ଏକ ପରିତ୍ୟକ୍ତ ଘରେ ରଖିଥିଲେ। ଖବର ପାଇ ଗୋପ ବନ କର୍ମଚାରୀମାନେ ଘଟଣାସ୍ଥଳରେ ପହଞ୍ଚି ହରିଣଟିକୁ ଏକ ଡାଲା ଅଟୋରେ ନେଇଥିଲେ। ହରିଣଟି କେନାଲ ଭିତରୁ ଉଠିବାକୁ ଚେଷ୍ଟା କରିବା ସମୟରେ ଗୋଡ଼ରେ ସାମାନ୍ୟ ଆଘାତ ଲାଗିଥିବାରୁ ହରିଣଟିକୁ କୋଣାର୍କ ନିଆଯାଇ ଚିକିତ୍ସା କରାଯିବା ପରେ ବାଲୁଖଣ୍ଡ ଅଭୟାରଣ୍ୟରେ ଛଡ଼ାଯିବ ବୋଲି ଫରେଷ୍ଟ ଗାର୍ଡ ଗୀତାଞ୍ଜଳି ସିଂହ କହିଛନ୍ତି। ହରିଣଟି ଖାଦ୍ୟ ଅନ୍ୱେଷଣରେ ଚାଲିଆସି ବାଟବଣା ହୋଇଯାଇଥିବା ଅନୁମାନ କରାଯାଉଛି।

## ପ୍ରଜ୍ଞା ପ୍ରବାହର ଚତୁର୍ଥ ଆଲୋଚନାଚକ୍ର

ନିମାପଡ଼ା,୧୫।୯(ସମିସ): ଜଗତ ପ୍ରଜ୍ଞା (ପ୍ରଜ୍ଞା ପ୍ରବାହ) ନିମାପଡ଼ାର ଏକ ଆଲୋଚନାଚକ୍ର ରବିବାର ଅପରାହ୍ଣରେ ସ୍ଥାନୀୟ ଗୁହାଳପଡ଼ା କଲେଜ ରୋଡ୍‌ସ୍ଥ ସାଇ ଷ୍ଟୁଡେଣ୍ଟ୍‌ସ ପରିସରରେ ଅନୁଷ୍ଠିତ ହୋଇଥିଲା। ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶିକ୍ଷକ ତଥା ପ୍ରଜ୍ଞା ପ୍ରବାହର ପୁରୀ ଜିଲ୍ଲା ସୋଧ ପ୍ରମୁଖ ଈଶ୍ୱର ଚନ୍ଦ୍ର ନାୟକଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ଆଲୋଚନାଚକ୍ରକୁ ନିମାପଡ଼ା ବ୍ଲକ୍ ସଂଯୋଜକ ଦୀପକ ପରିଡ଼ା ସଂଯୋଜନା କରିଥିଲେ। "ଓଡ଼ିଶାରେ ଅନୁପ୍ରବେଶ ଓ ତା'ର ସମାଧାନ' ଶୀର୍ଷକ ଆଲୋଚନା କରାଯାଇଥିଲା। ପ୍ରଜ୍ଞା ପ୍ରବାହ ଭୁବନେଶ୍ୱର ସଂଯୋଜକ ଗୌରୀ ପ୍ରସାଦ ତ୍ରିପାଠୀ ମୁଖ୍ୟବକ୍ତା ଭାବରେ ଯୋଗଦେଇ କହିଥିଲେ ଯେ ଅନୁପ୍ରବେଶ ଏକ ବୈଦେଶିକ ଷଡ଼ଯନ୍ତ୍ର, ଏହା ଆମ ଭବିଷ୍ୟତ ପିଢ଼ି ପାଇଁ ବିପଦ ସୃଷ୍ଟି କରିବାକୁ ଯାଉଛି। ତେଣୁ ଅମେ ସଜାଗ ହେବା ସହିତ ଏହାକୁ ରୋକିବା ପାଇଁ ନିଜସ୍ତରରେ ନିଜ ଅଞ୍ଚଳରୁ ପ୍ରୟାସ ଆରମ୍ଭ କରିବା ଜରୁରୀ ଅଟେ। ଶିକ୍ଷକ କୃପାସିନ୍ଧୁ ବିଶ୍ୱାଳ, ପ୍ରସନ୍ନ କର, ଲିନା ପାତ୍ର, ଅର୍ଜିତ୍ ବେହେରା, ପ୍ରସନ୍ନ କୁମାର ସାହୁଙ୍କ ସମେତ ବହୁ ଶିକ୍ଷାବିତ୍, ବୁଦ୍ଧିଜୀବୀ ଯୋଗଦେଇ ନିଜର ସୁଚିନ୍ତିତ ମତପ୍ରକାଶ କରିଥିଲେ। ଶିକ୍ଷକ କାର୍ତ୍ତିକ କୁମାର ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ନିମାପଡ଼ା ପଞ୍ଚାୟତ ସମିତିର ୭ମ ଅଧିବେଶନ

ନିମାପଡ଼ା,୧୫।୯(ସମିସ): ନିମାପଡ଼ା ପଞ୍ଚାୟତ ସମିତି ପରିସରରେ ଥିବା ବିଜୁ ପଟ୍ଟନାୟକ ସମ୍ମିଳନୀ କକ୍ଷରେ ସୋମବାର ୭ମ ପଞ୍ଚାୟତ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବ୍ଲକ୍ ଅଧ୍ୟକ୍ଷ ଶଙ୍କର ଭୋଇଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ଉପାଧ୍ୟକ୍ଷା ଅନସୂୟା ମହାନ୍ତି, ଉପମୁଖ୍ୟମନ୍ତ୍ରୀଙ୍କ ପ୍ରତିନିଧି ଯଟିନ୍ଦ୍ର ସ୍ୱାଇଁ, ବିଡିଓ ଡ. ଅଭିଜିତ୍ ଷଡ଼ଙ୍ଗୀ, ତହସିଲ୍‌ଦାର ଡ. ମନୋଜ କୁମାର ପ୍ରଧାନ, ଏବିଡିଓ ପ୍ରିୟଦର୍ଶିନୀ ବରାଳ, ସହକାରୀ ଯନ୍ତ୍ରୀ ଚନ୍ଦ୍ରମଣି ଖଟୋଇ, ସହକାରୀ ଯନ୍ତ୍ରୀ ବନ୍ଦିତା ଦଳସିଂଙ୍କ ସମେତ ସମସ୍ତ ନିର୍ବାଚିତ ପ୍ରତିନିଧି, ଜିଲ୍ଲା ପରିଷଦ ସଦସ୍ୟ, ସରପଞ୍ଚ, ସମିତିସଭ୍ୟ ଓ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ। ବ୍ଲକ୍‌ର କେତେକ ପଞ୍ଚାୟତର ଉନ୍ନତିମୂଳକ କାର୍ଯ୍ୟକୁ ସରପଞ୍ଚମାନଙ୍କୁ ନ ଜଣାଇ କାର୍ଯ୍ୟ ହେଉଥିବା ନେଇ କିଛି ସରପଞ୍ଚ ଅଭିଯୋଗ କରିଥିଲେ। ପ୍ରତ୍ୟେକ ପଞ୍ଚାୟତରେ ସରପଞ୍ଚଙ୍କୁ ଜଣାଇ ବିକାଶମୂଳକ କାର୍ଯ୍ୟ କରାଯିବ ବୋଲି ବିଡିଓ ଡ. ଷଡ଼ଙ୍ଗୀ ପ୍ରତିଶ୍ରୁତି ଦେଇଥିଲେ।

## ନାବାଳିକାକୁ ଅପହରଣ ଅଭିଯୋଗ

ବଲଙ୍ଗା,୧୫।୯(ସମିସ): ଶନିବାର ମଧ୍ୟାହ୍ନରେ ବଲଙ୍ଗା ଥାନା ଅନ୍ତର୍ଗତ ଏକ ଗ୍ରାମରେ ମାମୁ ଘରକୁ ବୁଲିବାକୁ ଆସିଥିବା ଜଣେ ନାବାଳିକାକୁ ଅପହରଣ କରାଯାଇଥିବା ନେଇ ଅଭିଯୋଗ ହୋଇଛି। ଅଭିଯୋଗ ଆଧାରରେ ଥାନାରେ ଏକ ମାମଲା ରୁଜୁ କରି ବଲଙ୍ଗା ପୁଲିସ ତଦନ୍ତ ଆରମ୍ଭ କରିଛି। ନାବାଳିକାର ମାଇଁ ଥାନାରେ କରିଥିବା ଅଭିଯୋଗ ଅନୁଯାୟୀ, ନାବାଳିକା ଜଣକ ଗତ ମାସେ ତଳୁ ଆସି ମାମୁ ଘରେ ରହିଥିଲା। ରବିବାର ମଧ୍ୟାହ୍ନ ସମୟରେ ଘର ବାହାରୁ କିଏ ଶିକୁଳି ଦେଇଥିବା ଦେଖି ପରିବାର ଲୋକେ ଡାକିବାରୁ ପଡ଼ିଶା ଲୋକେ ଆସି ଶିକୁଳି ଖୋଲିଥିଲେ। ଏହି ସମୟରେ ନାବାଳିକା ଜଣକ ଘରେ ନ ଥିବାରୁ ସାହିପଡ଼ିଶା ଖୋଜାଖୋଜି କରି ନିରାଶ ହେବା ପରେ ନାବାଳିକାକୁ ଜଣେ ଯୁବକ ଏକ ବାଇକ୍‌ରେ ନେଇ ଯାଉଥିବା ସାହି ଲୋକେ ଦେଖି ଜଣାଇଥିଲେ। ସମ୍ପୃକ୍ତ ଯୁବକ ନାବାଳିକାକୁ ଅପହରଣ କରିନେଇଥିବା ନେଇ ଥାନାରେ ଅଭିଯୋଗ କରିଛନ୍ତି।

■ ରାଜ୍ୟସ୍ତରୀୟ ଟାଏକ୍ୱୋଣ୍ଡୋ ପ୍ରତିଯୋଗିତା

## ସ୍ୱର୍ଣ୍ଣ ପଦକ ଜିତିଲେ ସ୍ୱାଗତିକା ବରାଳ

### ଜାତୀୟ ପ୍ରତିଯୋଗିତା ନିମନ୍ତେ ଯୋଗ୍ୟତା ଅର୍ଜନ



ସାକ୍ଷୀଗୋପାଳ,୧୫।୯(ସମିସ): ଉତ୍ତରାୟଣୀ ବିଦ୍ୟାପୀଠ, ସାତଶଙ୍ଖର ଛାତ୍ରୀ ଜାତୀୟ ଟାଏକ୍ୱୋଣ୍ଡୋ ପ୍ରତିଯୋଗିତାରେ ଭାଗ ନେବା ପାଇଁ ମନୋନୀତ ହୋଇଛନ୍ତି। ରାଜ୍ୟ ସରକାରଙ୍କ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ କେନ୍ଦୁଝର ଜିଲ୍ଲା ବଡ଼ବିଲସ୍ଥିତ ମ୍ୟୁନିସିପାଲ୍ ସରକାରୀ ହାଇସ୍କୁଲ ପରିସରରେ ଓଡ଼ିଶା ଷ୍ଟେଟ୍ ସ୍କୁଲ୍ ସ୍ପୋର୍ଟସ ଆସୋସିଏସନ୍ ଆନୁକୂଲ୍ୟରେ ସ୍କୁଲ୍ ଟାଏକ୍ୱୋଣ୍ଡୋ ଚାମ୍ପିଅନସିପ୍ ଆୟୋଜିତ ହୋଇଥିଲା। ଏଥିରେ ଭାଗ ନେଇଥିବା ଉତ୍ତରାୟଣୀ ବିଦ୍ୟାପୀଠ, ସାତଶଙ୍ଖର ଦଶମ ଶ୍ରେଣୀର ଛାତ୍ରୀ ସ୍ୱାଗତିକା ବରାଳ ୩୮-୪୨ କେଜି ବର୍ଗରେ ଗୋଲ୍ଡ ମେଡାଲ ଜିତି ବିଦ୍ୟାଳୟ ପାଇଁ ଗୌରବ ଆଣିଛନ୍ତି। ଆସନ୍ତା ଅକ୍ଟୋବର ପ୍ରଥମ ସପ୍ତାହରେ ଅରୁଣାଚଳ ପ୍ରଦେଶ ଇଟାନଗରରେ ହେବାକୁ ଥିବା ଜାତୀୟ ଟାଏକ୍ୱୋଣ୍ଡୋ ପ୍ରତିଯୋଗିତାରେ ଭାଗ ନେବେ ବୋଲି ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ରାମଚନ୍ଦ୍ର ସାହୁ ସୂଚନା ଦେଇଛନ୍ତି। ବିଦ୍ୟାଳୟର ପ୍ରଧାନଶିକ୍ଷକ ସନ୍ତୋଷ କୁମାର ସାହୁଙ୍କ ସମେତ ସମସ୍ତ ଶିକ୍ଷକ-ଶିକ୍ଷୟିତ୍ରୀ ଓ ସମସ୍ତ କର୍ମଚାରୀ ତଥା ଛାତ୍ରଛାତ୍ରୀ ତାଙ୍କ ସଫଳତା କାମନା କରିଛନ୍ତି।

## ସର୍ବଭାରତୀୟ ଟେନିସ୍ ଟୁର୍ଣ୍ଣାମେଣ୍ଟ ଉଦ୍‌ଘାଟିତ

ସାକ୍ଷୀଗୋପାଳ,୧୫।୯(ସମିସ): ସ୍ଥାନୀୟ ଫୁଲଅଲସାସ୍ଥିତ ସାଇ ଏକାଡେମୀ ଟେନିସ୍ କୋର୍ଟଠାରେ ୧୬ ଓ ୧୮ ବର୍ଷରୁ କମ୍ ବର୍ଗର ବାଳକ ବାଳିକା ମଧ୍ୟରେ ସର୍ବଭାରତୀୟ ଟେନିସ୍ ଟୁର୍ଣ୍ଣାମେଣ୍ଟ (ସିଏସ୍ ୭) ସୋମବାର ଉଦ୍‌ଘାଟିତ ହୋଇଯାଇଛି। ପୁରୀ ଫାର୍ମାସୀ ମହାବିଦ୍ୟାଳୟର ସମ୍ପାଦକ ଇଂ ରୋଜା ପ୍ରିୟଦର୍ଶୀ ମୁଖ୍ୟ ଅତିଥି ଭାବରେ ଯୋଗଦେଇ ଏହି ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଥିଲେ। ରେଫରୀ ଯତିନ ବାଛ୍ୟା ଓ କୋଚ୍ ବିଶ୍ୱଜିତ୍ ଦାସଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ଏହି ଟୁର୍ଣ୍ଣାମେଣ୍ଟ ଆସନ୍ତା ୧୯ ତାରିଖରେ ଉଦ୍‌ଯାପିତ ହେବ। ଭାରତର ବିଭିନ୍ନ ରାଜ୍ୟରୁ ସର୍ବଭାରତୀୟ ଟେନିସ୍ ମହାସଂଘ ପଞ୍ଜିକୃତ ୨୦ଜଣ ଖେଳାଳି ଅଂଶଗ୍ରହଣ କରୁଛନ୍ତି।

## ଅଙ୍ଗନବାଡ଼ି କର୍ମୀଙ୍କ ପରଲୋକ

କାକଟପୁର,୧୫।୯(ସମିସ): କାକଟପୁର ବ୍ଲକ୍ ଅନ୍ତର୍ଗତ ପାଟସୁନ୍ଦର ଗ୍ରାମ ପଞ୍ଚାୟତର ପଥରପକା ଗ୍ରାମର ହୃଦାନନ୍ଦ ସ୍ୱାଇଁଙ୍କ ପତ୍ନୀ ଦମୟନ୍ତୀ ସ୍ୱାଇଁ (୪୯)ଙ୍କର ନିଜ ବାସଭବନରେ ପରଲୋକ ହୋଇଯାଇଛି। ସେ ପଥରପକା ଅଙ୍ଗନବାଡ଼ି କର୍ମୀ ବାବେ କାର୍ଯ୍ୟ କରୁଥିଲେ। ଦେହ ଖରାପ ଯୋଗୁଁ ମୁମ୍ବଇର ଟାଟା ମେମୋରିଆଲ ହସ୍ପିଟାଲରେ ଚିକିତ୍ସିତ ହୋଇ ଘରେ ରହୁଥିଲେ। ତାଙ୍କ ଅକାଳ ବିୟୋଗରେ ଗ୍ରାମରେ ଓ ଅଙ୍ଗନବାଡ଼ି କେନ୍ଦ୍ରରେ ଶୋକର ଛାୟା ଖେଳିଯାଇଛି। ତାଙ୍କ ପାର୍ଥିବ ଶରୀରକୁ ଏକ ଶୋଭାଯାତ୍ରାରେ ନିଆଯାଇ ଗ୍ରାମ ଶ୍ମଶାନରେ ଦାହ କରାଯାଇଥିଲା। ପୁତ୍ର ସୌଭାଗ୍ୟ ମୁଖାଗ୍ନି ଦେଇଥିଲେ।

## ସାକ୍ଷୀଗୋପାଳ ମହାବିଦ୍ୟାଳୟ

# ନୂତନ ଶ୍ରେଣୀଗୃହ, ଇନ୍‌ଡୋର ଷ୍ଟାଡିୟମ୍ ଉଦ୍‌ଘାଟିତ




ସାକ୍ଷୀଗୋପାଳ,୧୫।୯(ସମିସ): ସାଂସଦ ସମ୍ବିତ୍ ପାତ୍ର, ବିଧାୟକ ଓମ୍ ପ୍ରକାଶ ମିଶ୍ରଙ୍କ ଦ୍ୱାରା ଉତ୍କଳମଣି ଗୋପବନ୍ଧୁ ସ୍ମୃତି ମହାବିଦ୍ୟାଳୟ, ସାକ୍ଷୀଗୋପାଳ ପରିସରରେ ସୋମବାର ନୂତନ ଶ୍ରେଣୀଗୃହ, ବିଶୁଦ୍ଧ ପାନୀୟଜଳ ବ୍ୟବସ୍ଥା ଏବଂ ଇନ୍‌ଡୋର ଷ୍ଟାଡିୟମ୍ ଉଦ୍‌ଘାଟିତ ହୋଇଛି। ଏହି ଅବସରରେ ନିର୍ମିତ ପ୍ରକଳ୍ପଗୁଡ଼ିକ ଅନୁଷ୍ଠାନର ଶୈକ୍ଷିକ ଭିତ୍ତିଭୂମିକୁ ସୁଦୃଢ଼ କରିବା ସହ ଛାତ୍ରଛାତ୍ରୀମାନଙ୍କୁ ବିଶ୍ୱସ୍ତରରେ ସମର୍ଥ ପ୍ରତିଦ୍ୱନ୍ଦ୍ୱୀ ହେବା ପାଇଁ ସ୍ୱପ୍ନ ଦେଖିବାକୁ ପ୍ରେରଣା ଦେବ। ତତ୍ ସହିତ ଅନୁଷ୍ଠାନରେ ସମର ଶିକ୍ଷାର୍ଥୀ ବାହିନୀ ଖୋଲିବା, ଇନ୍‌ଡୋର ଷ୍ଟାଡିୟମ୍‌ରେ ଆବଶ୍ୟକ ଅତ୍ୟାଧୁନିକ ସାଉଣ୍ଡ ସିଷ୍ଟମ୍, ଇନ୍‌ଡୋର ଷ୍ଟାଡିୟମ୍ ତଥା ଶ୍ରେଣୀଗୃହକୁ ଶୀତତାପ ନିୟନ୍ତ୍ରଣ ସଂଯୋଗୀକରଣ, ୨ହଜାର ଛାତ୍ରଛାତ୍ରୀଙ୍କ ପାଇଁ ବିଶୁଦ୍ଧ ପାନୀୟଜଳ ଯୋଗାଣ ବ୍ୟବସ୍ଥା କରିବାକୁ ସାଂସଦ ଶ୍ରୀ ପାତ୍ର ପ୍ରତିଶ୍ରୁତି ଦେଇଛନ୍ତି। ବିଧାୟକ ଶ୍ରୀ ମିଶ୍ର ଅନୁଷ୍ଠାନର ଖେଳପଡ଼ିଆକୁ ରାଜ୍ୟ ସରକାର ୧୫ କୋଟି ଟଙ୍କା ଅନୁଦାନ ଦେଇ ଏକ ଷ୍ଟାଡିୟମ୍‌ରେ ରୂପାନ୍ତରିତ କରିବେ ବୋଲି ଘୋଷଣା କରିଥିଲେ। ଅନୁଷ୍ଠାନର ସମଗ୍ର ପରିସରରେ ପ୍ରାଚୀର ନିର୍ମାଣ କରିବା ପାଇଁ ଉଦ୍ୟମ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏହି ଅବସରରେ ଅନ୍ୟତମ ଅତିଥି ସତ୍ୟବାଦୀ ତହସିଲ୍‌ଦାର ସନ୍ତୋଷ କୁମାର ପାଣିଗ୍ରାହୀ ଛାତ୍ରଛାତ୍ରୀମାନଙ୍କୁ ଯୋଗାଇ ଦିଆଯାଉଥିବା ଭିତ୍ତିଭୂମିର ବ୍ୟବହାର କରି ସୁନାଗରିକ ହେବା ପାଇଁ ପରାମର୍ଶ ଦେଇଥିଲେ। ମହାବିଦ୍ୟାଳୟର ବିକାଶ ରଥକୁ ସାଂସଦ ଓ ବିଧାୟକ ଆଗେଇ ନେଲେ ଅନୁଷ୍ଠାନର ଛାତ୍ରଛାତ୍ରୀ ଏବଂ କର୍ମଚାରୀବୃନ୍ଦ ସେଥିରେ ସହଯୋଗୀ ହେବେ ବୋଲି ମହାବିଦ୍ୟାଳୟର ଅଧ୍ୟକ୍ଷା ପ୍ରଫେସର ପୁଷ୍ପମିତ୍ରା ପଟ୍ଟନାୟକ ପ୍ରତିଶ୍ରୁତି ଦେଇଥିଲେ।

ପ୍ରାରମ୍ଭରେ ପୁଣ୍ୟାତ୍ମା ଉତ୍କଳମଣିଙ୍କ ପ୍ରତିମୂର୍ତ୍ତିରେ ଅତିଥିମାନଙ୍କ ଦ୍ୱାରା ମାଲ୍ୟାର୍ପଣ ଏବଂ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ପ୍ରଦୀପ ପ୍ରଜ୍ୱଳନ ଅନୁଷ୍ଠିତ ହୋଇଥିଲା। ବରିଷ୍ଠ ଅଧ୍ୟାପିକା ସସ୍ମିତା ପ୍ରଧାନ ବେଦପାଠ, ପ୍ରାଧ୍ୟାପକ ରତ୍ନାକର ସାହୁ ସ୍ୱାଗତ ଭାଷଣ ସହ ମଞ୍ଚାସିନ ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ପ୍ରାକ୍ତନ ଅଧ୍ୟକ୍ଷ ଡ. ରତିକାନ୍ତ ପରିଡ଼ାଙ୍କ ଦ୍ୱାରା ରଚିତ ଯୁକ୍ତ ୩ ଛାତ୍ରଛାତ୍ରୀଙ୍କ ପାଇଁ ଉଦ୍ଦିଷ୍ଟ ରାଜନୀତି ବିଜ୍ଞାନ ପାଠ୍ୟପୁସ୍ତକ ଉନ୍ମୋଚିତ ହୋଇଥିଲା। କାର୍ଯ୍ୟକ୍ରମକୁ ଅଧ୍ୟାପିକା ଶୁଭ୍ରଦୀପ୍ତା ପଟ୍ଟନାୟକ ସଂଯୋଜନା କରିଥିଲେ ଏବଂ ଡ. କଳ୍ପନା କୁମାରୀ ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଆପତ୍ତି ଉଠାଇଲେ ସତ୍ୟବାଦୀ ବ୍ଲକ୍ ଅଧ୍ୟକ୍ଷ

ସାକ୍ଷୀଗୋପାଳ,୧୫।୯(ସମିସ): ଉତ୍କଳମଣି ଗୋପବନ୍ଧୁ ସ୍ମୃତି ମହାବିଦ୍ୟାଳୟ, ସାକ୍ଷୀଗୋପାଳ ପରିସରରେ ରବିବାର ବିଭିନ୍ନ ପ୍ରକଳ୍ପର ଲୋକାର୍ପଣ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଏହି ଉତ୍ସବରେ ସତ୍ୟବାଦୀ ବ୍ଲକ୍ ଅଧ୍ୟକ୍ଷଙ୍କ ନାମ ନ ଥିବାରୁ ଆପତ୍ତି ଉଠାଇଛନ୍ତି ବ୍ଲକ୍ ଅଧ୍ୟକ୍ଷ ସୁନିଲ କୁମାର ପଣ୍ଡା। କଲେଜରେ ଲୋକାର୍ପଣ ହୋଇଥିବା ନବନିର୍ମିତ ପ୍ରକଳ୍ପ ସତ୍ୟବାଦୀ ପଞ୍ଚାୟତ ସମିତି ଅନୁଦାନ ଅର୍ଥରେ ନିର୍ମିତ ହୋଇଛି। ନିୟମ ଅନୁଯାୟୀ, ଲୋକାର୍ପଣ ଉତ୍ସବରେ ସତ୍ୟବାଦୀ ବ୍ଲକ୍ ଅଧ୍ୟକ୍ଷ ଶ୍ରୀ ପଣ୍ଡା ଓ ସତ୍ୟବାଦୀ ବିଡିଓ ଦେବାଶିଷ ନାୟକଙ୍କୁ ସାମିଲ୍ କରାଯିବା ସହ ଉଦ୍‌ଘାଟନ ଫଳକରେ ଉଭୟଙ୍କ ନାମ ରହିବା କଥା। ମାତ୍ର କେଉଁ ଉଦ୍ଦେଶ୍ୟରେ ତାଙ୍କୁ ଏହି ଉତ୍ସବରେ ଅଣଦେଖା କରାଗଲା ତାହା ଆଶ୍ଚର୍ଯ୍ୟର କଥା। ବିଜେପିର ଏହି କାର୍ଯ୍ୟ ପାଇଁ ଦୃଢ଼ ବିରୋଧ କରାଯିବା ସହ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ସେ ଧାରଣା ଦେବେ ବୋଲି ଶ୍ରୀ ପଣ୍ଡା ଚେତାବନୀ ଦେଇଛନ୍ତି।

ସ୍ମୃତିରେ ...
ଗାନ୍ଧୀ ମଣିଷ
ଦୋଳଗୋବିନ୍ଦ



ସପ୍ତମ ଶ୍ରାଦ୍ଧବାର୍ଷିକୀ
ତା: ୧୬.୦୯.୨୦୨୫
(ମଙ୍ଗଳବାର)
ଆପଣଙ୍କୁ ସ୍ମରଣ କରି
କୃତଜ୍ଞତା ଜଣାଉଛୁ।
ଅମ୍ବିକା, ପୁଷ୍ପରାଜ, ପୁଷ୍ପାଞ୍ଜଳି, ପୃଥ୍ୱୀରାଜ ସ୍ନିଗ୍ଧା, ପଙ୍କଜରାଜ, ସବିତା, ସତ୍ୟଭାମା, ସର୍ବେଶ୍ୱର, ହୈମବତୀ ଅରିନ୍ଦମ, ନିବେଦିତା, ବିଜୟ, ସବିତା, ସଂଜୟ, ଟୁକୁନି
ମହାତ୍ମାଗାନ୍ଧୀ ଅହିଂସା ଐତିହ୍ୟ ଟ୍ରଷ୍ଟ ପକ୍ଷରୁ
ଡଃ ଆର୍ଯ୍ୟ କୁମାର ଜ୍ଞାନେନ୍ଦ୍ର,
ଡଃ ବୁଦ୍ଧ ଦେବ ମିଶ୍ର

ରୋଟାରିଆନ
ଇଂ ଶ୍ରୀ ସୁକାନ୍ତ କୁମାର ବିଶ୍ୱାଳଙ୍କୁ
ସମ୍ମାନଜନକ ଡକ୍ଟରେଟ୍ ଉପାଧି !



ଗତ ତା ୧୪.୦୯.୨୦୨୫ ରିଖରେ ନୂଆଦିଲ୍ଲୀସ୍ଥିତ ଲଳିତ ହୋଟେଲରେ ଆୟୋଜିତ ଏକ ଭବ୍ୟ ସମାରୋହରେ ଆମେରିକାନ ଇଷ୍ଟକୋଷ୍ଟ ୟୁନିଭରସିଟି ଦ୍ୱାରା ରୋଟାରିଆନ ଇଂ ଶ୍ରୀ ସୁକାନ୍ତ କୁମାର ବିଶ୍ୱାଳଙ୍କୁ ସମ୍ମାନଜନକ ଡକ୍ଟରେଟ୍ ଉପାଧି ପ୍ରଦାନ କରାଯାଇଛି । ଏହି ଉପାଧି ଶ୍ରୀ ବିଶ୍ୱାଳଙ୍କର ଇଞ୍ଜିନିୟରିଂ ଓ ସମାଜସେବା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ପ୍ରଦାନ କରାଯାଇଛି । ଶ୍ରୀ ବିଶ୍ୱାଳ ସିଭିଲ ଇଞ୍ଜିନିୟରିଂ କ୍ଷେତ୍ରରେ ଜଣେ ସଫଳ ଉଦ୍ୟୋଗପତି । ସେହିପରି ସେ ଜଣେ ଉତ୍ସାହୀ ସମାଜସେବୀ । ସାମାଜିକ ଉତ୍ଥାନ ଦିଗରେ ସେ ସତ ଚେଷ୍ଟିତ । କୋଭିଡ ମହାମାରୀ ସମୟରେ ବସ୍ତିରେ ତାଙ୍କର ରନ୍ଧାଖାଦ୍ୟ ବାଣ୍ଟିବା ପ୍ରଂଶସନୀୟ । ସେହିପରି ସାମାଜିକ ବନୀକରଣ କାର୍ଯ୍ୟକ୍ରମରେ ସଦାସର୍ବଦା ଲିପ୍ତ । ତାଙ୍କ ପାଇଁ ଆଜି ଆମ ଓଡ଼ିଶା ରାଜ୍ୟ ଗର୍ବିତ।

# ଶ୍ରୀକ୍ଷେତ୍ର ସିଟି

୧୫/୯/୨୦୨୫ (ସୋମବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୧୯,୨୨୬/- ସୁନା: ୦୪.୪୫୦ ଗ୍ରାମ୍ ରୁପା: ୬୬.୬୦୦ ଗ୍ରାମ୍



## ଖଣ୍ଡା ଦେଖାଇ ଦାଦାବଟି ଆଦାୟ; ଅଭିଯୁକ୍ତ ଗିରଫ

ପୁରୀ,୧୫।୯(ସମିସ): ଖଣ୍ଡା ଦେଖାଇ ଦାଦାବଟି ଆଦାୟବେଳେ ପୁଲିସ ଚଢ଼ଉ କରି ଅଭିଯୁକ୍ତଙ୍କୁ ଗିରଫ କରିଛି। ଗିରଫ ଯୁବକ ହେଲେ ୱାଟର ୱାର୍କ୍ସ ରୋଡ୍ ସାଲଗେ ସାହିର ଗୁଡ୍ଡୁ ଜାଲି (୨୫)। ଅଭିଯୋଗ ଅନୁଯାୟୀ, ସୋମବାର ପୂର୍ବାହ୍ଣ ପ୍ରାୟ ୧୧ଟା ସମୟରେ ଜଣେ ଯୁବକ ଓଡ଼ିଶା ବେକେରୀ ଛକରେ ଖଣ୍ଡା ଦେଖାଇ ଦାଦାବଟି ଆଦାୟ କରୁଥିବା ପୁଲିସ ନିକଟରେ ଖବର ପହଞ୍ଚିଥିଲା। ସଙ୍ଗେ ସଙ୍ଗେ ପୁଲିସ କର୍ମଚାରୀ ସେଠାରେ ଚଢ଼ଉ କରି ଅଭିଯୁକ୍ତ ଗୁଡ୍ଡୁକୁ କାବୁ କରିଥିଲେ। ତା' ନିକଟରୁ ପୁଲିସ ଖଣ୍ଡା ଜବତ କରିଥିଲା। ଏ ନେଇ ଥାନାରେ ଏକ ମାମଲା (ନଂ.୨୬୨/୨୫) ରୁଜୁ କରାଯାଇଥିବା ବେଳେ ମଙ୍ଗଳବାର ତାକୁ କୋର୍ଟଚାଲାଣ କରାଯିବ ବୋଲି ପୁଲିସ କହିଛି।

## ୪ ମୋବାଇଲ୍ ଜବତ, ଅଭିଯୁକ୍ତ ଗିରଫ

ପୁରୀ,୧୫।୯(ସମିସ): ଟ୍ରେନ୍‌ରେ ଯାତ୍ରୀଙ୍କ ମୋବାଇଲ୍ ଚୋରି କରୁଥିବା ଅଭିଯୁକ୍ତକୁ ଗିରଫ କରିଛି ଜିଆର୍‌ପି ଥାନା ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ଗଞ୍ଜାମ ଜିଲ୍ଲା ପାଟାପୁର ଥାନା ବୁଡ୍ଡୁକି ଗ୍ରାମର ତାରାକାନ୍ତ ମହାରଣା। ଅଭିଯୋଗ ଅନୁଯାୟୀ, ରବିବାର ସନ୍ଧ୍ୟା ପ୍ରାୟ ୭ଟା ସମୟରେ ଜଣେ ଯୁବକ ପୁରୀ ରେଳ ଷ୍ଟେସନର ୩ ନମ୍ବର ପ୍ଲାଟ୍‌ଫର୍ମ ଶେଷ ଭାଗରେ ବସିଥିବାବେଳେ ସେ କିଛି ମୋବାଇଲ୍ ଫୋନ୍ ଧରିଥିବା ପୁଲିସ ପାଖରେ ଖବର ପହଞ୍ଚିଥିଲା। ସଙ୍ଗେ ସଙ୍ଗେ ଜିଆର୍‌ପି ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ପୁଲିସକୁ ଦେଖି ଯୁବକ ଜଣକ ଏକ ଅନ୍ଧାରିଆ ଅଞ୍ଚଳକୁ ପଳାଇବାକୁ ଚେଷ୍ଟା କରିଥିଲେ। ହେଲେ ଜିଆର୍‌ପି ଟିମ୍ ସଫଳତାର ସହ ଯୁବକକୁ କାବୁ କରିଥିଲା। ପଚରାଉଚରେ ପରେ ସେ ନିଜ ପରିଚୟ ଦେଇଥିଲେ। ତାଙ୍କ ପାଖରୁ ତଲାସି କରିବା ପରେ ୨ଟି ଓପୋ, ଗୋଟିଏ ଭିଭୋ ଏବଂ ଗୋଟିଏ ଆଇଫୋନ୍ ଜବତ କରିଥିଲା ପୁଲିସ। ଟ୍ରେନ୍ ଯାତ୍ରୀମାନଙ୍କଠାରୁ ଏହି ମୋବାଇଲ୍ ଫୋନ୍ ଚୋରି କରିଥିବା ଅଭିଯୁକ୍ତ ସ୍ୱୀକାର କରିଥିଲା। ଏ ନେଇ ଜିଆର୍‌ପି ଥାନାରେ ଏକ ମାମଲା ରୁଜୁ କରାଯାଇଥିବା ବେଳେ ଅଭିଯୁକ୍ତକୁ କୋର୍ଟଚାଲାଣ କରାଯାଇଥିଲା। ଜାମିନ ନାମଞ୍ଜୁର ହେବାରୁ ତାକୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

### ପାର୍କିଂରେ ଶୋଷଣ

# ବାଇକ୍ ଫି' ୨୦ ଟଙ୍କା; ପର୍ଯ୍ୟଟକଙ୍କ ନାପସନ୍ଦ

ପୁରୀ,୧୫।୯(ସମିସ)

ପୁରୀରେ ବିଭିନ୍ନ ଉପାୟରେ ପର୍ଯ୍ୟଟକଙ୍କୁ ଶୋଷଣ କରାଯାଉଛି। ଦୂରଦୂରାନ୍ତରୁ ଆସୁଥିବା ଭକ୍ତ, ପର୍ଯ୍ୟଟକ ଯଦିଓ ମୁହଁ ଖୋଲିବାକୁ ସାହସ କରନ୍ତିନାହିଁ ତେଣୁ ଏହାର ସୁଯୋଗ ନିଅନ୍ତି ଶୋଷଣକାରୀ। ସେମାନେ ଅଧିକ ମାତ୍ରାରେ ଶୋଷଣ କରିଥା'ନ୍ତି। ଯେମିତି ନୀଳାଦ୍ରି ପାର୍କକୁ ବୁଲିଯାଉଥିବା ପର୍ଯ୍ୟଟକ ଏପରିକି ସହରବାସୀଙ୍କୁ ମଧ ଏକପ୍ରକାର ଆର୍ଥିକ ଶୋଷଣ କରାଯାଉଛି। ଏଠାରେ ବାଇକ୍ ପାର୍କିଂ ପାଇଁ ନିଆଯାଉଛି ୨୦ ଟଙ୍କା। ପାର୍କ ଖୋଲିବା ପରଠାରୁ ଏଠାରେ ମାଗଣାରେ ଗାଡ଼ି ରଖିପାରୁଥିଲେ ପର୍ଯ୍ୟଟକ। ପରେ ୧୦ ଟଙ୍କା ନିଆଯାଉଥିବା ବେଳେ ଏବେ ୨୦ଟଙ୍କା ଆଦାୟ କରାଯାଉଛି। ଫଳରେ ପୁରୀ ବୁଲିବାକୁ ଆସୁଥିବା ପର୍ଯ୍ୟଟକ ଏହାକୁ ନାପସନ୍ଦ କରିଥିବାବେଳେ ତିକ୍ତ ଅନୁଭୂତି ନେଇ ଫେରୁଛନ୍ତି।

ପର୍ଯ୍ୟଟକଙ୍କ ମନୋରଞ୍ଜନ ନିମନ୍ତେ ପ୍ରଶାସନ ପକ୍ଷରୁ ପୁରୀ ବେଳାଭୂମିକୁ ଲଗାଇ ନୀଳାଦ୍ରି ପାର୍କ ପ୍ରତିଷ୍ଠା କରାଯାଇଛି। ଚକ୍ରତୀର୍ଥ ଅଞ୍ଚଳରେ ପ୍ରତିଷ୍ଠିତ ଏହି ପାର୍କରେ ପ୍ରତିଦିନ ସକାଳେ ଏବଂ ସନ୍ଧ୍ୟାରେ ପର୍ଯ୍ୟଟକଙ୍କ ଭିଡ଼ ହେଉଛି। ଏହା ପରିସରରେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ବିଭିନ୍ନ କାହାଣୀକୁ ନେଇ ପଥରରେ ଆକର୍ଷଣୀୟ ଖୋଦେଇ କରାଯାଇଛି। ସେହିପରି ଦୂରଦୂରାନ୍ତରୁ ପୁରୀ ବୁଲିବାକୁ ଆସୁଥିବା ପର୍ଯ୍ୟଟକମାନେ ମଧ ଏହା ପରିସରରେ ସମୟ କଟାନ୍ତି। ବେଳାଭୂମିକୁ ବୁଲି ଯାଉଥିବା ପର୍ଯ୍ୟଟକଙ୍କର ମଧ ଏହି ପାର୍କ ପ୍ରତି ରହିଛି ବିଶେଷ ଆଗ୍ରହ। ପୁରୀବାସୀ ମଧ ସକାଳେ ଏବଂ ସନ୍ଧ୍ୟାରେ ଏହି ପାର୍କରେ ଭ୍ରମଣ କରିଥା'ନ୍ତି। ତେଣୁ ଏହି ମନୋରମ ପାର୍କରେ ଅଧିକାଂଶ ସମୟ ଗହଳିଚହଳି ଲାଗେ। ହେଲେ ପରିତାପର ବିଷୟ ହେଉଛି ଯଦି ଏଠାକୁ କେହି କାର୍ କିମ୍ବା ଦୁଇଚକିଆ ଗାଡ଼ିରେ ଆସୁଛନ୍ତି ତେବେ ସେମାନଙ୍କୁ ପାର୍କିଂ ପାଇଁ ଏକପ୍ରକାର ଶୋଷଣ କରାଯାଉଛି। ଆରମ୍ଭରୁ ପର୍ଯ୍ୟଟକଙ୍କୁ ଆକୃଷ୍ଟ କରିବା ଲାଗି ପ୍ରଶାସନ ପକ୍ଷରୁ ଏହି ପାର୍କର ପାର୍କିଂସ୍ଥଳକୁ ଦେୟମୁକ୍ତ ଥିଲା। କିନ୍ତୁ ପରବର୍ତ୍ତୀ ସମୟରେ ପୌରସଂସ୍ଥା ବାଇକ୍ ପିଛା ୧୦ ଟଙ୍କା ଆଦାୟ କରିଥିଲା। ଏବେ ଏଠାରେ ବାଇକ୍ ପିଛା ୨୦ ଟଙ୍କା ନିଆଯାଉଛି।

ରବିବାର ଭୁବନେଶ୍ୱରର ସନ୍ଦୀପ ମହାନ୍ତି ତାଙ୍କର ଦୁଇଜଣ ସାଙ୍ଗ ନୀଳାଦ୍ରି ପାର୍କ ବୁଲିବାକୁ ଯାଇଥିଲେ। ସେମାନେ ୨ଟି ବାଇକ୍‌ରେ ଯାଇଥିବାବେଳେ ଗାଡ଼ି ପାର୍କିଂ ସମୟରେ ଜଣେ ଯୁବକ ୨ଟି ରସିଦ୍ ବଢ଼ାଇ ଦେଇ ୪୦ ଟଙ୍କା ଦେବାକୁ କହିଥିଲେ। ହେଲେ ଏହା ତ ଦେୟମୁକ୍ତ ଥିଲା। ହଠାତ୍ ୨୦ ଟଙ୍କା ଫି' କ'ଣ ପାଇଁ ଆଦାୟ କରାଯାଉଛି ବୋଲି ପଚାରିବାରୁ ସମ୍ପୃକ୍ତ ଯୁବକ ଯୁକ୍ତି କରିଥିଲେ। ସନ୍ଦୀପ ୪୦ ଟଙ୍କା ଦେଇ ଆସିଥିଲେ। ଶ୍ରୀ ମହାନ୍ତି ଏ ସମ୍ପର୍କରେ ପଚାରିବାରୁ ପୌରସଂସ୍ଥା ଆମକୁ ପାର୍କିଂ ଫି' ଆଦାୟ କରିବାକୁ ଅନୁମତି ଦେଇଛି ବୋଲି ସମ୍ପୃକ୍ତ ବ୍ୟକ୍ତି କହିଥିଲେ। ଏହା କେବଳ ଶ୍ରୀ ମହାନ୍ତିଙ୍କ ସହ ଘଟି ନାହିଁ, ଦୀର୍ଘଦିନ ହେବ ପାର୍କକୁ ବୁଲିବାକୁ ଯାଉଥିବା ପର୍ଯ୍ୟଟକ ଏବଂ ସହରବାସୀଙ୍କ ସହ ଘଟୁଛି। ପାର୍କିଂ କରି ଏକପ୍ରକାର ଶୋଷଣର ଶିକାର ହେଉଥିବା ଅଭିଯୋଗ କରୁଛନ୍ତି। ଏ ସମ୍ପର୍କରେ ପୁରୀ ପୌରନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରାଙ୍କୁ ପଚାରିବାରେ ପୂର୍ବରୁ ୧୦ ଟଙ୍କା ନିଆଯାଉଥିଲା ଏବେ ୨୦ ଟଙ୍କା କରାଯାଇଛି। ପାର୍କିଂ ଫି' ଚାର୍ଟ ମରାଯିବ। ତେବେ ପର୍ଯ୍ୟଟକଙ୍କ ଅସନ୍ତୋଷ ନେଇ ବିଚାର କରାଯିବ ବୋଲି କହିଛନ୍ତି।

## ସେବା ଓ ପରୋପକାରର ପ୍ରତୀକ ମୁରାରୀ ତ୍ରିପାଠୀ

ପୁରୀ,୧୫।୯(ସମିସ): ପରୋପକାର, ସେବା ଓ ସମର୍ପଣର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ ସ୍ୱର୍ଗତ ମୁରାରୀ ତ୍ରିପାଠୀ। ପୁରୀ ସେବା ସମିତିର ପ୍ରତିଷ୍ଠାତା ଉତ୍କଳମଣି ଗୋପବନ୍ଧୁଙ୍କ ସେ ଉପଯୁକ୍ତ ଦାୟାଦ ଭାବେ ସମିତିକୁ ସେବାର ଶୀର୍ଷ ସୋପାନରେ ପହଞ୍ଚାଇଥିଲେ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ। ଶୁକ୍ରବାର ସନ୍ଧ୍ୟାରେ ସଦାଶିବ ସଂସ୍କୃତ ବିଶ୍ୱବିଦ୍ୟାଳୟ ପରିସରରେ ଅନୁଷ୍ଠିତ ମୁରାରୀ ତ୍ରିପାଠୀଙ୍କ ୫୯ତମ ଶ୍ରାଦ୍ଧ ବାର୍ଷିକ ଅବସରରେ ତାଙ୍କ ପ୍ରତି ଭକ୍ତିପୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଉପଜିଲ୍ଲାପାଳ ରାଜ କିଶୋର ଜେନା ବିନା ସ୍ୱାର୍ଥରେ କାହାକୁ କ୍ଷତି ବା କଷ୍ଟ ନ ପହଞ୍ଚାଇ ଯେଉଁ ସେବା କରାଯାଏ ତାହା ଅନନ୍ୟ ଓ ଅନ୍ୟମାନଙ୍କ ପ୍ରତି ପ୍ରେରଣା। ସ୍ୱର୍ଗତ ମୁରାରୀ ତ୍ରିପାଠୀ ଏହିଭଳି ସେବା ପ୍ରଦାନ କରି ନିଜ ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରି ପାରିଛନ୍ତି। ତାଙ୍କ ପଦାଙ୍କ ଅନୁସରଣ ପାଇଁ ସେ ଅନୁରୋଧ କରିଥିଲେ। ପୁରୀ ସେବା ସମିତିର ସଭାପତି ହିମାଂଶୁ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ସିଦ୍ଧେଶ୍ୱର ମହାପାତ୍ର, ପ୍ରାକ୍ତନ ପ୍ରଶାସକ ପଦ୍ମନାଭ ପଣ୍ଡା, ସୂଚନା ଓ ଲୋକ ସମ୍ପର୍କ ଉପ ନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ସଦାଶିବ ସଂସ୍କୃତ ବିଶ୍ୱବିଦ୍ୟାଳୟର ନିର୍ଦ୍ଦେଶକ ପ୍ରଫେସର ପ୍ରଭାତ କୁମାର ମହାପାତ୍ର, ପ୍ରଫେସର ନନ୍ଦିଘୋଷ ମିଶ୍ର ପ୍ରମୁଖ ମୁରାରୀ ତ୍ରିପାଠୀ ଜଣେ ବହୁମୁଖୀ ପ୍ରତିଭା ଓ ସେବା ପ୍ରଦାନ କ୍ଷେତ୍ରରେ ତାଙ୍କ ଅବଦାନ ଚିର ସ୍ମରଣୀୟ ହୋଇ ରହିଥିବ ବୋଲି କହିଥିଲେ। ଏହି ଅବସରରେ ଅଜୟ ପ୍ରଧାନଙ୍କୁ ମୁରାରୀ ସମ୍ମାନ ଏବଂ ଅଭିଷେକ ରଥ, ବିଶ୍ୱ ରଞ୍ଜନ ରଥଙ୍କୁ ସମ୍ମାନିତ କରାଯାଇଥିଲା। ପ୍ରାରମ୍ଭରେ ସମିତିର ସଂଯୋଜକ ସୌମେନ୍ଦ୍ର ଦାସ ସମସ୍ତଙ୍କୁ ସ୍ୱାଗତ କରିବା ସହ ସମିତିର କାର୍ଯ୍ୟାବଳୀ ସମ୍ପର୍କରେ ସୂଚନା ଦେଇଥିଲେ। ଶେଷରେ ସମିତି ସମ୍ପାଦକ ରବୀନ୍ଦ୍ର ନାଥ ସେନାପତି ଧନ୍ୟବାଦ ଅର୍ପଣ କରିଥିଲେ। ରାକେଶ ବାରିକ, ନରେଶ ସାହୁ, ଅଶ୍ରୁଜିତ ମହାପାତ୍ର, ବାସୁଦେବ ସେନାପତି ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

### ବୁଲା ଗୋରୁଙ୍କ ପାଇଁ ଚିନ୍ତା

# ନିମାପଡ଼ା-ଚାରିଛକ ରାସ୍ତା ଅବରୋଧ




ନିମାପଡ଼ା,୧୫।୯(ସମିସ): ନିମାପଡ଼ା କୃଷକ ମୋର୍ଚ୍ଚା ତରଫରୁ ସୋମବାର ନିମାପଡ଼ା-ଚାରିଛକ ମୁଖ୍ୟ ରାସ୍ତାର ଆମ୍ପୋର ଛକ ନିକଟରେ ଶତାଧିକ ଚାଷୀ ପ୍ରାୟ ୨ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଧରି ରାସ୍ତାରୋକ କରିଥିଲେ। ପ୍ରକାଶ ଯେ, ଅଞ୍ଚଳର ଚାଷୀମାନେ ପରିବାର ପ୍ରତିପୋଷଣ ପାଇଁ ହଜାର ହଜାର ଟଙ୍କା ଖର୍ଚ୍ଚ କରି ଚାଷ କାର୍ଯ୍ୟ କରୁଛନ୍ତି। ମାତ୍ର ଗତ କିଛିଦିନ ହେବ ରାସ୍ତାରେ ବୁଲୁଥିବା ଗାଈ-ବାଛୁରୀ ସବୁ ଚାଷଜମିରେ ପଶି ଫସଲ ନଷ୍ଟ କରିବା ସହିତ ଅନେକ ସମୟରେ ଗାଡ଼ି ମୋଟର ଦୁର୍ଘଟଣାରେ ବହୁ ବାଛୁରୀ ମରୁଛନ୍ତି। ତୁରନ୍ତ ସବୁ ବୁଲା ବାଛୁରୀଙ୍କୁ ରାସ୍ତାରୁ ହଟାଇବାକୁ କୃଷକ ନେତା କୃଷ୍ଣଚନ୍ଦ୍ର ରାଉତ ଓ ସନାତନ ପାତ୍ରଙ୍କ ନେତୃତ୍ୱରେ ସନ୍ତୋଷ ବେହେରା, ଶଙ୍କର ପରିଡ଼ା, ଅର୍ଜୁନ ପାତ୍ର, ବନ ବିହାରୀ ଦାଶ, ଗଙ୍ଗାଧର ମହାନ୍ତି, ରାମଚନ୍ଦ୍ର ଜେନା, ଯତିନ୍ଦ୍ର ସେନାପତି, ଡମ୍ବରୁଧର ପାଳ, ଲକ୍ଷ୍ମୀଧର ଦାସ, ଅକ୍ଷୟ ରାଉତଙ୍କ ସମେତ ୨ଶହରୁ ଊର୍ଦ୍ଧ୍ୱ ଚାଷୀ ସୋମବାର ନିମାପଡ଼ା-ଚାରିଛକ ମୁଖ୍ୟ ରାସ୍ତା ଅବରୋଧ କରିଥିଲେ। ଖବର ପାଇ ତହସିଲ୍‌ଦାର ମନୋଜ ପ୍ରଧାନ, ଚାରିଛକ ଥାନା ଅଧିକାରୀ ମମତା ବିଶ୍ୱାଳ ଘଟଣାସ୍ଥଳରେ ପହଞ୍ଚି ଉତ୍ୟକ୍ତ ଚାଷୀମାନଙ୍କୁ ବୁଝାସୁଝା କରିବା ସହ ଆସନ୍ତା ୧୫ ଦିନ ମଧ୍ୟରେ ସମସ୍ୟାର ସମାଧାନ କରିବାକୁ ପ୍ରତିଶ୍ରୁତି ଦେବାପରେ ରାସ୍ତାରୋକ ହଟିଥିଲା। ସେହିପରି ନିମାପଡ଼ା-ବାଲିପାଟଣା ରାସ୍ତାର ଶେଉଳସାହି ଛକ ନିକଟରେ ଗୋ-ସୁରକ୍ଷା ସମିତିର ଆବାହକ ମାଧବ ମଲ୍ଲିକଙ୍କ ନେତୃତ୍ୱରେ ଶତାଧିକ ଚାଷୀ ମୁଖ୍ୟ ରାସ୍ତା ଅବରୋଧ କରିଥିଲେ। ଚାଷୀଙ୍କ ଫସଲ ସବୁ ରକ୍ଷା କରିବାକୁ ତୁରନ୍ତ ଗୋଶାଳା ନିର୍ମାଣ କରି ଗାଈଗୋରୁଙ୍କୁ ରଖିବାକୁ ଚାଷୀମାନେ ଦାବି କରିଥିଲେ।

## ଘରେ ଘରେ ଭାଗବତ ପ୍ରତି ବଢୁଛି ଆଗ୍ରହ

ପୁରୀ,୧୫।୯(ସମିସ): ଗୀତା, ଭାଗବତ, ଉପନିଷଦର ପ୍ରଚାରପ୍ରସାର ମାଧ୍ୟମରେ ଆଧ୍ୟାତ୍ମିକ ଜାଗରଣ ବୃଦ୍ଧି ପାଇବ ବୋଲି କହିଛନ୍ତି ଭାଗବତ ଭାଷ୍ୟକାର ବଦ୍ରି ମିଶ୍ର। ଓଡ଼ିଶା ଯୁବ ଚେତନା ସଂଗଠନ ପକ୍ଷରୁ ପବିତ୍ର ପିତୃପକ୍ଷ ଉପଲକ୍ଷେ ତୀର୍ଥକ୍ଷେତ୍ର ଗୟା, କାଶୀ-ବନାରସ ଓ ଅଯୋଧ୍ୟାରେ ଘରେ ଘରେ ଭାଗବତ ଅନୁଷ୍ଠିତ ହୋଇଥିଲା। ଏ ସମ୍ପର୍କରେ ଶ୍ରୀ ମିଶ୍ର କହିଥିଲେ, ପିତୃପୁରୁଷଙ୍କୁ ପିଣ୍ଡଦାନ, ଗଙ୍ଗାସ୍ନାନ ଓ ରାମଲାଲାଙ୍କ ଦର୍ଶନ ସହ ଭାଗବତ ଶ୍ରବଣର ସୁଯୋଗ ପାଇବା କମ୍ କଥା ନୁହେଁ। ଘରେ ଘରେ ଭାଗବତ ପ୍ରତି ଲୋକଙ୍କ ଆଗ୍ରହ ବଢୁଛି। ରଶ୍ମି ରଞ୍ଜନ ଦାଶଙ୍କ ନେତୃତ୍ୱରେ ପ୍ରଫୁଲ୍ଲ କୁମାର ଦାଶ, ରମେଶ ଚନ୍ଦ୍ର ମିଶ୍ର, ସୁଧୀର ପ୍ରସାଦ ରଥ, ସମୀର ପ୍ରସାଦ ରଥ, ନିରୂପମା ଦାଶ, ଭାନୁମାଳା ମିଶ୍ର, ସ୍ୱର୍ଣ୍ଣଲତା ରଥ, ମାନସୀ ନନ୍ଦ ଓ ରଶ୍ମିତା ରଥ, ପୁରୀ, କଟକ, କେନ୍ଦ୍ରାପଡ଼ା, ନୟାଗଡ଼ ଓ ଖୋର୍ଦ୍ଧାର ବରିଷ୍ଠ ନାଗରିକଙ୍କୁ ସେଠାରେ ଅତିବଡ଼ୀ ଜଗନ୍ନାଥ ଦାସଙ୍କ ଭାଗବତ ଶୁଣାଇଥିଲେ। ଏହାକୁ ସଞ୍ଚାଳନ କରିଥିଲେ ସୁନନ୍ଦା ପଟ୍ଟନାୟକ, ରାଜଶ୍ରୀ ମିଶ୍ର, ପ୍ରଶାନ୍ତ ତ୍ରିପାଠୀ, ଅନ୍ତର୍ଯ୍ୟାମୀ ପଟ୍ଟନାୟକ ଓ ମୌସୁମୀ ରଥ।

## ଶ୍ରୀମନ୍ଦିର ନୀତି ସବ୍‌କମିଟି ଗଠିତ

● କମିଟିରେ ଅଛନ୍ତି ୧୮ ସଦସ୍ୟ

ପୁରୀ,୧୫।୯(ସମିସ): ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ନୀତିକାନ୍ତି କିପରି ସୁରୁଖୁରୁରେ ସମ୍ପନ୍ନ ହେବ ସେଥିପାଇଁ ନୀତି ସବ୍ କମିଟି ଗଠନ କରାଯାଇଛି। ଶ୍ରୀମନ୍ଦିର ପରିଚାଳନା କମିଟି ଗଠନ ପରେ ପ୍ରଥମ ବୈଠକରେ ବିଭିନ୍ନ ସବ୍ କମିଟି ଗଠନ ନେଇ ଆଲୋଚନା ହୋଇଥିଲା। ସେହି କ୍ରମରେ ୧୮ ଜଣିଆ ନୀତି ସବ୍ କମିଟି ଗଠନ କରାଯାଇଛି। ଏଥିରେ ପରିଚାଳନା କମିଟି ସଦସ୍ୟଙ୍କ ସମେତ ଶ୍ରୀମନ୍ଦିର ପ୍ରଶାସନ ଅଧିକାରୀ ଏବଂ ନୀତିକାନ୍ତି ତୁଲାଉଥିବା ଅନ୍ୟ ସେବାୟତ ପ୍ରତିନିଧିମାନଙ୍କୁ ସାମିଲ୍ କରାଯାଇଛି। ଏହି କମିଟିରେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ପଦପ୍ରଯୁକ୍ତ ଅଧ୍ୟକ୍ଷ ରହିଛନ୍ତି। ଡ. ସିଦ୍ଧେଶ୍ୱର ମହାପାତ୍ର ଓ ଜଗନ୍ନାଥ ପୂଜାପଣ୍ଡା ସଭ୍ୟ ରହିଛନ୍ତି।

ଜିଲ୍ଲାପାଳ ତଥା ଉପମୁଖ୍ୟ ପ୍ରଶାସକ ଏବଂ ଆରକ୍ଷୀ ଅଧୀକ୍ଷକ ସ୍ୱତନ୍ତ୍ର ନିମନ୍ତ୍ରିତ ପଦପ୍ରଯୁକ୍ତ ସଭ୍ୟ ରହିଛନ୍ତି। ଏହାବ୍ୟତୀତ କୃଷ୍ଣଚନ୍ଦ୍ର ସାମନ୍ତରା, ମଧୁସୂଦନ ସିଂହାରୀ, ଗଣେଶ ଦାସ ମହାପାତ୍ର, ରାମନାରାୟଣ ଗୋଛିକାର, ରଘୁବୀର ଦାସ ମହାରାଜ ସ୍ୱତନ୍ତ୍ର ନିମନ୍ତ୍ରିତ ସଭ୍ୟ ରହିଛନ୍ତି। ଜନାର୍ଦ୍ଦନ ପାଟଯୋଶୀ ମହାପାତ୍ର, ଭିତରଛ ଭବାନୀ ଶଙ୍କର ମହାପାତ୍ର, ତଳୁଛ ନୀଳକଣ୍ଠ ମହାପାତ୍ର, ନାରାୟଣ ମହାସୁଆର, ରାମଚନ୍ଦ୍ର ଦାସ ମହାପାତ୍ର, ଜଗନ୍ନାଥ କର, ଅନନ୍ତ ତିଆଡ଼ି ସହ ମନୋନୀତ ସଭ୍ୟ ରହିଛନ୍ତି। ଏହି କମିଟିର ପଦପ୍ରଯୁକ୍ତ ଆବାହକ ଶ୍ରୀମନ୍ଦିର ନୀତି ପ୍ରଶାସକ।

## ଶ୍ରୀଜଗନ୍ନାଥ ଚେତନା ଯୁବ ପ୍ରଶିକ୍ଷଣ ଶିବିର ସମାପିତ

ପୁରୀ,୧୫।୯(ସମିସ): ଶ୍ରୀଜଗନ୍ନାଥ ଚେତନା ଅନ୍ତର୍ଜାତୀୟ ଚାରଣ ଗୋଷ୍ଠୀ ପୁରୀ ଆନୁକୂଲ୍ୟରେ ଶ୍ରୀକ୍ଷେତ୍ର ଧାମ ଶରଧାବାଲି ନିକଟ ଚୈତନ୍ୟ ଚନ୍ଦ୍ର ଆଶ୍ରମ ପରିସରରେ ଏକଦିବସୀୟ ଶ୍ରୀଜଗନ୍ନାଥ ଚେତନା ଯୁବ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଓଡ଼ିଶାର ବିଭିନ୍ନ ପ୍ରାନ୍ତରୁ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ସର୍ବପ୍ରଥମେ ଓଡ଼ିଶାର ବିଭିନ୍ନ ପ୍ରାନ୍ତରୁ ଆସିଥିବା ଚାରଣ ସଂଗଠକ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସମେତ ଚତୁର୍ଦ୍ଧାମୂର୍ତ୍ତିଙ୍କ ସମ୍ମୁଖରେ ସମୂହ ସ୍ୱାଧ୍ୟାୟ କରିଥିଲେ। ଚୈତନ୍ୟ ଚନ୍ଦ୍ର ଆଶ୍ରମର ମଠାଧୀଶ ପୂଜ୍ୟ ସ୍ୱାମୀ ଭକ୍ତି ବିଜ୍ଞାନ ଅକିଞ୍ଚନ ମହାରାଜ, ଶ୍ରୀମନ୍ଦିର ପରିଚାଳନା ସମିତିର ସଦସ୍ୟ ସିଦ୍ଧେଶ୍ୱର ମହାପାତ୍ର ଏବଂ ଶେଷଦେବ ସାହୁ ମହାପ୍ରଭୁଙ୍କ ସମ୍ମୁଖରେ ପ୍ରଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। କାର୍ଯ୍ୟକ୍ରମରେ ଉପସ୍ଥିତ ସମସ୍ତ ଶିବିରାର୍ଥୀ ମହାପ୍ରଭୁଙ୍କ ବିଷୟରେ ଲିଖିତ ପରୀକ୍ଷା ଦେଇ ଦ୍ୱିତୀୟ ପର୍ଯ୍ୟାୟ କୁଇଜ୍ ପ୍ରତିଯୋଗିତା କାର୍ଯ୍ୟକ୍ରମକୁ ଉତ୍ତୀର୍ଣ୍ଣ ହୋଇଥିଲେ। ତାଳଧ୍ୱଜ, ନନ୍ଦିଘୋଷ ଏବଂ ଦେବଦଳନ ବିଭାଗ ନାମରେ ୧୨ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରି ଡିଜିଟାଲ କୁଇଜ୍‌ରେ ଭାଗ ନେଇଥିବାବେଳେ ଜଗନ୍ନାଥ ଟିମ୍ ପ୍ରଥମ ସ୍ଥାନ ଅଧିକାର କରି ପୁରସ୍କୃତ ହେଇଥିଲେ। କାର୍ଯ୍ୟକ୍ରମରେ ଶ୍ରୀମନ୍ଦିର ସେବାୟତ ଜଗନ୍ନାଥ ପୂଜାପଣ୍ଡା ସାମନ୍ତ, ମାଧବ ପୂଜାପଣ୍ଡା ସାମନ୍ତ, ବିଶ୍ୱନାଥ ସାମନ୍ତରା, ଶରତ ମହାନ୍ତି, ଗଙ୍ଗାଧର ପ୍ରତିହାରୀ, ଡ. ଭାସ୍କର ମିଶ୍ର ଯୋଗଦେଇଥିଲେ। ମୁଖ୍ୟ ଅତିଥି ଭାବେ ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀ ଏବଂ ଅନ୍ୟତମ ଅତିଥି ଭାବେ ବଡ଼ଚଣା ବିଧାୟକ ଅମର ନାୟକ ଯୋଗଦେଇ ଏଭଳି କାର୍ଯ୍ୟଧାରାକୁ ପ୍ରଶଂସା କରିଥିଲେ। ଏହି ଅବସରରେ ପୂଜ୍ୟପୂଜା ପରମ୍ପରାରେ ଆଇଏମ୍‌ଟିର ପ୍ରତିଷ୍ଠାତା ବିଶ୍ୱନାଥ ରଥ, ଶିକ୍ଷକ ଉମାକାନ୍ତ ପୃଷ୍ଟି, ନୀଳାଦ୍ରି ଟ୍ରଷ୍ଟର ସଭ୍ୟ ନନ୍ଦ କିଶୋର ଜେନା, ଅରୁଣ ଲେଙ୍କା, ରମେଶ ପାଢ଼ୀ, କେଏମ୍‌ବିବି ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ବିଜୁନୀ ସୂତାର, ପୁରୀ ସମଗ୍ର ଶିକ୍ଷାର କାର୍ଯ୍ୟସୂଚୀ ନିଷ୍ପାଦକ ନାରାୟଣ ଚନ୍ଦ୍ର ମହାନ୍ତି ଏବଂ କୁଇଜ୍ ମାଷ୍ଟର ଅମ୍ଳାନ କୁମାର ସମେତ ବରିଷ୍ଠ ବ୍ୟକ୍ତିଙ୍କୁ ଅନୁଷ୍ଠାନ ତରଫରୁ ଶ୍ରୀଜଗନ୍ନାଥ ସେବା ସମ୍ମାନରେ ସମ୍ମାନିତ କରାଯାଇଥିଲା। ସମସ୍ତ କାର୍ଯ୍ୟକ୍ରମକୁ ସମ୍ପାଦକ ଡ. ଶୁଭେନ୍ଦୁ ସ୍ୱାଇଁ ପରିଚାଳନା କରୁଥିଲାବେଳେ ଉପଦେଷ୍ଟା ଲିଙ୍ଗରାଜ ପତି ସହଯୋଗ କରିଥିଲେ। ବରିଷ୍ଠ ଚାରଣ ସମୀର ପରିଜା ଧନ୍ୟବାଦ ଅର୍ପଣ କରିଥିଲେ।



■ ନୋଟାରୀ ମାଧ୍ୟମରେ ବିକ୍ରି ଜାଗାକୁ ବିଦ୍ୟୁତ୍ ସଂଯୋଗ

## ଅଭିଯୁକ୍ତଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

ପୁରୀ,୧୫।୯(ସମିସ): ପୁରୀରେ ମାତିଛନ୍ତି ଜମି ମାଫିଆ। ବିଶେଷକରି ସରକାରୀ ଏବଂ ମହାପ୍ରଭୁଙ୍କ ଜମିକୁ ବିଭିନ୍ନ ଉପାୟରେ ମାଡ଼ି ବସୁଛନ୍ତି। ଏହି ଧାରା ଏବେ ବି ଚାଲିଛି। ଏହି ଜମିକୁ ଅନ୍ୟକୁ ବିକ୍ରି କରୁଥିବାବେଳେ ଆଉ କେହି ନିଜ ନାମରେ ରେକର୍ଡ କରାଇବାକୁ ଉଦ୍ୟମ କରୁଛନ୍ତି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ପୁରୀ ସହର ମଧ୍ୟରେ ଥିବା ଜମିକୁ ଜବରଦଖଲ କରି ନୋଟାରୀ ମାଧ୍ୟମରେ ବିକ୍ରି କରୁଛନ୍ତି। ଏହା ଜଣାପଡ଼ିବା ପରେ ଜିଲ୍ଲାପାଳ ଏବଂ ତହସିଲ୍‌ଦାରଙ୍କୁ ଫେରାଦ୍ ହୋଇଥିଲା ଆମ୍ ଆଦ୍‌ମୀ ପାର୍ଟି (ଆପ୍)। ଏହି ଜାଗାକୁ ଯେପରି ଲାଇଟ୍, ପାଣି ସଂଯୋଗ ଦିଆ ନ ଯିବ ସେ ନେଇ ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲା। ଏହାସତ୍ତ୍ୱେ ଏଠାକୁ ବିଦ୍ୟୁତ୍ ସଂଯୋଗ ଦିଆଯାଇଥିବାରୁ ଏହାକୁ ନେଇ ପ୍ରତିବାଦ କରିଛି ଆପ୍। ଅଭିଯୁକ୍ତଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ଦଳ ଦାବି କରିଛି। ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି କହିଛନ୍ତି, ଆପ୍‌ର ଦୀର୍ଘ ଦିନର ପ୍ରତିବାଦ ପରେ ପୂର୍ବତନ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ସମୟରେ ଏକ ଅର୍ଡର ପାସ୍ କରାଯାଇଥିଲା। ପୁରୀରେ ସରକାରୀ ଜମି ଜବରଦଖଲ ଏବଂ ନୋଟାରୀରେ ବିକ୍ରି କରାଯାଇଥିଲେ ସେ ଜାଗାକୁ ବିଜୁଳି ଓ ପାଣି ଦିଆଯିବ ନାହିଁ। ଏହାଦ୍ୱାରା ସରକାରୀ ଜମି ଦଖଲରେ କିଛି ମାତ୍ରାରେ ଅଙ୍କୁଶ ଲାଗିଥିଲା। ଏହା ଉପରେ ନଜର ରଖିଥିଲା ଆପ୍। ୬ ନମ୍ବର ୱାର୍ଡ ଈଶ୍ୱରପଲ୍ଲୀ ଆଶ୍ରମ ନିକଟରେ ୯ ଏକର ଜାଗା ନୋଟାରୀରେ କାରବାର କରାଯାଉଛି ବୋଲି ପୁରୀ ତହସିଲ୍‌ଦାରଙ୍କୁ ଅଭିଯୋଗ କରିଥିଲା ଆପ୍। ସେହି ଜାଗାକୁ ବିଦ୍ୟୁତ୍, ପାଣି ସଂଯୋଗ ନ ଦେବା ପାଇଁ ବି କୁହାଯାଇଥିଲା। ହେଲେ ସେଠାରେ ଏବେ ନିର୍ମାଣ ଚାଲିଛି। ସେହି ଜାଗା କାରବାର ପଛରେ ଶ୍ରୀମନ୍ଦିର ପରିଚାଳନା କମିଟିର କିଛି ସଦସ୍ୟଙ୍କ ହାତ ଥିବା ନେଇ ଆପ୍ ସୂଚନା ପାଇଥିଲା। ଏ ବିଷୟରେ ବାରମ୍ବାର ଅଭିଯୋଗ ପରେ ବି ତହସିଲ୍ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିଲା। ଏବେ ସେହି ଜମିରେ ନିର୍ମାଣ ଚାଲିଛି। ବଳିଆପଣ୍ଡା ସେକ୍ସନ ତରଫରୁ ସେହି ଜାଗାକୁ ବିଜୁଳି ସଂଯୋଗ ଦିଆଯାଇଛି। ଏହି ବେନିୟମ କାମ ପାଇଁ ସଂଯୋଗ ପିଛା ୩୦ରୁ ୫୦ ହଜାର ଟଙ୍କା ହାତଗୁଞ୍ଜା ନିଆଯାଉଛି ବୋଲି ଅଭିଯୋଗ କରିଛନ୍ତି ଜିଲ୍ଲା ଆପ୍ ସଭାପତି ଶ୍ରୀ ମହାନ୍ତି। ସେ କହିଛନ୍ତି, ବିଦ୍ୟୁତ୍ ବିଭାଗର ଅଧିକାରୀଙ୍କୁ ଜଣାଇବା ପରେ ସେ ଚୁପ୍ ହୋଇଗଲେ। ବଳିଆପଣ୍ଡା ଓ ସିପସରୁବାଲି ମୌଜାରେ ଏମିତି ଘଟଣା ଘଟି ଚାଲିଛି। ଏହା ଉପରେ ରୋକ୍ ଲାଗିବା ଦରକାର। ସେହି ଜମି ଡେସିମିଲ ପିଛା ୬ରୁ ୭ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବିକ୍ରି କରାଯାଉଛି। ପ୍ରଶାସନ ଜାଣି ମଧ ଚୁପ୍ ରହିଥିଲା। କେଉଁ ଆଧାରରେ ଏହି ନିର୍ମାଣକୁ ବିଦ୍ୟୁତ୍ ସଂଯୋଗ ଦିଆଗଲା ବୋଲି ପ୍ରଶ୍ନ କରିଛି ଆପ୍। ଈଶ୍ୱରପଲ୍ଲୀ ଆଶ୍ରମ ନିକଟସ୍ଥ ଏହି ନିର୍ମାଣକୁ ତୁରନ୍ତ ଭାଙ୍ଗିବାକୁ ନିର୍ଦ୍ଦେଶ ଏବଂ ସ୍ଥାନୀୟ ବିଦ୍ୟୁତ୍ ସେକ୍ସନ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଆପ୍ ସଭାପତି ଶ୍ରୀ ମହାନ୍ତି ଜିଲ୍ଲାପାଳଙ୍କୁ ନିବେଦନ କରିଛନ୍ତି। ଯଦି ଏହା ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନ ଯାଏ ତେବେ ଆଗାମୀ ଦିନରେ ତହସିଲ୍ କାର୍ଯ୍ୟାଳୟ ଘେରଉ କରାଯିବ ବୋଲି ଆପ୍ ଜିଲ୍ଲା ସଭାପତି ଶ୍ରୀ ମହାନ୍ତି ଚେତାବନୀ ଦେଇଛନ୍ତି।

### ଜମିଜମା ବିବାଦକୁ ନେଇ ରାତି ଅଧରେ ୨ ଦୋକାନ ଭାଙ୍ଗିଲେ ଦୁର୍ବୃତ୍ତ

# ୫ ଲକ୍ଷରୁ ଊର୍ଦ୍ଧ୍ୱ ମୂଲ୍ୟର ସମ୍ପତ୍ତି ନଷ୍ଟ, ଅଭିଯୁକ୍ତ ଗିରଫ

ଗୋପ,୧୫।୯(ସମିସ)

ଗୋପ-ବାଲିଘାଇ ରାସ୍ତାର ମଦରଙ୍ଗ ବଜାର ଉପରେ ଦୀର୍ଘ ୬୦ ବର୍ଷ ଧରି ଦୋକାନ କରି ପରିବାର ପ୍ରତିପୋଷଣ କରୁଥିବା ଦୁଇଟି ଦୋକାନ ଗୃହକୁ ରାତି ଅଧରେ ଜେସିବି ଲଗାଇ ଦୋକାନ ନିକଟରେ ଥିବା ଘର ମାଲିକ ଭାଙ୍ଗି ଦେଇଛନ୍ତି। ଏଥରେ ୫ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ସାମଗ୍ରୀ ନଷ୍ଟ ହୋଇଥିବାବେଳେ ଦୋକାନରେ ଶୋଇଥିବା ଦୋକାନୀ ମୃତ୍ୟୁ ମୁଖରୁ ଅଳ୍ପକେ ବର୍ତ୍ତିଥିବା ଜଣାପଡ଼ିଛି। ଏହି ଘଟଣାକୁ ନେଇ ଉତ୍ୟକ୍ତ ଲୋକେ କାର୍ଯ୍ୟାନୁଷ୍ଠାନ ଦାବିରେ ଗୋପ-ବାଲିଘାଇ ରାସ୍ତାରୋକ କରିଥିଲେ। ଘଟଣାରେ ସମ୍ପୃକ୍ତ ଥିବା ବ୍ୟକ୍ତି ଦୀର୍ଘ ସମୟ ପର୍ଯ୍ୟନ୍ତ ଘରୁ ବାହାରି ନ ଥିବାବେଳେ ପୁଲିସକୁ ଠେଲାପେଲା କରିଥିଲା ଅଭିଯୁକ୍ତ। ତେବେ ପୁଲିସ ବଳପୂର୍ବକ ଅଭିଯୁକ୍ତକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି।

ସୂଚନା ମୁତାବକ, ନାଗପୁର ନିକଟ ମଦରଙ୍ଗ ବଜାରରେ ନାଗପୁର ଗ୍ରାମର ପ୍ରହ୍ଲାଦ ସାହୁ (୬୫) ମିଠା ଦୋକାନ କରିଥିବାବେଳେ ବନ୍ତଳି ଗ୍ରାମର ଜଟାଧାରୀ ସାହୁ (୮୦) ସାଇକଲ ଦୋକାନ କରିଥିଲେ। ଦୋକାନ ପାଖରେ କେଦାର ରାଉତଙ୍କ ଦୁଇ ମହଲା କୋଠା ରହିଛି।


ମୃତ୍ୟୁ ମୁଖରୁ ଅଳ୍ପକେ ବର୍ତ୍ତିଲେ ଦୋକାନ ମାଲିକ | ପ୍ରତିବାଦରେ ରାସ୍ତାରୋକ; ପୁଲିସକୁ ଠେଲାପେଲା କଲା ଅଭିଯୁକ୍ତ





ଦୋକାନ ଭାଙ୍ଗିବା ପାଇଁ କେଦାର ବିଭିନ୍ନ ସମୟରେ ଧମକ ଦେଉଥିବାବେଳେ ଏହି ଘଟଣାକୁ ନେଇ ଦୀର୍ଘଦିନ ଧରି ବିବାଦ ଲାଗିରହିଥିଲା। ରବିବାର ବିଳମ୍ବିତ ରାତିରେ ସାଇକଲ ଦୋକାନରେ ଜଟାଧାରୀ ଶୋଇଥିବାବେଳେ କେତେକ ଦୁର୍ବୃତ୍ତ ଜେସିବି ମେସିନ ସାହାଯ୍ୟରେ ଦୋକାନକୁ ଭାଙ୍ଗି ଦେଇଥିବାବେଳେ ଶୋଇଥିବା ଜଟାଧାରୀ ଅଳ୍ପକେ ବଞ୍ଚିଯାଇଥିବା ଅଭିଯୋଗପତ୍ରରୁ ଜଣାପଡ଼ିଛି। ଏପରି ଏକ ଘଟଣା ଘଟାଇଥିବା ଅଭିଯୁକ୍ତ ମଦରଙ୍ଗର କେଦାର ରାଉତ (୫୯)କୁ ପୁଲିସ ଗିରଫ କରିଛି। ଏହି ଘଟଣାକୁ ନେଇ ୨ଟି ଅଭିଯୋଗରେ ଗୋପ ପୁଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ କେଦାରକୁ କୋର୍ଟ ଚାଲାଣ କରିଛି। ପୁଲିସ ଅଭିଯୁକ୍ତକୁ ଗିରଫ କରିବାକୁ ଯାଇ ଠେଲାପେଲାର ଶିକାର ହୋଇଥିବାବେଳେ ଘଟଣାସ୍ଥଳରୁ ଜେସିବି ଚାଳକ ସହିତ ଏହି ଘଟଣାରେ ଜଡ଼ିତ ଥିବା ଆଉ କେତେକ ଅଭିଯୁକ୍ତ ଖସି ଯାଇଥିବା ପୁଲିସ କହିଛି। ପୁଲିସ ଜେସିବି ସହିତ ଅଭିଯୁକ୍ତ ବାଇକ୍‌କୁ ଜବତ କରି ତଦନ୍ତ ଚଳାଇଛି ବୋଲି ତଦନ୍ତକାରୀ ଅଧିକାରୀ ବୁଲୁ ସେଠୀ କହିଛନ୍ତି। ଦୁଇଟି ଦୋକାନ ଉପରେ ଜେସିବି ଚଢ଼ାଇ ଦିଆଯିବାରୁ ଦୋକାନ ଭିତରେ ଥିବା ହଜାର ହଜାର ଟଙ୍କାର ମିଠା, ଫ୍ରିଜ୍ ସହିତ ଅନ୍ୟାନ୍ୟ ସାମଗ୍ରୀ ନଷ୍ଟ ହୋଇଥିବାବେଳେ ସାଇକଲ ଦୋକାନରେ ଥିବା ଲକ୍ଷାଧିକ ଟଙ୍କାର ଜିନିଷ ଭାଙ୍ଗି ନଷ୍ଟ ହୋଇଥିବା ଜଣାପଡ଼ିଛି। ଏପରି ଘଟଣାରେ ମୁଖ୍ୟ ଅଭିଯୁକ୍ତ କେଦାରକୁ ପୁଲିସ ସୋମବାର ଅପରାହ୍ଣରେ କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି।


यूनियन बैंक ऑफ इंडिया | Union Bank of India | ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

କ୍ଷେତ୍ରୀୟ କାର୍ଯ୍ୟାଳୟ, ବାଲେଶ୍ୱର, ତୃତୀୟ ମହଲା, ଆଶିଷ ପ୍ଲାଜା, ପୋଲିସ୍ ଲାଇନ୍ ସ୍କୋୟାର ନିକଟ, ଓଟି ରୋଡ୍, ଭାସ୍କରଗଞ୍ଜ, ବାଲେଶ୍ୱର-୭୫୬୦୦୧

ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଯୋଗ୍ୟ ସଂସ୍ଥାଗୁଡ଼ିକ ଠାରୁ ରିକଭରୀ ଏଜେଣ୍ଟ / ଏନ୍‌ଫୋର୍ସମେଣ୍ଟ ଏଜେଣ୍ଟ / ଆସେଟ ଇନ୍‌ଭେଷ୍ଟିଗେସନ୍ ଏଜେଣ୍ଟମାନଙ୍କୁ ବ୍ୟାଙ୍କ ନିଜ ପ୍ୟାନେଲରେ ତାଲିକାଭୁକ୍ତ କରିବା ପାଇଁ ଆବେଦନପତ୍ର ଆହ୍ୱାନ କରୁଛନ୍ତି। ଆବେଦନ ଫର୍ମ ଓ ଅନ୍ୟାନ୍ୟ ବିବରଣୀ ପାଇଁ, ଆଗ୍ରହୀ ସଂସ୍ଥାମାନେ ମୁଖ୍ୟ ପ୍ରବନ୍ଧକ, ସିଆର୍‌ଏଲ୍‌ଡି, କ୍ଷେତ୍ରୀୟ କାର୍ଯ୍ୟାଳୟ, ମୋବାଇଲ ନଂ.: ୮୯୨୮୯୧୭୪୧୧ ରେ ଯୋଗାଯୋଗ କରିପାରିବେ।
ଯୋଗ୍ୟତା ମାନଦଣ୍ଡ ଏବଂ ଦରଖାସ୍ତ ଫର୍ମାଟ୍ ପାଇଁ ଆମର ସରକାରୀ ୱେବସାଇଟ୍ www.unionbankofindia.com ପରିଦର୍ଶନ କରନ୍ତୁ। ଏହାକୁ ୱେବସାଇଟ୍‌ରୁ ଡାଉନଲୋଡ୍ କରିପାରିବେ।
୧. ତାଲିକାଭୁକ୍ତ ହେବା ସମ୍ପର୍କିତ ସମସ୍ତ ଅଧିକାର ସମ୍ପୂର୍ଣ୍ଣ ଭାବରେ ବ୍ୟାଙ୍କର ଅଧୀନରେ ରହିବ ଏବଂ କେବଳ ତାଲିକାଭୁକ୍ତ ହେବା ପାଇଁ ଆବେଦନ କଲେ ତାଲିକାଭୁକ୍ତ ହେବାର କୌଣସି ଅଧିକାର ମିଳିବ ନାହିଁ ଏବଂ ତାଲିକାଭୁକ୍ତ ପ୍ରକ୍ରିୟ ଏବଂ ପରିଣାମ ସମ୍ପର୍କରେ କୌଣସି ଲିଖିତ ପରାମର୍ଶକୁ ଗ୍ରହଣ କରାଯିବ ନାହିଁ।
୨. ଯୋଗ୍ୟ ବିବେଚିତ ହୋଇଥିବା ସଂସ୍ଥାମାନଙ୍କ ମଧ୍ୟରୁ ଶୀର୍ଷ ୧୦ଟି ସଂସ୍ଥାକୁ ତାଲିକାଭୁକ୍ତ କରିବାର ଅଧିକାର ବ୍ୟାଙ୍କ ସଂରକ୍ଷିତ ରଖିଛନ୍ତି।
୩. ଆନେକ୍ସରରେ ଉଲ୍ଲେଖିତ ଯୋଗ୍ୟତା ମାନଦଣ୍ଡଗୁଡ଼ିକ ନିର୍ଣ୍ଣାୟକ ନୁହେଁ ଏବଂ ସେଗୁଡ଼ିକ ବ୍ୟାଙ୍କର ସ୍ୱତନ୍ତ୍ରତା ଉପରେ ସୀମାବଦ୍ଧ ନୁହେଁ। ଅନ୍ୟାନ୍ୟ ଗୁଣାତ୍ମକ ଏବଂ ସମ୍ମାନସ୍ପଦ ଦିଗଗୁଡ଼ିକୁ ପରିଗଣନା କରି ତାଲିକାଭୁକ୍ତିକରଣ ନିମନ୍ତେ ଯଥାର୍ଥ ନିର୍ଣ୍ଣୟ ନେବାର କ୍ଷମତା ବ୍ୟାଙ୍କ ସଂରକ୍ଷିତ ରଖିଛନ୍ତି।
୪. ଆସେଟ୍ ଇନ୍‌ଭେଷ୍ଟିଗେସନ୍ ଏଜେଣ୍ଟମାନେ ତାଲିକାଭୁକ୍ତିକରଣ ପାଇଁ, ନିମ୍ନଲିଖିତ ମାନଦଣ୍ଡଗୁଡ଼ିକ ଯଥା ଗୁଣାତ୍ମକ, ପରିମାଣାତ୍ମକ, ପରିଚାଳନାତ୍ମକ ଏବଂ ସଂସ୍ଥାର ପ୍ରତିଷ୍ଠା ଆଧାରରେ ବିଚାର କରାଯିବ।
● ଡିଟେକ୍ଟିଭ ଏଜେନ୍ସି ଯେଉଁମାନେ ଏନ୍‌ଫୋର୍ସମେଣ୍ଟ ଏଜେନ୍ସି ଦ୍ୱାରା ମାନ୍ୟତାପ୍ରାପ୍ତ ହୋଇ ଡିଟେକ୍ଟିଭ ସେବା ପ୍ରଦାନ କରୁଛନ୍ତି।
● ରାଜସ୍ୱ କର କିମ୍ବା ପୋଲିସ୍ ବିଭାଗର ଅବସରପ୍ରାପ୍ତ ସରକାରୀ କର୍ମଚାରୀ, ଯେଉଁମାନେ ସେବା ନିବୃତ୍ତି ପରେ ଆସେଟ୍ ଇନ୍‌ଭେଷ୍ଟିଗେସନ୍ ସେବା ପ୍ରଦାନ କରୁଛନ୍ତି।
● ଯେଉଁମାନେ ସକ୍ରିୟ ଭାବରେ ଲ ଏନ୍‌ଫୋର୍ସମେଣ୍ଟ ଏଜେନ୍ସିମାନଙ୍କୁ ସହଯୋଗ କରୁଛନ୍ତି, ଯାହାର ସେବାଗୁଡ଼ିକୁ ବ୍ୟାଙ୍କର ମହାପ୍ରବନ୍ଧକଙ୍କ ମତାନୁସାରେ ଆସେଟ୍ ଇନ୍‌ଭେଷ୍ଟିଗେସନ୍ କାର୍ଯ୍ୟ ପାଇଁ ବ୍ୟବହାର କରିପାରିବେ।
● ଆବେଦନ ଫର୍ମଗୁଡ଼ିକ ସଠିକ ଭାବରେ ପୂରଣ କରି ଆବଶ୍ୟକିୟ ଦସ୍ତାବେଜ ସହିତ ଉପରେ ଦର୍ଶାଯାଇଥିବା ଠିକଣାକୁ ତା.୦୧.୧୦.୨୦୨୫ରିଖ ମଧ୍ୟରେ ପହଞ୍ଚିବା / ପ୍ରାପ୍ତ ହେବା ଆବଶ୍ୟକ।
ସ୍ୱା/- କ୍ଷେତ୍ରୀୟ ମୁଖ୍ୟ

# ସମ୍ପାଦକୀୟ



ବଳପ୍ରୟୋଗ କରି ଶାନ୍ତି ପ୍ରତିଷ୍ଠା କରାଯାଇପାରିବ ନାହିଁ। ଆପୋସ ବୁଝାମଣା ଦ୍ୱାରା ହିଁ ଏହା ସମ୍ଭବ।
-ଆଲବର୍ଟ ଆଇନଷ୍ଟାଇନ୍

ସକାଳ
THE SAKALA

## ଅହଂକାରୀ ନେତାନ୍ୟାହୁ

ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ୍ ନେତାନ୍ୟାହୁଙ୍କ ଅନମନୀୟ ଆଚରଣ ଓ ଆତ୍ମଗର୍ବ ସମଗ୍ର ମଧ୍ୟପ୍ରାଚ୍ୟରେ ଯୁଦ୍ଧ ଓ ଆତଙ୍କର ବାତାବରଣ ସୃଷ୍ଟି କରିଛି। ପ୍ରସଙ୍ଗ ଓ ବିବାଦ ଯାହାହେଉନା କାହିଁକି ଗାଜାପଟିରେ ଦୀର୍ଘ ଦୁଇବର୍ଷ ଧରି ଇସ୍ରାଏଲ ଯେଉଁ ଗଣହତ୍ୟା ଓ ଭୟଙ୍କର ଯୁଦ୍ଧର ବିଭୀଷିକା ସୃଷ୍ଟି କରିଛି, ତାହାକୁ ରୋକିବାରେ ବିଶ୍ୱ ଜନସମୁଦାୟର ବିବଶତା ସବୁଠାରୁ ଚିନ୍ତା ଓ ଉଦ୍‌ବେଗର କାରଣ। ଇସ୍ରାଏଲ ପ୍ରତି ଆମେରିକାର ଅତୁଟ ସମର୍ଥନ ନେତାନ୍ୟାହୁଙ୍କ ବିସ୍ତାରବାଦୀ ଆଭିମୁଖ୍ୟକୁ ବଳ ଦେଇ ଚାଲିଛି। ମିଳିତ ଜାତିସଂଘର ସାଧାରଣ ଆସେମ୍ବ୍ଲିରେ ଫ୍ରାନସ ଓ ସାଉଦୀଆରବ ପକ୍ଷରୁ ଇସ୍ରାଏଲ ଓ ପାଲେଷ୍ଟାଇନକୁ ସ୍ୱତନ୍ତ୍ର ରାଷ୍ଟ୍ରର ମର୍ଯ୍ୟାଦା ଦେବା ପାଇଁ ଆଗତ ପ୍ରସ୍ତାବ ସପକ୍ଷରେ ୧୪୨ ଭୋଟ ମିଳିଥିଲେ ମଧ୍ୟ ନେତାନ୍ୟାହୁ ଓ ଟ୍ରମ୍ପଙ୍କ ଜିଦ୍ ଭାଙ୍ଗିନାହିଁ। ପ୍ରସ୍ତାବ ବିପକ୍ଷରେ ଆମେରିକା, ଇସ୍ରାଏଲ, ହଙ୍ଗେରି ଓ ଆର୍ଜେଣ୍ଟିନାକୁ ବାଦ ଦେଲେ ସେଭଳି କୌଣସି ପ୍ରଭାବଶାଳୀ ରାଷ୍ଟ୍ରଙ୍କ ସମର୍ଥନ ନାହିଁ। ସବୁଠାରୁ ଉଲ୍ଲେଖଯୋଗ୍ୟ ଘଟଣା ହେଲା, ଭାରତ ନିଜର ଆଭିମୁଖ୍ୟ ବଦଳାଇ ପ୍ରସ୍ତାବ ସପକ୍ଷରେ ଭୋଟ ଦେଇ ମଧ୍ୟପ୍ରାଚ୍ୟରେ ଶାନ୍ତି ଓ ସ୍ଥିରତା ପ୍ରତିଷ୍ଠା ଭାରତ ଚାହେଁ ବୋଲି ପରୋକ୍ଷରେ ବାର୍ତ୍ତା ଦେଇଛି।

ହମାସ ଆତଙ୍କବାଦୀ ଆଶ୍ରୟ ନେଇଥିବା ଆଳରେ କାତାରର ରାଜଧାନୀ ଦୋହା ଉପରେ ଇସ୍ରାଏଲର ବୋମାମାଡ଼ ମଧ୍ୟପ୍ରାଚ୍ୟ ପରିସ୍ଥିତିରେ ନୂଆମୋଡ଼ ଆଣିଛି। ଆମେରିକାର ଅନ୍ୟତମ ନିକଟତମ ସହଯୋଗୀ ରାଷ୍ଟ୍ର କାତାର। ମଧ୍ୟପ୍ରାଚ୍ୟରେ ଆମେରିକାର ସବୁଠାରୁ ବୃହତ୍ ସାମରିକ କେନ୍ଦ୍ର ଓ ସେନାବାହିନୀ ସେଠାରେ ଥିବାରୁ ତାହାର ପ୍ରଭାବ ଓ ପତିଆରା ଅପେକ୍ଷାକୃତ ଅଧିକ। ଏହାସତ୍ତ୍ୱେ ଇସ୍ରାଏଲର ଆକ୍ରମଣ ସମସ୍ତଙ୍କୁ ଚକିତ କରିଛି। ଏହି ଘଟଣାରେ ଆମେରିକାର ଭୂମିକା ଯାହା ହେଉନା କାହିଁକି ଆରବ ରାଷ୍ଟ୍ରସମୂହ ଇସ୍ରାଏଲ ବିରୋଧୀ ମଞ୍ଚରେ ଏକଜୁଟ ହେବା ସହ ରଣନୀତି ପ୍ରସ୍ତୁତ କରୁଥିବାର ସୂଚନା ମିଳିଛି। ସିଆ-ସୁନି ବିବାଦ ଏବଂ ଆମେରିକା ବିରୋଧୀ ଆଭିମୁଖ୍ୟ ଦୃଷ୍ଟିରୁ ଇରାନ ଏକପ୍ରକାର ଏକଘରିକିଆ ହୋଇ ରହିଥିଲେ ମଧ୍ୟ ପରିବର୍ତ୍ତିତ ପରିସ୍ଥିତିରେ ଆରବରାଷ୍ଟ୍ର ତେହେରାନ ସହ ହାତ ମିଳାଇବାର ସୂଚନା ମିଳିଛି। କାତାର- ସାଉଦୀ ଆରବ ଓ ଇରାନ ମିଳିତ ସମରାଭ୍ୟାସ ସକାଶେ ଏକଜୁଟ ହେବା ପାଇଁ ଦୋହା ପକ୍ଷରୁ ପ୍ରସ୍ତାବ ଦିଆଯାଇଛି। ଏହା ଏବେ ଆରବର ମୁସଲିମ ସମୁଦାୟକୁ ଐକ୍ୟବଦ୍ଧ ଭାବେ ପରିସ୍ଥିତିର ସମ୍ମୁଖୀନ ହେବା ପାଇଁ ସୁଯୋଗ ସୃଷ୍ଟି କରିଛି। ଏପରିକି ଆରବ ଏମିରେଟକୁ ଇସ୍ରାଏଲ ସହ କୂଟନୈତିକ ସଂପର୍କ ଛିନ୍ନ କରିବା ସକାଶେ କାତାର ପକ୍ଷରୁ ପରାମର୍ଶ ଦିଆଯାଇଛି। ଏହି ମେଣ୍ଟକୁ ଇଜିପ୍ଟ ଓ ତୁର୍କୀ ମଧ୍ୟ ଖୋଲା ସମର୍ଥନ ଦେଉଥିବାର ଜଣାପଡ଼ିଛି। ମଧ୍ୟ-ପ୍ରାଚ୍ୟରେ ସୃଷ୍ଟି ହୋଇଥିବା ରୁଷ ଓ ଚୀନ ଯଦି ପକ୍ଷ ନିଅନ୍ତି ତେବେ ତୃତୀୟ ବିଶ୍ୱଯୁଦ୍ଧ ପାଇଁ ପଥ ପରିଷ୍କାର ହୋଇଯିବ।

ନେତାନ୍ୟାହୁ ଜାରି ରଖିଥିବା ଯୁଦ୍ଧ ଘନଘଟା ଆମେରିକାର ଅସ୍ତ୍ରଶସ୍ତ୍ର ଓ ବିପୁଳ ଅର୍ଥରାଶି ଉପରେ ନିର୍ଭରଶୀଳ। ଅଥଚ ଦୋହା ପ୍ରସଙ୍ଗରେ ଟ୍ରମ୍ପଙ୍କ ପ୍ରତିକ୍ରିୟା ନେଇ ନେତାନ୍ୟାହୁ ଯେଭଳି ରୋକଠୋକ ଶୁଣାଇଛନ୍ତି ତାହା କମ କଥା ନୁହେଁ। ଆରବରାଷ୍ଟ୍ର ସହ ନିବିଡ଼ ସମ୍ପର୍କ ସତ୍ତ୍ୱେ ଆମେରିକାର ଇସ୍ରାଏଲ ପ୍ରତି ଏତେ ଦୁର୍ବଳତା ଓ ବିବଶତା ପଛରେ 'ଫାଇଲ୍ ଇପଷ୍ଟିନ୍' କିମ୍ବା 'ମୋସାଦ୍' ମାଧ୍ୟମରେ ସଂଗୃହୀତ କିଛି ଗୋପନ ତଥ୍ୟ ଥିବା ମନେ ହୁଏ।

## ଭେଣ୍ଡିଆବୋଧ କେତେଦିନ?

ଫେରନ୍ତା ପଥରେ ମୌସୁମୀ। ତେବେ ଉତ୍ତର ଆନ୍ଧ୍ରପ୍ରଦେଶ ଓ ଦକ୍ଷିଣଓଡ଼ିଶା ଉପକୂଳରେ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପର ପ୍ରଭାବରେ ତୁହାକୁ ତୁହା ବର୍ଷା ଜାରି ରହିଛି। ଏହି ବର୍ଷା ଚାଷ ପାଇଁ ଅନୁକୂଳ। ଏବର୍ଷ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁର ଆଗୁଆ ଆଗମନ ପ୍ରାୟ ସାତଦିନ ପୂର୍ବରୁ ହୋଇଥିଲେ ମଧ୍ୟ କେରଳରୁ ଓଡ଼ିଶା ଆସିବାରେ ବାଟ ହୁଡ଼ିବାରୁ ଏବଂ ଅଗଷ୍ଟ ମାସରେ ଅପେକ୍ଷାକୃତ ଅଧିକ ବର୍ଷା ହେବାରୁ ଆମ ରାଜ୍ୟରେ ଖରିଫ ଚାଷ ଅପେକ୍ଷାକୃତ ବିଳମ୍ବ ହୋଇଛି। ଏଭଳି ସ୍ଥିତିରେ ସାର ଅଭାବ ଚାଷୀଙ୍କ ପାଇଁ ସଙ୍କଟ ସୃଷ୍ଟି କରିଛି।

କଥାରେ ଅଛି, ଚାଷ ତରତର ବଣିଜ ମଠ। ପରିସ୍ଥିତିର ଗୁରୁତ୍ୱ ଦୃଷ୍ଟିରୁ ସାର ଉପରେ ଚାଷୀଙ୍କ ନିର୍ଭରଶୀଳତା ବଢ଼ିଛି। ଚାହିଦା ଅନୁଯାୟୀ ରାଜ୍ୟକୁ ସାର ଯୋଗାଇ ଦିଆଯାଇଛି ବୋଲି ଦାବି କରାଯାଉଥିବା ବେଳେ ତାହା ଠିକଣା ସମୟରେ ଚାଷୀଙ୍କ ପାଖରେ ପହଞ୍ଚି ପାରୁନାହିଁ। ସରକାରଙ୍କୁ ଅଡୁଆ ଲାଗିପାରେ। କିନ୍ତୁ ପ୍ରତିଶ୍ରୁତି, ଦୃଢ଼ କାର୍ଯ୍ୟାନୁଷ୍ଠାନ ନିର୍ଦ୍ଦେଶରେ ଯଦି ସମସ୍ୟାର ସମାଧାନ ହୋଇଯାଉଥା'ନ୍ତା ତେବେ ଚାଷୀ ବିଲବାଡ଼ି ଛାଡ଼ି ବିକ୍ଷୋଭ, ପ୍ରତିବାଦ ଓ ରାଜପଥ ଅବରୋଧ କରିବା ଭଳି ସ୍ଥିତି ଉପୁଜି ନଥା'ନ୍ତା। ରାଜଧାନୀ ଓ ରାଜଭବନ ଘେରାଉ, ବିକ୍ଷୋଭ ଆଦି ସହ ଚାଷୀଙ୍କ ସଂପୃକ୍ତି କମ। ରାଜ୍ୟର ଚାଷୀଙ୍କ ସମସ୍ୟା ଓ ପ୍ରସଙ୍ଗ ଉପସ୍ଥାପନ କରିବାର ଦାୟିତ୍ୱ ବିରୋଧୀ ଦଳର ହୋଇଥିବାରୁ ସେମାନେ ତାଙ୍କ ଦାୟିତ୍ୱ ତୁଲାଉଛନ୍ତି। ଏହି ପରିସ୍ଥିତିରୁ ଆମେ ଦୁଇଟି ସିଦ୍ଧାନ୍ତରେ ଉପନୀତ ହେଉଛୁ। ପ୍ରଥମଟି ହେଲା, ରାଜ୍ୟରେ ଚାଷୀଙ୍କ ଚାହିଦା ମୁତାବକ ସାର ପହଞ୍ଚିପାରି ନ ଥିବାରୁ ସରକାର ତାଙ୍କ ବିଫଳତା ଲୁଚାଉଛନ୍ତି। ଦ୍ୱିତୀୟତଃ, ଯଦି ପର୍ଯ୍ୟାପ୍ତ ପରିମାଣର ସାର ମହଜୁଦ ଅଛି ତେବେ ଚାଷୀଙ୍କୁ ଯୋଗାଇବାରେ ଅସୁବିଧା କେଉଁଠି? ଏହି ଦୁଇଟି ଦିଗକୁ ତର୍ଜମା କଲେ ମନେ ହୁଏ ରାଜ୍ୟରେ ସାର କଳାବଜାର ସରକାରଙ୍କ ଜ୍ଞାତସାରରେ ଚାଲିଛି; ଯାହା ବିରୋଧରେ କୌଣସି କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରୁନି।

ଗଣମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କ କଠୋର କାର୍ଯ୍ୟାନୁଷ୍ଠାନ ନିର୍ଦ୍ଦେଶର ପ୍ରଭାବ କଳାବଜାର ଉପରେ ପଡୁନି। ଏବେ ଚାଷୀଙ୍କୁ ସମୟ ନାହିଁ ଦିନ ଦିନ ଧର କମେଇ ହୋଇ ସାର ପାଇଁ ଲାଇନ ଦେବାକୁ। ଲାଇନ ଦେବା ସତ୍ତ୍ୱେ ଯଦି ଚାଷୀ ସାର ପାଇବନି ସେ ରାଜରାସ୍ତା ଅବରୋଧ କରିବ। ସ୍ଥାନୀୟଅଧିକାରୀ ସେମାନଙ୍କୁ ଯେଉଁ ପ୍ରତିଶ୍ରୁତି ଦେଇ ରାସ୍ତାରୁ ହଟାଇଲେ, ତାହା ପୂରଣ କରିବାକୁ ସେମାନେ ସମର୍ଥ ତ? ଏସବୁ ପ୍ରଶ୍ନର ଉତ୍ତର ହେଉଛି 'ନା'। ମାଲିକେ କେବଳ ହେଡ୍‌ଲାଇନ୍ ମ୍ୟାନେଜ୍ କଲେ ସମସ୍ୟାର ସମାଧାନ ହୁଏନି। ତୃଣମୂଳ ସ୍ତରରେ ଠୋସ କାର୍ଯ୍ୟାନୁଷ୍ଠାନ ହେବା ଜରୁରୀ।

## କୃଷିର ନବସୃଜନ ଓ କୃଷକ କଲ୍ୟାଣ

ବିଦ୍ୟାଧର ମହାରଣା

ଓଡ଼ିଶା କୃଷି ଜଳବାୟୁ ପରିବର୍ତ୍ତନ, ଅନିୟମିତ ବୃଷ୍ଟିପାତ, କ୍ରମାଗତ ପ୍ରାକୃତିକ ବିପର୍ଯ୍ୟୟ ଏବଂ ଆଧୁନିକ ପ୍ରଯୁକ୍ତିବିଦ୍ୟାର ସୀମିତ ପ୍ରୟୋଗ ଯୋଗୁଁ ବହୁ ପ୍ରତିବନ୍ଧକର ସମ୍ମୁଖୀନ ହେଉଛି। ପରିଣାମ ସ୍ୱରୂପ ଅନେକ ଚାଷୀ ଚାଷ ଛାଡୁଛନ୍ତି କିମ୍ବା କର୍ମନିଯୁକ୍ତି ଆଶାରେ ପ୍ରବାସନ ଯିବାକୁ ଉଚିତ ମନେ କରୁଛନ୍ତି। ଏପରି ଏକ ଆହ୍ୱାନର ମୁକାବିଲା କରିବା ଏବଂ କୃଷକମାନଙ୍କ ଜୀବିକାର୍ଜନ ପନ୍ଥାର ଉନ୍ନତିକରଣ ନିମନ୍ତେ କେତେକ ନବସୃଜନ ଓ ଆଧୁନିକ ପ୍ରଯୁକ୍ତି ବିଦ୍ୟାର ଆବଶ୍ୟକତା ରହିଛି।

ଆଜିକାଲି କୃଷିକ୍ଷେତ୍ରରେ ଡିଜିଟାଲ ପ୍ରଯୁକ୍ତି ବିଦ୍ୟାର ପ୍ରୟୋଗ ହେଲାଣି, ଯାହା ହାଇଟେକ୍ କୃଷି ରୂପେ ଆଦୃତ। ଏଥିରେ ଡ୍ରୋନ, ସେନସର, ସ୍ୱତଃ ପ୍ରକ୍ରିୟା ଓ ରୋବର୍ଟ, କୃତ୍ରିମ ମେଧା(ଏଆଇ. ମେସିନ୍ ଲର୍ଣ୍ଣିଂ, ଉଦ୍ଧ୍ୱାଧର କୃଷି(ଭର୍ଟିକାଲ ଫାର୍ମି) ଓ ହାଇଡ୍ରୋପୋନିକ ଏବଂ ଜୈବ ପ୍ରଯୁକ୍ତି ବିଦ୍ୟା ଆଦି ଅନ୍ତର୍ଭୁକ୍ତ। ଅଧିକ ଶ୍ରମିକ ଆବଶ୍ୟକ କରୁଥିବା ରୋପଣ, ଘାସ ବଛା ଓ ଫସଲ ଅମଳ ପାଇଁ ସ୍ୱୟଂଚାଳିତ ଯନ୍ତ୍ର ଓ ରୋବର୍ଟ ବ୍ୟବହାର, ଏଆଇ ଓ ମେସିନ୍ ଲର୍ଣ୍ଣି ମାଧ୍ୟମରେ ବିଭିନ୍ନ ସୂତ୍ରରୁ ତଥ୍ୟ ସଂଗ୍ରହ କରି ଫସଲ ଅମଳ ପରିମାଣ ବୃଦ୍ଧି, ରୋଗ ପୋକ ଆକ୍ରମଣ ସମ୍ବନ୍ଧୀୟ ଆଗୁଆ ଆକଳନ କରି ସଠିକ ପରିଚାଳନା ଆଦି ହାଇଟେକ୍ କୃଷିରେ ସମ୍ଭବ। ପାରମ୍ପରିକ କୃଷି ତୁଳନାରେ କମ୍ ଜଳ ଓ କମ୍ ଜାଗା ବ୍ୟବହାର କରି ଘର ମଧ୍ୟରେ ଏକ ନିୟନ୍ତ୍ରିତ ପରିବେଶରେ ଅଧିକ ଅମଳ ପାଇଁ ଭର୍ଟିକାଲ ଫାର୍ମି ଓ ହାଇଡ୍ରୋପୋନିକ (ବିନା ମାଟିରେ ଜଳୀୟ ଦ୍ରବଣ ଦ୍ୱାରା ଚାଷ) ପ୍ରଣାଳୀ ଅନୁସରଣ କରାଯାଇ ପାରିବ। ହାଇଟେକ୍ କୃଷିର ଏହି ଅବଦାନ ସହରାଞ୍ଚଳ ପାଇଁ ଉପଯୁକ୍ତ।

ହାଇଟେକ୍ କୃଷିରେ ମୋବାଇଲ ଆପ ଦ୍ୱାରା କୃଷକମାନେ ପାଣିପାଗ ତଥ୍ୟ, ବଜାର ଦର ଓ କୃଷି ପରାମର୍ଶ ସୂଚନା ଆଗୁଆ ପ୍ରାପ୍ତ ହୋଇପାରିବେ। ସ୍ଥାନୀୟ ଭାବରେ ସଂସାଧନ କେନ୍ଦ୍ର ସ୍ଥାପନ ଜରିଆରେ କୃଷକମାନେ ସେମାନଙ୍କ ଉତ୍ପାଦଗୁଡ଼ିକର ପ୍ରକ୍ରିୟାକରଣ କରି ବିଶେଷ ଲାଭବାନ ହେବେ। ନୂତନ ପ୍ରଯୁକ୍ତିବିଦ୍ୟା ଆଧାରିତ ପରିଶୁଦ୍ଧ କୃଷି ବା ପ୍ରେସିସନ ଏଗ୍ରିକଲଚର ବର୍ତ୍ତମାନ ଧୀରେଧୀରେ ଲୋକପ୍ରିୟ ହେବାକୁ ଲାଗିଲାଣି। ଆମେ କିଆରୀ ସାରା ସମାନ ପରିମାଣରେ ଜଳ ଓ ସାର ବ୍ୟବହାର କରୁ, ଅଥଚ କିଆରୀରେ ବିଭିନ୍ନ ଭାଗରେ ଜଳୀୟ ଅଂଶ ଓ ଖାଦ୍ୟସାର ପରିଣାମ ସମାନ ନଥାଏ। ଫଳରେ ଫସଲ ଅମଳ ସବୁଆଡ଼େ ସମାନ ହୁଏ ନାହିଁ। ଆମେ ଯଦି ଭୌଗୋଳିକ ସୂଚନା ପ୍ରଣାଳୀ ବା ଜି.ଆଇ.ଏସ୍ କିମ୍ବା ଭୌଗୋଳିକ ସ୍ଥିତି ପ୍ରଣାଳୀ ବା ଜିପିଏସ୍ ଓ ସୂକ୍ଷ୍ମ ସମ୍ବେଦୀ ବା ରିମୋର୍ଟ ସେନ୍ସିଙ୍ଗ କୌଶଳ ବ୍ୟବହାର କରିବା ତେବେ କ୍ଷେତ୍ରର ପରିଶୁଦ୍ଧ ତଥ୍ୟ ହାସଲ କରି ସଠିକ ନିଷ୍ପତ୍ତି ଗ୍ରହଣ କରିପାରିବା। କ୍ଷେତ୍ରରେ ସ୍ୱତନ୍ତ୍ର ଅଞ୍ଚଳ ଚିହ୍ନଟ କରି ସାର ଓ ଜଳସେଚନ କିମ୍ବା କୀଟନାଶକ ଔଷଧ ପ୍ରୟୋଗ କରିପାରିବା। ଏହାଦ୍ୱାରା ଖର୍ଚ୍ଚ କମିବା ସହିତ ପରିବେଶ ପ୍ରଦୂଷିତ ହେବନାହିଁ। ସେନସର ଓ ଜିପିଏସ୍ ପ୍ରଣାଳୀ ଉପଯୋଗରେ ପରିବର୍ତ୍ତନୀୟ ଦର ପ୍ରଯୁକ୍ତିବିଦ୍ୟା ବା ଭି.ଆର୍.ଟି ପଦ୍ଧତିରେ କୃଷି କ୍ଷେତ୍ରରେ ବିଭିନ୍ନ ଜାଗାରେ ଆବଶ୍ୟକତା ଓ ଗୁଣବତ୍ତା ଅନୁଯାୟୀ ଜଳ, ସାର ଓ କୀଟନାଶକ ସଠିକ ମାତ୍ରା ଓ ସମୟରେ ପ୍ରୟୋଗ କରାଯାଏ। ଭି.ଆର୍.ଟି ଆଧାରିତ ସିଞ୍ଚନ ଯନ୍ତ୍ର ଓ ସାର ପ୍ରୟୋଗ ଯନ୍ତ୍ର ମାଧ୍ୟମରେ କୀଟନାଶକ ଓ ସାର ଆବଶ୍ୟକ ଅନୁଯାୟୀ ପ୍ରୟୋଗ କରାଯାଏ। ଏହାଦ୍ୱାରା ଉର୍ବର ମାଟିରେ ସାମାନ୍ୟ ସାର ଓ ଦୁର୍ବଳ ମାଟିରେ ଅଧିକ ସାର ପ୍ରୟୋଗ କରାଯାଇପାରିବ।

ଆମେ ଅଧିକାଂଶ ସମୟରେ ଜଳସେଚନ ଉପରେ ନିର୍ଭର କରୁ। କିନ୍ତୁ ସେଚନ ଜଳର କାର୍ଯ୍ୟ ଦକ୍ଷତା ମାତ୍ର ୩୫। ଫସଲ ଅମଳ କ୍ଷମତା ମଧ୍ୟ ଫସଲ ଅନୁସାରେ ଭିନ୍ନ। ଏଣୁ ବୁନ୍ଦା ଜଳସେଚନ ପ୍ରଣାଳୀ ସର୍ବଶ୍ରେଷ୍ଠ, ଯାହାର ଦକ୍ଷତା ପ୍ରାୟ ୯୦%। ଫୁଆରା ଓ ବୁନ୍ଦା ଜଳସେଚନ ପୂର୍ବରୁ ମୃତ୍ତିକାର ଜଳୀୟ ଅଂଶ ପରୀକ୍ଷା ପାଇଁ ଟେନସିଓମିଟର ବ୍ୟବହାର କରାଯାଏ। ଏହାପରେ ସେନସର ବ୍ୟବହାର କରି ଯେତିକି ଆବଶ୍ୟକ ସେତିକି ଜଳସେଚନ ବ୍ୟବହାର କରିବା ଯୋଗୁଁ ସୀମିତ ଜଳରୁ ସର୍ବାଧିକ ଅମଳ ମିଳିଥାଏ। ମରୁଡ଼ିରୁ ରକ୍ଷା ପାଇଁ ଜଳଅମଳ ପ୍ରକଳ୍ପ, ଆଡ଼ିବନ୍ଧ, ଫାର୍ମ ପୋଖରୀ, କୂପ ଖନନ ଇତ୍ୟାଦି ଦ୍ୱାରା ବର୍ଷାଜଳ ଅମଳ କରି ଫସଲ ପାଇଁ ବ୍ୟବହାର କରିହେବ। ଜମିରେ ବନ୍ଧ ନିର୍ମାଣ, ଖାଇ ଖନନ ଇତ୍ୟାଦି କରି ବର୍ଷାଜଳ ମାଟିରେ ବହୁଦିନ ସାଇତି ରଖିହେବ। ମିତ ଜଳସେଚନ ନିମନ୍ତେ ବୁନ୍ଦା ଜଳସେଚନ ପ୍ରଣାଳୀ ସବୁଠୁ ଭଲ।

କୃଷି ଦ୍ୱାରା ୧୦-୨୧% ସବୁଜଗୃହ ବାଷ୍ପ ବାୟୁମଣ୍ଡଳକୁ ତ୍ୟାଗ ହୋଇଥାଏ। ପାରମ୍ପରିକ କୃଷି ପରିବର୍ତ୍ତେ ଜଳବାୟୁ ଅନୁକୂଳ କୃଷିପଦ୍ଧତି ଅନୁସରଣ କଲେ ବାୟୁମଣ୍ଡଳକୁ ସୀମିତ ସବୁଜଗୃହ ବାଷ୍ପ ନିର୍ଗତ ହେବ ଏବଂ କୃଷି ପରିବେଶ ଅନୁକୂଳ ହେବ। ଖତ, ସବୁଜ ସାର, ଜୈବସାର ପ୍ରୟୋଗ, ସର୍ବନିମ୍ନ କର୍ଷଣ, ଜଳ ଓ ପୋଷକ ପରିଚାଳନା, ଛାଦନ ଏବଂ ଫସଲ ପର୍ଯ୍ୟାୟ ଅନୁସରଣ କଲେ ମୃତ୍ତିକାର ସ୍ୱାସ୍ଥ୍ୟ ଓ ଉର୍ବରତା ଅକ୍ଷୁଣ୍ଣ ରହିବ। ମୃତ୍ତିକାର ସ୍ୱାସ୍ଥ୍ୟ ଠିକ୍ ରହିଲେ ଜଳବାୟୁ ପରିବର୍ତ୍ତନକୁ ଏହା ସହ୍ୟ କରିବ। ରାସାୟନିକ କୃଷିର ପରିବେଶୀୟ କୁପ୍ରଭାବ ଓ ସ୍ୱାସ୍ଥ୍ୟଗତ କାରଣ ଯୋଗୁଁ ବହୁଚାଷୀ ଏବେ ଜୈବିକ କୃଷି ଆଡ଼କୁ ମୁହାଁଇଲେଣି। କୃଷି ଉତ୍ପାଦକୁ ପ୍ରମାଣିତ କରିବା ପରେ ଏଗୁଡ଼ିକ ଉଚ୍ଚ ମୂଲ୍ୟରେ ବିକ୍ରୟ କରାଯାଏ କିମ୍ବା ବିଦେଶକୁ ରପ୍ତାନୀ କରାଯାଏ। ସେହିପରି ଜମିରେ ଧାନ ଚାଷ ବ୍ୟତୀତ ପୁଷ୍ଟିଶସ୍ୟ, ଡାଲି ଫସଲ ଓ ତୈଳବୀଜ କିମ୍ବା ପନିପରିବା ଫସଲ ଏକକ ବା ମିଶ୍ରିତ ଫସଲ ହିସାବରେ ଚାଷ କରିବା ଭଲ। ପ୍ରତିକୂଳ ଜଳବାୟୁ ସହଣି ଦେଶୀ କିମ୍ବା ଉନ୍ନତ କିସମ ବିହନ ବ୍ୟବହାର ନିମନ୍ତେ ଗ୍ରାମସ୍ତରରେ ବିହନ ବ୍ୟାଙ୍କ ଓ ଶସ୍ୟବ୍ୟାଙ୍କ ସ୍ଥାପନ କରାଗଲେ ଚାଷୀମାନେ ସୁବିଧାରେ ଏହି ବିହନ ପାଇପାରିବେ।

ଜମିରେ ଓଜନିଆ ମେସିନ୍ ବ୍ୟବହାର ନ କରି ବଳଦ ଚାଳିତ ଶୂନ୍ୟକର୍ଷଣ ବା ସର୍ବନିମ୍ନ କର୍ଷଣ ସହିତ ଛାଦନ ଦ୍ୱାରା ଫସଲ ଚାଷ ଜଳବାୟୁ ସହନଶୀଳ ହୁଏ। ଫସଲ ରୁଆ ନ କରି ଧାଡ଼ିବୁଣା ବା ଶ୍ରୀ-ପ୍ରଣାଳୀ ଧାନଚାଷ ଅଧିକ ନିରାପଦ। ଖାଲ ଜମିରେ ଧାନସହ ମାଛଚାଷ, କୁକୁଡ଼ା ପାଳନ, ପନିପରିବା ଓ ଫଳଚାଷ ଗୋଟିଏ ଜମିରେ ସମନ୍ୱିତ ଭାବରେ କରିହେବ। ଏଥିପାଇଁ ଗୋଟିଏ ପୋଖରୀ ଆବଶ୍ୟକ। ଏହି ଚାଷରେ ଗୋଟିକର ବର୍ଜ୍ୟବସ୍ତୁ ଅନ୍ୟଟିରେ ବ୍ୟବହାର ହେଉଥିବାରୁ ପରିବେଶ ଠିକ୍ ରହେ ଏବଂ ଚାଷୀକୁ ବର୍ଷସାରା କାମ ଓ ରୋଜଗାର ମିଳେ। ଢିପଜମିରେ କ୍ଷେତ ଫସଲ ସହ ଫଳଚାଷ, ପ୍ରାଣୀପାଳନ, ମହୁଚାଷ, ତୁତଚାଷ, ଔଷଧବୃକ୍ଷ ଚାଷ ଓ କୃଷି ବନୀକରଣ ଇତ୍ୟାଦି କରାଯାଇପାରିବ।

କୃଷକମାନଙ୍କୁ ସହାୟତା ଦେବା ପାଇଁ ପ୍ରଧାନମନ୍ତ୍ରୀ ଫସଲ ବୀମା ଯୋଜନା, ପ୍ରଧାନମନ୍ତ୍ରୀ କୃଷି ସିଞ୍ଚାଇ ଯୋଜନା, ପିଏମ କିଷାନ ଯୋଜନା ସହିତ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା ପରି ବହୁ ରାଜ୍ୟସ୍ତରୀୟ ଯୋଜନା ଏବଂ ରାଷ୍ଟ୍ରୀୟ କୃଷି ବିକାଶ ଯୋଜନା ପରି ବହୁ କେନ୍ଦ୍ରୀୟ ସାହାଯ୍ୟପ୍ରାପ୍ତ ଯୋଜନା କାର୍ଯ୍ୟକାରୀ ହେଉଛି। ଏତଦ୍‌ବ୍ୟତୀତ କୃଷକମାନଙ୍କ ଦକ୍ଷତା ବିକାଶ ନିମନ୍ତେ ବିଭିନ୍ନ ପ୍ରଶିକ୍ଷଣ ଓ ଶିକ୍ଷା ପରିଭ୍ରମଣ କାର୍ଯ୍ୟକ୍ରମ ଗ୍ରହଣ କରାଯାଇଛି। କୃଷକମାନେ ସର୍ବନିମ୍ନ ସହାୟତା ମୂଲ୍ୟରେ ସରକାରଙ୍କୁ ନିର୍ଦ୍ଧାରିତ ଉତ୍ପାଦ ବିକ୍ରୟ କରିବା ପାଇଁ ମଣ୍ଡି ବ୍ୟବସ୍ଥା ପ୍ରଚଳିତ ଅଛି। ନବୀକରଣ ଯୋଗ୍ୟ ଶକ୍ତି ବ୍ୟବହାର ପାଇଁ ସୌରଶକ୍ତିଚାଳିତ ପମ୍ପ ଓ ଅନ୍ୟାନ୍ୟ କୃଷି ଯନ୍ତ୍ରପାତି ବ୍ୟବହାର ପାଇଁ ପ୍ରୋତ୍ସାହନ ଦିଆଯାଉଛି। କୃଷକମାନଙ୍କ କଲ୍ୟାଣ ନିମନ୍ତେ ବହୁ ସ୍ୱାସ୍ଥ୍ୟ, ଶିକ୍ଷା ଓ ସାମାଜିକ ସୁରକ୍ଷା କାର୍ଯ୍ୟକ୍ରମ ଗ୍ରହଣ କରାଯାଇଛି। 'ଗୋ ସୁଗମ' ଆପ ବ୍ୟବହାର କରି ଚାଷୀମାନେ ସମସ୍ତ ସରକାରୀ ସାହାଯ୍ୟ ପାଇପାରିବେ।

ଏହିସବୁ ନବୋନ୍ମେଷ ଓ କୃଷକ କଲ୍ୟାଣ ଯୋଜନା କୃଷି ଉତ୍ପାଦନ ବୃଦ୍ଧି ଓ କ୍ଷତିଭୟ ହ୍ରାସ ସହିତ କୃଷକମାନଙ୍କ ସାମାଜିକ ତଥା ଆର୍ଥିକ ବିକାଶ ପାଇଁ ନିଶ୍ଚିତ ଭାବେ ସହାୟକ ହେବ। ରାଜ୍ୟର ସାମଗ୍ରିକ କୃଷି ବିକାଶ ପାଇଁ ଦେଶୀୟ ଜ୍ଞାନକୌଶଳ ସହିତ ନୂତନ ଜ୍ଞାନକୌଶଳ ସମ୍ମିଶ୍ରଣ, ସମବାୟ କୃଷି, କୃଷକ ଉତ୍ପାଦକ ସଂଗଠନ, ବିପଣନ ବ୍ୟବସ୍ଥାର ଆଧୁନିକୀକରଣ ଏବଂ ବଳିଷ୍ଠ ଗବେଷଣା, ଉନ୍ନୟନ ଓ ସମ୍ପ୍ରସାରଣ କାର୍ଯ୍ୟକ୍ରମ ପାଦମିଳାଇ ଆଗକୁ ଗତି କରିବା ଆବଶ୍ୟକ। ପରିଶେଷରେ ଏତିକି କହିବା ଆବଶ୍ୟକ ଯେ ଆଗାମୀ କୃଷି କାର୍ଯ୍ୟକ୍ରମ ରୂପାନ୍ତରଣ ପାଇଁ କୃଷି କ୍ଷେତ୍ରରେ ନବସୃଜନ ଓ ବ୍ୟାପକ କୃଷକ କଲ୍ୟାଣକାରୀ ଯୋଜନାଗୁଡ଼ିକ ନିଷ୍ଠାର ସହ ପାଳନ କରିବା ସରକାର ଓ ସମସ୍ତ ଅଂଶୀଦାରମାନଙ୍କ ନୈତିକ ଦାୟିତ୍ୱ। ନିରନ୍ତର ପୁଞ୍ଜି ନିବେଶ, ନୀତି ସହାୟତା ଓ ଗୋଷ୍ଠୀ ସହଭାଗିତା ରାଜ୍ୟର ଚିରନ୍ତନ କୃଷିବିକାଶ ସହିତ କୃଷକମାନଙ୍କ କଲ୍ୟାଣ ନିମନ୍ତେ ଉତ୍ତରଦାୟୀ ହୋଇପାରିବ।

ଭୁବନେଶ୍ୱର, ମୋ: ୯୪୩୭୦୭୧୧୯୦

## ଆତ୍ମହତ୍ୟା ଶେଷ ବିକଳ୍ପ ନୁହେଁ

ଡକ୍ଟର ଅଜୟ କୁମାର ସାହୁ

ଆତ୍ମହତ୍ୟା ଏକ ମାନସିକ ବିକାର ବା ବିଷାଦ ଜନିତ ଆବେଗ। ବିଜ୍ଞାନରେ ଏହାକୁ ସିଜୋଫ୍ରିନିଆ ଏବଂ ଇମୋସନାଲ୍ ବ୍ରେକ୍‌ଡାଉନ ମଧ୍ୟ କୁହାଯାଏ। ପରିସ୍ଥିତି ମୁକାବିଲାରେ ଅସହାୟବୋଧ ହିଁ ଏହାର କାରଣ। ଏହାଛଡ଼ା ବାଲ୍ୟାବସ୍ଥାରେ ଘଟିଥିବା କିଛି ବଡ଼ ଅଘଟଣ, ମସ୍ତିଷ୍କ ସଂରଚନା, ନିଶା ଅଭ୍ୟାସ, ରୋଜଗାର ସମସ୍ୟା, ଋଣ ଭାର, ଆତ୍ମୀୟଙ୍କ ମୃତ୍ୟୁ ବା ବିଚ୍ଛେଦ, ଧନ-ସମ୍ପତ୍ତି ଓ ମାନ-ସମ୍ମାନ ହରାଇବା, ଘୋର ଆର୍ଥିକ ଅଭାବ, ଦାରିଦ୍ର୍ୟ, କୃତକାର୍ଯ୍ୟ ନ ହେବା, ନିଜ ଲୋକ ସହ କଳି, ପ୍ରେମରେ ନିରାଶ, ହତୋତ୍ସାହ, ଦୀର୍ଘଦିନ ସ୍ୱାସ୍ଥ୍ୟ ଭଲ ନ ରହିବା, ଭୁଲ ସଂବାଦ ଆଦି ମନକୁ ଅଧିକ ବିଷାଦଗ୍ରସ୍ତ କରି ଆତ୍ମହତ୍ୟାର କାରଣ ହୋଇଥାଏ।

ପରିବେଶରୁ ସୃଷ୍ଟି ଅବସାଦକୁ ରିଆକ୍ଟିଭ୍ ଡିପ୍ରେସନ, ମସ୍ତିଷ୍କ ନିରସ ନିଃସୃତଜନିତ ଅବସାଦକୁ ଏଣ୍ଡୋଜିନ୍ ଡିପ୍ରେସନ, ପାରିପାର୍ଶ୍ୱିକ ଅବସ୍ଥାରୁ ସୃଷ୍ଟ ଅବସାଦକୁ ନ୍ୟୁରୋଟିକ ଡିପ୍ରେସନ, ଗଭୀର ଭାବର ପ୍ରଭାବିତ ଅବସାଦକୁ ସାଇକୋଟିକ ଡିପ୍ରେସନ କୁହାଯାଏ। ବିଷାଦ ଦୁଇ ସପ୍ତାହ ଧରି ବିଷମ ହୋଇ ରହିଲେ ଅବସାଦରେ ରୂପାନ୍ତରିତ ହୋଇଥାଏ। ପ୍ରତ୍ୟେକ ମଣିଷର ଇମୋସନାଲ୍ ବ୍ରେନ୍ ଥାଏ ଏବଂ ସେଥିରେ ନ୍ୟୁରୋଟ୍ରାନ୍ସଲେଟ୍ ସ୍ତର ଥାଏ। ସେହି ସ୍ତର ଅତିକ୍ରମ କଲେ ମଣିଷ ଅବସାଦଗ୍ରସ୍ତ ହୁଏ। ଏହି ଅବସାଦ ଜନିତ ତୀବ୍ର ଭାବପ୍ରବଣତାରେ ହିଁ ମଣିଷ ତା'ର ଶରୀରକୁ ବିଭିନ୍ନ ଉପାୟରେ ହତ୍ୟା କରୁଛି। ଆତ୍ମହତ୍ୟା ସବୁ ଶ୍ରେଣୀ, ସବୁ ବୟସ୍କ ଲୋକଙ୍କୁ ତା'ର କରାଳ ରୂପରେ ମାଡ଼ିବସିଛି। ଏହାର ତାଲିକା ବେଶ୍ ଲମ୍ବା। ଗଣମାଧ୍ୟମରେ ପ୍ରତିଦିନ ପ୍ରକାଶିତ ଆଞ୍ଚଳିକ ଓ ଜାତୀୟସ୍ତରରୁ ଆରମ୍ଭ କରି ବଲିଉଡ୍‌ର ଉଦୀୟମାନ ଲୋକପ୍ରିୟ ଯୁବ ଅଭିନେତା ସୁଶାନ୍ତ ସିଂ ରାଜପୁତ, ବିଦ୍ୟା ଭାରତୀ, ପ୍ରତ୍ୟୁଷ ବାନାର୍ଜୀ, ଜିଆ ଖାନ, ନାଫିସା ଯୋଶେଫ, ସିଲ୍କ ସ୍ମିତା, ଗୁରୁ ଦତ୍ତ ଏବଂ ସିଗମଣ୍ଡ ଫ୍ରେଉଡ୍, କ୍ଲିଓପାଟ୍ରା, ମାର୍କ ଏଣ୍ଟୋନୀ, ବୃଟାସ, ଏଡୋଲଫ ହିଟଲର, ଭିନସେଣ୍ଟ, ସକ୍ରେଟିସ୍, ମାରିଲିନ ମୋନରୋଏ, କୁଂଗଫୁ କିଂଗ ଡେଭିଡ୍ କାରାଡିନ, ରୋମିଓ ଓ ଜୁଲିଏଟ ଆଦି ଅନେକ ବିଶ୍ୱ ପ୍ରତିଷ୍ଠିତ ବ୍ୟକ୍ତିଙ୍କ ନାମ ଆତ୍ମହତ୍ୟା ତାଲିକାରେ ଇତିହାସ ସାଇତି ରଖିଛି।

ବିଶ୍ୱରେ ପ୍ରତିବର୍ଷ ୮ ଲକ୍ଷ ଲୋକ ଆତ୍ମହତ୍ୟା କରି ଜୀବନ ହାରିଥା'ନ୍ତି। ଅର୍ଥାତ ପ୍ରତି ୪୦ ସେକେଣ୍ଡରେ ଜଣେ ମରନ୍ତି। ଆତ୍ମହତ୍ୟାର ୭୯% ନିମ୍ନମଧ୍ୟବିତ୍ତ ଦେଶ ସମୂହରେ ଘଟିଥାଏ। ଆତ୍ମହତ୍ୟା ମାନସିକତା ହଂଗେରୀ, ଡେନମାର୍କ, ଫିନଲ୍ୟାଣ୍ଡ, ଅଷ୍ଟ୍ରିଆ, ଜର୍ମାନୀ, ସ୍ୱିଡେନ ଓ ସ୍ୱିଜରଲାଣ୍ଡରେ ଅଧିକ। ଫିଲିପାଇନସ, ଅଂଗୋଲା, ଜାମାଇକା, ମେକ୍ସିକୋ, ଜୋର୍ଡାନ ଓ ଇଜିପ୍ଟରେ କମ। ଦକ୍ଷିଣ ସାମୁଦ୍ରିକ ଦ୍ୱୀପ ଓ ଭାରତର ହିନ୍ଦୁକୁଶ ପାର୍ବତ୍ୟାଞ୍ଚଳରେ ଆତ୍ମହତ୍ୟା ପ୍ରାୟ ହୁଏନି। ସେହିପରି ବିଶ୍ୱରେ ବିକଶିତ ରାଷ୍ଟ୍ର ସମୂହରେ ୩୦% ଲୋକ କୀଟନାଶକ ଔଷଧ ସେବନ କରି ଆତ୍ମହତ୍ୟା କରୁଥିବା ବେଳେ ଲାଟିନ ଆମେରିକା ଓ ପ୍ରଶାନ୍ତ ମହାସାଗରୀୟ ଅଞ୍ଚଳରେ ମଧ୍ୟ ୫୦% ଲୋକ ଏହି ମାଧ୍ୟମକୁ ବାଛିଥା'ନ୍ତି। ସେହିପରି ବିକଶିତ ରାଷ୍ଟ୍ର ସମୂହରେ ୮୫%ଲୋକ ମାତ୍ରାଧିକ ଔଷଧ ସେବନ ଦ୍ୱାରା ଆତ୍ମହତ୍ୟା କରିଥା'ନ୍ତି। ବିଶ୍ୱରେ ୮୦-୯୦% ଲୋକ ଆଗ୍ନେୟାସ୍ତ୍ର, ୬୫-୮୦% ଲୋକ ପାଣିରେ ବୁଡ଼ି, ୬୦-୮୫% ଲୋକ ଓହଳି, ୩୫-୬୦% ଡେଇଁ, ୬୦-୭୫% କୀଟନାଶକ ଔଷଧ ସେବନ କରି ଆତ୍ମହତ୍ୟା କରିଥା'ନ୍ତି। ଭାରତରେ ପ୍ରତବର୍ଷ ୧, ୩୫, ୦୦୦ଲୋକ ଆତ୍ମହତ୍ୟା କରିଥା'ନ୍ତି। ଦେଶରେ ଜନସଂଖ୍ୟାର ଆତ୍ମହତ୍ୟା ହାର ୧୦.୬% ଥିବା ବେଳେ ଓଡ଼ିଶାରେ ଏହି ହାର ୯%।

ଅବସାଦ ଏକ ମାନସିକ ଅବସ୍ଥା। ନିଜ ପ୍ରତି ନିଜେ ସହନଶୀଳ ହେଲେ ଏହାକୁ ବଦଳାଯାଇପାରିବ। ବିଷାଦ ମଣିଷ ସାଥିରେ ଥିଲା, ଅଛି ଓ ରହିବ। ଜିଇଁବା ପାଇଁ ମଧ୍ୟ ଏହା ଅତ୍ୟନ୍ତ ଜରୁରୀ। ବିଷାଦକୁ ପରିଚାଳନା କରିପାରିଲେ ଏହା ମଣିଷକୁ ସହାୟକ ହୋଇଥାଏ। ଶରୀରକୁ ଆରାମ ଦେବା, ବୁଦ୍ଧିକୁ ସମସ୍ୟାରୁ ସମାଧାନ ମୁହାଁ କରିବା, ଭାବପ୍ରବଣତାକୁ ପରିବର୍ତ୍ତିତ ସ୍ୱାଭିମାନ ମୁହାଁ କରିବା ଓ ଆଧ୍ୟାତ୍ମିକତାକୁ ଅପରାଧମୁକ୍ତ କରି ଦାର୍ଶନିକ ତତ୍ତ୍ୱ ଦେବା ହେଉଛି ବିଷାଦ ପରିଚାଳନାର ମୂଳ ଦର୍ଶନ। ଆତ୍ମହତ୍ୟା କୌଣସି ସମସ୍ୟାର ଶେଷ ବିକଳ୍ପ ବା ସମଧାନ ନୁହେଁ। ଏହା ବରଂ ଦଣ୍ଡନୀୟ ଅପରାଧ ଓ ମହାପାପ ମଧ୍ୟ। ତେଣୁ ପର ସହ ପ୍ରତିଦ୍ୱନ୍ଦ୍ୱିତା ପ୍ରବୃତ୍ତି ଛାଡ଼ି ନିଜ ସହ ସକାରାତ୍ମକ ପ୍ରତିଦ୍ୱନ୍ଦ୍ୱିତା କରିବା ଉଚିତ। ପ୍ରତ୍ୟେକ ଆଶା ପୂରଣ ପାଇଁ ଧୈର୍ଯ୍ୟର ସହ ଅପେକ୍ଷା କରିବା ଦରକାର। ଅବସାଦର ସାମାନ୍ୟ ଲକ୍ଷଣ ଦିଶିଲେ ତୁରନ୍ତ ମନସ୍ତତ୍ତ୍ୱବିତଙ୍କ ସହ ପରାମର୍ଶ କରିବା ଉଚିତ। ଘରେ ଯୋଗ, ସଙ୍ଗୀତ ଶୁଣିବା, ନିୟମିତ ବହି ପଢ଼ିବା, ନିଶାସେବନ ତ୍ୟାଗ କରିବା, ସମୟାନୁବର୍ତ୍ତୀ ହେବା ଦ୍ୱାରା ଅବସାଦରୁ ମୁକ୍ତି ମିଳିଥାଏ। ପରିସ୍ଥିତି ସହ ଖାପ ଖୁଆଇ ଚଳିବା, ଲାଭ କ୍ଷତିର ହିସାବ ନ କରି ବର୍ତ୍ତମାନ ସହ ବଞ୍ଚିବା, ସକାରାତ୍ମକ ଚିନ୍ତାରେ ରହିବା, ମନର ଆବେଗକୁ ବାଣ୍ଟିବା ଓ ସହଯୋଗୀ ହେବା ଅଭ୍ୟାସ କଲେ ଅବସାର ଦୂର ହୁଏ।

ଆତ୍ମହତ୍ୟାକୁ ମହାପାପ ବୋଲି ମଧ୍ୟ ଭାରତୀୟ ପରମ୍ପରାରେ ବିବେଚନା କରାଯାଏ। ପୃଥିବୀ, ଜଳ, ଅଗ୍ନି, ପବନ ଓ ଆକାଶ ଆଦି ପାଞ୍ଚ ତତ୍ତ୍ୱରେ ଯେଉଁ ମଣିଷ ଶରୀର ତିଆରି ହୋଇଛି। ସ୍ୱାଭାବିକ ମୃତ୍ୟୁ ହେଲେ ଶରୀର ସେହି ପାଞ୍ଚ ତତ୍ତ୍ୱରେ ମିଶିଥାଏ। ଆତ୍ମହତ୍ୟା କଲେ ସେଥିରେ ବ୍ୟତିକ୍ରମ ଘଟେ।

ଆବ୍ରାହମ ଲିଙ୍କନଙ୍କ ମତରେ ଜୀବନ ପବିତ୍ର। ଏହାକୁ ଅସମୟରେ ତ୍ୟାଗ କରିବା ଅପରାଧ। ଆସନ୍ତୁ ନିଜକୁ ଭଲ ପାଇବା ଏବଂ ସୁଖଦ ଜୀବନ ଜିଇଁବା। ଜୀବନ କେବଳ ସମାପ୍ତି ପାଇଁ ନୁହେଁ, ଇତିହାସ ରଚିବା ପାଇଁ। ଅନ୍ୟର ଲୁହ ହେବା ପାଇଁ ନୁହେଁ, ଅନ୍ୟର ଲୁହ ପୋଛିବା ପାଇଁ। ଭଙ୍ଗା ମନର ମରୁଭୂମି ପାଇଁ ନୁହେଁ, ଯୋଡ଼ା ହୃଦୟର ନନ୍ଦନକାନନ ପାଇଁ। ସବୁଦିନ ପାଇଁ ବିଦାୟ ନେବା ପାଇଁ ନୁହେଁ, ସଦା ସଜସ୍ମୃତି ହୋଇ ରହିବା ପାଇଁ।

ସେମିଳିଗୁଡ଼ା(କୋରାପୁଟ),
ମୋ: ୯୪୩୭୦୯୦୯୫୪

## ଅସ୍ୱାସ୍ଥ୍ୟକର ବାସନରେ ରନ୍ଧନ

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ଏକଦା ରୋଷେଇ ପାଇଁ ବ୍ୟବହାର ହେଉଥିଲା ମୁଖ୍ୟତଃ ମାଟି ତିଆରି ହାଣ୍ଡି, କଡ଼େଇ ଇତ୍ୟାଦି। ତା'ପରେ ଏଥିରେ ଉପଯୋଗ କରାଗଲା ଲୁହା ତିଆରି ବାସନ ଏବଂ ତାକୁ ଅନୁସରଣ କଲା ଆଲୁମିନିୟମ୍। ତତ୍ପରେ ଏବେ ବହୁଳ ଭାବେ ବ୍ୟବହାର ହେବାକୁ ଲାଗିଲାଣି 'ଟେଫଲନ୍' ନାମକ ରସାୟନର ଲେପଦିଆ ଏବଂ ରାନ୍ଧିବା ବେଳେ ଖାଦ୍ୟ ଲାଗୁ ନଥିବା 'ନନ୍‌ଷ୍ଟିକ୍ ବାସନ। ଏଥିସହିତ ଅଗ୍ନି ନିରୋଧକ ରସାୟନଯୁକ୍ତ ପ୍ଲାଷ୍ଟିକ୍ ବାସନକୁ ମଧ୍ୟ ମାଇକ୍ରୋୱେଭ୍ ଚୁଲ୍ଲୀ ବା ବିଦ୍ୟୁତ୍ ଚାଳିତ ହିଟରରେ ରାନ୍ଧିବା ପାଇଁ ବ୍ୟବହାର କରାଯାଉଛି। ଡାକ୍ତରମାନେ ଏବେ କହିଲେଣି ଯେ ଏହି ଶେଷୋକ୍ତ ତିନୋଟି, ଅର୍ଥାତ୍ ଆଲୁମିନିୟମ, ଟେଫ୍ଲନ୍ ଏବଂ ପ୍ଲାଷ୍ଟିକ ବାସନରୁ ଉଚ୍ଚତାପରେ ବିଷାକ୍ତ ରସାୟନମାନ ନିର୍ଗତ ହୁଏ, ଯାହାକି କର୍କଟ ସମେତ ଅନ୍ୟାନ୍ୟ ବିବିଧ ରୋଗର କାରଣ ହୋଇପାରେ। ସେହି ଡାକ୍ତରମାନଙ୍କ ମଧ୍ୟରୁ ଅନ୍ୟତମ ହେଲେ ନୂଆଦିଲ୍ଲୀ ସ୍ଥିତ 'କ୍ୟାନସର ହିଲର୍ ସେଣ୍ଟର'ର ନିର୍ଦ୍ଦେଶକ ତଥା ସୁପ୍ରସିଦ୍ଧ କର୍କଟ ରୋଗ ବିଶେଷଜ୍ଞ ଡାକ୍ତର ତରଙ୍ଗ କ୍ରିଷ୍ଣା। ବିଗତ ଅଗଷ୍ଟ ମାସ ୧୯ ତାରିଖ (୨୦୨୫) ଦିନ ଏକ ସାକ୍ଷାତକାରରେ ସେ ଏଥିସମ୍ପର୍କରେ ନିମ୍ନୋକ୍ତ ସୂଚନାମାନ ଦେଇଛନ୍ତି।

**ଆଲୁମିନିୟମ୍-** ଏଥିରେ ରୋଷେଇ କଲେ ତହିଁରୁ କିଛିମାତ୍ରାରେ ଧାତୁ ନିର୍ଗତ ହୋଇ ଖାଦ୍ୟରେ ମିଶିଥାଏ। ସମୟକ୍ରମେ ଶରୀର ମଧ୍ୟରେ ଏହାର ମାତ୍ରା ବଢ଼ିବଢ଼ି ଥିଲେ। ତାହା ଜୀବକୋଷ ସ୍ତରରେ କେତେକ ପରିବର୍ତ୍ତନ ଆଣେ, ଯାହାକି କର୍କଟରୋଗର କାରଣ ହୁଏ। ଏହାବ୍ୟତୀତ ତାହା ହଜମକ୍ରିୟା ଜନିତ, ଚର୍ମରୋଗ ଏବଂ ବୃକ୍କ ଉପରେ ଚାପ ଏବଂ ବିବିଧ ସ୍ନାୟବିକ ସମସ୍ୟା ମଧ୍ୟ ସୃଷ୍ଟି କରିଥାଏ। ଏଣୁ ଆଲଝିମରସ୍, ଦୁଶ୍ଚିନ୍ତା, ସ୍ମୃତିହୀନତା ଆଦି ମାନସିକ ରୋଗ ଦେଖାଯାଏ। ଏହାର ଅନ୍ୟଏକ ଅତ୍ୟନ୍ତ କ୍ଷତିକାରକ ପ୍ରଭାବ ହେଲା ବୃକ୍କର ସାଧାରଣ କ୍ରିୟାକଳାପରେ ବାଧାସୃଷ୍ଟି। ଯେତେ ଅଧିକ ଉଚ୍ଚ ତାପରେ ରନ୍ଧା ଯାଏ ଏ ବିପଦ ସେତେ ଅଧିକ ହୁଏ।

**ଟେଫଲନ୍-** ଏହା ହେଲା 'ପଲିଟେଟ୍ରା ଫ୍ଲୋରାଇଡ୍‌ଇଥିଲିନି' ନାମକ ଏକ କୃତ୍ରିମ ପଲିମରର ବ୍ୟବସାୟିକ ନାମ। ଆଗେ ଏହାର ପ୍ରସ୍ତୁତିରେ ବ୍ୟବହାର କରାଯାଉଥିଲା ପରଫ୍ଲୋରାଅକ୍ଟାନୋଇକ୍ ଏସିଡ୍। ଏହା କର୍କଟରୋଗ ସୃଷ୍ଟିକାରୀ। ଏବେ ଏହା ବଦଳରେ ବ୍ୟବହାର କରାଯାଉଛି 'ପଲିଫ୍ଲୋରୋ ଏସିଟିଲ୍ ସବ୍‌ଷ୍ଟାନସ୍' ବା ପିଏଫ୍‌ଏଏସ୍। ତଥାପି ପିଏଫ୍‌ଏଏସ୍‌ର ସ୍ୱାସ୍ଥ୍ୟ ଉପରେ ଦୀର୍ଘକାଳୀନ ପ୍ରଭାବର ତଥାପି ଅଧ୍ୟୟନ ଚାଲିଛି। ସାଧାରଣତଃ ଉଚ୍ଚତାପରେ (୨୬୦ ଡିଗ୍ରୀ ସେଲ୍ସିୟସ୍‌ରୁ ଅଧିକ) ରନ୍ଧନ କଲେ ଏ ବାସନରୁ 'ଟେଫଲନ୍' ନାମକ ରସାୟନ ନିର୍ଗତ ହୁଏ। ସେଗୁଡ଼ିକ ବିଭିନ୍ନ ରୋଗର କାରଣ ହୁଅନ୍ତି। ତହିଁରୁ ନିର୍ଗତ ଧୂଆଁ ଜ୍ୱରର କାରଣ ହୋଇପାରେ। ଏଭଳି ବାସନକୁ ଇସ୍ପାତ କିମ୍ବା ଆଲୁମିନିୟମ ବ୍ରସରେ ସଫାକଲେ ନାନାଦି ରସାୟନର କ୍ଷରଣ ହୁଏ।

**ପ୍ଲାଷ୍ଟିକ-** ପ୍ଲାଷ୍ଟିକ ବାସନକୁ ଆମେ ଯେତେଶୀଘ୍ର ଫିଙ୍ଗିଦେବା ତାହା ସେତେ ମଙ୍ଗଳକର। ବିଶେଷକରି ମାଇକ୍ରୋୱେଭ ବା ବିଦ୍ୟୁତ୍ ହିଟରରେ ରନ୍ଧନ କାର୍ଯ୍ୟରେ ବ୍ୟବହାର କରାଯାଉଥିବା ଏହିସବୁ ତାପରୋଧକ ପ୍ଲାଷ୍ଟିକରେ ଥାଏ କର୍କଟରୋଗ ସୃଷ୍ଟିକାରୀ ବିସ୍‌ଫିନଲ୍ ଏ ଓ ଥାଲେଟ୍‌ସ। ତାପମାତ୍ରା ଅଧିକ ହେଲେ ସେହି ରାସାୟନିକ ପଦାର୍ଥ ବାସନରୁ ନିର୍ଗତ ହୋଇ ଖାଦ୍ୟରେ ମିଶେ। ଏହା ଅନ୍ତଃସ୍ରାବୀଗ୍ରନ୍ଥି, ପ୍ରଜନନ ଓ ସ୍ନାୟବିକ ଅବସ୍ଥାକୁ କ୍ଷତି ପହଞ୍ଚାଏ ଏବଂ ନାନାଦି କର୍କଟରୋଗର ଆଶଙ୍କା ବୃଦ୍ଧି କରେ। ତହିଁରୁ ନିର୍ଗତ ପ୍ଲାଷ୍ଟିକକଣିକା ଅଧିକାଂଶ ଅଙ୍ଗ ଉପରେ କୁପ୍ରଭାବ ପକାଇଥାଏ।

**କେଉଁ ବାସନ ନିରାପଦ-** ପିତ୍ତଳ, ଲୁହା ଓ ଇସ୍ପାତ ବାସନ ଅପେକ୍ଷାକୃତ ନିରାପଦ ବୋଲି କହନ୍ତି ଡକ୍ଟର କ୍ରିଷ୍ଣା। ଏଗୁଡ଼ିକ ଥିଲା ଆମ ପାରମ୍ପରିକ ବାସନ। ଏହାବ୍ୟତୀତ ମାଟି ବାସନର ବ୍ୟବହାର ମଧ୍ୟ ଏକ ଉତ୍ତମ ବିକଳ୍ପ। ତେବେ ପ୍ରଥମେ ତାହାକୁ ପରୀକ୍ଷା କରି ସେଥିରେ ସୀସା କିମ୍ବା ସେହି ଅନୁରୂପ କ୍ଷତିକାରକ ତତ୍ତ୍ୱ ଅଛିକି ନାହିଁ ତାହା ନିଶ୍ଚିତ କରିବା ଦରକାର।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA

ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ତ୍ରୁଟି ଥିଲେ...

ଆରମ୍ଭ କରିବାକୁ ପ୍ରସ୍ତୁତ ହେଉଛି ବୋଲି ଆବେଦନକାରୀଙ୍କ ପକ୍ଷରୁ ଦୃଷ୍ଟି ଆକର୍ଷଣ କରାଯିବାରୁ ମାନ୍ୟବର ବେଞ୍ଚ ଏହା କହିଛନ୍ତି । ଏକ ବେଆଇନ ସର୍ତ୍ତ ଯୋଗୁଁ କୌଣସି ନାଗରିକ ମତଦାନରୁ ବଞ୍ଚିତ ହେବା ଉଚିତ ନୁହେଁ ବୋଲି ଆବେଦନକାରୀଙ୍କ ପକ୍ଷରୁ ଆଡଭୋକେଟ୍ ବୃନ୍ଦା ଗ୍ରୋଭର ଯୁକ୍ତି କରିବାରୁ ମାନ୍ୟବର କୋର୍ଟ କହିଲେ ଯେ 'ଆମ କଥା ମନେ ରଖ । ବିହାରରେ ଏସ୍ଆଇଆର୍ ପ୍ରକ୍ରିୟାରେ କୌଣସି ତ୍ରୁଟି ହୋଇଥିବା ଧରାପଡ଼ିଲେ ସମଗ୍ର ପ୍ରକ୍ରିୟାକୁ ରଦ୍ଦ କରିଦିଆଯିବ ।' ବିହାର ଏସ୍ଆଇଆର୍‌ରେ ଆଧାରକୁ ବୈଧ ଦସ୍ତାବିଜ ରୂପେ ଗ୍ରହଣ କରିବା ଲାଗି ସେପଟେମ୍ବର ୮ ତାରିଖରେ ନିର୍ବାଚନ କମିସନଙ୍କୁ କୋର୍ଟ ଦେଇଥିବା ଆଦେଶକୁ ପ୍ରତ୍ୟାହାର କରିବା ଲାଗି ଇତିମଧ୍ୟରେ ପିଟିସନ ଆସିଛି । ଏହା ଉପରେ ସୁପ୍ରିମ କୋର୍ଟ କେନ୍ଦ୍ର ସରକାର ଓ ନିର୍ବାଚନ କମିସନଙ୍କୁ ନୋଟିସ ଜାରି କରିଛନ୍ତି ।

### ୱାକଫ୍ ଆଇନରେ...

ବା ସରକାରୀ ଅଧିକାରୀ ସ୍ଥିର କରିପାରିବେ ନାହିଁ । ନାଗରିକଙ୍କ ସଂପତ୍ତି ଅଧିକାର ଉପରେ ବିଚାର କରିବା ଲାଗି ଜିଲ୍ଲାପାଳଙ୍କର କ୍ଷମତା ନାହିଁ । ଏହା କ୍ଷମତା ପୃଥକୀକରଣ ନିୟମର ଉଲ୍ଲଂଘନ କରୁଛି । ଟ୍ରିବ୍ୟୁନାଲ ରାୟ ନଶୁଣାଇବା ପର୍ଯ୍ୟନ୍ତ କୌଣସି ତୃତୀୟ ପକ୍ଷ ଏଥିରେ ଆସିପାରିବ ନାହିଁ । ଏହସହିତ କୋର୍ଟ ସ୍ପଷ୍ଟ କରିଛନ୍ତି ଯେ ୱାକଫ୍ ସଂପତ୍ତି ବିବାଦ ବିଚାରାଧୀନ ଥିବା ବେଳେ ଏହି ବିବାଦୀୟ ସଂପତ୍ତିରୁ ୱାକଫ୍ ମାନ୍ୟତା ପ୍ରତ୍ୟାହାର କରିପାରିବେ ନାହିଁ ସରକାର । ଟ୍ରିବ୍ୟୁନାଲ ବା କୋର୍ଟ ରାୟ ଶୁଣାଇବା ପର୍ଯ୍ୟନ୍ତ ସଂପୃକ୍ତ ସଂପତ୍ତିକୁ ୱାକଫ୍ ହିଁ କୁହାଯିବ । ୱାକଫ୍ ବାଇ ୟୁଜର୍ସ ସଂପର୍କରେ ଅଦାଲତ କହିଲେ ଯେ ଏସଂକ୍ରାନ୍ତ ରାୟ କେବଳ ସଂପୃକ୍ତ ହାଇକୋର୍ଟ ହିଁ ଦେଇପାରିବେ । ହାଇକୋର୍ଟ ରାୟ ନଶୁଣାଇବା ପର୍ଯ୍ୟନ୍ତ ସରକାରୀ ଅଧିକାରୀଙ୍କ ରିପୋର୍ଟ ଆଧାରରେ ୱାକଫ୍ ସଂପତ୍ତିର କିସମ ପରିବର୍ତ୍ତନ କରାଯାଇପାରିବ ନାହିଁ ।

ସେହିଭଳି ଜଣେ ବ୍ୟକ୍ତି ଅତିକମ୍‌ରେ ୫ ବର୍ଷ ଧରି ଇସଲାମ ଧର୍ମ ପାଳନ କରିଥିଲେ ଯାଇ ସଂପତ୍ତି ୱାକଫ୍ (ଦାନ) କରିପାରିବ ବୋଲି ଆଇନରେ ଥିବା ସର୍ତ୍ତ ଉପରେ ମଧ୍ୟ ରୋକ୍ ଲଗାଇଛନ୍ତି ସର୍ବୋଚ୍ଚ ଅଦାଲତ । ମାନ୍ୟବର ଖଣ୍ଡପୀଠ କହିଛନ୍ତି ଯେ ରାଜ୍ୟ ସରକାର ଏଭଳି ସର୍ତ୍ତ ସଂପର୍କରେ ନିୟମ ନକରିବା ପର୍ଯ୍ୟନ୍ତ କେନ୍ଦ୍ରୀୟ ଆଇନ ଯୁକ୍ତିଯୁକ୍ତ ନୁହେଁ । ୱାକଫ୍ ବୋର୍ଡରେ ଅଣମୁସଲିମ ସଭ୍ୟଙ୍କ ପାଇଁ ସଂରକ୍ଷଣ ସଂପର୍କରେ କୋର୍ଟ କହିଛନ୍ତି ଯେ ରାଜ୍ୟ ୱାକଫ ବୋର୍ଡରେ ତିନିରୁ ଅଧିକ ଅଣମୁସଲିମ ସଭ୍ୟ ରହିପାରିବେ ନାହିଁ । ସେହିଭଳି କେନ୍ଦ୍ରୀୟ ୱାକଫ୍ ବୋର୍ଡରେ ୪ରୁ ଅଧିକ ଅଣମୁସଲିମ ସଭ୍ୟ ରହିବା ଉଚିତ ନୁହେଁ । ଆଉ ଏକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ଦେଇ ସର୍ବୋଚ୍ଚ ଅଦାଲତ କହିଛନ୍ତି ଯେ ବୋର୍ଡର ମୁଖ୍ୟ ନିର୍ବାହୀ ଅଧିକାରୀ (ସିଇଓ) ମୁସଲିମ ସମୁଦାୟରୁ ହେବା ଉଚିତ ।

ଏହାସହିତ କୋର୍ଟ ୱାକଫ୍ ସଂପତ୍ତିର ପଞ୍ଜୀକରଣ ଉପରେ ରୋକ୍ ଲଗାଇବାକୁ ମନା କରିଦେଇଛନ୍ତି । ଖଣ୍ଡପୀଠ କହିଛନ୍ତି ଯେ ପୁରୁଣା ଆଇନରେ ଏହି ବ୍ୟବସ୍ଥା ରହିଛି । କୋର୍ଟ କହି ।।ଲେ ଯେ ସଂଶୋଧିତ ୱାକଫ୍ ଆଇନର ତର୍ଜମା କରାଯାଇଛି । ଯାହା ଜଣାପଡୁଛି, ଏଥିରେ ସାମ୍ବିଧାନିକ ବ୍ୟବସ୍ଥାର ଉଲ୍ଲଂଘନ ହୋଇନାହିଁ । ତେଣୁ ଆଇନ ଉପରେ ସାମଗ୍ରିକ ରୋକ୍ ଲଗାଇବା ଜରୁରି ନୁହେଁ । କେବଳ ବିରଳରୁ ବିରଳ ମାମଲାରେ ହିଁ ରୋକ୍ ଲଗାଯାଇପାରିବ । ସୂଚନାଯୋଗ୍ୟ ଯେ ୱାକଫ୍ ଆଇନରେ ବ୍ୟାପକ ସଂଶୋଧନ କରି କେନ୍ଦ୍ର ସରକାର ଗତ ଏପ୍ରିଲ ୮ ତାରିଖରେ ବିଜ୍ଞପ୍ତି ଜାରି କରିଥିଲେ । ବିଭିନ୍ନ ମୁସଲିମ ସଂଗଠନ ଏହାକୁ ସୁପ୍ରିମ କୋର୍ଟରେ ଚାଲେଞ୍ଜ କରିଥିଲେ । ଏହାକୁ ମୁସଲିମ ବିରୋଧୀ ବୋଲି ଯୁକ୍ତି କରି ସେମାନେ ଏହା ଉପରେ ରୋକ ଲଗାଇବାକୁ ଦାବି କରିଥିଲେ । ମାମଲାର ଶୁଣାଣି କରି ମଇ ୨୨ ତାରିଖରେ ମାନ୍ୟବର ସୁପ୍ରିମ କୋର୍ଟ ରାୟ ସଂରକ୍ଷିତ ରଖିଥିଲେ ।

### ପ୍ରେମିକକୁ ଗଛରେ...

ଉଦ୍ୟମ କରୁଥିବା ନେଇ ଚର୍ଚ୍ଚା ହେଉଛି । ଗଣମାଧ୍ୟମକୁ ଏ ସଂପର୍କରେ କୌଣସି ସୂଚନା ଦିଆଯାଉନାହିଁ । ଅପରପକ୍ଷେ, ସୋମବାର ଗଣମାଧ୍ୟମ ପ୍ରତିନିଧିମାନେ ପୀଡ଼ିତାଙ୍କ ଘରକୁ ଯାଇଥିଲେ । କିନ୍ତୁ ତାଙ୍କ ଘର ତାଲା ପଡ଼ିଥିବା ଦେଖିବାକୁ ପାଇଥିଲେ । ସେହିପରି ଅତିରିକ୍ତ ଏସ୍‌ପି ସୁଶୀଲ କୁମାର ମିଶ୍ର ଏବଂ ସଦର ଏସ୍‌ଡିପିଓ ପ୍ରାୟ ୨ ଘଣ୍ଟା ଧରି ବ୍ରହ୍ମଗିରି ଥାନା ଭିତରେ ରୁଦ୍ଧଦ୍ୱାର ଆଲୋଚନା କରିଥିଲେ । ବାହାରେ ଗଣମାଧ୍ୟମ ପ୍ରତିନିଧିମାନେ ଜଗି ରହିଥିଲେ । ବୈଠକ ପରେ ଉଭୟଙ୍କୁ ପ୍ରଶ୍ନ କରିବାରୁ ସେମିତି କିଛି ଅଭିଯୋଗ ହୋଇନାହିଁ କହି ପ୍ରସଙ୍ଗକୁ ଏଡ଼ାଇ ଦେବାକୁ ଚେଷ୍ଟା କରିଥିଲେ । ଏ ସଂପର୍କରେ ଏସ୍‌ପି ପ୍ରତୀକ ସିଂଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ପୀଡ଼ିତାଙ୍କ ଡାକ୍ତରୀମାଇନା ନେଇ ପ୍ରକ୍ରିୟା ଚାଲିଛି ।

### ୨୮ ହଜାର ଲିଟର...

ହଜାର ଲିଟର କ୍ଷୀରର ପ୍ରକୃତ ମୂଲ୍ୟ ବଜାର ଦର ଅନୁସାରେ ୮ରୁ ୧୦ ଲକ୍ଷ ଟଙ୍କା ମଧ୍ୟରେ ହେବ ବୋଲି ଅନୁମାନ କରାଯାଉଛି । ସୂଚନାଯୋଗ୍ୟ ଯେ କୁଷ୍ପଙ୍ଗି ଜାତୀୟ ରାଜପଥ କଡ଼ରେ ଥିବା ଏକ ଢାବା ପଛପଟେ ଗତ ୯ ତାରିଖ ରାତିରେ କ୍ଷୀର ଅପମିଶ୍ରଣ କାରବାର ଚାଲିଥିଲା । ଏ ସମ୍ପର୍କରେ ଗୁରୁଡିଝାଟିଆ ଥାନା ପୁଲିସ ଖବର ପାଇ ଅତର୍କିତ ଭାବେ ଘଟଣାସ୍ଥଳରେ ପହଞ୍ଚି ଚଢ଼ଉ କରିଥିଲା । ଅପମିଶ୍ରିତ କ୍ଷୀର ବୋଝେଇ ଟ୍ୟାଙ୍କରକୁ ପୁଲିସ ଜବତ କରିବା ସହ ଏକ ଟାଟା ଏସି ଗାଡ଼ିରେ ରହିଥିବା ୫ଟି ରାସାୟନିକ ପଦାର୍ଥ ମିଶା କ୍ଷୀର ଜାର ଜବତ କରିଥିଲା । ପୁଲିସକୁ ଦେଖି ନକଲି କ୍ଷୀର ଅପମିଶ୍ରଣକାରୀମାନେ ଘଟଣାସ୍ଥଳରୁ ଚମ୍ପଟ ମାରିଥିଲେ । କେବଳ କ୍ଷୀର ବୋଝେଇ ଟ୍ୟାଙ୍କର ଚାଳକକୁ ପୁଲିସ ମାଡ଼ି ବସିଥିଲା । ଜବତ ଟ୍ୟାଙ୍କରରେ ପ୍ରାୟ ୨୮ ହଜାର ଲିଟର ଅପମିଶ୍ରଣ କ୍ଷୀର ରହିଥିବା ଜଣାପଡ଼ିଥିଲା । ଏହି ଘଟଣାରେ ଡ୍ରାଇଭରକୁ ପଚରାଉଚରା କରି ପୁଲିସ ବହୁ ଚାଞ୍ଚଲ୍ୟକର ତଥ୍ୟ ହାସଲ କରିଥିଲା । ସୁସଙ୍ଗଠିତ ରାକେଟ୍ ଦ୍ୱାରା କ୍ଷୀର ଅପମିଶ୍ରିତ କାରବାର ଦୀର୍ଘ ଦିନ ଧରି ଚାଲିଥିବା ପୁଲିସ ପ୍ରାଥମିକ ତଦନ୍ତରୁ ପ୍ରମାଣ ପାଇଥିଲା । ଜବତ କ୍ଷୀର ବୋଝେଇ ଟ୍ୟାଙ୍କରଟି ସମ୍ବଲପୁର ଜିଲ୍ଲାରୁ କଟକ ଆସୁଥିବା ବେଳେ ବାଟରେ ଗୁରୁଡିଝାଟିଆ ଥାନା ଅଞ୍ଚଳ କୁଷ୍ପଙ୍ଗି ନିକଟସ୍ଥ ୫୫ନଂ ଜାତୀୟ ରାଜପଥ ପାର୍ଶ୍ୱରେ ଥିବା ହୋଟେଲ ପଛପଟେ ଅପମିଶ୍ରଣ ହେଉଥିଲା । ମେସିନ୍ ଦ୍ୱାରା କ୍ଷୀର ଗାଡ଼ି ମଧ୍ୟରେ ପାଣି ଲୋଡ କରି କ୍ଷୀରକୁ ବାହାର କରି ସେଥିରେ ଲୁଣ, ପାଉଡର୍ ଓ ଏକ କେମିକାଲ ଅପମିଶ୍ରିତ କରି ଦିଆଯାଉଥିଲା । ଏ ସମ୍ପର୍କରେ ସ୍ଥାନୀୟ ବାସିନ୍ଦା ପୁଲିସକୁ ବାରମ୍ବାର ଅବଗତ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ନିଆଯାଇ ନ ଥିବା ଅଭିଯୋଗ ଉଠିଛି ।

ପ୍ରକାଶଥାଉ କି, ଗତ ୧୨ତାରିଖ ଦିନ ଏହି ଘଟଣାରେ ସମ୍ପୃକ୍ତ ମୁଖ୍ୟ ଅଭିଯୁକ୍ତ ପଶ୍ଚିମବଙ୍ଗ ଅଞ୍ଚଳର ସୁଧିର ତିୱାରୀ ଏବଂ ଚୌଦ୍ୱାର ଥାନା ଅଞ୍ଚଳର ପ୍ରକାଶ ଖୁଣ୍ଟିଆଙ୍କୁ ପୁଲିସ ଗିରଫ କରି କୋର୍ଟଚାଲାଣ କରିଥିଲା । ଅପମିଶ୍ରିତ କ୍ଷୀର କାରବାର ସମ୍ପର୍କରେ ପୁଲିସ ଅଧିକ ଖୋଳତାଡ଼ ଜାରି ରଖିଛି । ଅପମିଶ୍ରିତ କ୍ଷୀର ରାଜ୍ୟ ବାହାରକୁ ଚାଲାଣ କରାଯାଉଥିବା ପୁଲିସ ତଦନ୍ତରୁ ସ୍ପଷ୍ଟ ହୋଇଛି । ଏହି କାରବାରରେ ସମ୍ପୃକ୍ତ ଅନ୍ୟ ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସର ଖୋଳତାଡ଼ ଜାରି ରହିଛି ।

### ପିଇବା ଯୋଗ୍ୟ...

କେତେକ ସ୍ଥାନରେ ଟ୍ୟାଙ୍କର୍ ମଧ୍ୟ ଯୋଗାଇ ଦିଆଯାଉଛି । କିନ୍ତୁ ବିଶୋଧନାଗାର ପାଣିର ସ୍ଥିତ ଏତେମାତ୍ରାରେ ଅପରିଷ୍କାର ରହିଛି ଯେ ସେଥିରୁ ଜଣ୍ଡିସ୍, ଡାଇରିଆ ଭଳି ମାରାତ୍ମକ ରୋଗ ବ୍ୟାପିବାର ଆଶଙ୍କା ରହିଛି । ଏନେଇ ଜନସ୍ୱାସ୍ଥ୍ୟ ବିଭାଗ ୱାଟକୋକୁ ଚିଠି ଲେଖିଛି । ମହାନଗର ନିଗମ ଅନ୍ତର୍ଗତ ବରେଇପାଲି, ମାନେଶ୍ୱର, ଖଣ୍ଡୁଆଲ ଓ ବିଭିନ୍ନ ବିଶୋଧନାଗାରକୁ ଜନସ୍ୱାସ୍ଥ୍ୟ ବିଭାଗ ପରିଦର୍ଶନ କରିଥିଲା । ଗତ ୩ ତାରିଖରେ ପାଣିର ନମୁନା ସଂଗ୍ରହ କରିଥିଲା । ପିଇବା ପାଣିର ଗୁଣବତ୍ତା ନେଇ ପରୀକ୍ଷା କରାଯାଇଥିଲା । କ୍ଲୋରିନେସନ୍‌ର ମାତ୍ରା ଓ ଏଚ୍‌ଟୁଏସ୍ ପରୀକ୍ଷାରେ ମାନେଶ୍ୱର ଅଞ୍ଚଳରେ ଏହି ପାଇପ ପାଣି ପିଇବା ଉପଯୋଗୀ ନୁହେଁ ବୋଲି ଦର୍ଶାଯାଇଛି । ଲୋକଙ୍କ ଅଭିଯୋଗ ଅନୁସାରେ, ପାଇପରୁ ପାଣି କାଦୁଆ ରହିଥିବା ବେଳେ ଅଧିକ ସମୟ ଦୁର୍ଗନ୍ଧ ବାହାରୁଛି । ଏହି ପାଣି ମହାବୀରପଡ଼ା, ଧନୁପାଲି ମାନେଶ୍ୱର ମାର୍କେଟ୍ ଅଞ୍ଚଳରେ ବିଗତ ଅଧିକାଂଶ ଦିନରେ ଆସୁଛି । ଅଧିକାଂଶ ସ୍ଥାନରେ ପାଇପ୍ ଫାଟିଯାଇଛି । ବିଶେଷକରି, ପାଣିରେ କ୍ଲୋରିନେସନ ଅଭାବ ଥିବା ବିଭିନ୍ନ ପରୀକ୍ଷାରୁ ଜଣାପଡ଼ିଛି । ୱାଟ୍‌କୋ ଏହାକୁ ଅବମାନନା କରି ଯଦି ଏପରି ପାଣି ଯୋଗାଇବା ଜାରି ରଖିବ, ଆଗକୁ ଭୟଙ୍କର ସ୍ଥିତି ଉପୁଜିବ ବୋଲି ରିପୋର୍ଟରେ ଦର୍ଶାଯାଇଛି । ୨୦୧୪ ମସିହାରେ ସମ୍ବଲପୁରରେ ଭୟଙ୍କର ଜଣ୍ଡିସ୍ ରୋଗ ସ୍ଥିତି ଉପୁଜିଥିଲା । ତେଣୁ, ଏପରି ପରିସ୍ଥିତି ଜାରି ରହିଲେ ପୁଣି ସମ୍ବଲପୁରରେ ଜଣ୍ଡିସ ସ୍ଥିତି ଦେଖାଯିବ ବୋଲି ଚିଠି ନମ୍ବର ୧୩୧୨ ରେ ୱାଟ୍‌କୋକୁ ସଚେତନ କରାଯାଇଛି । ଏଣୁ ଶୀଘ୍ର ସମସ୍ତ ପାଇପ ମରାମତି କରିବାକୁ କୁହାଯାଇଛି ।

ଉଲ୍ଲେଖଯୋଗ୍ୟ, ଘରକୁ ଯାଇଥିବା ପାଣିର ଅଧିକାଂଶ ପାଇପ୍ ଡ୍ରେନ ମଧ୍ୟରେ ରହିଛି । ଅନେକ ପାଇପ୍ ଫାଟି ଡ୍ରେନ ପାଣି ସିଧାସଳଖ ମିଶୁଛି । କେତକ ସ୍ଥାନରେ ପାଣି ଲିକେଜ୍ ମଧ୍ୟ ହେଉଛି । ଆଉ କେତକ ସ୍ଥାନରେ ପାଇପରେ ଜଙ୍କ ଲାଗି ସାରିଛି । ବାରମ୍ବାର ଅଭିଯୋଗ ସତ୍ତ୍ୱେ ବିଭାଗ ଏଥିପ୍ରତି ଧ୍ୟାନ ଦେଉନାହିଁ । ଲୋକଙ୍କ ସ୍ୱାସ୍ଥ୍ୟ ସହ ୱାଟକୋ ଖେଳ ଖେଳୁଥିବା ଆଲୋଚନା ହେଉଛି । କିଛି ଦିନ ପୂର୍ବରୁ ଟ୍ରାନ୍ସଫରମର୍ ପୋଡ଼ିଯିବାରୁ ବରେଇପାଲି ବିଶୋଧନାଗାରରୁ ପିଇବା ପାଣି ଯୋଗାଣ ବନ୍ଦ ରହିଥିଲା ।

### ରାଜଧାନୀରେ ଗର୍ଜିଲା...

ଚାଷୀଙ୍କ ସମେତ ବିଜୁ ଜନତା ଦଳର ନେତା ଓ କର୍ମୀ । ଖରିଫ ଚାଷ ପାଇଁ ଚାଷୀମାନେ କିପରି ହନ୍ତସନ୍ତ ହେଉଛନ୍ତି ଓ ରାଜ୍ୟ ସରକାର ସାର ଯୋଗାଇବାରେ, ସାରର କଳାବଜାରୀ ରୋକିବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି ବୋଲି ଦଳର ବରିଷ୍ଠ ନେତାମାନେ ଅଭିଯୋଗ କରିଛନ୍ତି । ସାର ବ୍ୟାଗ ମୂଲ୍ୟ ୨୪୨ ଟଙ୍କା ରହିଥିବା ବେଳେ, ଏହା ବଜାରରେ ୮୦୦ରୁ ୧୦୦୦ ଟଙ୍କା ପର୍ଯ୍ୟନ୍ତ ମୂଲ୍ୟରେ ବିକ୍ରି ହେଉଛି । ଗତ ଦୁଇ ଦଶନ୍ଧିରେ ସାରର ଅଭାବକୁ ନେଇ ଏଭଳି ଅଭାବନୀୟ ପରିସ୍ଥିତି ରାଜ୍ୟରେ କେବେବି ସୃଷ୍ଟି ହୋଇନଥିଲା । ସାରର ଅଭାବ ଦେଖା ଦେବା ପରେ ତୁରନ୍ତ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ କେନ୍ଦ୍ର ସାର ଓ ରସାୟନ ମନ୍ତ୍ରୀଙ୍କୁ ଚିଠି ଲେଖି ଓଡ଼ିଶାକୁ ପର୍ଯ୍ୟାପ୍ତ ସାର ଯୋଗାଇ ଦେବା ପାଇଁ ଅନୁରୋଧ କଲେ; କିନ୍ତୁ କୌଣସି ସୁଫଳ ମିଳିଲା ନାହିଁ । ସାର ସ୍ଥିତିକୁ ମୁଖ୍ୟମନ୍ତ୍ରୀ ଦୁଇ ଦୁଇ ଥର ସମୀକ୍ଷା କଲେଣି । ରାଜ୍ୟରେ ପର୍ଯ୍ୟାପ୍ତ ପରିମାଣରେ ସାର ମହଜୁଦ ଥିବା ରାଜ୍ୟ ସରକାର ଦାବି କରୁଛନ୍ତି, ହେଲେ ରାଜ୍ୟର ପ୍ରାୟ ସମସ୍ତ ଜିଲ୍ଲାରେ ସାର ନପାଇ କୃଷକମାନେ ରାଜରାସ୍ତାକୁ ଓହ୍ଲାଉଥିବା ଖବର ଗଣମାଧ୍ୟମରେ ପ୍ରକାଶ ପାଉଛି । ରାଜ୍ୟରେ ଖରିଫ ଧାନ ଉତ୍ପାଦନ ଅଧିକ ହେଲେ ରାଜ୍ୟ ସରକାରଙ୍କୁ ଅଧିକ ବୋନସ ଦେବାକୁ ପଡିବ । ସେଥିପାଇଁ ରାଜ୍ୟ ସରକାର ଖରିଫ ଉତ୍ପାଦନକୁ କମ୍ କରିବା ପାଇଁ ସାର ଅଭାବର ଷଡ଼ଯନ୍ତ୍ର କରିଛନ୍ତି ବୋଲି ବିଜେଡି ନେତାମାନେ ଅଭିଯୋଗ କରିଛନ୍ତି ।

ସମାବେଶ ପରେ ବିଜେଡିର ଏକ ପ୍ରତିନିଧି ମଣ୍ଡଳୀ ରାଜଭବନରେ ରାଜ୍ୟର ସାର ସ୍ଥିତି ସଂକ୍ରାନ୍ତରେ ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ଦଳର ବରିଷ୍ଠ ନେତା ତଥା କୃଷକ ସେଲର ଆବାହକ ପ୍ରସନ୍ନ ଆଚାର୍ଯ୍ୟ ଓ ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ରାଜ୍ୟପାଳଙ୍କୁ ସାର ଅଭାବ ଯୋଗୁଁ ସୃଷ୍ଟି ହୋଇଥିବା ସମସ୍ୟା ଉପରେ ଅବଗତ କରାଇଥିଲେ । ସ୍ମାରକପତ୍ରରେ ରାଜ୍ୟରେ ସାର ଯୋଗାଣ କିପରି ବ୍ୟବସ୍ଥିତ ହୋଇପାରିବ, ସେଥିପାଇଁ ରାଜ୍ୟପାଳଙ୍କ ହସ୍ତକ୍ଷେପ ଲୋଡ଼ିଛି ବିଜେଡି । ରାଜ୍ୟପାଳଙ୍କ ନିକଟକୁ ଯାଇଥିବା ପ୍ରତିନିଧି ମଣ୍ଡଳୀରେ ଦଳର ବରିଷ୍ଠ ନେତା ପ୍ରସନ୍ନ ଆଚାର୍ଯ୍ୟ, ଦେବୀ ପ୍ରସାଦ ମିଶ୍ର, ପ୍ରଦୀପ ଅମାତ, ସଞ୍ଜୟ କୁମାର ଦାସବର୍ମା, ପ୍ରତାପ କେଶରୀ ଦେବ, ପ୍ରତାପ ଜେନା, ପ୍ରଫୁଲ୍ଲ ସାମଲ, ଚନ୍ଦ୍ରଶେଖର ସାହୁ, ଅତନୁ ସବ୍ୟସାଚୀ ନାୟକ, ପ୍ରୀତିରଞ୍ଜନ ଘଡାଇ, ବ୍ୟୋମକେଶ ରାୟ, ଧ୍ରୁବ ଚରଣ ସାହୁ, ସୁଦାମ ମାରାଣ୍ଡି, ପ୍ରଣବ ବଳବନ୍ତରାୟ, ଡ. ଅମର ପଟ୍ଟନାୟକ, ପ୍ରଶାନ୍ତ ମୁଦୁଲି, ସୁଲତା ଦେଓ, ସୁଭାଶିଷ ଖୁଣ୍ଟିଆ, ଅନନ୍ତ ନାରାୟଣ ଜେନା, ସୁଶାନ୍ତ ରାଉତ, ପ୍ରଦୀପ ସାହୁ, ଗୌତମବୁଦ୍ଧ ଦାସ, ଦେବୀ ରଞ୍ଜନ ତ୍ରିପାଠୀ, ଗଣେଶ୍ୱର ବେହେରା, ସୌଭିକ ବିଶ୍ୱାଳ, ସୁନିଲ ମହାନ୍ତି, ସୁଦର୍ଶନ ହରିପାଲ, ସୁଜାତା ସାହୁ, ବିଜୟ ନାୟକ, ରାଜେନ୍ଦ୍ର ସାହୁ, ମନ୍ମଥ ରାଉତରାୟ, ଚିନ୍ମୟ ସାହୁ, ଇପ୍ସିତା ସାହୁ, ରମାକାନ୍ତ ଭୋଇ, ନୃସିଂହ ସାହୁ, ପ୍ରଫୁଲ୍ଲ ସିଂ, ବିକ୍ରମ ପଣ୍ଡା, ଜଗନ୍ନାଥ ସାରକା, ଭୃଗୁ ବକ୍ସିପାତ୍ର, ମହେଶ ସାହୁ, ଡ. ଲେଖାଶ୍ରୀ ସାମନ୍ତସିଂହାର, ଲତିକା ପ୍ରଧାନ, ରଞ୍ଜିତା ସାହୁ, ରମେଶ ଚନ୍ଦ୍ର ଚାଉପଟ୍ଟନାୟକ, ପଦ୍ମନାଭ ବେହେରା, ପ୍ରଦୀପ ମାଝୀ, ସୁଧୀର ସାମଲ, ରୁଦ୍ର ମହାରଥୀ, ଉମାକାନ୍ତ ସାମନ୍ତରାୟ, ଅମରେଶ ପତ୍ରି, ସଞ୍ଜିତ ମହାନ୍ତି, ସୁକାନ୍ତ ନାୟକ, ସ୍ୱରୂପ କୁମାର ଦାସ, ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ସନ୍ଦୀପ ଷଡଙ୍ଗୀ, କୈଳାଶ ପାତ୍ର, ସୁବ୍ରତ ଛାଟୋଇ ପ୍ରମୁଖ ସାମିଲ ଥିଲେ ।

### ସ୍ୱର୍ଗଦ୍ୱାରରୁ ଫେରିଆସିଲା...

ପରିବାରଲୋକେ ରିପୋର୍ଟ ଆଣି ନ ଥିଲେ । ତେଣୁ ଶବଦାହ ପ୍ରକ୍ରିୟା ବିଳମ୍ବ ହୋଇଥିଲା । କାଗଜପତ୍ର ଆଣିବା ପାଇଁ ତାଙ୍କୁ କୁହାଯାଇଥିଲା । ଏହାରି ଭିତରେ କିଛି ସମୟ ବିଳମ୍ବ ହୋଇଥିଲା । ସ୍ୱର୍ଗଦ୍ୱାରର କର୍ମଚାରୀ ପି. ଲକ୍ଷ୍ମୀଙ୍କ ପାଖକୁ ଯାଇଥିଲେ । ହେଲେ ତାଙ୍କର ନିଃଶ୍ୱାସପ୍ରଶ୍ୱାସ ଚାଲୁଥିବା ଦେଖିବାକୁ ପାଇଥିଲେ । ସେ ଜୀବିତ ଥିବା ଜାଣିବା ପରେ ସଙ୍ଗେସଙ୍ଗେ ତାଙ୍କୁ ହସ୍ପିଟାଲ ନେବା ପାଇଁ ନିଷ୍ପତ୍ତି ହୋଇଥିଲା । ସ୍ୱର୍ଗଦ୍ୱାର କର୍ମଚାରୀ ୧୦୮ ଆମ୍ବୁଲାନ୍ସକୁ ଫୋନ୍ କରିଥିଲେ । ଆମ୍ବୁଲାନ୍ସ ପହଞ୍ଚିବା ପରେ ପରିବାର ସଦସ୍ୟ ଓ ସ୍ୱର୍ଗଦ୍ୱାର କର୍ମଚାରୀ ମିଶି ସଦର ମୁଖ୍ୟ ଚିକିତ୍ସାଳୟରେ ପି. ଲକ୍ଷ୍ମୀଙ୍କୁ ଭର୍ତ୍ତି କରାଇଛନ୍ତି । ତାଙ୍କର ଚିକିତ୍ସା ଚାଲିଛି । ସ୍ୱର୍ଗଦ୍ୱାରରେ ତାଙ୍କ ମା'ଙ୍କ ଜୀବନ ଫେରିଛି । ଏହା ଏକ ଚମତ୍କାର ବୋଲି ପରିବାର ସଦସ୍ୟ କହି ଖୁସିବ୍ୟକ୍ତ କରିଛନ୍ତି । ଏହି ଘଟଣା ଏବେ ଚର୍ଚ୍ଚାର ବିଷୟ ପାଲଟିଛି ।

ସ୍ୱର୍ଗଦ୍ୱାରର ସ୍ୱେଚ୍ଛାସେବୀ ବ୍ରଜକିଶୋର ସାହୁ କହିଛନ୍ତି, ପ୍ରତିଦିନ ୮୦ରୁ ୯୦ ଶବଦାହ ପାଇଁ ଆସୁଛି । ଆମେ ୩ଟି କାଗଜପତ୍ର ରଖୁଛୁ । ମୃତକ ଏବଂ ତାଙ୍କ ସମ୍ପର୍କୀୟଙ୍କ ଆଧାରକାର୍ଡ ଏବଂ ମୃତ୍ୟୁ ପ୍ରମାଣପତ୍ର । ପି.ଲକ୍ଷ୍ମୀ ପହଞ୍ଚିବା ପରେ ଆମେ ଆବଶ୍ୟକ କାଗଜପତ୍ର ମାଗିଥିଲୁ । କିନ୍ତୁ ତାଙ୍କ ପାଖରେ ମୃତ୍ୟୁ ପ୍ରମାଣପତ୍ର ନ ଥିଲା । ଏହାପରେ ସ୍ଥାନୀୟ ସରପଞ୍ଚଙ୍କ ସହ ଯୋଗାଯୋଗ କରାଯାଇଥିଲା । ମୃତ୍ୟୁ ପ୍ରମାଣପତ୍ର ଦେବା ପାଇଁ କୁହାଯାଇଥିଲା । ଏହାରି ଭିତରେ ଜଣେ କର୍ମଚାରୀ ତାଙ୍କ ପାଖକୁ ଯାଇ ଦେଖିଲା ବେଳକୁ ତାଙ୍କର ନିଃଶ୍ୱାସପ୍ରଶ୍ୱାସ ଚାଲିଥିଲା । ସଙ୍ଗେସଙ୍ଗେ ତାଙ୍କୁ ଆମ୍ବୁଲାନ୍ସରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଆଣିଥିଲୁ । ତାଙ୍କ ପରିବାର ସଦସ୍ୟ ବି ଏଠାରେ ରହିଛନ୍ତି ବୋଲି କହିଛନ୍ତି ବ୍ରଜକିଶୋର । ପି. ଲକ୍ଷ୍ମୀଙ୍କର ବ୍ରେନ୍ ଷ୍ଟ୍ରୋକ୍ ହୋଇଥିବା ଡାକ୍ତର ସନ୍ଦେହ କରୁଥିବା ବେଳେ ତାଙ୍କୁ ଭେଷଜ ବିଭାଗର ଆଇସିୟୁରେ ରଖି ଚିକିତ୍ସା କରିବା ପାଇଁ ପରାମର୍ଶ ଦେଇଛନ୍ତି ।

### ଜଗା ଦୁଆରେ ଉଡ଼ିଗଲା...

ଯାଉଥିଲେ । ବାଇଶିପାହାଚ ଚଢ଼ି ଯିବା ବେଳେ ହଠାତ୍ ଅଚେତ୍ ହୋଇ ପଡ଼ି ଯାଇଥିଲେ । ଏହାଦେଖି ପରିବାର ସଦସ୍ୟ ତାଙ୍କୁ ସଙ୍ଗେସଙ୍ଗେ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ । ହେଲେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ମୃତ୍ୟୁର କାରଣ ସ୍ପଷ୍ଟ ହୋଇ ନଥିବା ବେଳେ ବ୍ୟବଚ୍ଛେଦ ପରେ ଜଣାପଡ଼ିବ ବୋଲି ପୁଲିସ କହିଛି ।


**NOTICE** (Above 18 years of age)

By Virtue of an Affidavit sworn before the Executive Magistrate, Udala, Mayurbhanj, dated 04-09-2025 I, Sukulmani Soren, Address At- Andiatikira, Po- Dengam, Ps- Khunta, Dist- Mayurbhanj, Pin- 757104 declare that I have changed my name Srimati Sukulmani Soren to Sukulmani Soren . Henceforth I shall be known as Sukulmani Soren for all purposes.

Sd/-Sukulmani Soren

**AFFIDAVIT**

By virtue of an affidavit sworn before The Notary Public, Sunabeda dated 15/09/2025 I, Smt. Laxmi Hial, W/o- Late Sublan Hial, Vill.- Luhaba, Po.- Subai, Ps.- Nandapur, District- Koraput declare that I have changed my name from **Lakhmi Hial** to **Laxmi Hial**. Henceforth, I shall be known as **Laxmi Hial** for all purposes.

Sd/- **Laxmi Hial**

**AFFIDAVIT**

By virtue of an affidavit sworn before The Notary Public, Sunabeda dated 15/09/2025 I, Sri Padu Guntha, S/o- Late Dhana Guntha, Vill.- Kulab, Po.- Subai, Ps.- Similiguda, District- Koraput declare that I have changed my daughter's name from **Babnita Guntha** to **Bobita Guntha**. Her date of birth is 29/03/2017. Hence- forth, she shall be known as **Bobita Guntha** for all purposes.

**AFFIDAVIT**

I, Hawa Bibi, aged about 60 years, W/o- Shaikh Farasat, resident of At- Ajampur, PO/PS- Kakatpur, Dist- Puri, PIN- 752108, Odisha declared by this affidavit No. 1910, dtd- 14/09/2025 that now onwards I shall be known as **HAWA KHATUN** for all future purposes.

**AFFIDAVIT**

By virtue of an affidavit sworn before The Executive Magistrate, Bhubaneswar,vide CF No-39/ dated- 16/08/2025. I, **Itishree Biswal,** W/o- Dinabandhu Mohapatra, Address: At- LB-114, Stage-II, Laxmisagar, Near Lalbahadur Club, Laxmisagar, PO: Budheswari Colony, PS: Laxmisagar, Bhubaneswar, Dist: Khordha, PIN: 751002 Odisha declare that I have changed my name from **Itishree Mohapatra** To **Itishree Biswal.** Henceforth, I shall be known as **Itishree Biswal** (new name) for all future purposes.

**Itishree Biswal**

**AFFIDAVIT**

By virtue of an affidavit before The Executive Magistrate, Saintala, on dated- 11/09/2025. I, **Surubali Chhatria,** formerly called as Bui Chhatria, W/o- Late Jogadhyana Chhatria, permanent resident of At- Phapsi, Po- Gandapatrapali, P.S.- Saintala, Dist.- Balangir, (Odisha), PIN- 767032, now residing at the same place affirm that I have changed my name from **Bui Chhatria** (old name) to **Surubali Chhatria** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Surubali Chhatria** (new name).

**Surubali Chhatria**

**AFFIDAVIT**

I, Kallola Mohapatra, aged about 52 years, S/o- Late Gobardhan Mohapatra, resident of At- Qr No-14/32, MIG-II, BDA Colony, Ps- Chandrasekharpur, Bhubaneswar, Dist- Khurda, Odisha, Pin- 751016, do hereby declare by this affidavit No.1906, dtd. 13/09/2025, that now onwards I shall be known as **KALLOLA KUMAR MOHAPATRA** for all future purposes

**AFFIDAVIT**

I, Tanjum Jahan A, aged about 35 years, W/o- Ayub Mohammad, resident of At- Ajampur, PO/PS- Kakatpur, Dist- Puri, PIN- 752108, Odisha declared by this affidavit No. 1912, dtd- 14/09/2025 that now onwards I shall be known as **TANJUM JAHAN** for all future purposes.

**AFFIDAVIT**

By virtue of an affidavit sworn before The Notary Public, Sunabeda dated 15/09/2025 I, Sri Ugra Sisha, Vill.- Talageruput, Po.- Malibelgaon, Ps.- Nandapur, District- Koraput declare that I have changed my name from **Ugresan Sisha** to **Ugra Sisha**. Henceforth, I shall be known as **Ugra Sisha** for all purposes.

**AFFIDAVIT**

By virtue of an Affidavit sworn before Executive Magistrate Begunia vide no. - 1336, on dated. 09.09.2025, I Maharaj Shashwata Chaitanya, C/o- Swami Brahmananda Saraswati At- Kendupalli, Po.-Mallipadar, Ps.- Begunia, Dist.- Khordha, PIN- 752061 declare that, I have changed my name from **Srikanta Swain** to **Maharaj Shashwata Chaitanya**. Henceforth, I shall be known as **Maharaj Shashwata Chaitanya** for all purpose.

**GOVERNMENT OF ODISHA** C-1077

e-mail: eephbhpt@gmail.corn

OFFICE OF THE ADDITIONAL CHIEF ENGINEER, PUBLIC HEALTH DIVISION, BHAWANIPATNA
Parmanandpur, Railway Station Road, Bhawanipatna, Dist: Kalahandi, PIN -766002

**NATIONAL COMPETITIVE BIDDING THROUGH e-Procurement**
**Identification No. ACEPH-BHPT - 27 of 2025-26/ Dt. 12.09.2025**
**e-Procurement Notice**

| | | |
|---|---|---|
| 01. | Name of the Work | : 1No Work. |
| 02. | Type of Bid | : Single Bid System |
| 03. | Approx. Estimated Cost | : Rs. 24.63 Lakh |
| 04. | Period of Completion | : 02 (Two) Calendar Months |
| 05. | Date & Time of availability of bid document in the portal | : From 11.00 AM of dt. 16.09.2025 to 5.00 PM of 25.09.2025 |
| 06. | Last date / time of receipt of bids in the portal | : 5.00 PM of 25.09.2025. |
| 07. | Date & Time of opening of technical bids | : At 11.30 AM of 26.09.2025 |
| 08. | Name and Address of the Officer Inviting Bid | : Additional Chief Engineer, P.H. Division Bhawanipatna, Railway Station Road, At/Po- Parmanandpur, 766002 Dist- Kalahandi. |

Further details can be seen from the web site http://tenders.ori.nic.in or www.tendersorissa.gov.in

OIPR-13059/11/0043/2526

Sd/- Additional Chief Engineer,
P.H. Division, Bhawanipatna

**ODISHA HYDRO POWER CORPORATION LTD.**
OHPC
(A Government of Odisha Undertaking) CAD-1757
OFFICE OF THE SENIOR GENERAL MANAGER (ELECTRICAL)
UPPER KOLAB HYDRO ELECTRIC PROJECT, At: P.O.: BARINIPUT:
DIST. KORAPUT — 764006, PHONE: (06854) 242001
FAX: - (06854) 242038, E-mail: sgmel.ukhep@gmail.com

No. OHPC: SGM: UKHEP: C & P:/ 4600 /Dated, Bariniput the 12/9/25

**NOTICE INVITING TENDER No. 27/25-26 Date. 12/09/25**

Sealed Tenders are invited in single bid basis from Vehicle Owners/Travel Agencies/individuals fulfilling the eligibility criteria as per the tender specification for the work as mentioned below:

| Sl. No. | Description of materials | Cost of tender paper (Non-Refundable) | EMD in Rs. (Refundable) |
|---|---|---|---|
| 1 | Hiring of one number of Ambulance (TATA WINGER/MAHINDRA AMBULANCE) or equivalent with A.C. for Generation Division, UKHEP, Bariniput for four (04) years i.e. 2025-26 to 2028-29. | Rs. 7080/- (Rs.6000/- + 18%GST) | Rs. 25,000/- |

Sale of tender paper : From **18/09/25** to 1**1:00** Hrs. of **06/10/2025**
Last date of submission of tender : Up to **12:00** Hrs. of **06/10/2025**
Date & Time of opening of tender : At **12:30** Hrs. of **06/10/2025**

For details of the tender documents, terms and conditions please visit our wsbsite www.ohpcltd.com

OIPR-04002/11/0123/2526

Sd/- C & P Head, UKHEP, Bariniput.

**VEHICLE FOR SALE**

TATA ACE GOLD ELECTRIC-2023 Regn No. OD-29-L-8707 in as is where is condition. Contact: M/S Sundaram Finance Limited, PARADIP BRANCH, Ph:0672-2295252 within 7 days

**AFFIDAVIT**

By virtue of an affidavit before The Executive Magistrate, Titilagarh, on dated- 10/09/2025. I, **Binodini Jani** (Applicant name), aged about 28 years, W/O- Dhansingh Jani, Permanent resident of At- Turekela, PO- Jamkhunta, PS- Sindhekela, Dist- Balangir, (Odisha), PIN- 767035, now residing at the same place affirm that I have changed my minor son's name from **Minaketan Jani** (old name) to **Miniketan Jani** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Miniketan Jani** (new name).

**Binodini Jani**

**AFFIDAVIT**

I, Ayub Mohammed, aged about 40 years, S/o- Sk Farasat, resident of At- Ajampur, PO/PS- Kakatpur, Dist- Puri, PIN- 752108, Odisha declared by this affidavit No. 1911, dtd- 14/09/2025 that now onwards I shall be known as **AYUB MOHAMMAD** for all future purposes.

**AFFIDAVIT**

I, Aditi Behera, D/o- Amit Kumar Behera, resident of LIG-72, Stage-2, Brit Colony, Nilakantha Nagar, Po/Ps- Berhampur, Dist- Ganjam, Pin- 760002, Odisha declared by this affidavit No. 83, dtd- 11/08/2025 that now onwards I shall be known as **ADITI PRIYADARSHINI** for all future purposes.

**AFFIDAVIT**

I, Pragati Chanduka, aged about 28 years, D/o- Parash Kumar Agarwal, resident of At- Old Sadar, Thana Lane, Puri, Dist- Puri, PIN- 752001, Odisha declared by this affidavit No. 1908, dtd- 14/09/2025 that now onwards I shall be known as **PRAGATI AGARWAL** for all future purposes.

**AFFIDAVIT**

By virtue of an affidavit sworn before Executive Magistrate Bhubaneswar, dated- 29/07/2025, I, **Ranjita Mishra,** Address: Plot No. 63, Bhoinagar, Near Science Park, Bhubaneswar, Khurda, Pin-751022, Odisha declare that I have changed the name of my daughter from **Debasmita Mishra** to **Saloni Mishra.** Henceforth, She shall be known as **SALONI MISHRA** for all purposes.

**Ranjita Mishra**

**AFFIDAVIT**

I, Mirza Mozibur Rahman, aged about 44 years, S/o- Mirza Mahiraj Baig, resident of At- Quazisahi (Baliorada), Ps- Purunabazar, PO/Dist- Bhadrak, Odisha declared by this affidavit No. 7149, dtd- 18/07/2025 that now onwards I shall be known as **MIRZA MOZIBUR RAHAMAN** for all future purposes.

**AFFIDAVIT**

By virtue of an affidavit before the Executive Magistrate, Khariar, on dated- 11/09/2025. I, **Naresh Sunani** (Applicant name), S/O- Late Maniram Sunani, Permanent resident of Village- Nandigaon, PO- Chalana, PS- Sinapali, Dist- Nuapada, (Odisha), PIN- 766108, now residing at the same place affirm that I have changed my minor son's name from **Satwik Sunani** (old name) to **Samprit Naresh Sunani** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Samprit Naresh Sunani** (new name).

**Naresh Sunani**

**VEHICLE FOR SALE**

MAHINDRA 575 DI 45 HP TRACTOR-2023 Regn No. OD-29-L-4086 in as is where is condition. Contact: M/S Sundaram Finance Limited, PARADIP BRANCH Ph:0672-2295252 within 7 days

**AFFIDAVIT**

By virtue of an affidavit sworn before the Notary Public, Kakatpur, Puri, dated- 10/09/2025. I, **Hedayatulah Khan,** S/o- Late Wastullah Khan, Address: Lataharan, PO: Lataharan, Ps: Kakatpur, Dist: Puri, Odisha, PIN: 752119 declare that I have changed my name from **Rajuddin To Hedayatulah Khan.** Henceforth, I shall be known as **Hedayatulah Khan** (new name) for all future purposes.

**AFFIDAVIT**

I, Hansraj Jain, aged about 48 years, S/o- Dalichand Surana, resident of At- Main Road, Malkangiri, PO/PS/Dist- Malkangiri, PIN- 764045, Odisha declared by this affidavit No. 1913, dtd- 14/09/2025 that now onwards I shall be known as **HANSRAJ SURANA** for all future purposes.

**AFFIDAVIT**

I, Ektaben Ajaykumar Yadav, aged about 33 years, W/o- Ajaykumar Yadav, resident of AT- B/7, Lower Camp, Joda West, Ps- Joda, Dist- Keonjhar, Odisha, Pin- 758034 declare by this affidavit No.1916, dtd- 15.09.2025, that now onwards I shall be known as **Dalwadi Ektaben Navnitkumar** for all future purposes.

**AFFIDAVIT**

I, Rajendra Swar, S/o- Bidyadhar Suara, resident of Plot No- 1970/9861, Near Senior Citizen Club, Satya Vihar, Po.- Rasulgarh, Ps.- Mancheswar, Bhubaneswar, Dist- Khorda, Pin- 751010 Odisha declare by this affidavit CF No.133, dtd.-12/09/2025 that now onwards I shall be known as **RAJENDRA KUMAR SUARA** for all future purposes.

**AFFIDAVIT**

I, Rashmita Mohapatra, aged about 45 years, W/o- Prasanta Kumar Mishra, resident of At- Ramachandrapur, Khajuria, Brahmagiri, Dist- Puri, PIN- 752011, Odisha declared by this affidavit No. 1909, dtd- 14/09/2025 that now onwards I shall be known as **RASMITA MISHRA** for all future purposes.

**AFFIDAVIT**

I, Simanchala Biswal, S/o- Parasu Biswal, resident of At- Nuagada, Po-Angargaon, Dist- Ganjam, Pin- 761035, Odisha declared by this affidavit No. 733, dtd- 09/09/2025 that now onwards I shall be known as **SIMANCHAL BISWAL** for all future purposes.

**AFFIDAVIT**

By virtue of an affidavit sworn before the Notary Public, Cuttack, dated- 11/09/2025. I, **Sk Safiquddin Tarafdar,** S/o- Sk Sakur Tarafdar, Address: VTC- Sanakadab, PO: Kadab, Sub-District: Begunia, District: Khurda, PIN: 752062, Odisha declare that I have changed my name from **Sheikh Safiqueddin Tarafdar To Sk Safiquddin Tarafdar.** Henceforth, I shall be known as **Sk Safiquddin Tarafdar** (new name) for all future purposes.

## ବିଦ୍ୟାଳୟକୁ ଫେରିଲେ ଚତୁର୍ଥ ଶ୍ରେଣୀ କର୍ମଚାରୀ

**'ସକାଳ' ପ୍ରଭାବ**

**ଗଣିଆ,୧୫।୯ (ସମିସ):** ଦରମା ପାଉଥିଲେ ସ୍କୁଲରୁ କିନ୍ତୁ କାର୍ଯ୍ୟ କରୁଥିଲେ ଶିକ୍ଷା ବିଭାଗରେ। ଏଣେ ବିଦ୍ୟାଳୟରେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଥିଲେ ଛାତ୍ରଛାତ୍ରୀଙ୍କଠାରୁ ଆରମ୍ଭ କରି ଅଭିଭାବକ ଏବଂ ଶିକ୍ଷକ ଶିକ୍ଷୟିତ୍ରୀ। ଏ ନେଇ 'ସକାଳ'ରେ ବାରମ୍ବାର ଖବର ପ୍ରକାଶିତ ହେବା ପରେ ଡେପୁଟେସନରେ ଯାଇଥିବା ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କର ଡେପୁଟେସନ ବାତିଲ କରାଯିବା ସହିତ ସୋମବାର ନିଜ ବିଦ୍ୟାଳୟରେ ଯୋଗ ଦେଇଛନ୍ତି। ଘଟଣାରୁ ଜଣାପଡିଛି ଗଣିଆରେ ଥିବା ପିଏମ୍‌ଶ୍ରୀ କିଶୋର ଚନ୍ଦ୍ର ନୋଡାଲ ବିଦ୍ୟାପୀଠର ପିଅନ ଦିଲ୍ଲୀପ ପ୍ରଧାନଙ୍କୁ ଡେପୁଟେସନରେ ବ୍ଲକ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟକୁ ପଠାଇ ଦିଆଯାଇଥିଲା।। ଏଣେ ବିଦ୍ୟାଳୟରେ ପିଅନ ନଥିବାରୁ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଥିଲେ। ଏ ନେଇ ଦୈନିକ "ସକାଳ' ଖବରକାଗଜରେ ବାରମ୍ବାର ଖବର ପ୍ରକାଶିତ ହୋଇଥିଲା। ବିଦ୍ୟାଳୟର ପଞ୍ଚସଖା ଶିକ୍ଷା ସେତୁ ସଂଗଠନର ସଭାପତି ଏବଂ ସଦସ୍ୟମାନେ ଶିକ୍ଷା ଅଧିକାରୀଙ୍କୁ ଭେଟି ଲିଖିତ ଅଭିଯୋଗ ଦେଇଥିଲେ। ଏପରିକି ୭ ଦିନ ମଧ୍ୟରେ ଯଦି ପିଅନ ଜଣକ ନିଜ ମୂଳ ବିଦ୍ୟାଳୟରେ ଯୋଗ ଦିଅନ୍ତି ତେବେ ବ୍ଲକ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନ ହେବ ବୋଲି ପଞ୍ଚସଖା ଶିକ୍ଷା ସେତୁ ସଂଗଠନ ସଭାପତି ଜଣାଇଥିଲେ। ବ୍ଲକ ଶିକ୍ଷା ଅଧିକାରୀ ଏ ସମ୍ପର୍କରେ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ଅବଗତ କରାଇଥିଲେ। ତେବେ ଆଜି ଅପରାହ୍ନରେ ପିଅନ ଦିଲ୍ଲୀପ ପ୍ରଧାନଙ୍କ ଡେପୁଟେସନ ବାତିଲ କରି ତାଙ୍କ ମୂଳ ବିଦ୍ୟାଳୟରେ କାର୍ଯ୍ୟ କରିବାକୁ ଜିଲ୍ଲା ଶିକ୍ଷା ଅଧିକାରୀ ନିର୍ଦ୍ଦେଶ ଦେଇଥିଲେ। ତେବେ ପିଅନ କାର୍ଯ୍ୟରେ ଯୋଗ ଦେଇଥିବାରୁ ପଞ୍ଚସଖା ଶିକ୍ଷା ସେତୁ ସଂଗଠନର ସଭାପତି ଦେବାନନ୍ଦ ମିଶ୍ର 'ସକାଳ'କୁ କୃତଜ୍ଞତା ଜ୍ଞାପନ କରିଛନ୍ତି।

## ଜିଲ୍ଲାପାଳଙ୍କ ଜନଶୁଣାଣି ଶିବିର



**ଖଣ୍ଡପଡ଼ା,୧୫।୯ (ସମିସ):** ଖଣ୍ଡପଡ଼ା ପଞ୍ଚାୟତ ସମିତି ସଭାଗୃହରେ ସୋମବାର ଜିଲ୍ଲାପାଳଙ୍କ ବ୍ଲକସ୍ତରୀୟ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ଉପସ୍ଥିତ ରହି ଜନସାଧାରଣଙ୍କ ବିଭିନ୍ନ ସମସ୍ୟା ଶୁଣିଥିଲେ। ଏଥିରେ ମୋଟ ୧୦୪ଟି ବ୍ୟକ୍ତିଗତ ସମସ୍ୟା ଥିବା ବେଳେ ୪ ଗ୍ରାମ୍ୟ ସମସ୍ୟା, ୪ ଜଣ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠି ପାଇଁ ଆବେଦନ କରିଥିବା ନେଇ ସୂଚନା ରହିଛି। ସମୁଦାୟ ୧୧୨ଟି ଅଭିଯୋଗରୁ ୨୮ଟି ତୁରନ୍ତ ସମାଧାନ ହୋଇଥିବା ଜିଲ୍ଲା ପ୍ରଶାସନ ଠାରୁ ସୂଚନା ମିଳିଛି। ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଏସ୍.ସୁଶ୍ରୀ, ଖଣ୍ଡପଡ଼ା ଅଧ୍ୟକ୍ଷା ଉପମା ବେହେରା, ଏସଡିପିଓ ମଦନ ମୋହନ ପ୍ରଧାନ, ବିଡିଓ ଅଙ୍କୁର ଅଭିଳାଷ, ତହସିଲଦାର ବିଶ୍ୱ ବିସ୍ତୃତ ତ୍ରିପାଠୀ, ସିଡିଏମଓ ସୁଶାନ୍ତ କୁମାର ଦାଶଙ୍କ ସମେତ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ।

## ରାଜ୍ୟସ୍ତରୀୟ କ୍ୟାରମ୍ ଟୁର୍ଣ୍ଣାମେଣ୍ଟ ଭୁବନେଶ୍ୱର ଚାମ୍ପିଅନ




**ଖଣ୍ଡପଡ଼ା,୧୫।୯ (ସମିସ):** ଖଣ୍ଡପଡ଼ା ସାମନ୍ତ ଚନ୍ଦ୍ରଶେଖର ସ୍ମୃତିମନ୍ଦିର ଓ ପାଠାଗାର ପରିସରରେ ମହାବୀର କ୍ଲବ୍ ଆନୁକୂଲ୍ୟରେ ଏକଦିବସୀୟ ଦିବା ରାତ୍ର ରାଜ୍ୟସ୍ତରୀୟ କ୍ୟାରମ୍ ଟୁର୍ଣ୍ଣାମେଣ୍ଟ ରବିବାର ଅନୁଷ୍ଠିତ ହୋଇଯାଇଛି। ଟୁର୍ଣ୍ଣାମେଣ୍ଟରେ ଭୁବନେଶ୍ୱରର ସୁନିଲ ବେହେରା ଓ ସରୋଜ କୁମାର ଓଝା ପ୍ରଥମସ୍ଥାନ ଅଧିକାର କରି ଚଳିତ ବର୍ଷ ଚମ୍ପିଆନ ହୋଇଥିବା ବେଳେ ଦ୍ୱିତୀୟ ସ୍ଥାନରେ କଟକ ଜିଲ୍ଲା ଅଧିନ ସାଲେପୁରର ପ୍ରମୋଦ ଭୋଇ ଓ ପାର୍ଥ ଦ୍ୱିତୀୟ ସ୍ଥାନ ଅଧିକାର କରିଥିବା ଜଣାଯାଇଛି। ସେହିପରି ଭୁବନେଶ୍ୱର ଯଦୁପୁର ଗ୍ରାମର ବବୁଲ ଓ ବୁଲା ୩ୟ ସ୍ଥାନ ସହ ପୁରୀ ଜିଲ୍ଲାର ପିପିଲି ବ୍ଲକ ଅଧିନ ଦନଗୋହିରିଆ ଗ୍ରାମର ବବୁଲ ଓ ହବିବ୍ ୪ର୍ଥ ସ୍ଥାନ ଅଧିକାର କରି ପୁରସ୍କୃତ ହୋଇଥିବା ଜଣାଯାଇଛି। ଚମ୍ପିଆନ୍ ଦଳକୁ ୫ ୫୦୦ ଟଙ୍କା ସହ ଟ୍ରଫି, ରନର୍ସଅପ୍ ଦଳକୁ ୩୦୦୦ ଟଙ୍କା ସହ ଟ୍ରଫି ଏବଂ ତୃତୀୟ ସ୍ଥାନ ଅଧିକାର କରିଥିବା ଦଳକୁ ୨୦୦୦ ଟଙ୍କା ସହ ଟ୍ରଫି ସହ ଚତୁର୍ଥ ସ୍ଥାନ ଅଧିକାର କରିଥିବା ଦଳକୁ ୧୫୦୦ ଟଙ୍କା ସହ ଟ୍ରଫି ପ୍ରଦାନ କରାଯାଇଥିଲା। ସେହିପରି ଟୁର୍ଣ୍ଣାମେଣ୍ଟରେ ଶ୍ରେଷ୍ଠ ଖେଳ ପ୍ରଦର୍ଶନ ନିମନ୍ତେ ଖୋର୍ଦ୍ଧା ଜିଲ୍ଲା ଅଧିନ ମାଣିକାଗୋଡ଼ା ଗ୍ରାମର ରମେଶ ଚନ୍ଦ୍ର ସୁବୁଦ୍ଧିଙ୍କୁ ପ୍ଲେୟାର ଅଫ ଦ ଟୁର୍ଣ୍ଣାମେଣ୍ଟ ଭାବେ ପୁରସ୍କାର ପ୍ରଦାନ କରାଯାଇଥିଲା। ଟୁର୍ଣ୍ଣାମେଣ୍ଟର ମୁଖ୍ୟ ଆୟୋଜକ ଭଗବାନ ରାଉତଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଟୁର୍ଣ୍ଣାମେଣ୍ଟକୁ ବାଇଗୁଣିଆଁ ଗ୍ରାମର ସେଞ୍ଚୁରିଆନ କ୍ଲବର ସଭାପତି ତଥା ଶିକ୍ଷକ ଶିଶିର କୁମାର ସାହୁ, ମାଣିକାଗୋଡ଼ା ଗ୍ରାମର ରମେଶ ଚନ୍ଦ୍ର ସୁବୁଦ୍ଧି ଓ ଇଟାମାଟି ଗ୍ରାମର ପ୍ରତ୍ୟୁଷ ଷଡଙ୍ଗୀ ଓ ସାଥୀ ଅଶୋକ କୁମାର ନାୟକ ପ୍ରମୁଖ ପରିଚାଳନା କରିଥିଲେ।

**ସାର ପାଇଁ ହାହାକାର**

# ଗାଡ଼ି ସହ ଅତିରିକ୍ତ ଜିଲ୍ଲାପାଳଙ୍କୁ ଘେରାଉ

ନୟାଗଡ଼,୧୫।୯ (ସମିସ)




ନୟାଗଡ଼ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ସାର ପାଇବା ଆଶାରେ ଧାରଣା ଦେଇଥିବା ଚାଷୀଙ୍କୁ ମାଡ଼ ମାରି ଜବରଦସ୍ତ ଉଠାଇ ନେଇଛି ପୁଲିସ୍। ସାର ପାଇଁ ଅଡ଼ି ବସିଥିବା ବେଳେ ନବ ନିର୍ମାଣ କୃଷକ ସଂଗଠନ ନେତା ମହେଶ୍ୱର ଜେନା ଏବଂ ଅନେକ ଚାଷୀ ନେତାଙ୍କୁ ଘୋଷାରି ଘୋଷାରି ପୁଲିସ ଉଠାଇ ନେଇଛି। ହକ ପାଇଁ ଧାରଣା ଦେଇଥିବା ଚାଷୀଙ୍କ ଉପରେ ବଳପୂର୍ବକ

- ଚାଷୀଙ୍କ ଉପରେ ପୁଲିସ୍ ରାଜ
- ଆନ୍ଦୋଳନକାରୀଙ୍କୁ ଉଠାଇନେଲେ

ପୁଲିସ କାର୍ଯ୍ୟାନୁଷ୍ଠାନକୁ ନେଇ ଜିଲ୍ଲା ଚାଷୀର ପ୍ରମୁଖ ଚାଷୀ ସଂଗଠନ ଏବେ ତତଲା ଅବସ୍ଥାରେ ରହିଛନ୍ତି। ଏହାକୁ ନେଇ ଜୋରଦାର ଆନ୍ଦୋଳନ କରିବାକୁ ଚେତାବନୀ ଦେଇଛନ୍ତି। ସୋମବାର ନୟାଗଡ଼ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସାମ୍ନାରେ ନବନିର୍ମାଣ କୃଷକ ସଂଗଠନ ଆହ୍ୱାନ କ୍ରମେ ଶହ ଶହ ଚାଷୀ ନିଜର ଆଧାର କାର୍ଡ ଓ ଟଙ୍କା ଧରି ସାର ମାଗିବା ପାଇଁ ଆସିଥିଲେ। ସୋମବାର ଖଣ୍ଡପଡ଼ାରେ ଜନଶୁଣାଣି ରହିଥିବାରୁ ପ୍ରଶାସନିକ ଅଧିକାରୀମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ନଥିଲେ। ଶହ ଶହ ଚାଷୀ ଧାରଣାରେ ବସି ସରକାରଙ୍କ ବିରୁଦ୍ଧରେ ନାରାବାଜି କରୁଥିଲେ। ଖବରପାଇ ନୟାଗଡ଼ ତହସିଲଦାର ରାଜେଶ କେଶରୀ ସ୍ୱାଇଁ ଧାରଣାସ୍ଥଳରେ ପହଞ୍ଚି ବୁଝାସୁଝା କରିବାକୁ ଚେଷ୍ଟା କରିଥିଲେ। ଚାଷୀମାନେ ଅବୁଝା ହେବାରୁ ସେ ସମବାୟ ସମିତି ସମୂହ ଉପନିବନ୍ଧକ ଅନନ୍ତ କୁମାର ନାୟକଙ୍କୁ ଘଟଣାସ୍ଥଳକୁ ଡକାଇଥିଲେ। ଶ୍ରୀଯୁକ୍ତ ନାୟକ ପହଞ୍ଚି ବୁଝାଶୁଝା କରିଥିଲେ। ଚାଷୀମାନେ ସାର ପାଇବା ପରେ ସ୍ଥାନ ଛାଡ଼ିବେ ବୋଲି କହିଥିଲେ। ଦୀର୍ଘ ସମୟ ଧରି ଚାଷୀମାନେ ଆନ୍ଦୋଳନରେ ବସିଥିଲେ। ତଥାପି ପରିସ୍ଥିତିରେ ସୁଧାର ଆସିନଥିଲା। ଚାଷୀମାନେ ନିଜ ଜିଦରେ ଅଟଳ ରହିଥିଲେ। ଟାଉନଥାନା ଅଧିକାରୀ ବିଜୟା ସାହୁ ପୁଲିସ ଫୋର୍ସ ସହ ଉପସ୍ଥିତ ରହିଥିଲେ। ଏହି ସମୟରେ କଂଗ୍ରେସ ନେତା ରଣଜିତ ଦାଶ ଏବଂ ଅନ୍ୟମାନେ ପହଞ୍ଚି ଚାଷୀଙ୍କୁ ସମର୍ଥନ ଦେଇଥିଲେ। କାର୍ଯ୍ୟାଳୟକୁ ବାହାରୁଥିବା ଅତିରିକ୍ତ ଜିଲ୍ଲାପାଳ ରୋଜିନା ଦାସଙ୍କ ଗାଡ଼ି ଆଗରେ ବସି ଚାଷୀମାନେ ହୋହାଲ୍ଲା କରିଥିଲେ। ସାର ଦିଅ ସାର ଦିଅ ବୋଲି ନାରବାଜି କରିଥିଲେ। ଅତିରିକ୍ତ ଜିଲ୍ଲାପାଳ ଓ ଚାଷୀ ମୁହାଁମୁହିଁ ପରିସ୍ଥିତି ସୃଷ୍ଟି ହୋଇଥିଲା। ଯାହାକୁ ନେଇ ଧାରଣସ୍ଥଳରେ ପୁଲିସ ଫୋର୍ସ ବଢ଼ାଯିବା ସହ ନୟାଗଡ଼ ଏସ୍‌ଡିପିଓ ଜ୍ୟୋତିରଞ୍ଜନ ସାମନ୍ତରାୟ ପହଞ୍ଚିଥିଲେ। ଚାଷୀମାନେ ଉତ୍‌କ୍ଷିପ୍ତ ହୋଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ମୁଖ୍ୟ ଫାଟକରେ ତାଲା ପକାଇଥିଲେ। ଯାହାକୁ ନେଇ ପୁଲିସ ଚାଷୀଙ୍କ ଉପରେ ଆକ୍ରୋଶ ମୂଳକ କାର୍ଯ୍ୟପନ୍ଥା ଗ୍ରହଣ କରିଥିବା ଦେଖିବାକୁ ମିଳିଛି। ୭ରୁ ଉର୍ଦ୍ଧ୍ୱ ଚାଷୀ ନେତାଙ୍କୁ ପୁଲିସ ଜବରଦସ୍ତ ଉଠାଇ ନେଇଥିବା ଦେଖିବାକୁ ମିଳିଛି। ଏହା ସହିତ ଧାରଣା ସ୍ଥଳରେ ଥିବା ଚାଷୀଙ୍କୁ ପୁଲିସ ଘଉଡ଼ାଇ ଦେଇଥିବା ଦେଖାଯାଇଛି।

### ୯ ଶହ ଟଙ୍କା ଦେଇ କିଣୁଛି ଚାଷୀ

ଓଡ଼ଗାଁ: ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଏବଂ ଏନ୍‌ଏସି ଅଞ୍ଚଳରେ ସାରର ଘୋର ଅଭାବ ଲାଗି ରହୁଥିବାରୁ ଗୋଟିଏ ୟୁରିଆ ବସ୍ତାର ଦାମ୍ ୩ଶହ ଟଙ୍କା ପରିବର୍ତ୍ତେ ୯ ଶହ ଟଙ୍କା ଦେଇ ଚାଷୀଙ୍କୁ କିଣିବାକୁ ପଡୁଛି। ଅନ୍ୟପକ୍ଷରେ ହାତ ଗଣତି କେତୋଟି ସମବାୟ ସମିତିକୁ ସାର ଆସିଥିବା ବେଳେ ତାହା ସମୁଦ୍ରକୁ ଶଙ୍ଖେ ପରି ହୋଇଛି। ୨ ହଜାର ବସ୍ତାର ଆବଶ୍ୟକ ସ୍ଥଳେ ୨ଶହ ବସ୍ତା ନେବାକୁ ଚାଷି ମାନଙ୍କ ମଧ୍ୟରେ ଭିଡାଘୋଷରା ଚାଲିଛି। ଏପରିକି କାହାରିକୁ କହି ଚାପ ପକାଇ ବସ୍ତାଏ ସାର ପାଇବା ମଧ୍ୟ ସମ୍ଭବପର ହେଉନାହିଁ। ଚଳିତ ବର୍ଷ ବର୍ଷା ଭଲ ଥିବା ବେଳେ ସାର ନମିଳିବା ଚାଷୀମାନଙ୍କ ନିମନ୍ତେ ଦୁର୍ଭାଗ୍ୟ ସାଜିଛି।

### ସାର ଅଭାବ ପାଇଁ ଜିଲ୍ଲାପାଳ ଦାୟୀ: କଂଗ୍ରେସ

ନୟାଗଡ଼: ନୟାଗଡ଼ ଜିଲ୍ଲା ବ୍ୟାପୀ ସାର ଅଭାବ ପାଇଁ ସଙ୍କଟରେ ଚାଷୀ। ୟୁରିଆ ସାର ବଣ୍ଟନ ପ୍ରକ୍ରିୟାରେ ଘୋର ବିଭ୍ରାଟ ପାଇଁ ନୟାଗଡ଼ ଜିଲ୍ଲାପାଳଙ୍କୁ ପ୍ରତ୍ୟେକ୍ଷ ଭାବେ ଦାୟୀ କରିଛି କଂଗ୍ରେସ। ଅଗଷ୍ଟ ମାସରେ ଜିଲ୍ଲା କୃଷି ବିଭାଗ ତତ୍ତ୍ୱାବଧାନରେ କେତେକ ହାତଗଣତି ବଡ଼ବଡ଼ ଘରୋଇ ବ୍ୟବସାୟୀଙ୍କୁ ୪୩୦୦ ମେଟ୍ରିକଟନ ସାର ଦିଆ ଯାଇଥିଲା। ମାତ୍ର ଏହି ପ୍ରଚୁର ପରିମାଣ ସାର ଧାନ ମଣ୍ଡି ପଞ୍ଜିକୃତ କିମ୍ବା ଖରିଫ ଋଣ ନେଇଥିବା ଚାଷୀଙ୍କୁ ଦିଆ ନଯାଇ ଖୋଲା ବଜାରରେ କଳାବଜାରୀ କରାଯାଇ ୟୁରିଆ ବସ୍ତା ପ୍ରତି ୧୦୦୦ ଟଙ୍କାରେ ବିକ୍ରି କରାଯିବା ଯୋଗୁଁ ସେପ୍ଟେମ୍ବର ମାସରେ ପ୍ରକୃତ ଚାଷୀମାନେ ସାର ପାଇଁ ଉହଳବିକଳ ହେଉଥିବା ଅଭିଯୋଗ କରିଛନ୍ତି ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ରଣଜିତ ଦାଶ। ଏହି ସାର ବଣ୍ଟନ ବିଭ୍ରାଟ ପାଇଁ ଶ୍ରୀ ଦାଶ ନୟାଗଡ଼ ଜିଲ୍ଲାପାଳଙ୍କୁ ଦାୟୀ କରଛନ୍ତି। କାରଣ ଯେତେବେଳେ ସାର କଳାବଜାରୀ ହେଉଥିବା ଚାଷୀମାନେ ବାରମ୍ବାର ଅଭିଯୋଗ କରୁଥିଲେ ସେତେବେଳେ ଜିଲ୍ଲପାଳ ଉଚିତ କାର୍ଯ୍ୟାନୁଷ୍ଠାନ ନେଲେ ନାହିଁ। ଯାହାଫଳରେ ସାର ଅଭାବୀ ବିକ୍ରି ଦର୍ଶାଇ କଳାବଜାରୀ ହେଉଛି। ଆଜି ବିରୁଡ଼ା ମର୍ଦରାଜପୁର ପ୍ୟାକ୍ସ ରେ ସାର ପାଇନଥିବା ଶତାଧିକ ଚାଷୀ ଜିଲ୍ଲାପାଳଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ନୟାଗଡ଼ ଜିଲ୍ଲା ପାଇଁ ସର୍ବମୋଟ ୮୦୦୦ ମେଟ୍ରିକଟନ ସାର ଆବଶ୍ୟକତା ଥିବା ବେଳେ ଅଦ୍ୟାବଧି ୭୦୦୦ ମେଟ୍ରିକଟନ ସାର ଜିଲ୍ଲାରେ ପହଞ୍ଚି ସାରିଲାଣି। କିନ୍ତୁ ଘରୋଇ ବ୍ୟବସାୟୀଙ୍କ ସାର କଳାବଜାରୀ ପାଇଁ ଆଜି ସମଗ୍ର ନୟାଗଡ଼ ଜିଲ୍ଲାରେ ସାର ସଙ୍କଟ ଦେଖାଦେଇଛି। ଜିଲ୍ଲାର ସମସ୍ତ ପ୍ୟାକ୍ସ ସମ୍ପାଦକଙ୍କୁ ବାଧ୍ୟତାମୂଳକ ଭାବେ ପର୍ଯ୍ୟାପ୍ତ ପରିମାଣ ସାର ଯୋଗାଇ ସାର ସଙ୍କଟ ଦୂର କରିବା ପାଇଁ ନୟାଗଡ଼ କଂଗ୍ରେସ ପକ୍ଷରୁ ଦାବି କରାଯାଇଛି। ପୂର୍ବତନ ବ୍ଲକ କଂଗ୍ରେସ ସଭାପତି ଫକୀର ଚରଣ ମଲ୍ଲ ଏବଂ ଜିଲ୍ଲା ଛାତ୍ର କଂଗ୍ରେସ ସଭାପତି ଶିବରଞ୍ଜନ ସାହୁ ପ୍ରମୁଖ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଆନ୍ଦୋଳନ ରତ ଚାଷୀଙ୍କୁ ତତ୍କାଳ ସାର ଯୋଗାଣ ପାଇଁ ଡିଆରସିଏସଙ୍କ ସହ ଆଲୋଚନା କରିଥିଲେ।

## ଗ୍ରାମାଞ୍ଚଳରେ ଡାକସେବା ନେଇ ସଚେତନତା

**ଭାପୁର,୧୫।୯ (ସମିସ):** ଡାକବିଭାଗ ତରଫରୁ ଗ୍ରାମାଞ୍ଚଳରେ ରହୁଥିବା ଜନସାଧାରଣଙ୍କ ପାଇଁ ବିଭିନ୍ନ ଯୋଜନା ବିଷୟରେ ସଚେତନତା ସୃଷ୍ଟି ପାଇଁ ଏକ କର୍ମଶାଳା ଆୟୋଜନ କରାଯାଇଛି। ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ଶାଳପଡା ଶାଖା ଡାକଘରର ପରିଚାଳକ ପ୍ରକାଶ ଚନ୍ଦ୍ର ପଟ୍ଟନାୟକଙ୍କ ଆୟୋଜନରେ ଶାଳପଡା କିସମତ କେନ୍ଦୁପଲ୍ଲୀ ରାମମନ୍ଦିର ପରିସରରେ ଏହି ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ପୋଷ୍ଟାଲ ସୁପରିଟେଣ୍ଡେଣ୍ଟ ମନୋଜ କୁମାର ପଟ୍ଟନାୟକ, ଇନିସପେକ୍ଟର ଶୁଭେନ୍ଦୁ କୁମାର ଶତପଥୀ, ଗ୍ରାମୀଣ ଡାକ ଜୀବନବୀମା ଡେଭଲପମେଣ୍ଟ ଅଫିସର ଦାଶରଥି ପରିଡା, ବିଜିନେସ ଡେଭଲପମେଣ୍ଟ ଅଫିସର କଳ୍ପତରୁ ରାଉତ ଯୋଗଦେଇ ଉପସ୍ଥିତ ମହିଳାଙ୍କୁ ଡାକବିଭାଗ ବିଭିନ୍ନ ଯୋଜନା ବିଷୟରେ ସଚେତନ କରିଥିଲେ। ଶାଳପଡା ଗ୍ରାମର ୫୦ରୁ ଉଠରୁ ମହିଳା ଓ ବ୍ଲକର ୧୬ ଶାଖା ଡାକଘରର କର୍ମଚାରୀମାନେ ଯୋଗ ଦେଇଥିଲେ। ଅଧିକାରୀମାନେ ସୁକନ୍ୟା ଯୋଜନା, ଗ୍ରାମୀଣ ଡାକ ଜୀବନବୀମା ଯୋଜନା, ସେଭିଙ୍ଗସ, ଟର୍ମ ଓ ରେକରିଙ୍ଗ ଯୋଜନାରେ ସାମିଲ ହେଲେ କିପରି ଜନସାଧାରଣ ଅଧିକ ଲାଭବାନ ହେବେ ସେ ନେଇ ତୁଳାତ୍ମକ ତଥ୍ୟ ପ୍ରଦାନ କରିଥିଲେ।

## ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ଅଭିଭାବକଙ୍କୁ ସଚେତନତା

**ଭାପୁର,୧୫।୯ (ସମିସ):** ବିଭିନ୍ନ ବିଦ୍ୟାଳୟରେ ଅଧ୍ୟୟନ କରୁଥିବା ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ପାଇଁ କେନ୍ଦ୍ର ଓ ରାଜ୍ୟ ସରକାର ଅନେକ ଯୋଜନା ପ୍ରଣୟନ କରିଛନ୍ତି। ଏହି ବର୍ଗର ଛାତ୍ରଛାତ୍ରୀଙ୍କ ଅଭିଭାବକମାନେ କିପରି ସଚେତନ ହେବେ ସେ ନେଇ ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ବାଇଗୁଣିଆ ତନ୍ତୁବାୟ ସହଯୋଗ ଉଚ୍ଚ ବିଦ୍ୟାଳୟରେ ବାଇଗୁଣିଆ, ଜାମୁସାହି ଓ ବାଘୁଆପଲ୍ଲୀ ସର୍ବେଶ୍ୱର ନୋଡାଲ କ୍ଲଷ୍ଟରର ୪୦ ବିଦ୍ୟାଳୟର ୫୦ରୁ ଉର୍ଦ୍ଧ୍ୱ ଅଭିଭାବକଙ୍କୁ ସଚେତନତା କରାଯାଇଥିଲା। ସୋମବାର ଦିନ ଆୟୋଜିତ ଏହି ସଚେତନତା ଅଭିଯାନ କାର୍ଯ୍ୟକ୍ରମକୁ ବ୍ଲକ ବିଆରସିସି ପ୍ରଭାକର ସାମନ୍ତରାୟ ଉଦଘାଟନ କରିଥିଲେ। ପ୍ରଶିକ୍ଷକ ଭାବେ ସମ୍ବଳ ଶିକ୍ଷକ ଦୁର୍ବାଶା ସାମଲ, ମାମି ଜେନା ଓ ତୃପ୍ତିରାଣୀ ସାହୁ ଯୋଗ ଦେଇଥିବା ସମସ୍ତ ଅଭିଭାବକ ଓ ଅଭିଭାବିକାଙ୍କୁ ସରକାରଙ୍କ ବିଭିନ୍ନ ଜନକଲ୍ୟାଣ ଯୋଜନା ଉପରେ ସଚେତନତା କରାଇଥିଲେ।

**ସରକାରୀ ନିର୍ମାଣରେ ବେଆଇନ କାଠ ବ୍ୟବହାର**

## ବନବିଭାଗ ଦ୍ୱାରା ବିପୁଳ ପରିମାଣ କାଠ ଜବତ



**ଗଣିଆ,୧୫।୯ (ସମିସ):** ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ନିର୍ମାଣ କରାଯାଉଥିବା ଏକ ଅର୍ଦ୍ଧନିର୍ମିତ ସରକାରୀ ବାସଗୃହରୁ ଟ୍ରିପ ଟ୍ରିପ ଶାଗୁଆନ ଏବଂ ଶାଳକାଠ ପଟା ଓ ଚଉକାଠ ବନବିଭାଗ ଜବତ କରିଛି। ଯାହାର ଆନୁମାନିକ ମୂଲ୍ୟ ୪ ଲକ୍ଷ ଟଙ୍କାରୁ ଅଧିକ ହେବ ବୋଲି ବନବିଭାଗ ତରଫରୁ ଜଣାପଡିଛି। ଏହି ଘଟଣାକୁ ଚାପି ଦେବାକୁ ବିଭିନ୍ନ ମହଲରୁ ଚାପ ସୃଷ୍ଟି କରାଯାଉଛି। ଘଟଣାରୁ ଜଣାପଡିଛି ଯେ ଗ୍ରାମ୍ୟ ଉନ୍ନୟନ ବିଭାଗ ଦ୍ୱାରା ଏକ ଅର୍ଦ୍ଧନିର୍ମିତ ସରକାରୀ ବାସଗୃହରେ ବେଆଇନ ଭାବେ ବିପୁଳ ପରିମାଣର କାଠପଟା, ଚଉକାଠ ଗଚ୍ଛିତ ଥିବା କୌଣସି ସୂତ୍ରରୁ ବନବିଭାଗକୁ ଖବର ମିଳିଥିଲା। ବିଭାଗୀୟ ଅଧିକାରୀଙ୍କ ନିର୍ଦ୍ଦେଶରେ ଗଣିଆ ଫରେଷ୍ଟର ମନୋଜ ପ୍ରଭାକର ସାହୁ, ଫରେଷ୍ଟର ସନ୍ତୋଷ କୁମାର ପ୍ରଧାନ, ନୟାଗଡ଼ ମୋବାଇଲ ସ୍କ୍ୱାର୍ଡ ଫରେଷ୍ଟର ପ୍ରଭାସ ଚନ୍ଦ୍ର ମଲ୍ଲିକ, ସୁରେଶ କୁମାର ସାହୁ,ବବୁଲ ସାହୁ, ସନ୍ତୋଷ କୁମାର ଦୋରା, ଫରେଷ୍ଟ ଗାର୍ଡ ଧରଣୀଧର ନାୟକ, କୁନି ଓଝା ପ୍ରମୁଖ ଉକ୍ତ ସ୍ଥାନରେ ଚଢ଼ଉ କରିଥିଲେ। ଏତେ ସଂଖ୍ୟକ କାଠ ଦେଖି ବନବିଭାଗ କର୍ମଚାରୀ ଆଶ୍ଚର୍ଯ୍ୟ ଚକିତ ହୋଇଯାଇଥିଲେ। ଉକ୍ତ ବାସଗୃହରୁ କାଠ ଗୁଡ଼ିକୁ ବୋହି ଆଣିବାକୁ ପ୍ରାୟ ଦୁଇଘଣ୍ଟାରୁ ଅଧିକ ସମୟ ଲାଗିଥିଲା। ବାସଗୃହ ନିର୍ମାଣ କରୁଥିବା ଠିକାଦାର ଘଟଣାସ୍ଥଳରେ ପହଞ୍ଚି କାଠ ଆଣିଥିବା ରସିଦ ଦେଖାଇଥିଲେ ମଧ୍ୟ ସେଥିରେ ବିଭାଗୀୟ ଅଧିକାରୀ ସନ୍ତୁଷ୍ଟ ହୋଇନଥିଲେ। ଏପରିକି ବାହାରୁ ଚୋରାରେ କାଠଗଣ୍ଡି ଆଣି ସେଠାରେ କାଠ କଟାଯାଇଥିବା ଏବଂ କାଠର ଛେଲା ଏବଂ ପାଖିପଟା ପଡ଼ିଥିବା ବିଭାଗୀୟ ଅଧିକାରୀ ପ୍ରକାଶ କରିଥିଲେ। ପରେ ଜବତ କାଠ ପଟା ଗୁଡିକୁ ଗଣିଆ ବନବିଭାଗ କାର୍ଯ୍ୟାଳୟ ପରିସରକୁ ଅଣାଯାଇଥିଲା। ବନବିଭାଗ ତଥ୍ୟ ଅନୁସାରେ, ପଟା ୨୮୦ ଖଣ୍ଡ, ଦୁଆର ବନ୍ଧ ସାଇଜ ୯୦ ଖଣ୍ଡ ଜବତ ହୋଇଥିବା ସୂଚନା ମିଳିଛି। ଅନ୍ୟପକ୍ଷେ, ଏହି କାଠକୁ ଠିକାଦାର ବେଆଇନ ଭାବେ ବ୍ୟବହାର କରୁଥିବା ବେଳେ ଗ୍ରାମ୍ୟ ଉନ୍ନୟନ ବିଭାଗ ସବୁଜାଣି ନୀରବ ଦ୍ରଷ୍ଟା ସାଜିଥିଲା।

## ମହିଳାଙ୍କୁ ଯୌନ ଉତ୍ପୀଡ଼ନ ପ୍ରତିରୋଧ ତାଲିମ

**ଓଡ଼ଗାଁ,୧୫।୯ (ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ସଭାଗୃହରେ ଜିଲ୍ଲା ସମାଜ ମଙ୍ଗଳ କାର୍ଯ୍ୟାଳୟ ଦ୍ୱାରା ଆୟୋଜିତ ଏବଂ ଓଡ଼ଗାଁ ସମନ୍ୱୀନ ଶିଶୁ ବିକାଶ ପ୍ରକଳ୍ପ କାର୍ଯ୍ୟାଳୟ ସହଯୋଗରେ କାର୍ଯ୍ୟ କ୍ଷେତ୍ରରେ ମହିଳାଙ୍କୁ ଯୌନ ଉତ୍ପୀଡ଼ନ ପ୍ରତିରୋଧ ନିଷିଦ୍ଧ ଓ ନିରାକରଣ ଆଇନ-୨୦୧୩ ସମ୍ବନ୍ଧୀୟ ବ୍ଲକ ସ୍ତରୀୟ ତାଲିମ କାର୍ଯ୍ୟକ୍ରମ ସୋମବାର ଅନୁଷ୍ଠିତ ହୋଇଯାଇଛି। ଓଡ଼ଗାଁ ବ୍ଲକ ଅଧ୍ୟକ୍ଷ ଲୋକନାଥ ସାହୁ, ଓଡ଼ଗାଁ ତହସିଲଦାର ଡ.ମାନସ ରଞ୍ଜନ ଭୋଇ, ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ରାଜସ୍ୱିନୀ ପ୍ରଧାନ, ନୟାଗଡ଼ ସବ୍ ଡିଭିଜନ ପ୍ରକଳ୍ପ ଅଧିକାରୀ ସଞ୍ଜୁଲତା ପାଣିଗ୍ରାହୀ, ସୌମ୍ୟ ରଞ୍ଜନ ଦାଶ, ବିଶ୍ୱପାଣ୍ଡବୀ, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ରାଜକିଶୋର ସାହୁ ଏବଂ ରଘୁନାଥ ମଲ୍ଲିକ ଯୋଗ ଦେଇଥିଲେ। ସମସ୍ତ ସରକାରୀ, ବେସରକାରୀ ଓ ସରକାରୀ ଅନୁଦାନପ୍ରାପ୍ତ ବିଦ୍ୟାଳୟରେ ଗଠନ କରାଯାଇଥିବା ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ପ୍ରଧାନଶିକ୍ଷକମାନଙ୍କ ସମେତ ପ୍ରାୟ ୧୫୦ ଜଣ ସଦସ୍ୟଙ୍କ ସହିତ ସିଆରସିସି ନରେଶ ପାଣିଗ୍ରାହୀ ଓ ଯଶୋବନ୍ତ ପଟ୍ଟନାୟକ ଯୋଗ ଦେଇଥିଲେ। ଓଡ଼ଗାଁ ସମନ୍ୱିନ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ଲହଡ଼ିମାଳା ପ୍ରଧାନ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

**ପୁଲିସ ଦ୍ୱାରା ଚାଉଳ ବୋଝେଇ ଗାଡ଼ି ଜବତ**

# ଚୋରାଚାଲାଣ ପଛରେ ଡିଲର ଓ ମିଲର

ନୟାଗଡ଼,୧୫।୯ (ସମିସ)




**ବଣ୍ଟା ଯାଉଥିବା ଚାଉଳକୁ ପୁଣି କିଣୁଛନ୍ତି ମିଲର**

ନୟାଗଡ଼ ଜିଲ୍ଲାର ମିଲରମାନେ ସାଂଘାତିକ କେଳେଙ୍କାରୀ କରୁଛନ୍ତି। ଖାଦ୍ୟ ସୁରକ୍ଷା ଯୋଜନାରେ ହିତାଧିକାରୀଙ୍କୁ ବଣ୍ଟା ଯାଉଥିବା ଚାଉଳକୁ ଦଲାଲଙ୍କ ଜରିଆରେ କିଣୁଛନ୍ତି। ଏହି ଚାଉଳକୁ ପୁନଃ ପ୍ୟାକିଂ କରି ରାସନ ଦୋକାନକୁ ପଠାଉଛନ୍ତି। ଜିଲ୍ଲାର ଅନେକ ମିଲର ଏଭଳି କେଳେଙ୍କାରୀରେ ସମ୍ପୃକ୍ତ ଥିବା ସୂଚନା ମିଳିଛି। ନୟାଗଡ଼ ଜିଲ୍ଲା ରଣପୁର ଥାନା ଅନ୍ତର୍ଗତ ଦର୍ପନାରାୟଣପୁର ଫାଣ୍ଡି ପୁଲିସ ପାଟ୍ରୋଲିଂ ସମୟରେ ଖଡିଆ ଗ୍ରାମରୁ ଏକ ଚାଉଳ ବୋଝେଇ ଗାଡ଼ି ଜବତ କରିଛି। ଚାଉଳ ଚାଲାଣ କରୁଥିବା ବ୍ୟକ୍ତି ଖଡିଆ ଗ୍ରାମର ଡିଲର ବୋଲି ସୂଚନା ମିଳିଛି। ଏସ୍‌ଆଇ ଧର୍ମେନ୍ଦ୍ର ଶିଆଳଙ୍କ ଗାଡ଼ିକୁ ଫାଣ୍ଡିରେ ଅଟକ ରଖିଥିବା ବେଳେ ଅତିରିକ୍ତ ଜିଲ୍ଲା ଯୋଗାଣ ଅଧିକାରୀ ତିଳୋତ୍ତମା ପ୍ରଧାନ ଫାଣ୍ଡିରେ ପହଞ୍ଚି ଉକ୍ତ ଘଟଣାର ଛାନଭିନ୍ କରିଛନ୍ତି। ଏହି ଚାଉଳ ଶରଣକୁଳ ଅଞ୍ଚଳର ଏକ ମିଲକୁ ଯାଉଥିବା ସୂଚନା ମିଳିଛି। କିଛିଦିନ ତଳେ ନୟାଗଡ଼ ବ୍ଲକ ନୋଡର ଆଦର୍ଶ ବିଦ୍ୟାଳୟରୁ ପିଲାଙ୍କ ପାଇଁ ଆସିଥିବା ଚାଉଳକୁ ବିଦ୍ୟାଳୟ ଶିକ୍ଷକ ଓ ଲ୍ୟାବ ଆସିଷ୍ଟାଣ୍ଟ ଜଣେ ଡିଲରକୁ ବିକ୍ରି କରୁଥିଲେ। ପୁଲିସ ଚଢ଼ଉ କରି ୧୩ କ୍ୱିଣ୍ଟାଲରୁ ଉର୍ଦ୍ଧ୍ୱ ଚାଉଳ ଜବତ କରିବା ସହ ୬ ଜଣଙ୍କୁ ଗିରଫ କରିଥିଲା। ଏହି ଦୁଇଟି ଘଟଣା ସାମ୍ନାକୁ ଆସିବା ପରେ ମିଲରମାନେ ହିଁ ଏହି ଚାଉଳ ଚୋରା ଚାଲାଣର ଷଡ଼ଯନ୍ତ୍ରକାରୀ ବୋଲି ଜଣାପଡ଼ିଛି। ବଣ୍ଟନ କରାଯାଉଥିବା ଚାଉଳକୁ କମ ମୂଲ୍ୟରେ କିଣି ଏହାକୁ ପ୍ୟାକିଂ କରି ପୁଣି ହିତାଧିକାରୀଙ୍କ ପାଇଁ ପଠା ଯାଉଥିବା ନେଇ ଦୀର୍ଘଦିନ ହେବ ଅଭିଯୋଗ ହୋଇ ଆସୁଥିଲା। ଏଫସିଆଇ ଅଧିକାରୀଙ୍କୁ ହାତଗୁଞ୍ଜା ଦେଇ ପୁରୁଣା ଚାଉଳକୁ ପୈଠ କରି ବେଶ ମୁନାଫା ପାଉଛନ୍ତି ମିଲରମାନେ। ନୟାଗଡ଼ ଜିଲ୍ଲାରେ ପୂର୍ବରୁ ମଧ୍ୟ ଏହି ପ୍ରକିୟା ଚାଲିଥିଲା। ଯାହାକୁ ନେଇ ବିଗତ ଦିନରେ ଜଣେ ଯୋଗାଣ ଅଧିକାରୀଙ୍କ ସମେତ ୬ ଜଣ ନିଲମ୍ବିତ ହୋଇଥିଲେ। ନୟାଗଡ଼ ଜିଲ୍ଲାରେ ବଜେନ୍ଦ୍ର କୁମାର ମହାନ୍ତି ଯୋଗାଣ ଅଧିକାରୀ ଯୋଗ ଦେବା ପରେ ଏହି କାରସାଦି ଉପରେ ରୋକ ଲଗାଇଥିଲେ। ତାଙ୍କର ବଦଳି ପରେ ଏବେ ଜିଲ୍ଲା ଯୋଗାଣ ଅଧିକାରୀ ଭାବେ ମୁରଲୀ କ୍ରୀଷ୍ଣା ନୂଆ ଯୋଗ ଦେଇଛନ୍ତି। ଯାହାକୁ ସୁଯୋଗ ଭାବି ମିଲରମାନେ ପୁଣି ଚାଉଳ କିଣା ପାଇଁ ଦଲାଲ ନିଯୁକ୍ତି କରାଉଛନ୍ତି। ନୟାଗଡ଼ ଜିଲ୍ଲାରେ ଏଭଳି କେଳେଙ୍କାରୀ ରୋକିବା ପାଇଁ ଜିଲ୍ଲା ଯୋଗାଣ ବିଭାଗ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି। ଖବର ଲେଖା ହେବା ପର୍ଯ୍ୟନ୍ତ ଚାଉଳ ଜବତ ଘଟଣାରେ ଏତଲା ଦିଆଯାଇନଥିବା ସୂଚନା ମିଳିଛି।

## ବ୍ୟାଟେରି ଚୋରି; ଜଣେ ଗିରଫ



**ଗଣିଆ,୧୫।୯ (ସମିସ):** ଏୟାରଟେଲ ଟାୱାରରୁ ବ୍ୟାଟେରି ଚୋରି କରି ଜଣେ ଗିରଫ ହୋଇଥିବା ଜଣାପଡିଛି। ଗିରଫ ଜଣକ ବେଲପଡାପାଟଣା ଗ୍ରାମର ମିଥୁନ ବେହେରା। ଗଣିଆ ବ୍ଲକ ବେଲପଡାପାଟଣାରେ ଥିବା ଏୟାରଟେଲ ଟାଓ୍ୱାରରୁ ୭ଟି ବ୍ୟାଟେରୀ ଚୋରି ହୋଇଥିବା ନେଇ ଗତ ୬ ତାରିଖରେ ଥାନାରେ ଅଭିଯୋଗ ହୋଇଥିବା ବେଳେ ୮ ତାରିଖରେ ଗଣିଆ ଥାନା ଅଧିକାରୀ ଏକ ମାମଲା ରୁଜୁ କରି ତଦନ୍ତ ଚଲାଇଥିଲେ। ୧୪ ତାରିଖ ଦିନ ମିଥୁନ ତା' ଘରେ ଥିବା ବେଳେ ପୁଲିସ ତାଙ୍କ ଘରେ ଚଢାଉ କରିଥିଲେ। ଚଢାଉ ବେଳେ ତାଙ୍କ ଘରୁ ୪ଟି ବ୍ୟାଟେରି ଜବତ ହୋଇଥିଲା। ତାକୁ ଥାନାକୁ ଆଣି ପଚରାଉଚରା କରିବା ପରେ ବିଜୟନଗର ଗ୍ରାମର ବାବୁଲା ସାହୁଙ୍କ ପାଖରେ ଆଉ ୩ଟି ବ୍ୟାଟେରି ଦେଇଥିବା ସେ ପ୍ରକାଶ କରିଥିଲା। ପୁଲିସ ତୁରନ୍ତ ବାବୁଲା ସାହୁଙ୍କ ଘରେ ଚଢାଉ କରିଥିବା ବେଳେ ସେ ଦୁଇଟି ବ୍ୟାଟେରୀ ପୋଡ଼ି ତମ୍ବାତାର ବାହାର କରିଥିବା ବେଳେ ଗୋଟିଏ ଭଲ ବ୍ୟାଟେରୀ ମିଳିଥିଲା। ପୁଲିସ ତାଙ୍କ ଘରୁ ପୋଡ଼ା ତମ୍ବା ତାର ଏବଂ ଭଲଥିବା ଗୋଟିଏ ବ୍ୟାଟେରୀ ଜବତ କରିଥିଲା। ଗିରଫ ଅଭିଯୁକ୍ତ ମିଥୁନ ବେହେରାଙ୍କୁ ସୋମବାର ଅପରାହ୍ନରେ କୋର୍ଟ ଚାଲାଣ କରାଯାଇଛି। ଏହି ଚଢ଼ଉରେ ଥାନା ଅଧିକାରୀ ଲକ୍ଷ୍ମଣ ଦଣ୍ଡସେନା, ଏଏସଆଇ ଦେବାଶିଷ ସେଠୀ, ଏଏସଆଇ ମନୋରଞ୍ଜନ ପ୍ରଧାନ ପ୍ରମୁଖ ସାମିଲ ହୋଇଥିଲେ।

## ବ୍ରହ୍ମଚାରିଣୀ ବେଶରେ ମା' ବନଦୁର୍ଗା



**ନିରାକାରପୁର,୧୫ା୯ (ସମିସ):** ଖୋର୍ଦ୍ଧା ଜିଲ୍ଲା ରାମେଶ୍ୱରସ୍ଥିତ ମା' ବନଦୁର୍ଗାଙ୍କ ପୀଠରେ ବିଶ୍ୱ କଲ୍ୟାଣ ନିମନ୍ତେ ଶାରଦୀୟ ଷୋଳପୂଜାର ଦ୍ୱିତୀୟ ଦିବସରେ ବ୍ରହ୍ମଚାରିଣୀ ବେଶରେ ମା' ଦର୍ଶନ ଦେଇଛନ୍ତି। ସକାଳୁ ମା'ଙ୍କ ମଙ୍ଗଳ ଆଳତି, କଳସ ପୂଜା, ସୂର୍ଯ୍ୟ ପୂଜା, ପଞ୍ଚଦେବତା ପୂଜା, ପରେ ମା'ଙ୍କ ସହସ୍ର କୁମ୍ଭାଭିଷେକ କରାଯାଇଛି। ଶୋଡ଼ଶ ଉପଚାରରେ ମଧ୍ୟାହ୍ନ ଧୂପ, ଦୁର୍ଗା ସପ୍ତଶତୀ ଚଣ୍ଡୀପାଠ, ସନ୍ଧ୍ୟା ବାଲଭୋଗ, ଆଳତି, ଅଧରପଣା ଓ ପୁରୀ ଶ୍ରୀମନ୍ଦିର ସେବକ ଶମ୍ଭୁନାଥ ଗୋପାଳ ଖୁଣ୍ଟିଆଙ୍କ ଦ୍ୱାରା ପ୍ରଭୁଙ୍କ ବସ୍ତ୍ର, ଆଜ୍ଞାମାଳ, ବିଭିନ୍ନ ପ୍ରକାରର ମହାପ୍ରସାଦ ମା'ଙ୍କୁ ସମର୍ପଣପୂର୍ବକ ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନା କରାଯାଇଛି। ଡ. କୃପାସିନ୍ଧୁ ପଣ୍ଡା ପୂଜାର୍ଚ୍ଚନା କରିଥିଲେ ଏବଂ ପଣ୍ଡିତ ତପନ କୁମାର ମହାପାତ୍ର, ବିଷ୍ଣୁପ୍ରିୟା ପାଟଯୋଷୀ, ପଣ୍ଡିତ ବସନ୍ତ କୁମାର ପଣ୍ଡା, ପଣ୍ଡିତ ସୀତାକାନ୍ତ ଦାଶ ଓ ବେଦ ବିଦ୍ୟାର୍ଥୀମାନେ ସହଯୋଗ କରିଥିଲେ।

## ମା' ଭଗବତୀଙ୍କ ସହସ୍ରା କୁମ୍ଭାଭିଷେକ

**ବାଣପୁର,୧୫ା୯ (ସମିସ):** ଅନନ୍ୟ ଶକ୍ତିପୀଠ ଭଗବତୀ କ୍ଷେତ୍ର ବାଣପୁରର ଆରାଧ୍ୟ ଦେବୀ ମା' ଭଗବତୀଙ୍କ ମୂଳାଷ୍ଟମୀରୁ ଷୋଡ଼ଷ ଦିନାତ୍ମକ ଶାରଦୀୟ ପାର୍ବଣ ମହୋତ୍ସବ ଆରମ୍ଭ ହୋଇଯାଇଛି। ମା' ଭଗବତୀ ଭାଦ୍ରବ ଶୁକ୍ଳ ଅଷ୍ଟମୀଠାରୁ ଶୟନରେ ଥିବା ସ୍ଥଳେ ଚଳିତ ବର୍ଷର ଶାରଦୀୟ ପାର୍ବଣ ଆରମ୍ଭ ନିମନ୍ତେ ଆଶ୍ୱିନ କୃଷ୍ଣ ଅଷ୍ଟମୀ ତଥା ମୂଳାଷ୍ଟମୀ ତିଥିରେ ସହସ୍ରା



କୁମ୍ଭାଭିଷେକ କରାଯାଇ ବ୍ରାହ୍ମଣଙ୍କ ମନ୍ତ୍ର ଉଚ୍ଚାରଣ ଓ ଶୁଭ ଶଙ୍ଖ, ଘଣ୍ଟ, କାହାଳୀ ବାଦ୍ୟରେ ଦେବୀଙ୍କୁ ଉତ୍ଥାପନ କରାଯିବା ପରେ ଶୟନରୁ ଉଠିଛନ୍ତି ମା'। ମା'ଙ୍କୁ ସ୍ନାନ ମଣ୍ଡପରେ ୧୦୮ କଳସ ଅଭିଶିକ୍ତ ସୁବାଷିତ ଜଳରେ ସ୍ନାନ କରାଇ ରାଜାଙ୍କ ଦ୍ୱାରା ପ୍ରଦତ୍ତ ନୂତନ ପାଟବସ୍ତ୍ର ପୁଷ୍ପଚନ୍ଦନ ସିନ୍ଦୂର ଓ ପରିଚ୍ଛା ସାମନ୍ତଙ୍କ ଆଭୂଷଣ ପରିଧାନ କରାଇ ମା'ଙ୍କୁ ଷୋଡ଼ଶ ଉପଚାରରେ ପୂଜାର୍ଚ୍ଚନା ପରେ ମା'ଙ୍କୁ ସିଂହାସନରେ ବିଜେ କରାଇ ନୈବେଦ୍ୟ ଅର୍ପଣ କରାଯାଇଥିଲା। ପରେ ମା'ଙ୍କ ଚଳନ୍ତି ପ୍ରତିମା ସ୍ତମ୍ଭେଶ୍ୱରୀ କାଠି ଠାକୁରାଣୀଙ୍କୁ କାଠି ନାହାକ ରଙ୍ଗ ବେରଙ୍ଗର ପାଟବସ୍ତ୍ର ପରିଧାନ କରାଇ ବନଦୁର୍ଗା ବେଶରେ ସୁସଜ୍ଜିତ କରିବା ପରେ ମା' ପିତ୍ରାଳୟ ଦକ୍ଷେଶ୍ୱର ମନ୍ଦିରରୁ ଘଣ୍ଟ କାହାଳୀ ମଙ୍ଗଳ ବାଦ୍ୟର ତାଳେ ତାଳେ ସେବକଗଣ ଓ ଶ୍ରଦ୍ଧାଳୁଙ୍କ ଗହଣରେ ବାଣପୁର ବଡ଼ଦାଣ୍ଡରେ ନୃତ୍ୟ କରି କରି ନିଜ ମନ୍ଦିର ବେଢ଼ା ଭିତର ପର୍ବ ଗୃହକୁ ବିଜେ କରିଥିଲେ। ପରେ ଭଉଣୀ କନକ ଦୁର୍ଗାଙ୍କ ସହିତ ବଳିଜେନା ସେବକ ପର୍ବ ଗୃହକୁ ବିଜେ କରିବା ପରେ ମଧ୍ୟରାତ୍ରରେ ଭିତର ପର୍ବ ପୂଜା ଆରମ୍ଭ ହୋଇଥିବାବେଳେ ଅମାବାସ୍ୟା ପର୍ଯ୍ୟନ୍ତ ମା'ଙ୍କ ଭିତର ପର୍ବ ଚାଲିବ। ମନ୍ଦିର ପରିଚାଳନା କମିଟି ତରଫରୁ ସମସ୍ତ କାର୍ଯ୍ୟକ୍ରମ ସୁପରିଚାଳନା ନିମନ୍ତେ ସୁବନ୍ଦୋବସ୍ତ କରାଯାଇଛି।

## ବଡ଼ପୋଖରୀଆରେ ୪୧୩ ଅଭିଯୋଗର ଶୁଣାଣି

**ନିରାକାରପୁର,୧୫ା୯ (ସମିସ):** ଖୋର୍ଦ୍ଧା ଜିଲ୍ଲା ଟାଙ୍ଗୀ ବ୍ଲକ୍ ଅନ୍ତର୍ଗତ ବଡ଼ପୋଖରୀଆ ପଞ୍ଚାୟତରେ ସୋମବାର 'ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ୨୫ଟି ବିଭାଗର ଅଧିକାରୀମାନେ ଉପସ୍ଥିତ ରହି ବିଭିନ୍ନ ଅଭିଯୋଗ ଶୁଣାଣି କରିଥିଲେ। ସମୁଦାୟ ୪୧୩ଟି ଅଭିଯୋଗ ଶୁଣାଣି ହୋଇଥିବା ଜଣାପଡ଼ିଛି। ଏହି ଅବସରରେ ଗୋଟିଏ ଲେବର କାର୍ଡ ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ବିଡିଓ ରୁମାନ୍ ଜାଫ୍ରି, ତହସିଲ୍‌ଦାର ନିଷ୍ଠା ମହାପାତ୍ର, ଏବିଡିଓ ରଞ୍ଜନ ସ୍ୱାଇଁ, ସମାଜ ମଙ୍ଗଳ ଅଧିକାରୀ ବିରଞ୍ଚି ନାରାୟଣ ଜେନା, ଜିପିଡିଓ ସଂକଳ୍ପ ସୁଚିତ୍ରା ସାହୁ, ବିଏସ୍‌ଏସ୍‌ଓ କାଜଲ ପ୍ରଧାନ, ବିପିଏମ୍ ପ୍ରକାଶ ବଳିଆରସିଂହ ଓ ମହିଳା ଓ ଶିଶୁ ବିକାଶ ଅଧିକାରିଣୀ ଜ୍ୟୋତ୍ସ୍ନାମୟୀ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ। ସମସ୍ତ ବିଭାଗର ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

## ବିପୁଳ ପରିମାଣର ମଦ, ପୋଚ ଓ ୧ କାର୍ ଜବତ; ୨ ଗିରଫ

**ବେଗୁନିଆ,୧୫ା୯ (ସମିସ):** ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ଅଧୀକ୍ଷିକା ସୁମତି ତ୍ରିପାଠୀଙ୍କ ନିର୍ଦ୍ଦେଶ ଓ ସଦର ରେଞ୍ଜ ଉପନିରୀକ୍ଷକ ରାଧାକାନ୍ତ ଭୋଇଙ୍କ ତତ୍ତ୍ୱାବଧାନରେ ବେଗୁନିଆ ଅବକାରୀ ଥାନା ଓଆଇସି ମିତ୍ରବିନ୍ଦା ପରିଡ଼ା ଓ ସଞ୍ଜୟ କୁମାର ସୁବୁଦ୍ଧି, ଖୋର୍ଦ୍ଧା ଓ ଜଟଣୀ ଭ୍ରାମ୍ୟମାଣ କର୍ମଚାରୀଙ୍କ ସହଯୋଗରେ ବିଭିନ୍ନ ସ୍ଥାନରେ ମାଜିଷ୍ଟ୍ରେଟ୍ ତାପସ ବିଶିଙ୍କ ଉପସ୍ଥିତିରେ ଚଢ଼ଉ ହୋଇଛି। ଏଥିରୁ ମୋଟ୍ ୧୫୪୦ ଲିଟର ଦେଶୀ ମଦ, ୩ ହଜାର ଲିଟର ପୋଚ ସହ ଆବଶ୍ୟକୀୟ ସରଞ୍ଜାମ ଓ ବ୍ୟବହୃତ ଇନୋଭା ଗାଡ଼ି ଜବତ ହୋଇଥିବାବେଳେ ଦୁଇ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ଅବକାରୀ ବିଭାଗ ସୂଚନା ଅନୁଯାୟୀ, କଟକ ଜିଲ୍ଲାର ସରୋଜ ତ୍ରିପାଠୀଙ୍କଠାରୁ ଗେଡ଼ିଆପଲ୍ଲୀ ବଜାରରୁ ୧ ହଜାର ଲିଟରରୁ ଅଧିକ ଦେଶୀ ମଦ ସହ ଇନୋଭା କାର୍, ଚଟୁଆ ଗ୍ରାମର ଶଙ୍କର ସାହୁଙ୍କଠାରୁ ୪୦ ଲିଟର, ବରପଦା ଜଙ୍ଗଲରୁ ୩ ହଜାର ଲିଟର ପୋଚ ଓ ୫୦୦ ଲିଟର ଦେଶୀ ମଦ ଓ ବ୍ୟବହୃତ ସରଞ୍ଜାମ ଜବତ ହୋଇଛି।

# ପଥରବୋଝେଇ ହାଇୱା ଧକ୍କାରେ ଯୁବକ ମୃତ

### ଗ୍ରାମବାସୀଙ୍କ ପକ୍ଷରୁ ରାସ୍ତାରୋକ

**ବେଗୁନିଆ,୧୫ା୯ (ସମିସ):**

ରବିବାର ବିଳମ୍ବିତ ରାତିରେ ବେଗୁନିଆ ଥାନା ଅନ୍ତର୍ଗତ ପାଟଣାବଜାରଠାରେ ଏକ ପଥରବୋଝେଇ ହାଇୱା ଧକ୍କା ଦେବା ଯୋଗୁଁ ଅଠାରଙ୍ଗ ଗ୍ରାମର ରମେଶ ବେହେରା(୪୧)ଙ୍କ ମୃତ୍ୟୁ ହୋଇଛି। ଦୁର୍ଘଟଣା ଘଟାଇ ହାଇୱାଟି ଫେରାର୍ ହୋଇଯାଇଛି। ସୋମବାର ଭୋର ୪ଟା ସମୟରେ ଗ୍ରାମର ଲୋକମାନେ ଖୋର୍ଦ୍ଧା-ସିକୋ-ରଣପୁର ରାସ୍ତାରୋକ କରି ଆନ୍ଦୋଳନ କରିଥିଲେ। ଫଳରେ ଏହି ରାସ୍ତା ଦେଇ ଯାଉଥିବା ଯାନବାହନ ଚଳାଚଳରେ ବାଧାପ୍ରାପ୍ତ ହୋଇଥିବାରୁ ଜନସାଧାରଣ ଘୋର୍ ଅସୁବିଧାର ସମ୍ମୁଖୀନ ହୋଇଥିଲେ।



ସ୍ଥାନୀୟ ଲୋକଙ୍କ ସୂଚନା ଅନୁଯାୟୀ, ପ୍ରତିଦିନ ଶହ ଶହ ସଂଖ୍ୟାରେ ପଥରବୋଝେଇ ହାଇୱା ରଣପୁର ଅଞ୍ଚଳରୁ ପଥର ଆଣି ଖୋର୍ଦ୍ଧା ଅଭିମୁଖେ ଯାଇଥା'ନ୍ତି। ତେବେ ଚାଳକଙ୍କ ବେପରୁଆ ଗାଡ଼ିଚାଳନା ଯୋଗୁଁ ହାଇୱା ଧକ୍କାରେ ଗାଇଗୋରୁଠାରୁ ଆରମ୍ଭ କରି ବହୁ ଲୋକଙ୍କର ମୃତ୍ୟୁ ହେଉଥିବାର ନଜିର ରହିଛି। ଅଭିଯୋଗ ସତ୍ତ୍ୱେ ପ୍ରଶାସନ ସବୁ ଜାଣି ମଧ୍ୟ ଚୁପ୍ ରହିଛି। ଏହି ଦୁର୍ଘଟଣା ପୂର୍ବରୁ କୌଣସି କାରଣକୁ ନେଇ ରମେଶଙ୍କ ହାଇୱା ଚାଳକଙ୍କ ସହ ବଚସା ହୋଇଥିବାବେଳେ ଅତର୍କିତ ଭାବେ ରମେଶଙ୍କୁ ଠେଲି ଦେଇଥିବାରୁ ଦୁର୍ଘଟଣା ହୋଇଛି ବୋଲି ଲୋକଙ୍କ ମଧ୍ୟରେ ଆଲୋଚନା ହେଉଛି। ଖବର ପାଇ ବେଗୁନିଆ ତହସିଲ୍‌ଦାର ତାପସ ବିଶି, ଖୋର୍ଦ୍ଧା ଜିଲ୍ଲା ଉପଖଣ୍ଡ ଆରକ୍ଷୀ ଅଧିକାରୀ ଅନିଲ କୁମାର ମହାନ୍ତି ଓ ବେଗୁନିଆ ଥାନା ଅଧିକାରୀ ଜ୍ୟୋତି ପ୍ରକାଶ ପଣ୍ଡା ଘଟଣାସ୍ଥଳରେ ପହଞ୍ଚି ଲୋକମାନଙ୍କୁ ବୁଝାସୁଝା କରି ରେଡ୍‌କ୍ରସ୍ ପାଣ୍ଠିରୁ ୩୦ ହଜାର ଟଙ୍କା ପ୍ରଦାନ କରିଥିଲେ। ପରେ ଲୋକମାନେ ରାସ୍ତାରୋକରୁ ଅପରାହ୍ଣ ୧ଟାରେ ହଟିବାରୁ ପୁଲିସ ଏକ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ନିମନ୍ତେ ଖୋର୍ଦ୍ଧା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇ ଘଟଣାର ତଦନ୍ତ ଆରମ୍ଭ କରିଛି।

## ନୋସ୍‌ନାଲ୍ ଇନ୍‌କ୍ରିମେଣ୍ଟ ଦାବି
## ୨୨ରେ ଏନ୍‌ପିଏସ୍ ଶିକ୍ଷକ ସଂଘର ଆନ୍ଦୋଳନ

**ବେଗୁନିଆ,୧୪ା୯ (ସମିସ):** ଆସନ୍ତା ୨୨ ତାରିଖରେ ନୋସ୍‌ନାଲ୍ ଇନ୍‌କ୍ରିମେଣ୍ଟ ଦାବିରେ ରାଜ୍ୟର ସରକାରୀ ଉଚ୍ଚ ବିଦ୍ୟାଳୟ ଏନ୍‌ପିଏସ୍ ଶିକ୍ଷକ ସଂଘ ପକ୍ଷରୁ ଭୁବନେଶ୍ୱର ଲୋୟର ପିଏମ୍‌ଜିରେ ଆନ୍ଦୋଳନ କରାଯିବ ବୋଲି ନିଷ୍ପତ୍ତି ହୋଇଛି। ଏ ନେଇ ଜିଲ୍ଲା ଓ ବ୍ଲକ୍‌ର ସଦସ୍ୟମାନେ ଉପସ୍ଥିତ ରହି ଜିଲ୍ଲା ସହ ଶିକ୍ଷା ଅଧିକାରୀ ରଶ୍ମିବାଳା ପରିଡ଼ାଙ୍କ ଜରିଆରେ ମୁଖ୍ୟମନ୍ତ୍ରୀ, ଗଣଶିକ୍ଷା ମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଓ ସ୍କୁଲ ଓ ଗଣଶିକ୍ଷା ସଚିବଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥିରେ ଶିକ୍ଷକମାନଙ୍କ ୬ବର୍ଷ ଠିକା ଅବଧିକୁ ମୂଳ ସହ ସଂଯୋଗ କରିବା ଓ ନୋସ୍‌ନାଲ୍ ଇନ୍‌କ୍ରିମେଣ୍ଟ ଦାବିଗୁଡ଼ିକ ଉପରେ ଯଦି ଆସନ୍ତା ୨୧ ତାରିଖ ପୂର୍ବରୁ ସରକାର ସମାଧାନ ନ କରନ୍ତି, ତେବେ



ରାଜ୍ୟ ସଂଘର ନିର୍ଦ୍ଦେଶରେ ରାଜରାସ୍ତାକୁ ଓହ୍ଲାଇ ଆନ୍ଦୋଳନ କରାଯିବ ବୋଲି ଚେତାବନୀ ଦେଇଛନ୍ତି। ଏଥିରେ ରାଜ୍ୟ ସଙ୍ଘର ସାଧାରଣ ସମ୍ପାଦକ ସୀତାକାନ୍ତ ମିଶ୍ର, ରାଜ୍ୟ କାର୍ଯ୍ୟକାରୀ ସଦସ୍ୟା ମମତା ହାବଡାସିଂ, ଜିଲ୍ଲା ସଭାପତି ପ୍ରଭାତ କୁମାର ସାହୁ, ଜିଲ୍ଲା ସମ୍ପାଦକ କୃଷ୍ଣ ଚନ୍ଦ୍ର ଜେନା, ଉପଦେଷ୍ଟା ମଣ୍ଡଳୀ ବିଶ୍ୱଜିତ୍ ପଲ୍ଲାଇ, ସ୍ୱାଗତିକା ଦେଓ, ରାକ୍ଷୀ ମହାନ୍ତି, ଶର୍ମିଷ୍ଠା ସ୍ୱାଇଁ, ଲକ୍ଷ୍ମୀପ୍ରିୟା ଛୋଟରାୟ, ଚଗଲା ପଣ୍ଡା, ମାନିନୀ ଆଚାର୍ଯ୍ୟ, ଶ୍ରୀମନ୍ତ କୁମାର ପଣ୍ଡା, ରତିକାନ୍ତ ସାହୁ, ଅମରେନ୍ଦ୍ର ନାୟକ, ରାଜେଶ ପରମାଣିକ, ରାଜେଶ ମହାରଣା, ପ୍ରତାପ ରାଉତ, ଭବାନୀ କୁମାରୀ ମହାରଣା, ଆଶାଜ୍ୟୋତି ଦାସ, ଲୋପାମୁଦ୍ରା ବେହେରା, ମାରିଅମ ସିଦ୍ଦିକା, ଅଜୟ ନିଶଙ୍କ, ମହେଶ୍ୱର ମାଝୀ, ସ୍ୱାଗତିକା ସାମନ୍ତସିଂହାର ଓ ମଧୁସୂଦନ ସୁନ୍ଦରାୟଙ୍କ ସମେତ ବହୁ ଶିକ୍ଷକ ଉପସ୍ଥିତ ଥିଲେ।

## ବାଙ୍କୋଇଦେଶ ପଞ୍ଚାୟତରେ 'ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ



**ବୋଲଗଡ଼,୧୫ା୯ (ସମିସ):** ବୋଲଗଡ଼ ବ୍ଲକ୍ ବାଙ୍କୋଇଦେଶ ପଞ୍ଚାୟତ କଲ୍ୟାଣୀମଣ୍ଡପଠାରେ 'ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏହି କାର୍ଯ୍ୟକ୍ରମ ଖୋର୍ଦ୍ଧା ଜିଲ୍ଲା ପ୍ରଶାସନ ପ୍ରୟାସରେ କରାଯାଉଥିବାବେଳେ ବୋଲଗଡ଼ ବ୍ଲକ୍‌ରେ ପ୍ରତି ସୋମବାର ବିଭିନ୍ନ ପଞ୍ଚାୟତରେ ପର୍ଯ୍ୟାୟ କ୍ରମେ ଆୟୋଜିତ ହେବ ବୋଲି ସୂଚନା ମିଳିଛି। ସୋମବାର ବାଙ୍କୋଇଠାରେ ଅନୁଷ୍ଠିତ ଉକ୍ତ କାର୍ଯ୍ୟକ୍ରମରେ ସ୍ଥାନୀୟ ବ୍ଲକ୍ ନୋଡାଲ ଅଧିକାରୀ ଭାବେ ଜିଲ୍ଲା ଗ୍ରାମ ପଞ୍ଚାୟତ ଅଧିକାରୀ ଶ୍ୟାମଳେନ୍ଦୁ ନାୟକ, ବୋଲଗଡ଼ ତହସିଲ୍‌ଦାର ବିଜୟ ସେଠୀ, ଏବିଡିଓ ଡ. ରତିକାନ୍ତ ମିଶ୍ରଙ୍କ ସମେତ ରାଜସ୍ୱ, ସ୍ୱାସ୍ଥ୍ୟ, ଶିକ୍ଷା, ବିଦ୍ୟୁତ୍, ସାଧାରଣ ବଣ୍ଟନ ଆଦି ବିଭିନ୍ନ ଲାଇନ ଡିପାର୍ଟମେଣ୍ଟର ବ୍ଲକସ୍ତରୀୟ ଯନ୍ତ୍ରୀ ଓ ବିଭିନ୍ନ ବିଭାଗୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ରହି ଜନସାଧାରଣଙ୍କ ସମସ୍ୟାଗୁଡ଼ିକର ଯଥାସମ୍ଭବ ସମାଧାନ ଓ ସେବା ସହ ସରକାରୀ ଯୋଜନା ସମ୍ପର୍କରେ ସଚେତନ କରିଥିଲେ। ଏଥିରେ ଭତ୍ତା, ରାସନକାର୍ଡ, ତହସିଲ୍ ପକ୍ଷରୁ ବିଭିନ୍ନ ପ୍ରମାଣପତ୍ର, ଜନସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ପକ୍ଷରୁ ଚିକିତ୍ସା ସେବା ଓ ପରାମର୍ଶ ଯୋଗାଇ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ବ୍ଲକ୍ ଅଧ୍ୟକ୍ଷା ହୁଲାସ ପ୍ରଧାନ, ସମାଜସେବୀ ସୁବାସ ଚନ୍ଦ୍ର ରାୟଗୁରୁ, ସରପଞ୍ଚ ରଶ୍ମିତା ରାଉତରାୟ, ସମିତିସଭ୍ୟ ରଞ୍ଜନ ଲେଙ୍କା ଯୋଗଦେଇଥିଲେ।

## ବେଆଇନ ଖଣିରେ ଚଢ଼ଉ; ଜେସିବି ଓ ହାଇୱା ଜବତ

**ଜଟଣୀ,୧୫ା୯ (ସମିସ):** ଜଟଣୀ ଥାନା ଅଞ୍ଚଳରେ ପ୍ରତିଦିନ ଲଘୁ ଖଣିଜ ଖୋଳା ସହ ଚୋରାଚାଲାଣ ହେଉଛି। ବର୍ଷ ବର୍ଷ ଧରି ବେଆଇନ ଭାବେ ଏଭଳି ଚାଲି ଆସୁଥିବାବେଳେ ପରୋକ୍ଷ ଭାବେ ପୁଲିସ ଓ ତହସିଲ୍ ପ୍ରଶାସନର କର୍ମଚାରୀମାନେ ମାଫିଆମାନଙ୍କୁ ଲୁଟ୍‌ରେ ସହଯୋଗ କରୁଛନ୍ତି ବୋଲି ସ୍ଥାନୀୟ ଲୋକମାନେ ଅଭିଯୋଗ କରିଛନ୍ତି। ଯାହାକୁ ନେଇ ସୋମବାର ରାତିରେ ପୁଲିସର ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ଉ କରିଛି। ଘଟଣାସ୍ଥଳରୁ ବେଆଇନ ଖଣି ଖୋଳାରେ ନିୟୋଜିତ ଗୋଟିଏ ଜେସିବି ମେସିନ ଓ ଗୋଟିଏ ହାଇୱା ଗାଡ଼ି ଜବତ କରିଛି ପୁଲିସ। ସୂଚନାଯୋଗ୍ୟ ଯେ, ଜଟଣୀ ତହସିଲ୍ ଅଞ୍ଚଳରେ ଅହରହ ବେଆଇନ ମୋରମ୍ ଓ ପଥର ଖୋଳା ହେବା ସହ ଚୋରାଚାଲାଣ ହେଉଛି। ଏ ନେଇ ବାରମ୍ବାର ଅଭିଯୋଗ ପରେ ରାତିରେ ଖବର ପାଇ ପୁଲିସ ଟିମ୍ ନିରଞ୍ଜନପୁର ବୁଢ଼ାପଡ଼ା ଅଞ୍ଚଳରେ ଚଢ଼ଉ କରିଛି। ଟିମ୍ ପହଞ୍ଚିବା ପୂର୍ବରୁ ନିୟୋଜିତ ଶ୍ରମିକ ଓ ଗାଡ଼ି ଡ୍ରାଇଭରମାନେ ଗାଡ଼ି ଛାଡ଼ି ଖସି ପଳାଇଥିଲେ। ପୁଲିସ ଗାଡ଼ିଗୁଡ଼ିକୁ ଜବତ କରି ଥାନାକୁ ଆଣିଥିଲା। ମାଲିକମାନେ ମୋଟା ଅଙ୍କର ଜରିମାନା ଦେଇ ଗାଡ଼ି ମୁକୁଳାଇବେ ବୋଲି ପୁଲିସ କହିଛି।

## ପୂରପଲ୍ଲୀରେ ଦ୍ୱିତୀବାହନ ଓଷା ପାଳିତ



**ବାଲୁଗାଁ,୧୫ା୯ (ସମିସ):** ହିନ୍ଦୁ ପରମ୍ପରାରେ ବିବାହିତା ମହିଳାମାନେ ବାର ମାସରେ ତେର ବ୍ରତ ଓଷା ପାଳନ କରିଥା'ନ୍ତି। ବିଭିନ୍ନ ବ୍ରତ ଓଷା ମଧ୍ୟରୁ ଦ୍ୱିତୀବାହନ ଓଷା ଅନ୍ୟତମ। ପୁତ୍ର ସନ୍ତାନ ପ୍ରାପ୍ତି, ପରିବାରର ସୁଖ କାମନା ନିମନ୍ତେ ଏହି ଓଷା ମହିଳାମାନେ ପାଳନ କରିଥା'ନ୍ତି। ଏହି ଓଷାକୁ ଓଡ଼ିଆ ପରମ୍ପରାରେ କେଉଁଠି ପୁଅ ଜିଉନ୍ତିଆ ଓଷା କୁହାଯାଏ ତ ଅନ୍ୟ ରାଜ୍ୟରେ ଷଟ୍ ପୂଜା ଭାବେ ପରିଚିତ। ପୁଅଟିଏ ଜନ୍ମ ହେବା ପରେ ୨୨ ବର୍ଷ ପର୍ଯ୍ୟନ୍ତ ମହିଳାମାନେ ଏହି ଓଷା ପାଳନ କରିଥା'ନ୍ତି। ଚଉରା ମୂଳେ କଦଳୀ ଗଛ ପୋତି ବୃନ୍ଦାବତୀଙ୍କୁ ଆବାହନ କରି ୨୧ପ୍ରକାର ଫଳ, ୨୧ପ୍ରକାର ପରିବା, ୨୧ପ୍ରକାର ମସଲା, ୨୧ପ୍ରକାର ଶସ୍ୟ ଜାତୀୟ ଡାଲି ପୂଜା କରାଯାଇଥାଏ। ପୋଖରୀ ତୁଠରେ ପ୍ରଥମେ ବାଲିରେ ଦିଅଁ ସ୍ଥାପନା କରି ନୂତନ ବସ୍ତ୍ର ପରିଧାନ କରି ପୂଜା ସ୍ଥଳକୁ ଆସିବା ସମୟରେ ସନ୍ତାନ ପାଇଁ ଦାଣ୍ଡରେ ନୂଆ ଲୁଗାକୁ ପାହାଡ଼ା ପକାଯାଇଥାଏ। ସେହି ଲୁଗା ଉପରେ ଓଷା କରିଥିବା ମହିଳାମାନେ ଚାଲି ଚାଲି ଆସିଥା'ନ୍ତି। ବ୍ରତକାରୀ ମହିଳାମାନେ ପୂଜା ସ୍ଥଳରେ ଭୋଗ ଧରି ଏକତ୍ରିତ ହେବା ପରେ ପୂଜାରୀ ପୁରାଣପାଠ କରି ପୂଜାର୍ଚ୍ଚନା କରିଥା'ନ୍ତି। ନିଷ୍ଠାରେ ଉପବାସ ରହି ପୂଜାର୍ଚ୍ଚନା ସରିବା ପରେ ପରଦିନ ଉକ୍ତ ପୂଜା ସାମଗ୍ରୀକୁ ରାନ୍ଧି ଭୋଗ ସାରିବାର ପରମ୍ପରା ରହିଛି।

## ଟାଙ୍ଗୀ, ଲେଣ୍ଡୋ, ଡିଙ୍ଗର ପାକ୍ସ ସମ୍ପାଦକଙ୍କୁ ନିଲମ୍ବନ ନିର୍ଦ୍ଦେଶ

**ଖୋର୍ଦ୍ଧା/ନିରାକାରପୁର,୧୫ା୯ (ସମିସ):** ସମବାୟ ସମିତିରେ ବୟସ ଏବଂ ଶିକ୍ଷାଗତ ଯୋଗ୍ୟତା ଜାଲିଆତି କରି ଚାକିରି କରୁଛନ୍ତି। ଏନେଇ ରାଜ୍ୟ ସମବାୟ ବିଭାଗ ପକ୍ଷରୁ ଜିଲ୍ଲା ଉପନିବନ୍ଧକ ଏବଂ ସହକାରୀ ନିବନ୍ଧକମାନଙ୍କୁ ଚିଠି ଲେଖାଯାଇଥିଲା। ନିର୍ଦ୍ଧାରିତ ସମୟ ମଧ୍ୟରେ ଶିକ୍ଷାଗତ ପ୍ରମାଣପତ୍ର ସହ ଯାଞ୍ଚ କମିଟି ନିକଟରେ ହାଜର ହେବା ପାଇଁ କର୍ମଚାରୀମାନଙ୍କୁ ନିର୍ଦ୍ଦେଶ ସତ୍ତ୍ୱେ ଏହାକୁ ଏକାଧିକ ଅଣଦେଖା କରିଥିଲେ। ଖୋର୍ଦ୍ଧା ସମବାୟ ସମୂହ ଉପ ନିପବନ୍ଧକଙ୍କ କାର୍ଯ୍ୟାଳୟ ଚିଠି ନଂ ୧୮୨୧ରେ ଲେଣ୍ଡୋ, ଚିଠି ନଂ ୧୮୧୬ରେ ଟାଙ୍ଗୀ ଏବଂ ଚିଠି ନଂ ୧୮୧୧ରେ ଡିଙ୍ଗର ପାକ୍ସ ସମ୍ପାଦକଙ୍କୁ ଆସନ୍ତା ୧୬ ତାରିଖ ସୁଦ୍ଧା ନିଲମ୍ବନ ପାଇଁ ସମ୍ପୃକ୍ତ ପାକ୍ସ ସଭାପତିଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଗତ ୬ ତାରିଖରେ ଡିଙ୍ଗର, ୪ ତାରିଖରେ ଲେଣ୍ଡୋ ଏବଂ ଟାଙ୍ଗୀ ପାକ୍ସ ସମ୍ପାଦକଙ୍କୁ ଯାଞ୍ଚ ଦଳ ସମ୍ମୁଖରେ ସେମାନଙ୍କ ଶିକ୍ଷାଗତ ଯୋଗ୍ୟତା ପ୍ରମାଣପତ୍ର ଦାଖଲ କରିବାକୁ ନିର୍ଦ୍ଦେଶ ଜାରି କରାଯାଇଥିଲା। ସେମାନେ ପ୍ରମାଣପତ୍ର ପ୍ରଦାନ କରିବାରେ ବିଫଳ ହୋଇଛନ୍ତି ଏବଂ ଚିଠିର କୌଣସି ଉତ୍ତର ଦାଖଲ କରିନାହାନ୍ତି। ତେଣୁ ଉକ୍ତ ସମ୍ପାଦକଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଲାଗି ଚିଠିରେ ଉଲ୍ଲେଖ ରହିଛି।

## ବିଶ୍ୱ ପ୍ରାଥମିକ ସହାୟତା କର୍ମଶାଳା

**ବାଣପୁର,୧୫ା୯ (ସମିସ):** ବାଣପୁର ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଛାତ୍ରୀମାନଙ୍କୁ ନେଇ ବିଶ୍ୱ ପ୍ରାଥମିକ ସହାୟତା ଦିବସ ପାଳନ ଅବସରରେ ପ୍ରାଥମିକ ସହାୟତା ସମ୍ବନ୍ଧୀୟ କର୍ମଶାଳା ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ସର୍ବେଶ୍ୱର ଷଡ଼ଙ୍ଗୀଙ୍କ ସଭାପତିତ୍ୱରେ ଆୟୋଜିତ କର୍ମଶାଳାରେ ବିଦ୍ୟାଳୟର ଯୁବ ରେଡ୍‌କ୍ରସ ତଥା ରେଡ୍ ରିବନ କ୍ଲବ୍‌ର ନୋଡାଲ୍ ଅଧିକାରୀ ଅଧ୍ୟାପିକା ପ୍ରମୋଦିନୀ ସାମନ୍ତରାୟ ଯୋଗଦେଇ ଛାତ୍ରୀମାନଙ୍କ ସମ୍ମୁଖରେ ବିଭିନ୍ନ ଦୁର୍ଘଟଣାଜନିତ ପ୍ରାଥମିକ ଚିକିତ୍ସା ଓ ଉପଚାର, ହୃଦ୍‌ଘାତ, ବଜ୍ରପାତ, ଅଗ୍ନିକାଣ୍ଡ, ସର୍ପଘାତଜନିତ ପ୍ରତିରୋଧ ବ୍ୟବସ୍ଥା ସମ୍ପର୍କିତ ବିଭିନ୍ନ କୌଶଳ ପ୍ରଦର୍ଶନ କରି ଛାତ୍ରୀମାନଙ୍କୁ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଏହି କର୍ମଶାଳାରେ ଅଧ୍ୟାପକ ପ୍ରଶାନ୍ତ କୁମାର ଦାଶ, ମନୋଜ ମହାପାତ୍ର, ଅଧ୍ୟାପିକା କଲ୍ୟାଣୀ ବୈରୀଗଞ୍ଜନ, ରୋଜାଲିନ ଦାଶ, ସାଗରିକା ଦାସ, ରବିନ୍ଦ୍ର ମାର୍ଥା, କସ୍ତୁରୀ ପଟ୍ଟନାୟକ, ବିଭୁଧେନ୍ଦୁ ମାନସିଂହ, ଅକ୍ରୁର ପ୍ରଧାନ, ଶିବ ଶଙ୍କର ପଣ୍ଡା, ଅଶୋକ ସ୍ୱାଇଁ ପ୍ରମୁଖ ସାମିଲ୍ ହୋଇଥିଲେ।

# ଖୋର୍ଦ୍ଧା ରୋଟାରୀ କ୍ଲବ୍‌ର ଅଧିଷ୍ଠାନ ଉତ୍ସବ

### ଡାକ୍ତର ସୁସୀମ ଦାସଙ୍କୁ ରୋଟାରୀ ସମ୍ମାନ

**ଖୋର୍ଦ୍ଧା,୧୫ା୯ (ସମିସ):**




ସ୍ଥାନୀୟ ମଙ୍ଗଳା ନଗରସ୍ଥିତ ରୋଟାରୀ ଭବନ ପରିସରରେ ରୋଟାରୀ କ୍ଲବ୍ ଓ ରୋଟାରାକ୍ଟ କ୍ଲବ୍‌ର ଅଧିଷ୍ଠାନ ଉତ୍ସବ ମିଳିତ ଭାବରେ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ପାଷ୍ଟ ଡିଷ୍ଟ୍ରିକ୍ଟ ଗଭର୍ଣ୍ଣର ପିଏସ୍‌ଏଫ୍ ଦେବଦତ୍ତ ମିଶ୍ର ଯୋଗଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଆସିଷ୍ଟାଣ୍ଟ ଗଭର୍ଣ୍ଣର ଡ. କୈଳାସ ଚନ୍ଦ୍ର ମହାରଣା, ଚାର୍ଟର ମେମ୍ବର ମଦନ ମୋହନ ରାମ, ପୂର୍ବତନ ବିଧାୟକ ତଥା ଚାର୍ଟର ମେମ୍ବର ଜ୍ୟୋତିରିନ୍ଦ୍ର ନାଥ ମିତ୍ର, ପୌରପାଳିକା ଅଧ୍ୟକ୍ଷା କନକଲକ୍ଷ୍ମୀ ମହାନ୍ତି ପ୍ରମୁଖ ଯୋଗଦେଇ ସମାଜସେବାର ବିଭିନ୍ନ ଦିଗ ଉପରେ ଆଲୋକପାତ କରି ରୋଟାରୀ କ୍ଲବ୍‌ର ବରିଷ୍ଠ ଭୂମିକା ଦର୍ଶାଇଥିଲେ। ପ୍ରାରମ୍ଭରେ ବିଦାୟୀ ସଭାପତି ରୁଦ୍ର ନାରାୟଣ ଦତ୍ତ ସ୍ୱାଗତ କରିଥିବାବେଳେ ୨୦୨୪-୨୫ରେ ରୋଟାରୀ କ୍ଲବ୍ ପକ୍ଷରୁ ସଂଗଠିତ ବିଭିନ୍ନ କାର୍ଯ୍ୟକଳାପ ଉପରେ ଆଲୋକପାତ କରାଯାଇଥିଲା। ଏହି ସଭାରେ ଖୋର୍ଦ୍ଧାର ଖ୍ୟାତନାମା ଚିକିତ୍ସକ ତଥା ଏକଦା କ୍ରୀଡ଼ା କ୍ଷେତ୍ରରେ ଦେଶ ବିଦେଶରେ ଖ୍ୟାତି ଅର୍ଜନ କରିଥିବା ଡାକ୍ତର ସୁସୀମ ଦାସଙ୍କୁ ରୋଟାରୀ ସମ୍ମାନ-୨୦୨୫-୨୬ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା।

ଏହି ଅବସରରେ ପ୍ରାକ୍ଟିସିଂ ସ୍କୁଲର ଶିକ୍ଷକ କେଶବ ଚନ୍ଦ୍ର ତ୍ରିପାଠୀ ଓ ଫରେଷ୍ଟ କଲୋନୀ ସ୍କୁଲର ଶିକ୍ଷୟିତ୍ରୀ ଅରୁଣାବାଳା ଜେନାଙ୍କୁ ନେସନ୍ ବିଲ୍ଡର ଆୱାର୍ଡ ଦିଆଯାଇଥିଲା। ଏହା ବ୍ୟତୀତ ସହରର ବିଭିନ୍ନ ସ୍କୁଲରେ ସର୍ବୋଚ୍ଚ ନମ୍ବର ରଖିଥିବା ତଥା ଖୋର୍ଦ୍ଧା ପିଏନ୍ କଲେଜ ଓ ମହିଳା କଲେଜରେ ଶ୍ରେଷ୍ଠ ସ୍ଥାନ ପାଇଥିବା କୃତୀ +୨ର ଛାତ୍ରଛାତ୍ରୀ ଏବଂ ଶ୍ରେଷ୍ଠ ଏନ୍‌ସିସି କ୍ୟାଡେଟ୍‌ଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି କୃତୀ ପୋଷ୍ଟମ୍ୟାନ୍, ନର୍ସିଂ ଅଫିସର ଓ ପରିମଳ ସେବିକାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଇନର ହ୍ୱିଲ୍ କ୍ଲବ୍ ପ୍ରତିଷ୍ଠା ତଥା ରୋଟାରୀ ଆନ୍ଦୋଳନରେ ପ୍ରମୁଖ ଭୂମିକା ନେଇଥିବା ଡ. ମମତା ଦେ ଏବଂ ବିଭିନ୍ନ ସେବାମୂଳକ କାର୍ଯ୍ୟ ପାଇଁ ଲୋକେଶ ନାୟକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ ପୂର୍ବତନ ସଭାପତି ରୁଦ୍ର ନାରାୟଣ ଦତ୍ତ ନୂତନ ସଭାପତି ପ୍ରଫେସର ସୁକାନ୍ତ ନାୟକଙ୍କୁ ଦାୟିତ୍ୱ ହସ୍ତାନ୍ତର କରିବା ପରେ ନୂତନ କର୍ମକର୍ତ୍ତାଙ୍କ ନାମ ଘୋଷଣା କରାଯାଇଥିଲା। ସମ୍ପାଦକ ସଞ୍ଜୟ ବର୍ମନ, ଉପସଭାପତି ସୁଚିସ୍ମିତା ପରିଜା, କୋଷାଧ୍ୟକ୍ଷ ମନୋଜ ପ୍ରଧାନ, ସର୍ଜେଣ୍ଟ ଆର୍ଟ ଆର୍ମସ ଅଜୟ ଅଗ୍ରୱାଲା, ଫିଜିଓ ଥେରାପିଷ୍ଟ ଡାକ୍ତର ବିପ୍ଳବ ରୋଟାରୀ କ୍ଲବ୍‌ର ସଭ୍ୟଭାବେ ଶପଥ ନେଇଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ମେଜର କ୍ଷୀରୋଦ ପ୍ରସାଦ ମହାନ୍ତି, ଦେବପ୍ରସାଦ ମଜୁମ୍‌ଦାର, ତାପସ ବୋଷ, ସୌର୍ଯ୍ୟ ରଞ୍ଜନ ମହାନ୍ତି, ପ୍ରଫେସର ନୃସିଂହ ପ୍ରସାଦ ପଟ୍ଟନାୟକ, ଡ. ସୁବୋଧ କୁମାର ଜଗଦ୍ଦେବ, ଲୋକେଶ ନାୟକ, ରୋଟାରାକ୍ଟ ସନ୍ଦୀପ କୁମାର, ଚିନ୍ମୟୀ, ମୋନାଲି, ରିତୁ ପ୍ରମୁଖ ସହଯୋଗ କରିଥିଲେ। ସମ୍ପାଦକ ସଞ୍ଜୟ ବର୍ମନ ଧନ୍ୟବାଦ ଦେଇଥିଲେ।

### ■ ମହଙ୍ଗା ପଡ଼ିଲା ଚଳନ୍ତା ଥର୍‌ରେ ଷ୍ଟଣ୍ଟ କରିବା
## ବାତିଲ ହେଲା ଚାଳକଙ୍କ ଲାଇସେନ୍ସ

**ଖୋର୍ଦ୍ଧା,୧୫ା୯ (ସମିସ):** ସଡ଼କ ସୁରକ୍ଷା ଜୀବନ ରକ୍ଷା। ଜଣେ ଡ୍ରାଇଭର ଲାଇସେନ୍ସ ପାଇବା ପୂର୍ବରୁ ଗାଡ଼ି ଚାଳନା ଏବଂ ସଡ଼କ ସୁରକ୍ଷା ଉପରେ ଅନେକ ଶିକ୍ଷା ପାଇଥାଏ।



କିଛି ଯୁବକ ନିଜକୁ ଶ୍ରେଷ୍ଠ ଡ୍ରାଇଭର ପ୍ରଦର୍ଶନ କରିବାକୁ ଅନେକ ପ୍ରକାର ବିପଦପୂର୍ଣ୍ଣ ଗାଡ଼ି ଚାଳନା କରିବା ସହ ଏହି ପ୍ରକାର କୌଶଳକୁ ଭିଡିଓ କରି ସାମାଜିକ ଗଣମାଧ୍ୟମରେ ପ୍ରଦର୍ଶନ କରୁଛନ୍ତି। ପ୍ରତ୍ୟେକ ଦିନ ସୋସିଆଲ ମିଡିଆରେ କିଛି ନା କିଛି ଏଭଳି ଭିଡିଓ ଓ ଫଟୋ ଭାଇରାଲ ହେଉଛି। ଯୁବକ ଓ ଯୁବତୀ ବିପଦପୂର୍ଣ୍ଣଭାବେ ରିଲ୍ସ କରୁଛନ୍ତି। ଫଳରେ ନିଜ ଜୀବନକୁ ବିପଦମୁହଁକୁ ଆଣିବା ସହ ଅନ୍ୟ ଯୁବକମାନଙ୍କୁ ମଧ୍ୟ କୁ-ଶିକ୍ଷା ଦେଉଛନ୍ତି। ଏମିତି ଏକ ଘଟଣା ଦେଖିବାକୁ ମିଳିଛି ଖୋର୍ଦ୍ଧା ଶିଳ୍ପାଞ୍ଚଳ ଥାନା ଅନ୍ତର୍ଗତ ଗଡ଼ହଳଦିଆ ସରସ୍ୱତୀ ଶିଶୁ ମନ୍ଦିର ହତା ପରିସରରେ। ସ୍କୁଲ ସମ୍ମୁଖରେ ଜଣେ ଯୁବକ ବିପଦପୂର୍ଣ୍ଣ ଭାବେ ଚଳନ୍ତା ଥର୍ ଗାଡ଼ି ଉପରକୁ ଉଠି କରୁଥିବା ଷ୍ଟଣ୍ଟକୁ ରିଲ୍ସ କରି ସେଇ ରିଲ୍ସକୁ ନିଜ ଇନ୍‌ଷ୍ଟାଗ୍ରାମ୍‌ରେ ପ୍ରଦର୍ଶନ କରିଥିଲେ। ସୋସିଆଲ ମିଡିଆରେ ଭିଡିଓ ଭାଇରାଲ ହେବା ପରେ ଏହି ପ୍ରକାର ବିପଦପୂର୍ଣ୍ଣ ଗାଡ଼ି ଚାଳନାକୁ ନେଇ ବିଭିନ୍ନ ପ୍ରତିକ୍ରିୟା ପ୍ରକାଶ ପାଇଥିଲା। ପରିବହନ ବିଭାଗ ପକ୍ଷରୁ ଏହାର ତଦନ୍ତ କରି ଗାଡ଼ିକୁ ଜବତ କରିବା ସହ ଗାଡ଼ି ଚାଳକ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ତାଙ୍କର ଲାଇସେନ୍ସ ବାତିଲ୍ କରିଛି। ଏ ପ୍ରକାର ଗାଡ଼ି ଚାଳନା ବେଆଇନ ଅଟେ ଏବଂ ଏଥିରୁ ସମସ୍ତେ କ୍ଷାନ୍ତ ରହିବାକୁ ଉଚିତ୍ ବୋଲି ପରିବହନ ବିଭାଗ ନିଜ ସାମାଜିକ ଗଣମାଧ୍ୟମ ଆକାଉଣ୍ଟରେ ସଚେତନତା ବାର୍ତ୍ତା ଦେଇଛି।

ସକାଳ
THE SAKALA



## ସୁପ୍ରିମ୍‌କୋର୍ଟ ନିର୍ଦ୍ଦେଶକୁ ଖାତିର କରୁନି ଓଡ଼ିଶା ପୁଲିସ

# ତିନି ଡଜନ୍ ଥାନାରେ ନାହିଁ ସିସିଟିଭି

ଭୁବନେଶ୍ୱର,୧୫।୯ (ସମିସ): ଭରତପୁର ଥାନାରେ ଜଣେ ସେନା ମେଜର ଓ ତାଙ୍କ ବାନ୍ଧବୀଙ୍କୁ ଅସଦାଚରଣ ଘଟଣା ସାରା ଦେଶରେ ଓଡ଼ିଶା ପୁଲିସକୁ ନିନ୍ଦିତ କରିଥିଲା। ଏହି ଘଟଣା ପରେ ସବୁ ଥାନାରେ ସିସିଟିଭି ଲଗାଇବା ସହ ଏହାକୁ ଉଚ୍ଚ ଅଧିକାରୀ ମନିଟରିଂ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଏହି ଘଟଣାକୁ ବର୍ଷାଧିକ କାଳ ବିତିଥିଲେ ବି ଅନେକ ତିନି ଡ଼ଜନ ଥାନାରେ ସିସିଟିଭି ଲାଗିନାହିଁ ଓ ତିନି ଶହ ଥାନାରେ ଲାଗିଥିବା ସିସିଟିଭି ମନିଟରିଂ ହେଉ ନ ଥିବା ଅଭିଯୋଗ ହୋଇଛି। ଏହି ସମୟରେ ଥାନାରେ ସିସିଟିଭି ଲଗାଇବା ଉପରେ ସୁପ୍ରିମକୋର୍ଟ ଗୁରୁତ୍ୱାରୋପ କରିବା ଅନେକ ଗୁରୁତ୍ୱବହନ କରିଛି । ହାଇକୋର୍ଟ ଓ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକୁ ଓଡ଼ିଶା ପୁଲିସ କାର୍ଯ୍ୟକାରୀ କରୁ ନ ଥିବା ଅଭିଯୋଗ ହୋଇଛି ।

ଭରତପୁର ଘଟଣା ପରେ ପୁଲିସ ଆଧୁନିକୀକରଣ ଏଡିଜି ଦୟାଲ ଗଙ୍ଗୱାର କୋର୍ଟରେ ଦାଖଲ କରିଥିବା ସତ୍ୟପାଠରେ ରାଜ୍ୟର ୫୨ଟି ଥାନାରେ ସିସିଟିଭି ଲଗାଯାଇ ନ ଥିବା ଦର୍ଶାଇଥିଲେ। ଅନୁରୂପ ଭାବରେ ୨୦୨୪ ସେପ୍ଟେମ୍ବର ୨୪ ସୁଦ୍ଧା ୪୫୬ ଥାନାରେ ୨ହଜାର ୨୬୬ ସିସିଟିଭି ବିଭିନ୍ନ କାରଣ ପାଇଁ କାର୍ଯ୍ୟକ୍ଷମ ନ ଥିବା ମଧ୍ୟ ସତ୍ୟପାଠରେ ସେ ଉଲ୍ଲେଖ କରିଥିଲେ। ମାତ୍ର ଇତିମଧ୍ୟରେ ବର୍ଷଟିଏ ବିତିଥିଲେ ବି ରାଜ୍ୟର ଅନେକ ଥାନାରେ ଲାଗିଥିବା ସିସିଟିଭି କ୍ୟାମେରା ଏବେ ବି କାର୍ଯ୍ୟକ୍ଷମ ହୋଇପାରି ନ ଥିବା ଅଭିଯୋଗ ହୋଇଛି। ଥାନାରେ ସିସିଟିଭି ଲଗାଇବା ଏବଂ ମେଣ୍ଟେନାନ୍ସ କରିବା କାମ ଓକାକ୍ ନେଇଛି। ହେଲେ ଓକାକ୍ ନିଜେ ଏହି କାମ ନ କରି ତୃତୀୟପକ୍ଷକୁ କାମ କରିବାକୁ ଲିଜ୍ ଦେଇଛି। ମାତ୍ର ସମ୍ପୃକ୍ତ ସଂସ୍ଥା ତା କାମ ଠିକ୍ କରୁଛି କି ନାହିଁ ତାହାର ଯାଞ୍ଚ କରାଯାଉ ନାହିଁ।

- ମନିଟରିଂ ହେଉନି ଥାନାରେ ଲାଗିଥିବା ସିସିଟିଭିର
- ଉଚ୍ଚ ଅଧିକାରୀ ତଦାରଖ କରୁନଥିବାରୁ ରହୁନି ଭୟ
- ଚିଠି ପରେ ହେଉନି ମରାମତି ହେଉନି ଖରାପ ସିସିଟିଭି

ଥାନାରେ ସିସିଟିଭି ନ ଥିବାରୁ ଓ ସ୍ଥଳ ବିଶେଷରେ ଏହା କାର୍ଯ୍ୟକ୍ଷମ ହେଉ ନ ଥିବାରୁ ପୁଲିସର ଭୂମିକା ଉପରେ ସ୍ୱାଭାବିକ ପ୍ରଶ୍ନ ଉଠିଛି। ଥାନାରେ ଅଟକଙ୍କୁ ନିର୍ଯାତନା, ହାଜତ ମୃତ୍ୟୁ ଘଟଣାରେ ବାସ୍ତବ ତଥ୍ୟ ମିଳି ପାରୁନାହିଁ। ସେହିପରି ଥାନା ପରିସରରୁ ଚୋରି ଓ ଥାନାରୁ ଅପରାଧୀ ଫେରାର ଘଟଣା ସମ୍ପର୍କରେ ମଧ୍ୟ ସତ୍ୟ ସ୍ପଷ୍ଟ ହେଉ ନାହିଁ। ରାଜ୍ୟ ତ ଦୂରର କଥା ରାଜଧାନୀ ଭୁବନେଶ୍ୱର ଏବଂ କଟକର ଅନେକ ଥାନାରେ ଲାଗିଥିବା ସିସିଟିଭି କ୍ୟାମେରା ମଧ୍ୟରୁ ଅର୍ଦ୍ଧାଧିକ ଅଚଳ ଥିବା କୁହାଯାଉଛି। ଥାନା ଅଧିକାରୀ ଏନେଇ ବାରମ୍ବାର ଓକାକ୍‌କୁ ଚିଠି ଲେଖିଲେ ମଧ୍ୟ ତାହା ଠିକ୍ କରାଯାଉନଥିବା ଅଭିଯୋଗ କରାଯାଉଛି।

ଅପରପକ୍ଷରେ ସାମୁଦ୍ରିକ ଥାନାଗୁଡ଼ିକରେ ସିସିଟିଭି ଅଚଳ ଥିବା ମଧ୍ୟ ଅଭିଯୋଗ ହେଉଛି। ମେରାଇନ୍ ଥାନାଗୁଡ଼ିକ ସମୁଦ୍ର ନିକଟରେ ହୋଇଥିବାରୁ ଲୁଣା ପବନରେ ଏହା ନଷ୍ଟ ହୋଇ ଯାଉଥିବା କୁହାଯାଉଛି ଓ ଏହାର ଉପଯୁକ୍ତ ରକ୍ଷଣାବେକ୍ଷଣ କରାଯାଉ ନାହିଁ। ବିଭିନ୍ନ ଥାନାରେ ଲୋକଙ୍କ କଥା ବୁଝୁଥିବା ଜଣେ ବ୍ୟକ୍ତିଙ୍କୁ ବଡ଼ି କ୍ୟାମେରା ଦିଆଯାଇଛି। ହେଲେ ଏହି କ୍ୟାମେରାର ତଥ୍ୟକୁ ନେଇ ମଧ୍ୟ ଅନେକ ସମୟରେ ବିବାଦ ସୃଷ୍ଟି ହୋଇଛି ।

## ୧୬୮୬ ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ

# ଦୁର୍ନୀତିରୁ ଊର୍ଦ୍ଧ୍ୱରେ ରହି ଭଲ କାମ କର: ମୁଖ୍ୟମନ୍ତ୍ରୀ





ଭୁବନେଶ୍ୱର,୧୫।୯ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ୭ଟି ବିଭାଗର ସମୁଦାୟ ୧୬୮୬ ଜଣଙ୍କୁ ବିଭିନ୍ନ ବର୍ଗରେ ନିଯୁକ୍ତି ପତ୍ର ପ୍ରଦାନ କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସାଂପ୍ରତିକ ପରିସ୍ଥିତିରେ ଯୁବ ସମାଜ ପାଇଁ ସବୁଠାରୁ ବଡ ଆହ୍ୱାନ ହେଉଛି ନିଯୁକ୍ତି। ୧୫ ମାସ ମଧ୍ୟରେ ୧୧ଟି ନିଯୁକ୍ତି ମେଳା ଜରିଆରେ ସରକାରୀ କ୍ଷେତ୍ରରେ ଆମେ ଆଜିକୁ ମିଶାଇ ସମୁଦାୟ ୩୦,୦୩୨ ଟି ପଦବୀରେ ନିଯୁକ୍ତି ପ୍ରଦାନ କରିଛୁ। ସରକାର ଆସିବାର ପ୍ରଥମ ଦୁଇ ବର୍ଷରେ ୬୫ ହଜାର ସରକାରୀ ପଦବୀ ପୂରଣ କରାଯିବାର ଲକ୍ଷ୍ୟ ରହିଥିଲା। ଜୁନ୍ ୨୦୨୬ ଶେଷ ସୁଦ୍ଧା ଆହୁରି ୪୦ ହଜାର ସରକାରୀ ପଦବୀ ପୂରଣ ହେବ। ୧୫ ମାସ ମଧ୍ୟରେ ସରକାରଙ୍କ ପକ୍ଷରୁ ଉଭୟ ସରକାରୀ ଓ ବେସରକାରୀ କ୍ଷେତ୍ରରେ ୧,୦୭,୯୨୬ ଜଣଙ୍କୁ ନିଯୁକ୍ତି ଦିଆଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

ଭୁବନେଶ୍ୱର ଇଡ଼କୋ ପ୍ରଦର୍ଶନୀ ପଡ଼ିଆରେ ଅନୁଷ୍ଠିତ ଏକାଦଶ ନିଯୁକ୍ତି ମେଳାରେ ମୁଖ୍ୟମନ୍ତ୍ରୀ ଉପସ୍ଥିତ ନବ ନିଯୁକ୍ତଙ୍କୁ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇ କହିଥିଲେ ଯେ ଆପଣମାନଙ୍କର କର୍ତ୍ତବ୍ୟ ହେଉଛି ସରକାରଙ୍କ ନୀତି ନିୟମର ମର୍ଯ୍ୟାଦାରେ ରହି ନିଜ କାର୍ଯ୍ୟ ସମ୍ପାଦନ କରିବା। ଦୁର୍ନୀତିରୁ ଊର୍ଦ୍ଧ୍ୱରେ ରହି ସମସ୍ତେ ଭଲ କାମ କରନ୍ତୁ, ସୁନାମ ଅର୍ଜନ କରନ୍ତୁ। ସାଧାରଣ ଗରିବ ଜନତାଙ୍କ ଆଶୀର୍ବାଦ ହେବ ଆପଣଙ୍କ ପାଇଁ ସବୁଠାରୁ ବଡ ପୁଞ୍ଜି ବୋଲି ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ୩୦ ଜଣ ନବ ନିଯୁକ୍ତଙ୍କୁ ନିଯୁକ୍ତି ପତ୍ର ପ୍ରଦାନ କରିଥିଲେ। ନବନିଯୁକ୍ତଙ୍କ ମଧ୍ୟରୁ କୃଷି ଓ କୃଷକ ସଶକ୍ତିକରଣ ବିଭାଗରେ ଯୋଗଦେଇଥିବା ସମ୍ବଲପୁରର ଶିବାନୀ ଷଡଙ୍ଗୀ ଓ ଅର୍ଥ ବିଭାଗରେ ଯୋଗଦେଇଥିବା କଟକ ଜିଲ୍ଲାର ବିଶ୍ୱଜିତ୍ ପ୍ରଧାନ ତାଙ୍କ ଅନୁଭୂତି ଓ ଅଭିଜ୍ଞତାରେ ସରକାରଙ୍କ ସ୍ୱଚ୍ଛ ଓ ନିରପେକ୍ଷ ଚୟନ ପଦ୍ଧତି ପାଇଁ କୃତଜ୍ଞତା ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ, ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ଶିଳ୍ପ ମନ୍ତ୍ରୀ ସଂପଦ ଚନ୍ଦ୍ର ସ୍ୱାଇଁ, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ପ୍ରମୁଖ ଉପସ୍ଥିତ ଥିଲେ।

## ■ ପୁରୀ ପୁଲିସର ସ୍ୱତନ୍ତ୍ର ଅଭିଯାନ

# ୭୦ ଖଣ୍ଡା, ଭୁଜାଲି ଜବତ



ପୁରୀ,୧୫।୯ (ସମିସ): ପାର୍ବଣ ପୂର୍ବରୁ ଆକ୍ସନ୍ ମୋଡ୍‌କୁ ଆସିଛି ପୁରୀ ପୁଲିସ। ପୁରୀ ଏସ୍‌ପି ପ୍ରତୀକ ସିଂଙ୍କ ନିର୍ଦ୍ଦେଶରେ ପୁରୀ ସବ୍-ଡିଭିଜନ୍‌ର ସମସ୍ତ ଥାନାଧିକାରୀ ପରିଚିତ ଅସାମାଜିକ ବ୍ୟକ୍ତି, ବିଭିନ୍ନ କ୍ଲବ୍, ଧାରୁଆ ଅସ୍ତ୍ର ତିଆରି ଓ ବିକ୍ରୟ କେନ୍ଦ୍ର ଆଦିରେ ଚଢ଼ଉ କରି ବିପୁଳ ପରିମାଣର ଅସ୍ତ୍ରଶସ୍ତ୍ର ଜବତ କରିଛନ୍ତି। ଏହି ବିଶେଷ ଅଭିଯାନରେ ପୁରୀ ପୁଲିସ୍ ମୋଟ ୭୦ଟି ଧାରୁଆ ଅସ୍ତ୍ର ଜବତ କରିଛି। ସେଥିରେ ୧୦ଟି ବଡ଼ ଖଣ୍ଡା, ୪ଟି ତେଲେଙ୍ଗା କଟୁରୀ, ୧୦ଟି ଭୁଜାଲି ଏବଂ ଅବଶିଷ୍ଟ ସବୁ କାତି ରହିଛି। ଏହି ଅଭିଯାନ ସମୟରେ ଦୁଇଜଣ ଅସାମାଜିକଙ୍କୁ ତଲୱାର ସହିତ ଧରାଯାଇଛି। ଏ ନେଇ କୁମ୍ଭାରପଡ଼ା ଏବଂ ସମୁଦ୍ରକୂଳ ଥାନାରେ ୨ଟି ମାମଲା ରୁଜୁ କରାଯାଇ ଦୁଇ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରାଯାଇଛି। ଏନେଇ ଆଜି ଟାଉନ୍ ଥାନା ପରିସରରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ବିସ୍ତୃତ ସୂଚନା ଦିଆଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ସିଟି ଡିଏସ୍‌ପି ପ୍ରଶାନ୍ତ କୁମାର ସାହୁ, ଟାଉନ୍ ଥାନାଧିକାରୀ ଗୋକୁଳ ରଞ୍ଜନ ଦାଶ, ବଳିଆପଣ୍ଡା ଥାନା ଅଧିକାରୀ ସଙ୍ଗୀତା ଦାଶ ପ୍ରମୁଖ ଉପସ୍ଥିତ ଥିଲେ।

## ବଲାଙ୍ଗିରରେ ଲଜ୍ଜା

# ମହିଳାଙ୍କୁ ବିଜେପି ନେତାଙ୍କ ଦୁଷ୍କର୍ମ!

କଣ୍ଟାବାଞ୍ଜି,୧୫।୯ (ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ସହରରୁ ଏକ ଲଜ୍ଜାଜନକ ଘଟଣା ସାମ୍ନାକୁ ଆସିଛି। ବିଜେପିର ଜଣେ ଯୁବନେତା ଜଣେ ମହିଳାଙ୍କୁ ଦୁଷ୍କର୍ମ କରିଛନ୍ତି। ଏନେଇ ମହିଳାଜଣଙ୍କ ଅଭିଯୋଗ କରିବାରୁ ପୁଲିସ ବିଜେପି ନେତା ଚିଣ୍ଟୁ ଅଗ୍ରୱାଲଙ୍କ ବିରୋଧରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

**ଥାନାରେ ମାମଲା ରୁଜୁ**

ପୁଲିସ୍ ସୂଚନାନୁସାରେ, ମହିଳାଜଣଙ୍କ ତାଙ୍କ ପ୍ରେମିକ ସହ ସହରରେ ଏକ ଭଡ଼ା ଘରେ ରହୁଛନ୍ତି। ମହିଳାଙ୍କ ପ୍ରେମିକ ସହ ଚିଣ୍ଟୁଙ୍କର ଭଲ ବନ୍ଧୁତା ଥିଲା। ଏଥିଯୋଗୁଁ ଚିଣ୍ଟୁ ଅନେକ ସମୟରେ ତାଙ୍କ ଘରକୁ ଯିବାଆସିବା କରୁଥିଲେ। ଗତ ୧୩ ତାରିଖ ରାତି ପ୍ରାୟ ୭ଟାରେ ଚିଣ୍ଟୁ ତାଙ୍କ ଘରକୁ ଯାଇଥିଲେ। ତେବେ ସେଠାରେ ମହିଳାଜଣଙ୍କ ଏକୁଟିଆ ଥିବା ସୁଯୋଗରେ ଚିଣ୍ଟୁ ତାଙ୍କୁ ଦୁଷ୍କର୍ମ କରିଥିଲା। ଏହାସହ ଘଟଣା ସମ୍ପର୍କରେ କାହାରିକୁ କହିଲେ, ଜୀବନରୁ ମାରିଦେବାକୁ ଧମକ ଦେଇଥିଲା। ମହିଳାଜଣଙ୍କ ଏ ସଂପର୍କରେ ତାଙ୍କ ପ୍ରେମିକଙ୍କୁ ଜଣାଇବା ପରେ କଣ୍ଟାବାଞ୍ଜି ଥାନାରେ ଅଭିଯୋଗ ହୋଇଥିଲା। ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଜାରି ରଖିଥିବା ବେଳେ ମହିଳାଙ୍କ ଡାକ୍ତରୀ ପରୀକ୍ଷା କରାଯାଇଛି। ସେପଟେ, ମାମଲା ରୁଜୁ ପରେ ଅଭିଯୁକ୍ତ ଚିଣ୍ଟୁ ଫେରାର୍ ହୋଇଯାଇଥିବା ଜଣାଯାଇଛି। ଚିଣ୍ଟୁ ବିଜେପିର ଅନେକ ରାଜନେତାଙ୍କ ନିକଟତମ ଲୋକ। ଅନ୍ୟପକ୍ଷରେ, ଚିଣ୍ଟୁଙ୍କୁ ତୁରନ୍ତ ଗିରଫ କରାନଗଲେ, କଣ୍ଟାବାଞ୍ଜି ଥାନା ଘେରଉ କରାଯିବ ବୋଲି ବିଜେଡି ନେତା ଗିରିରାଜ ସିଂ ମାଝୀ ଚେତାବନୀ ଦେଇଛନ୍ତି।

## ବାଲିହରଚଣ୍ଡୀରେ ଗଣଦୁଷ୍କର୍ମ ଘଟଣା

# ରାଜ୍ୟର ପ୍ରମୁଖ ପର୍ଯ୍ୟଟନସ୍ଥଳୀ ସୁରକ୍ଷିତ ନୁହେଁ: ସଞ୍ଜୟ ଦାସବର୍ମା



ଭୁବନେଶ୍ୱର,୧୪।୯ (ସମିସ): ଦୁଇ ଦିନ ତଳେ ପୁରୀ ଜିଲ୍ଲା ବ୍ରହ୍ମଗିରି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବାଲିହରଚଣ୍ଡୀ ପୀଠରେ ଏକ ଛାତ୍ରୀକୁ ଗଣଦୁଷ୍କର୍ମ ହୋଇଥିବା ଅଭିଯୋଗ ହୋଇଛି। ଗତକାଲି ଏହି ଘଟଣା ଗଣମାଧ୍ୟମରେ ଖବର ଆସିଲା। ଏହାକୁ ଅନୁସନ୍ଧାନ କଲେ ରାଜ୍ୟରେ ଯେ ମହିଳା ଅସୁରକ୍ଷିତ, ତାହା ସ୍ପଷ୍ଟ ହେଉଛି ବୋଲି କହିଛନ୍ତି ବିଜେଡିର ବରିଷ୍ଠ ନେତା ସଞ୍ଜୟ ଦାସ ବର୍ମା।

ସେ କହିଛନ୍ତି ଯେ ସମସ୍ତଙ୍କ ମଧ୍ୟରେ ଏହି ଘଟଣା କମ୍ପନ ସୃଷ୍ଟି କରିଛି। ପୀଡ଼ିତା ଗୁରୁତର ଅବସ୍ଥାରେ ହସ୍ପିଟାଲରେ ଚିକିତ୍ସିତ ହେଉଛନ୍ତି। ମାତ୍ର ଦୁର୍ବୃତ୍ତଙ୍କୁ ଏବେ ପର୍ଯ୍ୟନ୍ତ ପୁଲିସ ଧରିପାରିନାହିଁ। ବିଶ୍ୱ ଆଧ୍ୟାତ୍ମିକ କେନ୍ଦ୍ର ଜଗନ୍ନାଥଙ୍କ ଜିଲ୍ଲାରେ ବାଲିହରଚଣ୍ଡୀ ରାଜ୍ୟର ଏକ ଗୁରୁତ୍ୱପୂର୍ଣ୍ଣ ପର୍ଯ୍ୟଟନସ୍ଥଳ ଏବେ ବି ସୁରକ୍ଷିତ ନୁହେଁ। ବାଲିହରଚଣ୍ଡୀରେ ଏକ ପୁଲିସ ଆଉଟ୍‌ପୋଷ୍ଟ ବା ଫାଣ୍ଡି ପ୍ରତିଷ୍ଠା କରାଯାଉ। କେବଳ ପୁରୀ ଜିଲ୍ଲା ନୁହେଁ, ରାଜ୍ୟର ସମସ୍ତ ପର୍ଯ୍ୟଟନସ୍ଥଳୀକୁ ସୁରକ୍ଷିତ ରଖାଯିବା ସହ ସବୁଠି ପର୍ଯ୍ୟାପ୍ତ ପୁଲିସ ସୁରକ୍ଷା ଯୋଗାଇ ଦିଆଯାଉ ବୋଲି ସେ ମୁଖ୍ୟମନ୍ତ୍ରୀଙ୍କୁ ଦାବି କରିଛନ୍ତି।

ସେ ଆହୁରି ମଧ୍ୟ କହିଛନ୍ତି ଯେ ସମ୍ବେଦନଶୀଳ ଆଭିମୁଖ୍ୟକୁ ନେଇ ସରକାର ଯତ୍ନବାନ ହେବାର ଆବଶ୍ୟକତା ରହିଛି। ୨ବର୍ଷ ହେବ, ବହୁ ପର୍ଯ୍ୟଟନସ୍ଥଳରେ ପୁଲିସ ଫାଣ୍ଡି ପ୍ରସ୍ତୁତ କରିବା ପାଇଁ ଦାବି ଉଠିଛି। ପୂର୍ବରୁ ବାଲିହରଚଣ୍ଡୀଠାରେ ଏକ ପୁଲିସ ଆଉଟ୍‌ପୋଷ୍ଟ ପ୍ରତିଷ୍ଠା କରିବା ପାଇଁ ଡିଜିଙ୍କ ପାଖରେ ଦାବି ମଧ୍ୟ କରାଯାଇଥିଲା ବୋଲି ସେ କହିଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି ଯେ ନୂତନ ସରକାର ଆସିବା ପରେ ରାଜ୍ୟରେ ନାରୀ ନିର୍ଯାତନା ବଢ଼ୁଥିବା ବେଳେ ଛାତ୍ରୀ ଓ ଶିକ୍ଷାନୁଷ୍ଠାନ ସବୁ ଅସୁରକ୍ଷିତ ହୋଇପଡ଼ିଛି। ଓଡ଼ିଶାରେ ମହିଳାଙ୍କ ପାଇଁ ସୁରକ୍ଷିତ ନଥିବା ବେଳେ ଏଥିପାଇଁ ଆମେରିକା ମଧ୍ୟ ନିଜର ମାର୍ଗଦର୍ଶିକା ଜାରି କରିଛି। ଓଡ଼ିଶାର ପରିଚୟକୁ ନେଇ ଏବେ ସଙ୍କଟ ସୃଷ୍ଟି ହୋଇଛି। ଗୋପାଳପୁର ଘଟଣା, ସୌମ୍ୟାଶ୍ରୀ, ବଳଙ୍ଗା ପୀଡ଼ିତଙ୍କ ନିଆଁ ନ ଲିଭୁଣୁ ଏବେ ପୁଣି ବ୍ରହ୍ମଗିରିର ଏହି ଘଟଣା ସାଧାରଣରେ ଆଲୋଡ଼ନା ସୃଷ୍ଟି କରିଛି। ଏଥିପାଇଁ କେବଳ ପୁରୀ ନୁହେଁ ବରଂ ସମ୍ପୂର୍ଣ୍ଣ ରାଜ୍ୟ ନିନ୍ଦିତ ବୋଲି ସେ କହିଛନ୍ତି।

## ■ ସିବିଏସ୍‌ଇର ନୂତନ ମାର୍ଗଦର୍ଶିକା

# ଦୁଇ ବର୍ଷିଆ ହେବ ଦଶମ ଓ ଦ୍ୱାଦଶ ପାଠ୍ୟକ୍ରମ

ଭୁବନେଶ୍ୱର, ୧୫।୯ (ସମିସ): କେନ୍ଦ୍ରୀୟ ମାଧ୍ୟମିକ ଶିକ୍ଷା ପରିଷଦ (ସିବିଏସ୍‌ଇ) ପକ୍ଷରୁ ଦଶମ ଓ ଦ୍ୱାଦଶ ଶ୍ରେଣୀ ଛାତ୍ରଛାତ୍ରୀଙ୍କ ପାଇଁ ନୂତନ ମାର୍ଗଦର୍ଶିକା ଜାରି କରାଯାଇଛି। ଏଣିକି ଦଶମ ଓ ଦ୍ୱାଦଶ ଶ୍ରେଣୀକୁ ଦୁଇ ବର୍ଷିଆ ପାଠ୍ୟକ୍ରମ ଭାବେ ବିଚାର କରାଯିବ। ଅର୍ଥାତ୍ ଦଶମ ପରୀକ୍ଷା ପାଇଁ ନବମ ଏବଂ ଦ୍ୱାଦଶ ପରୀକ୍ଷା ପାଇଁ ଏକାଦଶ ଶ୍ରେଣୀ ନିୟମିତ ଭାବେ ପଢ଼ିବାକୁ ହେବ। ଅନ୍ୟଥା ପରୀକ୍ଷା ଦେବାକୁ ଛାତ୍ରଛାତ୍ରୀମାନେ ଯୋଗ୍ୟ ବିବେଚିତ ହେବେନାହିଁ। ଅନ୍ୟପକ୍ଷରେ ବିଦ୍ୟାଳୟରେ ୭୫ ପ୍ରତିଶତ ଉପସ୍ଥାନକୁ ମଧ୍ୟ ବାଧ୍ୟତାମୂଳକ କରାଯାଇଛି। ଯେଉଁ ଛାତ୍ରଛାତ୍ରୀଙ୍କ ଉପସ୍ଥାନ କମ୍ ଥିବା ବା ନିୟମିତ ଭାବେ ବିଦ୍ୟାଳୟକୁ ଆସିବେ ନାହିଁ, ସେମାନଙ୍କର ଇଣ୍ଟରନାଲ୍ ଆସେସମେଣ୍ଟ କରାଯିବ ନାହିଁ। ଇଣ୍ଟରନାଲ୍ ଆସେସମେଣ୍ଟ ହୋଇ ନ ପାରିଲେ ପରୀକ୍ଷା ଫଳ ପ୍ରକାଶ କରାଯିବ ନାହିଁ। ସେମାନେ ନିୟମିତ ଛାତ୍ରଛାତ୍ରୀ ହୋଇଥିଲେ ମଧ୍ୟ 'ଏସେନସିଆଲ୍ ରିପିଟ୍ କାଟେଗୋରୀ' ଅନ୍ତର୍ଭୁକ୍ତ ହେବେ।

ଅନୁରୂପ ଭାବେ ଛାତ୍ରଛାତ୍ରୀମାନେ ଅତିରିକ୍ତ ବିଷୟ ନେଇ ପାଠ ପଢ଼ିବେ। ଦଶମ ଶ୍ରେଣୀରେ ଦୁଇଟି ଏବଂ ଦ୍ୱାଦଶରେ ଗୋଟିଏ ଅତିରିକ୍ତ ବିଷୟ ରହିବ। ବାଧ୍ୟତାମୂଳକ ପାଠ୍ୟକ୍ରମ ସହିତ ଅତିରିକ୍ତ ବିଷୟ ପଢ଼ାଯିବ। ଏହି ବିଷୟଗୁଡ଼ିକ ମଧ୍ୟ ଦୁଇ ବର୍ଷ ପାଇଁ ଅଧ୍ୟୟନ କରିବାକୁ ହେବ। ସିବିଏସ୍‌ଇ ସହ ଅନୁବନ୍ଧିତ ଶିକ୍ଷାନୁଷ୍ଠାନଗୁଡ଼ିକରେ ଆବଶ୍ୟକ ଶିକ୍ଷକ ଓ ଲାବ୍ ଉପଲବ୍ଧ ନ ଥିଲେ ଛାତ୍ରଛାତ୍ରୀଙ୍କୁ ଅତିରିକ୍ତ ବିଷୟ ପ୍ରଦାନ କରିପାରିବେ ନାହିଁ ବୋଲି ସ୍ପଷ୍ଟ ଭାବେ କୁହାଯାଇଛି। ଏହାକୁ କଡ଼ାକଡ଼ି ବାବେ ପାଳନ କରିବାକୁ ଛାତ୍ରଛାତ୍ରୀ, ଅଭିଭାବକ ଓ ସ୍କୁଲଗୁଡ଼ିକୁ କୁହାଯାଇଛି।

# ଗାଡ଼ି ଚଳାଇବା ବେଳେ ରିଲ୍ସ କଲେ ଆର୍‌ସି, ଡିଏଲ ବାତିଲ

କଟକ, ୧୫।୯ (ସମିସ): ଗାଡ଼ି ଚଳାଇବା ବେଳେ ଚାଳକ ମୋବାଇଲ୍‌ରେ ରିଲ୍ସ କିମ୍ବା ଭିଡିଓ କଲେ, ଗାଡ଼ିର ରେଜିଷ୍ଟ୍ରେସନ୍ ଓ ଚାଳକଙ୍କ ଡ୍ରାଇଭିଂ ଲାଇସେନ୍ସ ବାତିଲ ହେବ। ଅନେକ ସମୟରେ ଗାଡ଼ି ଚଳାଇବା ବେଳେ ଚାଳକମାନେ ଅତି ବିପଦପୂର୍ଣ୍ଣ ଭାବେ ରିଲ୍ସ, ଭିଡିଓ ଆଦି ମୋବାଇଲରେ ଉତ୍ତୋଳନ କରୁଥିବା ପରିଲକ୍ଷିତ ହେଉଛି। ଏଭଳି ଗାଡ଼ି ଚାଳନା ବିରୋଧରେ କଠୋର୍ କାର୍ଯ୍ୟାନୁଷ୍ଠାନ ହେବ ବୋଲି ପରିବହନ ବିଭାଗ ଚେତାଇ ଦେଇଛି। ଏଥିସହ ରିଲ୍ସ ବା ଭିଡିଓ କରିବା ନାଁରେ ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନ କରୁଥିବା ନେଇ କେତେକ ସ୍ଥାନରେ ଗାଡ଼ି ଜବତ ହୋଇଛି। ଜରିମାନା ସହ ଡ୍ରାଇଭିଂ ଲାଇସେନ୍ସ ଓ ପଞ୍ଜୀକରଣ ସାର୍ଟିଫିକେଟକୁ ନିଲମ୍ବନ କରାଯିବ ବୋଲି କୁହାଯାଇଛି।

- ବିପଦପୂର୍ଣ୍ଣ ଗାଡ଼ି ଚାଳନା ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ
- ପରିବହନ ବିଭାଗ ପକ୍ଷରୁ ବିଭିନ୍ନ ସ୍ଥାନରେ ଗାଡ଼ି ଜବତ

ରିଲ୍ସ ତଥା ସୋସିଆଲ ମିଡିଆ ଭିୟୁ ପାଇଁ ଯୁବପିଢ଼ି ବିପଦପୂର୍ଣ୍ଣ ଗାଡ଼ି ଚଳାଉଥିବାର ଭିଡିଓ ନିୟମିତ ଭାବରେ ସାମ୍ନାକୁ ଆସୁଛି। ଏଥିପାଇଁ ଅନେକ ସମୟରେ ଦୁର୍ଘଟଣା ବି ଘଟୁଛି। କେବଳ ଉକ୍ତ ଗାଡ଼ି ଚାଳକ ନୁହେଁ, ଏହା ଅନ୍ୟ ସଡ଼କ ବ୍ୟବହାରକାରୀଙ୍କ ପାଇଁ ମଧ୍ୟ ବିପଦର କାରଣ ପାଲଟୁଛି। ନିୟମ ଉଲ୍ଲଙ୍ଘନର ଏଭଳି ଦୃଶ୍ୟ ଉପରେ ନିୟନ୍ତ୍ରଣ ପାଇଁ ରାସ୍ତାରେ ଏନଫୋର୍ସମେଣ୍ଟ ସହ ସୋସିଆଲ ମିଡିଆ ଉପରେ ମଧ୍ୟ ଏଭଳି ଘଟଣା ଉପରେ ଦୃଷ୍ଟି ରଖିବାକୁ ବାଣିଜ୍ୟ ଓ ପରିବହନ ବିଭାଗ ନିଷ୍ପତ୍ତି ନେଇଛି। ରାସ୍ତାରେ ଜନସାଧାରଣଙ୍କ ସୁରକ୍ଷା ସୁନିଶ୍ଚିତ କରିବାକୁ ବେପରୁଆ ଗାଡ଼ି ଚାଳକଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ପାଇଁ ବାଣିଜ୍ୟ ଓ ପରିବହନ ବିଭାଗ ମନ୍ତ୍ରୀ ବିଭୂତି ଭୂଷଣ ଜେନା ନିର୍ଦ୍ଦେଶ ଦେଇଛନ୍ତି। ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀଙ୍କ ନେତୃତ୍ୱ ଓ ପରିବହନ ଆୟୁକ୍ତ ଅମିତାଭ ଠାକୁରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଏଭଳି ଗାଡ଼ି ଚାଳକଙ୍କ ଉପରେ ନିୟନ୍ତ୍ରଣ ଆଣିବାକୁ ପଦକ୍ଷେପ ଗ୍ରହଣ କରାଯାଇଛି। ରାଜ୍ୟ ପରିବହନ ପ୍ରାଧିକରଣ ପକ୍ଷରୁ ସମସ୍ତ ଆରଟିଓଙ୍କୁ ଏ ସଂପର୍କରେ ନିର୍ଦ୍ଦେଶ ପ୍ରଦାନ କରାଯାଇଛି। ତ୍ୱରିତ ପଦକ୍ଷେପ ସ୍ୱରୂପ, କୋରାପୁଟ ଜିଲ୍ଲା ଜୟପୁର ଉପକଣ୍ଠ ବାରିଣିପୁଟଠାରେ ଜାତୀୟ ରାଜପଥରେ ମାଲବାହୀ ଟ୍ରକ୍ ଭାରସାମ୍ୟ ହରାଇ ରାସ୍ତାପାର୍ଶ୍ୱ ଦୋକାନ ଉପରେ ମାଡ଼ିଯିବା ଏବଂ ଏଥିରେ ଜଣେ ମହିଳାଙ୍କ ମୃତ୍ୟୁ ଘଟଣାରେ ମୋଟର ଯାନ ଆଇନ ଓ ଭାରତୀୟ ନ୍ୟାୟ ସଂହିତା ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଗାଡ଼ିକୁ ଜବତ କରାଯାଇଥିବା ବେଳେ ଡ୍ରାଇଭରଙ୍କୁ ପୁଲିସ ଅଟକ ରଖିଛି।

ସେହିଭଳି, ଖୋର୍ଦ୍ଧା ଜିଲ୍ଲା ହଳଦିଆର ଏକ ବିଦ୍ୟାଳୟ ସମ୍ମୁଖ ରାସ୍ତାରେ ଚଳନ୍ତା ଚାରିଚକିଆ ଗାଡ଼ିରେ ଡ୍ରାଇଭର ଷ୍ଟିଅରିଂ ଛାଡ଼ି ରିଲ୍ସ କରୁଥିଲେ। ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହୋଇଥିଲା। ଖୋର୍ଦ୍ଧା ଅତିରିକ୍ତ ଆଞ୍ଚଳିକ ପରିବହନ ଅଧିକାରୀ ସ୍ଥାନୀୟ ପୁଲିସ, ଜଗତସିହପୁର ଓ ଭୁବନେଶ୍ୱର-୧ ଆରଟିଓଙ୍କ ସହଯୋଗରେ ଗାଡ଼ିକୁ ଜବତ କରିଛନ୍ତି। ଭୁବନେଶ୍ୱରରେ ଏକ ବାଇକରେ ଯୁବକ-ଯୁବତୀଙ୍କ ବିପଦପୂର୍ଣ୍ଣ ଗାଡ଼ି ଚାଳନାର ଭିଡିଓ କିଛିଦିନ ତଳେ ଭାଇରାଲ ହୋଇଥିଲା। ଏହି ଘଟଣାରେ ମଧ୍ୟରେ ଭୁବନେଶ୍ୱର-୨ ଆରଟିଓ ଗାଡ଼ି ଅଟକ ରଖିଥିବା ବେଳେ ଜରିମାନା, ଲାଇସେନ୍ସ ନିଲମ୍ବନ ଭଳି ପଦକ୍ଷେପ ଗ୍ରହଣ କରିଛନ୍ତି। ପୁରୀରେ ମଧ୍ୟ ଏଭଳି ବିପଦପୂର୍ଣ୍ଣ ଗାଡ଼ି ଚାଳନା ଘଟଣାରେ ଗାଡ଼ିକୁ ଅଟକ ରଖି ଜରିମାନା କରାଯାଇଛି।

## ■ ୧୭ ତାରିଖରେ ବିଦ୍ୟାଳୟ ସମୟ ପରିବର୍ତ୍ତନ

# ଅପରାହ୍ଣରେ ମିଳିବ ମଧ୍ୟାହ୍ନଭୋଜନ

ଭୁବନେଶ୍ୱର, ୧୫।୯ (ସମିସ): ଆସନ୍ତା ୧୭ ତାରିଖରେ ଛାତ୍ରଛାତ୍ରୀମାନେ ରାଜ୍ୟସାରା ଚାରା ରୋପଣ କରିବେ। ଏଥିପାଇଁ 'ଏକ୍ ପେଡ୍ ମା କେ ନାମ୍' କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। କାର୍ଯ୍ୟକ୍ରମ ପାଇଁ ବିଦ୍ୟାଳୟ ସମୟରେ ପରିବର୍ତ୍ତନ କରାଯାଇଛି। ସକାଳ ୧୦ ପରିବର୍ତ୍ତେ ୭ଟା ରୁ ଛାତ୍ରଛାତ୍ରୀମାନେ ବିଦ୍ୟାଳୟ ଆସିବେ। ମଧ୍ୟାହ୍ନ ଭୋଜନ ଖାଇ ସାରିବା ପରେ ଅପରାହ୍ଣ ସାଢ଼େ ୧ଟାରେ ବିଦ୍ୟାଳୟ ଛୁଟି ହେବ। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ)ଙ୍କୁ ନେଇ ପ୍ରସ୍ତୁତି ବୈଠକରେ ଏନେଇ ନିଷ୍ପତ୍ତି ହୋଇଛି।

ଛାତ୍ରଛାତ୍ରୀମାନେ ସକାଳ ୭ରୁ ବିଦ୍ୟାଳୟକୁ ଯାଇ ସାଢ଼େ ୧ରେ ଆସିବାକୁ ବିଭାଗ ପକ୍ଷରୁ ନିର୍ଦ୍ଦେଶନାମା ଜାରି ହେବା ପରେ ଡିଇଓମାନେ ମଧ୍ୟ ପ୍ରସ୍ତୁତି କରିଛନ୍ତି। ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା କରି ପୁରସ୍କାର ବଣ୍ଟନ କାର୍ଯ୍ୟକ୍ରମ ରହିଛି। ପ୍ରଥମେ ଚାରା ରୋପଣ କରିସାରବା ପରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରତିଯୋଗିତା ଅନୁଷ୍ଠିତ ହେବ। ସବୁ ସରିବା ପରେ ମଧ୍ୟାହ୍ନ ଭୋଜନ ଦେଇ ପିଲାଙ୍କୁ ଛୁଟି କରିବାକୁ ବିଦ୍ୟାଳୟଗୁଡ଼ିକୁ କୁହାଯାଇଛି। ହେଲେ ସକାଳୁ ବିଦ୍ୟାଳୟକୁ ଯାଇଥିବା ଛାତ୍ରଛାତ୍ରୀମାନେ ଅପରାହ୍ଣ ଯାଏଁ କିପରି ଭୋକ ଉପାସରେ ରହିବେ ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି। କେବଳ ଗଛ ଲଗାଇବା ପାଇଁ ପିଲାମାନଙ୍କୁ ଦୀର୍ଘ ସମୟ ପର୍ଯ୍ୟନ୍ତ ଓପାସରେ ରଖିବାକୁ ନାପସନ୍ଦ କରିଛନ୍ତି। ସକାଳୁଆ ସ୍କୁଲ ସମୟରେ ପିଲାମାନଙ୍କୁ ୧୦ଟା ସୁଦ୍ଧା ମଧ୍ୟାହ୍ନ ଭୋଜନ ପ୍ରଦାନ କରାଯାଉଥିଲା, ମାତ୍ର ସକାଳୁ ଆସୁଥିବା ସାନସାନ ପିଲାଙ୍କୁ ମଧ୍ୟାହ୍ନ ଭୋଜନ ଦେବା ନିମନ୍ତେ ଅପରାହ୍ନ ସାଢ଼େ ଗୋଟାଏ ଯାଏ ଅଟକାଇ ରଖିବାକୁ ଅଭିଭାବକମାନେ ସମାଲୋଚନା କରିଛନ୍ତି । ଯେଉଁ ଅଧିକାରୀ ଏହି ଚିଠି ସ୍କୁଲକୁ ପଠାଇଛନ୍ତି ସେ ତାଙ୍କ ପିଲାଙ୍କୁ ସରକାରୀ ସ୍କୁଲରେ ପଢ଼ାନ୍ତି କି ଓ ଅପରାହ୍ନ ପର୍ଯ୍ୟନ୍ତ ପିଲାଙ୍କୁ ଖାଲି ପେଟରେ ରଖନ୍ତି କି ବୋଲି ଅଭିଭାବକମାନେ ପ୍ରଶ୍ନ କରିଛନ୍ତି ।

## ସାର ପାଇଁ ପ୍ରବଳ ଉତ୍ତେଜନା

# ରାତି ୪ରୁ ଅପେକ୍ଷା କରି ବି ପାଇଲେନି

ଛେଣ୍ଡିପଦା, ୧୫।୯ (ସମିସ): ସାରା ରାଜ୍ୟରେ ଏବେ ଧାନ ଚାଷ ପାଇଁ ୟୁରିଆ ସାରର ବେଶ୍ ଆବଶ୍ୟକତା ରହିଛି। ହେଲେ ରାଜ୍ୟରେ ବର୍ତ୍ତମାନ ସାରର ଉତ୍କଟ ଅଭାବ ସମସ୍ୟା ଦେଖିବାକୁ ମିଳିଛି। ଏପରିକି, କଳାବଜାରରେ ୟୁରିଆ ବିକ୍ରି ହେଉଛି। ଅସାଧୁ ବ୍ୟବସାୟୀମାନେ ୨୭୦ ଟଙ୍କାର ୟୁରିଆ ପ୍ୟାକେଟକୁ ୭୦୦ ଟଙ୍କା ପର୍ଯ୍ୟନ୍ତ ବିକ୍ରି କରୁଛନ୍ତି। ସରକାର ପାକ୍ସଗୁଡ଼ିକୁ ଯୋଗାଇ ଦେଉଥିବା ୟୁରିଆ ସମୁଦ୍ରକୁ ଶଙ୍ଖେ ସଦୃଶ ହୋଇଛି। ପାକ୍ସକୁ ସାର ଆସିଲେ ଶହଶହ ଚାଷୀଙ୍କ ଭିଡ଼ ଜମୁଛି। ସାର ନେବା ପାଇଁ ଚାଷୀଙ୍କ ମଧ୍ୟରେ ପ୍ରତିଦ୍ୱନ୍ଦ୍ୱିତା ହେଉଛି।

**ବର୍ଷାରେ ୨ଘଣ୍ଟା ଭିଜିଲେ ଚାଷୀ**

ଅନୁଗୋଳ ଜିଲ୍ଲା ବାଗଡ଼ିଆ ସେବା ସମବାୟ ସମିତିକୁ ସାର ଆସିଥିବା ଖବର ପ୍ରଚାର ହେବା କ୍ଷଣି ସୋମବାର ଭୋର୍ ୪ଟାରୁ ଏଠାରେ ଚାଷୀଙ୍କ ଭିଡ଼ ଜମିଥିଲା। ଚାଷୀମାନେ ଧାଡ଼ିରେ ଆଧାରକାର୍ଡ ରଖି ସାର ପାଇଁ ଅପେକ୍ଷା କରିଥିଲେ। ତେବେ ବାଗଡ଼ିଆ ସମବାୟ ସମିତିକୁ ୭ଶହ ବସ୍ତା ସାର ଆସିଥିବା ବେଳେ ପ୍ରାୟ ୧୫ଶହରୁ ଊର୍ଦ୍ଧ୍ୱ ଚାଷୀ ରୁଣ୍ଡ ହୋଇଥିଲେ। ଦୀର୍ଘ ସମୟ ଅପେକ୍ଷା ପରେ ପୁଲିସ ଉପସ୍ଥିତିରେ ସାର ବିକ୍ରି ହୋଇଥିଲା। କିନ୍ତୁ ବିକ୍ରି ବେଳେ ଅନିୟମିତତା ହୋଇଥିବା ଚାଷୀମାନେ ଅଭିଯୋଗ କରିଛନ୍ତି। ଫଳରେ ସେଠାରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ବହୁ ଚାଷୀ ପ୍ରାୟ ୧୦ ଘଣ୍ଟା ଧରି ଅପେକ୍ଷା କରିଥିଲେ ମଧ୍ୟ ସାର ନ ପାଇ ନିରାଶରେ ଫେରିଛନ୍ତି। ଏପରିକି, ଏହି ସମୟରେ ପ୍ରବଳ ବର୍ଷା ହୋଇଥିଲେ ମଧ୍ୟ ଚାଷୀ ବର୍ଷାରେ ଭିଜିଭିଜି ଅପେକ୍ଷା କରିଥିଲେ। ଉତ୍ତେଜନା ପରେ ବାଗଡ଼ିଆ ଥାନା ଅଧିକାରୀ ପହଞ୍ଚି ଚାଷୀଙ୍କୁ ବୁଝାସୁଝା କରିଥିଲେ ମଧ୍ୟ ଚଷୀମାନେ ଅସନ୍ତୋଷ ପ୍ରକାଶ କରିବା ସହ ସମବାୟ ସମିତି କାର୍ଯ୍ୟାଳୟରେ ତାଲା ପକାଇ ଦେଇଥିଲେ। ଫଳରେ ସାର ବିକ୍ରି ବନ୍ଦ କରି ଦିଆଯାଇଥିଲା।



## ■ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ସ୍ୱାସ୍ଥ୍ୟସେବା ଏମିତି...

# ଚେୟାରରେ ରୋଗୀଙ୍କୁ ସାଲାଇନ୍

ମାଲକାନଗିରି, ୧୫।୯ (ସମିସ): ଚେୟାର୍‌ରେ ବସି ସାଲାଇନ୍ ନେଉଛନ୍ତି ରୋଗୀ; ଅଭିଭାବକ ଧରିଛନ୍ତି ସାଲାଇନ୍ ବୋତଲ। ମାଲକାନଗିରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ସ୍ୱାସ୍ଥ୍ୟସେବାର ଏଭଳି ଏକ ବିକଳ ଚିତ୍ର ଏବେ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ରୋଗୀଙ୍କ ପାଇଁ ହସ୍ପିଟାଲରେ ଯଥେଷ୍ଟ ପରିମାଣର ଶଯ୍ୟା ନଥିବାରୁ ଏପରି ସ୍ଥିତି ଉପୁଜିଥିବା କୁହାଯାଉଛି। ଉକ୍ତ ଭିଡିଓରେ ଜଣେ ରୋଗୀ ଚେୟାର ଉପରେ ବସିଥିବା ବେଳେ ତାଙ୍କ ହାତରେ ସାଲାଇନ୍ ଲାଗିଛି। ଖାଲି ସେତିକି ନୁହେଁ, ସାଲାଇନକୁ ରଖିବା ପାଇଁ ଉପଯୁକ୍ତ ଷ୍ଟାଣ୍ଡ ନଥିବାରୁ ରୋଗୀଙ୍କ ସମ୍ପର୍କୀୟ ତାହାକୁ ହାତରେ ଧରି ଛିଡ଼ା ହୋଇଛନ୍ତି। ଏ ସଂପର୍କରେ ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ ବ୍ରଜବନ୍ଧୁ ଦାସଙ୍କୁ ପଚାରିବାରୁ ସେ କହିଛନ୍ତି



**ବୋତଲ ଧରିଲେ ଅଭିଭାବକ**

ଯେ ଦିନକୁ ଦିନ ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଉଥିବାରୁ ଚିକିତ୍ସାଳୟ ଉପରେ ଚାପ ବଢ଼ୁଛି। ପ୍ରତିଦିନ କ୍ଷମତାଠାରୁ ଅଧିକ ସଂଖ୍ୟକ ରୋଗୀଙ୍କ ଚିକିତ୍ସା କରାଯାଉଛି। ପର୍ଯ୍ୟାପ୍ତ ପରିମାଣର ଶଯ୍ୟା ନଥିବାରୁ ଏଭଳି ଅଭାବନୀୟ ସ୍ଥିତି ଘଟିଥାଇପାରେ ବୋଲି ସେ କହିଛନ୍ତି।

## ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିପାରନ୍ତି। ପେଟ ଜନିତ ସମସ୍ୟା ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ହୋଇପାରେ। ଛାତ୍ରଛାତ୍ରୀ ପଢ଼ାରେ ମନ ଦେବେ।

**ବୃଷ:** ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପରିବାର ପାଇଁ ସମୟ ବାହାର କରିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ। ନିବେଶରୁ ଲାଭ ପାଇବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି। ମନ ପ୍ରସନ୍ନ ରହିବ। ମାନସିକ ଚିନ୍ତା ଦୂର ହେବ। ନୂଆ କାମ ଆରମ୍ଭ କରିବେ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। ନୂଆ କାମ ପାଇଁ ଉପଯୁକ୍ତ ସମୟ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମ ଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ଚକ୍ଷୁ ସମସ୍ୟା ଦେଖା ଦେବ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ଧନୁ:** ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଭଗବାନ ଶିବଙ୍କୁ ପୂଜା କରିବେ। ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

## ଆଜିର ଇତିହାସ


- ୧୮୨୧- ମେକ୍ସିକୋ ସ୍ପେନ୍‌ଠାରୁ ସ୍ୱାଧୀନ ହେଲା।
- ୧୯୦୮- ଜେନେରାଲ ମୋଟର୍ସର ସ୍ଥାପନା।
- ୧୯୫୬- ଅଷ୍ଟ୍ରେଲିଆରେ ଟେଲିଭିଜନ ପ୍ରସାରଣ ଆରମ୍ଭ ହେଲା।
- ୧୯୭୫- ପାପୁଆ ନ୍ୟୁଗିନି ଅଷ୍ଟ୍ରେଲିଆରୁ ସ୍ୱାଧୀନ ହେଲା।
- ୧୯୭୮- ଜେନେରାଲ୍ ଜିଆ ଉଲ୍ ହକ୍ ପାକିସ୍ତାନର ରାଷ୍ଟ୍ରପତି ହେଲେ।



## ବିଶ୍ୱ ଓଜୋନ ଦିବସ

ପ୍ରତିବର୍ଷ ସେପ୍ଟେମ୍ବର ମାସ ୧୬ ତାରିଖକୁ "ବିଶ୍ୱ ଓଜୋନ ଦିବସ" ଭାବରେ ପାଳନ କରାଯାଇଥାଏ । ଲୋକଙ୍କ ମଧ୍ୟରେ ଓଜୋନସ୍ତରକୁ ନେଇ ସଚେତନତା ସୃଷ୍ଟି କରିବା ହିଁ ଏହି ଦିବସ ପାଳନର ମୂଳ ଲକ୍ଷ୍ୟ । ଓଜୋନ ଆମ ବାୟୁମଣ୍ଡଳରେ ପୃଥିବୀ ପୃଷ୍ଠରୁ ୧୦ ରୁ ୪୦ କିଲୋମିଟର (ଷ୍ଟ୍ରାଟୋସ୍ଫିୟର) ମଧ୍ୟରେ ରହିଛି। ପୃଥିବୀ ପୃଷ୍ଠରେ ଏହାର ପରିମାଣ ଖୁବ୍ କମ୍। ବାୟୁମଣ୍ଡଳର ୯୦ ପ୍ରତିଶତ ଓଜୋନ ଷ୍ଟ୍ରାଟୋସ୍ଫିୟରରେ ହିଁ ରହିଛି। ଷ୍ଟ୍ରାଟୋସ୍ଫିୟରରେ ଥିବା ଓଜୋନ ସୂର୍ଯ୍ୟଙ୍କ ଅତିବାଇଗଣୀ ରଶ୍ମିର ପ୍ରଭାବରୁ ଆମକୁ ରକ୍ଷା କରେ। ଏହା ବାୟୁମଣ୍ଡଳର ନିମ୍ନସ୍ତରରେ ରହି ବାୟୁମଣ୍ଡଳରୁ ବିଷାକ୍ତ କଣିକା ଦୂର କରିବାରେ ସାହାଯ୍ୟ କରେ। ଯଦି ଓଜୋନସ୍ତର ନ ଥାନ୍ତା ତେବେ ପୃଥିବୀ ପୃଷ୍ଠରେ ଜୀବଜଗତ ତିଷ୍ଠିବା ଏକ ପ୍ରକାର ଅସମ୍ଭବ ହୋଇପଡ଼ନ୍ତା। ମଣିଷଙ୍କଠାରୁ ଆରମ୍ଭ କରି, ଜୀବଜନ୍ତୁ, ଗଛଲତା ସମସ୍ତଙ୍କ ପାଇଁ ଖୁବ୍ ହାନିକାରକ ସୂର୍ଯ୍ୟଙ୍କ ଅତିବାଇଗଣୀ ରଶ୍ମି। ସୂର୍ଯ୍ୟଙ୍କ ଏହି ରଶ୍ମି ଦାଉରୁ ଆମ ବାୟୁମଣ୍ଡଳକୁ ସୁରକ୍ଷା ଦେବା ପାଇଁ ଏହି ଓଜୋନସ୍ତରର ସଂରକ୍ଷଣ କରିବା ନିହାତି ଜରୁରି। ନଚେତ ପୃଥିବୀ ଯେ ଦିନେ ଜୀବଶୂନ୍ୟ ହୋଇଯିବ ଏଥିରେ କୌଣସି ସନ୍ଦେହ ନାହିଁ। ସୂର୍ଯ୍ୟକିରଣରେ ଆସୁଥିବା କେତେକ ମାରାତ୍ମକ ବିକିରଣକୁ ଓଜୋନସ୍ତର ଭୂପୃଷ୍ଠକୁ ଛାଡେ ନାହିଁ। ସେଭଳି ଏକ ମାରାତ୍ମକ ବିକିରଣ ହେଉଛି 'ଅତିବାଇଗଣୀ-ଖ' (ୟୁଭି-ବି)। ଏହି ବିକିରଣ ଆମ ଶରୀରରେ ବିଶେଷକରି ଚର୍ମରେ କର୍କଟ, ବାର୍ଦ୍ଧକ୍ୟ ଓ ଆଖିରେ ପରଳ ସୃଷ୍ଟି କରିପାରେ। ଏହି ବିକିରଣ କୃଷି ଉତ୍ପାଦନ ଉପରେ ମଧ୍ୟ କୁପ୍ରଭାବ ପକାଇଥାଏ। ସୂର୍ଯ୍ୟକିରଣରେ ଏହି ଅତିବାଇଗଣୀ ବିକିରଣ ରହିଲେ ଗଛର ପତ୍ର ଛୋଟ ହୁଏ ଓ ଫୁଲ ଧରିବାରେ ବିଳମ୍ବ ହୁଏ। ମାଛ ଯାଆଁଳା ଠିକ୍ ଭାବରେ ବଢ଼ିପାରନ୍ତି ନାହିଁ। ଅତିବାଇଗଣୀ ବିକିରଣ ଦ୍ୱାରା ଘର, ଲୁଗାପଟା ଓ ଆସବାବ ଉପକରଣର ରଙ୍ଗ ଶୀଘ୍ର ଫିକା ପଡ଼ିଯାଏ। ୧୯୮୫ରେ ପ୍ରଥମେ ଆଣ୍ଟାର୍କଟିକା ଉପରେ ଏକ ଓଜୋନ ହୋଲ୍ ବା ଗର୍ତ୍ତ ହୋଇଥିବା ବ୍ରିଟିଶ ଆଣ୍ଟାର୍କାଟିକା ସର୍ଭେରେ ପ୍ରକାଶ ପାଇଥିଲା। ପରେ ଏହାକୁ ନେଇ ଉଦ୍‌ବେଗ ପ୍ରକାଶ ପାଇବା ସହ ଏହାର ସୁରକ୍ଷା ଉପରେ ଜାତିସଂଘ ଗୁରୁତ୍ୱ ଦେଇଥିଲା। ୧୯୮୭ ମସିହାର ଏହି ଦିନରେ ମଣ୍ଟ୍ରିଲ ପ୍ରୋଟୋକଲ ନାମକ ଏକ ଅନ୍ତଃରାଷ୍ଟ୍ରୀୟ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଥିଲା। ଏହି ସନ୍ଧିର ମୂଳ ଲକ୍ଷ୍ୟ ଥିଲା ବାୟୁମଣ୍ଡଳରେ ଓଜୋନସ୍ତରକୁ କ୍ଷୀଣ ବା ହ୍ରାସ କରୁଥିବା କିଛି ପଦାର୍ଥର ପ୍ରସ୍ତୁତି ବା ଉତ୍ପାଦନ ସମୟବଦ୍ଧ ଉପାୟରେ ବନ୍ଦ କରିବା, ଯଦ୍ୱାରା ଓଜୋନସ୍ତରକୁ ସଂରକ୍ଷଣ କରାଯାଇପାରିବ। ଏହି ଐତିହାସିକ ଦିନକୁ ସ୍ମରଣୀୟ କରିବା ଉଦ୍ଦେଶ୍ୟରେ ୧୯ ଡିସେମ୍ବର ୨୦୦୦ ଦିନ ସଂଯୁକ୍ତ ରାଷ୍ଟ୍ର ମହାସଭାରେ ୧୬ ସେପ୍ଟେମ୍ବରକୁ ଅନ୍ତଃରାଷ୍ଟ୍ରୀୟ ଓଜୋନସ୍ତର ସଂରକ୍ଷଣ ଦିବସ ରୂପେ ପାଳିବାକୁ ଏକ ଘୋଷଣାନାମା ଗୃହୀତ ହେଲା । ଚୁକ୍ତି ସ୍ୱାକ୍ଷର ହେବାର ପ୍ରାୟ ୩୦ ବର୍ଷ ପରେ ଓଜୋନସ୍ତରରେ ଦେଖାଦେଇଥିବା ଛିଦ୍ର ବନ୍ଦ ହେବାର ଦେଖିବାକୁ ମିଳିଥିଲା। ତଥାପି ଏହି ଓଜୋନସ୍ତର କ୍ଷୀଣ ହେବା ଯୋଗୁଁ ନିର୍ଗତ ବିଷାକ୍ତ ଗ୍ୟାସର ପ୍ରଭାବ ପୃଥିବୀ ଉପରେ ପରବର୍ତ୍ତୀ ୫୦ରୁ ୧୦୦ ବର୍ଷ ପର୍ଯ୍ୟନ୍ତ ରହିବ ବୋଲି ଅନୁମାନ କରଯାଏ। ଓଜୋନସ୍ତର ଜୀବଜଗତର ଜୀବନ ରକ୍ଷାକାରୀ ସ୍ତର। ଓଜୋନସ୍ତରକୁ ସୁରକ୍ଷିତ କରି ରଖିବା ଉଦ୍ଦେଶ୍ୟରେ ସଚେତନତା ସୃଷ୍ଟି କରିବା ଏହି ଦିବସ ପାଳନର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

## ଗୋଟିଏ ରେଳ ଷ୍ଟେସନର ଦେଶ



ଭାରତରେ ପ୍ରତିଦିନ ଲକ୍ଷ ଲକ୍ଷ ଯାତ୍ରୀ ଟ୍ରେନ୍‌ରେ ଯାତ୍ରା କରିଥାନ୍ତି। ୟୁରୋପରେ ଏମିତି ଏକ ଦେଶ ଅଛି ଯେଉଁଠି ମାତ୍ର ଗୋଟିଏ ରେଳ ଷ୍ଟେସନ ରହିଛି। ଏହି ଦେଶର ନାଁ ହେଉଛି ମୋନାକୋ। ଏହା ଧନୀମାନଙ୍କ ରାଜଧାନୀ ଭାବେ ଜଣାଶୁଣା। ଫ୍ରାନ୍ସ ନିକଟରେ ଅବସ୍ଥିତ ମୋନାକୋ ବିଶ୍ୱର ସବୁଠୁ ଛୋଟ ଦେଶ ଭାବେ ଦ୍ୱିତୀୟ ସ୍ଥାନରେ ରହିଛି। ଏଠାରେ ପାଖାପାଖି ୪୦ ହଜାର ଲୋକ ବାସ କରନ୍ତି। ତେବେ ମୋନାକୋରେ ଥିବା ଏକମାତ୍ର ରେଳ ଷ୍ଟେସନର ନାଁ ହେଉଛି ମୋନାକୋ-ମୋଣ୍ଟେ କାର୍ଲୋ। ଏହି ଷ୍ଟେସନ୍‌ଟି ମାର୍ସିଲେ, ନିସ୍, ପ୍ୟାରିସ୍ ଆଦି ଫ୍ରାନ୍ସର ବଡ଼ ବଡ଼ ସହରକୁ ସଂଯୋଗ କରିଥାଏ। ଏହି ଷ୍ଟେସନ ଦେଇ ପ୍ରତିଦିନ ପ୍ରାୟ ୨୦ରୁ ୩୦ ଟ୍ରେନ୍ ଯାତାୟାତ କରିଥାନ୍ତି। ଏହି ଷ୍ଟେସନଟି ଭୂମିଠାରୁ ୪୩ ଫୁଟ ତଳେ ନିର୍ମାଣ କରାଯାଇଛି। ସୁଡ଼ଙ୍ଗ ଭିତରେ ନିର୍ମିତ ଏହି ଷ୍ଟେସନର ଲମ୍ବ ପ୍ରାୟ ୧,୫୨୯ ଫୁଟ ଏବଂ ପ୍ରସ୍ଥ ୭୨ ଫୁଟ। ତେଣୁ ଏଠାରେ ଜନସଂଖ୍ୟା କମ୍ ଥିବାରୁ ସମଗ୍ର ଦେଶକୁ କେବଳ ଗୋଟିଏ ଷ୍ଟେସନ ଦ୍ୱାରା ସେବା ଯୋଗାଇ ଦିଆଯାଉଛି। ଅନ୍ୟପଟେ ମୋନାକୋର ପ୍ରତି ତିନିଜଣଙ୍କରୁ ଜଣେ ବ୍ୟକ୍ତିଙ୍କର ସମ୍ପତ୍ତି ଭାରତୀୟ ମୁଦ୍ରାରେ ଆଠକୋଟି ଟଙ୍କାରୁ ଅଧିକ ଥାଏ। ମୋନାକୋର ଅର୍ଥନୀତି ମୁଖ୍ୟତଃ ପର୍ଯ୍ୟଟନ ଉପରେ ନିର୍ଭରଶୀଳ। ଆଉ ଏକ ଖାସ୍ କଥା ହେଉଛି, ଏହି ଦେଶରେ ଲୋକଙ୍କୁ ଆୟକର କର ଦେବାକୁ ପଡ଼େ ନାହିଁ।

## 'କାନ୍ତାରା ଚାପ୍ଟର ୧'ର ଓଟିଟି ରେକର୍ଡ



ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତା ଋଷଭ ସେଟ୍ଟୀ 'କାନ୍ତାରା ଚାପ୍ଟର ୧'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ଏହାର ପୋଷ୍ଟର୍ ରିଲିଜ୍ ହେବା ପରଠାରୁ ଫିଲ୍ମକୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି। 'କାନ୍ତାରା'ର ଅପାର ସଫଳତା ପରେ ଏବେ ଏହାର ନିର୍ମାତା ଫିଲ୍ମର ଦ୍ୱିତୀୟ ଭାଗ 'କାନ୍ତାରା ଚାପ୍ଟର ୧' ଆଣୁଛନ୍ତି। ଏହା ଅକ୍ଟୋବର ୨ରେ ମୁକ୍ତିଲାଭ କରିବ। ଇତିମଧ୍ୟରେ ଏହି ଫିଲ୍ମକୁ ନେଇ ଏକ ଖବର ଆସିଛି। ଏହାର ଟ୍ରେଲର୍ ଏଇ ୨୦ ତାରିଖରେ ଆସିପାରେ ବୋଲି ଚର୍ଚ୍ଚା ହେଉଛି। ଅବଶ୍ୟ ଏନେଇ ବିଧିବଦ୍ଧ ଭାବେ କିଛି କୁହାଯାଇ ନାହିଁ। ତେବେ ଏହି ଫିଲ୍ମ ରିଲିଜ୍ ପୂର୍ବରୁ ଏକ ବଡ଼ ରେକର୍ଡ ସେଟ୍ କରିଛି। ଏହାର ଓଟିଟି ରାଇଟ୍‌ସକୁ ପାଖାପାଖି ୧୨୫ କୋଟିରେ ବିକ୍ରି କରାଯାଇଛି। ପ୍ରଥମ ଥର ପାଇଁ କୌଣସି କନ୍ନଡ଼ ଫିଲ୍ମର ଓଟିଟି ରାଇଟ୍‌ସ ଏତେ ଦାମ୍‌ରେ ବିକ୍ରି ହୋଇଛି। ଫିଲ୍ମରେ ଋଷଭ ଲିଡ୍ ରୋଲରେ ଅଭିନୟ କରିବା ସହ ଏହାର ନିର୍ଦ୍ଦେଶନା ଦେଇଛନ୍ତି। ଏଥିରେ ତାଙ୍କ ବିପକ୍ଷରେ ରକ୍କ୍ମିଣୀ ବସନ୍ତ ଦେଖାଯିବେ।





## ମାଛ ଖାଦ୍ୟ ପ୍ରସ୍ତୁତି ମେସିନ୍



ଅଧୁନା ମତ୍ସ୍ୟଚାଷ କରି ଅଧିକାଂଶ ଜୀବିକା ନିର୍ବାହ କରୁଛନ୍ତି। ମାଛଚାଷରେ ମାଛଙ୍କୁ ସଠିକ୍ ପୋଷଣ ଦେଲେ ମାଛ ଶରୀର ଓ ଓଜନ ବୃଦ୍ଧି ହୋଇଥାଏ। ମାଛ ସୁସ୍ଥ ରୁହନ୍ତି। ତେଣୁ ପ୍ରାୟତଃ ମାଛ ଖାଦ୍ୟ ପାଇଁ ସମାନ ଅନୁପାତ କୁଣ୍ଡା ଓ ପିଡ଼ିଆ ମିଶାଇ ଖାଦ୍ୟରୂପେ ବ୍ୟବହାର କରନ୍ତି। ଆଉ କିଛି ବଜାରରେ ଉପଲବ୍ଧ ଦାନା ଦେଇଥାନ୍ତି। ମାଛ ଦାନା ପାଇଁ ଖର୍ଚ୍ଚ କିନ୍ତୁ ଅଧିକ ବଢ଼ିଥାଏ। ହେଲେ ଏବେ ଏହି ସମସ୍ୟାକୁ ଫିଡ ମେକିଂ ମେସିନ୍ ତଥା ମାଛ ଦାନା ପ୍ରସ୍ତୁତି ଉପକରଣ ଦୂର କରିପାରିବ। ବଜାରରେ ବିଭିନ୍ନ ପ୍ରକାରର ମାଛ ଖାଦ୍ୟ ପ୍ରସ୍ତୁତ ମେସିନ୍ ଉପଲବ୍ଧ ରହିଛି। ଛୋଟ ପୋଖରୀର ମାଛ ପାଇଁ କମ୍ ଦାନା ବନାଇବାକୁ ଛୋଟ ମେସିନ୍, ବୃହତକାର ଉତ୍ପାଦନ ଏବଂ ବ୍ୟବସାୟ ପାଇଁ ବଡ଼ ମେସିନ୍, ଶସ୍ତା ଏବଂ ଅଧିକ ପରିଶ୍ରମ ଚାହୁଁଥିଲେ ହସ୍ତଚାଳିତ ମେସିନ୍, ସ୍ୱୟଂଚାଳିତ ମେସିନ୍‌ର ସୁବିଧା ମଧ୍ୟ ରହିଛି। ମେସିନ୍‌ର ମୂଲ୍ୟ ୪୫,୦୦୦ଟଙ୍କାରୁ ୨,୫୦,୦୦୦ ଟଙ୍କା ମଧ୍ୟରେ ଥାଏ। ଘରେ ମାଛ ଖାଦ୍ୟ ବା ଦାନା ବନାଇବାକୁ ମକ୍କା, ଚଣା, ସୋୟାବିନ୍, ସୋରିଷ ପିଡ଼ିଆ, କୁଣ୍ଡା ଆଦି କଞ୍ଚାମାଲ ଆବଶ୍ୟକ ହୋଇଥାଏ। ମକ୍କା ସହିତ ଚଣା କିମ୍ବା ସୋୟାବିନ୍ ସହିତ ସୋରିଷ ପିଡ଼ିଆ, କୁଣ୍ଡା ମିଶାଇ ବିଭିନ୍ନ ଆକାରର ମାଛ ଖାଦ୍ୟ ବନାଇପାରିବେ। ଏହା ବିଭିନ୍ନ ସ୍ୱାଦ ସହିତ ଶୁଖିଲା ରୁହେ। ଚାଷୀ ଅଧିକ ଖର୍ଚ୍ଚାନ୍ତ ହୁଅନ୍ତିନି। ଏହି ଖାଦ୍ୟ ୨୪ଘଣ୍ଟାରୁ ଅଧିକ ସମୟ ଧରି ପାଣିରେ ଭାସିପାରିବ। ତେବେ କମ୍ ଖର୍ଚ୍ଚରେ ମାଛ ଖାଦ୍ୟ ବନାଇବା ଦ୍ୱାରା ମାଛ ସୁସ୍ଥ ରୁହନ୍ତି। ଓଜନ ବୃଦ୍ଧି ହୁଏ। ତେବେ ଜଣେ ଚାହିଁଲେ ଅତିରିକ୍ତ ଦାନାକୁ ବିକ୍ରି କରି ଆୟ ବୃଦ୍ଧି କରିପାରିବେ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ବର୍ତ୍ତମାନ ଧାନ ପିଲ ଅବସ୍ଥାରେ ରହିଛି । ଧାନ ବୁଦା ପ୍ରତି ୨ଟି ପତ୍ରମୋଡ଼ା ପୋକ ଦେଖା ଦେଲେ ଏକର ପ୍ରତି କ୍ଲୋରାଣ୍ଟ୍ରାନିଲିପ୍ରୋଲ ୧୮.୫% ଏସ୍‌ସି ୬୦ ମିଲି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- ଭେଣ୍ଡି, ଝୁଡ଼ଙ୍ଗ, କଖାରୁ, କଲରା, ଜହ୍ନି, କାକୁଡ଼ି ଆଦି ପନିପରିବା ଫସଲରେ ଲାଗୁଥିବା ସାହେବୀ ରୋଗର ପରିଚାଳନା କରିବା ପାଇଁ ବିହନଗୁଡ଼ିକୁ ଇମିଡାକ୍ଲୋପ୍ରିଡ୍ ୭୦% ଡବ୍ଲୁଏସ ୭ ଗ୍ରାମ୍/କେଜି ବିହନ କିମ୍ବା ଥିୟୋମିଥୋସ୍କାମ ୭୦% ଡବ୍ଲୁଏସ ୭ ଗ୍ରାମ୍ କେଜି ବିହନ ସହିତ ବିଶୋଧନ କରନ୍ତୁ।
- ସେପ୍ଟେମ୍ବର ମାସ ଟମାଟୋ ଲଗାଇବାର ଉପଯୁକ୍ତ ସମୟ। ଟମାଟୋ କିସମ ବିଟି-୨, ବିଟି-୧୦, ବିଟି-୧୨, ନୀଳାଦ୍ରି, ସଦାବାହାର, ମାଧୁରୀ, ମହାରଥୀ, ରଶ୍ମି ଓ ନବୀନ ଇତ୍ୟାଦି ଲଗାନ୍ତୁ।
- ବର୍ଷା ପାଗ ଯୋଗୁଁ ଅମୃତଭଣ୍ଡାରେ ମୂଳପଚା ରୋଗର ନିରାକରଣ ପାଇଁ କାଣ୍ଡ ମୂଳ ମାଟିରେ କପର ଅକ୍ସିକ୍ଲୋରାଇଡ୍ ୩ ଗ୍ରାମ୍ କିମ୍ବା ୧ ଗ୍ରାମ୍ କାର୍ବେଣ୍ଡାଜିମ୍ ପ୍ରତି ଲିଟର ପାଣିରେ ମିଶାଇ ୧୫ ଦିନ ଅନ୍ତରରେ ସିଞ୍ଚନ କରନ୍ତୁ।

## ଡ୍ରେନେଜ୍ ପାଇପ୍‌ରେ ୨୫ ପ୍ରକାର ଚାଷ

ପେଶାରେ ସେ ଜଣେ କମ୍ପ୍ୟୁଟର ଇଞ୍ଜିନିୟର। ମହାମାରୀ କରୋନା ସମୟରେ ଛାତରେ ବୁଲୁବୁଲୁ ସେ ନିଆରା ଶୈଳୀରେ ଚାଷ କରିବାକୁ ଚିନ୍ତା କରିଥିଲେ। ଆଉ ଏବେ ଛାତ ଉପରେ ଡ୍ରେନେଜ୍ ପାଇପ୍‌ରେ ପ୍ରାୟ ୨୫ରୁ ୩୦ ପ୍ରକାର ପନିପରିବା ଚାଷ କରି ଚର୍ଚ୍ଚାରେ ଅଛନ୍ତି ଦିଲ୍ଲୀର ମିଥିଳେଶ କୁମାର ସିଂହ। ସେ ପ୍ଲାଷ୍ଟିକ୍ କି ସିମେଣ୍ଟ କୁଣ୍ଡ ବଦଳରେ ଡ୍ରେନେଜ୍ ପାଇପ୍‌କୁ ଛୋଟ ଛୋଟ ଷ୍ଟାଣ୍ଡ କରନ୍ତି। ସେଥିରେ ଜୈବିକ ଖତ ଓ ଉର୍ବର ମାଟି ଦେଇ ଭେଣ୍ଡି, ଲାଉ, ବାଇଗଣ, ଲଙ୍କା, କଲରା, ଧଣିଆ, ଶାଗ ତଥା ଋତୁଅନୁଯାୟୀ ବିଭିନ୍ନ ପ୍ରକାର ଫଳ ଚାଷ କରୁଛନ୍ତି। ୩ ଫୁଟ ବିଶିଷ୍ଟ ପ୍ରତିଟି ପାଇପ୍ କୁଣ୍ଡରେ ପାଞ୍ଚ ପ୍ରକାର ପନିପରିବା ଲଗାଯାଇପାରିବ। ଏହି ଷ୍ଟାଣ୍ଡକୁ ସ୍ୱଳ୍ପ ସ୍ଥାନରେ ବି ରଖାଯାଇପାରିବ। ମିଥିଳେଶ ଛାତ ଉପରେ ଅଧିକ ଖମ୍ବ ରଖି ସେଥିରେ ଲେମ୍ବୁ, ନିମ୍ବ, ସଜନା ଆଦି ଲଗାଇଛନ୍ତି। ଚାଷ ସହିତ ପତ୍ନୀ ବିନ୍ଧ୍ୟବାସିନୀ ସିଂହଙ୍କ ସହିତ ନିଜସ୍ୱ ବ୍ୟବସାୟ ଲଞ୍ଚ କରିଛନ୍ତି। ବର୍ତ୍ତମାନ ସେ ଦିଲ୍ଲୀ–ଏନ୍‌ସିଆରରେ ୧୫୦ରୁ ଅଧିକ ଘରେ ଏହି ଡ୍ରେନେଜ୍ ପାଇପ୍ ଷ୍ଟାଣ୍ଡ ପହଞ୍ଚାଇଛନ୍ତି। ମିଥିଳେଶ କୁହନ୍ତି, ଅର୍ଥ ଉପାର୍ଜନ ମୂଳ ଲକ୍ଷ୍ୟ ନୁହେଁ; ଜଣେ କମ୍ ଖର୍ଚ୍ଚରେ ଶୁଦ୍ଧ ପନିପରିବା କିପରି ପାଇବ ତାହା ତାଙ୍କର ଲକ୍ଷ୍ୟ। ଛାତ ଉପରେ ବଗିଚା କରିବା ଦ୍ୱାରା ମୋବାଇଲ୍‌ରେ ଅଧିକ ସମୟ ବିତାଇବାକୁ ପଡ଼େନାହିଁ। ଜୀବନରେ ସକାରାତ୍ମକ ଚିନ୍ତାଧାରା ସୃଷ୍ଟି ହୋଇଥାଏ।



## ଚିନାବାଦାମରୁ ମୂଲ୍ୟଯୁକ୍ତ ଉତ୍ପାଦ ପ୍ରସ୍ତୁତି



**ଡ. କଳ୍ପନା ରାୟଗୁରୁ**

ଆମ ରାଜ୍ୟରେ ବହୁଳ ପରିମାଣରେ ଚିନାବାଦାମ ଚାଷ କରାଯାଏ । ଚିନାବାଦାମ ମଞ୍ଜିରୁ ସାଧାରଣତଃ ତେଲ ନିଷ୍କାସନ କରାଯାଇ ତା'ର ଖଦଡା ଅଂଶ ପଶୁଖାଦ୍ୟ କିମ୍ବା ଖତପିଡିଆ ଭାବେ ବ୍ୟବହୃତ ହୋଇଥାଏ । ଚିନାବାଦାମ ମଞ୍ଜିରେ ବହୁଳ ପରିମାଣର ପୁଷ୍ଟିସାର ଏବଂ ଶ୍ୱେତସାର ଥାଏ। ତେବେ ଓଡିଶା ଜଳବାୟୁରେ ଅଧିକ ସମୟ ଚିନବାଦାମ ସଂରକ୍ଷଣ ହୋଇପାରୁନଥିବା ଚାଷୀଙ୍କ ପାଇଁ ମୁଖ୍ୟ ସମସ୍ୟା ହୋଇଥାଏ। ହେଲେ ଚାଷୀମାନେ ଚିନାବାଦାମରୁ ଅତି ସହଜ ଉପାୟରେ କିଛି ମୂଲ୍ୟଯୁକ୍ତ ଖାଦ୍ୟ ଉତ୍ପାଦ ଯଥା- ଚିନାବାଦାମ କ୍ଷୀର, ଛେନା, ପନୀର, ଲହୁଣ ଆଦି କରି ଆୟ ବୃଦ୍ଧି କରି ପାରିବେ। କେବଳ ସେତିକି ନୁହେଁ, ଗାଈ କ୍ଷୀର ସହ୍ୟ କରିପାରୁନଥିବା ବ୍ୟକ୍ତିଙ୍କ ପାଇଁ ଚିନାବାଦାମରୁ ପ୍ରସ୍ତୁତ କ୍ଷୀର ଓ ଛେନା ଆଦି ଏକ ସୁଲଭ ବିକଳ୍ପ ହୋଇପାରିବ।

### ଚିନାବାଦାମ କ୍ଷୀର

ଏକ କେଜି ଚିନାବାଦାମ ମଞ୍ଜିରୁ ପାଖାପାଖି ୪.୫ ଲିଟର କ୍ଷୀର ପ୍ରସ୍ତୁତ ହୋଇପାରିବ । ପ୍ରଥମେ ମଞ୍ଜିକୁ ସଫାପାଣିରେ ସାରାରାତି (ପ୍ରାୟ ୮ ଘଣ୍ଟା) ଭିଜାଇବାକୁ ହେବ । ଏହାଦ୍ୱାରା ମଞ୍ଜିଗୁଡିକ ଫୁଲି ନରମ ହୁଏ ଏବଂ ବାଟିବାପାଇଁ ସହଜ ହୁଏ । ୧ କେଜି ଭିଜା ମଞ୍ଜିକୁ ଚାରିଲିଟର ପାଣି ମିଶାଇ ଚିକ୍କଣ କରି ବାଟି ସେହି ମିଶ୍ରଣକୁ ଦୁଇପରସ୍ତ ମଶାରୀକନା ବା ଷ୍ଟିଲ ଜାଲିରେ ଭଲ ଭାବରେ ଛାଣିବା ଆବଶ୍ୟକ। ଏହାଦ୍ୱାରା କ୍ଷୀରଅଂଶ ଖଦଡା ଅଂଶରୁ ଅଲଗା ହୋଇଥାଏ। ଫଳରେ କ୍ଷୀରରେ ଅଧିକ ପୁଷ୍ଟିସାର ରହିଥାଏ। ଖଦଡା ଅଂଶକୁ ଶୁଖାଇ ମୂଲ୍ୟଯୁକ୍ତ ଖାଦ୍ୟଉତ୍ପାଦ ବା ପଶୁଖାଦ୍ୟ ଭାବରେ ବ୍ୟବହାର କରାଯାଇପାରିବ । ଚିନାବାଦାମ କ୍ଷୀରକୁ ଅଧିକ ସ୍ୱାଦିଷ୍ଟ ଓ ସୁଗନ୍ଧିତ କରିବାକୁ ଏଥିରେ ଗୁଜୁରାତି, ଲବଙ୍ଗ ଓ ଭାନିଲା ଆଦି ମିଶାଇ ପାରିବେ। ଗାଈକ୍ଷୀର ସହ୍ୟ କରିପାରୁନଥିବା ମନୁଷ୍ୟଶରୀର ପାଇଁ ଏହି ଚିନାବାଦାମ କ୍ଷୀର ଅତ୍ୟନ୍ତ ଉପଯୋଗୀ ।

### ଚିନାବାଦାମ ଛେନା

ଉପରୋକ୍ତ ପଦ୍ଧତିରେ ଚିନାବାଦାମ କ୍ଷୀର ପ୍ରସ୍ତୁତ କରି, ତାହାକୁ ଫୁଟାଇ ସେଥିରେ ଶତକଡ଼ା ତିନି ଭାଗ ଭିନେଗାର ମିଶାଯାଏ। ଏହାକୁ ଭଲଭାବେ ଘାଣ୍ଟି ଅଧଘଣ୍ଟା ପର୍ଯ୍ୟନ୍ତ ସ୍ଥିର ରଖିଲେ କ୍ଷୀରଟି ଛେନା ଓ ଛେନାପାଣିରେ ଭାଗ ହୋଇଯାଏ । ଏହାକୁ ଷ୍ଟିଲ୍ ଜାଲି ବା ମଶାରୀ କପଡାରେ ଛାଣି ଘରୋଇ ପଦ୍ଧତିରେ ଛେନା ପ୍ରସ୍ତୁତ କରାଯାଏ।

ସେହିପରି ଛେନା ବ୍ଲକ (ପନିର) ପ୍ରସ୍ତୁତ କରିବା ପାଇଁ ଛେନାପ୍ରେସ (Cheese Press) ବ୍ୟବହାର କରାଯାଇପାରିବ। ଏହି ପଦ୍ଧତିରେ ପ୍ରସ୍ତୁତ ଛେନା ଏକ ବ୍ଲକ ଆକାରରେ ବାହାରିଥାଏ। ଏହାକୁ ନିଜ ପସନ୍ଦ ଅନୁଯାୟୀ ଛେନାଖଣ୍ଡ କାଟି ଖାଦ୍ୟ ପ୍ରସ୍ତୁତ ହୋଇପାରିବ। ଏକ କେଜି ଚିନାବାଦାମ ମଞ୍ଜିରୁ ହାରାହାରି ୮୦୦ଗ୍ରାମ ପନିର ପ୍ରସ୍ତୁତ ହୋଇପାରିବ ।

### ଚିନାବାଦାମ ଲହୁଣୀ

ଚିନାବାଦାମ ଲହୁଣୀ (Butter) ପ୍ରସ୍ତୁତି ନିମନ୍ତେ ପ୍ରାୟ ୩୦୦ ଗ୍ରାମ ଛଡାମଞ୍ଜିରେ ୧/୪ ଚାମଚ ଲୁଣ, ୨ ଚାମଚ ମହୁ ଓ ୨ ଚାମଚ ତେଲର ବ୍ୟବହାର ହୁଏ । ପ୍ରଥମେ ଚୋପାଛଡ଼ା ଚିନାବାଦାମ ମଞ୍ଜିକୁ ବାଦାମୀରଙ୍ଗ ହେବା ପର୍ଯ୍ୟନ୍ତ ଭଜାଯାଏ । ମଞ୍ଜିଗୁଡିକ ଥଣ୍ଡା ହେବାପରେ ତାକୁ ଗ୍ରାଇଣ୍ଡରରେ ଗୁଣ୍ଡକରି ସେଥିରେ ଲୁଣ, ମହୁ ମିଶାଇ ଆଉଥରେ ବାଟିଦେଲେ ତାହା ଚିକ୍କଣ ଓ ଚମକଥିବା ଲହୁଣୀ ପରି ଲାଗିବ ।

ସ୍ୱଳ୍ପ ଖର୍ଚ୍ଚରେ, ଘରେ ଏବଂ ବ୍ୟବସାୟିକ ଭିତ୍ତିରେ ଚିନାବାଦାମ ମଞ୍ଜିରୁ ମୂଲ୍ୟଯୁକ୍ତ ପଦାର୍ଥ ପ୍ରସ୍ତୁତି କରାଯାଇପାରିବ । ଏହି ପଦ୍ଧତି ଅନୁସରଣ କରି ଗାଁ'ର ବେକାର ଯୁବକ ଯୁବତୀ ଏବଂ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନେ ରୋଜଗାରର ପନ୍ଥା ପାଇ ପାରିବେ।

ଅବସରପ୍ରାପ୍ତ ପ୍ରଫେସର, ଓୟୁଏଟି, ଭୁବନେଶ୍ୱର

ସକାଳ
THE SAKALA
www.sakalaepaper.com

ମ୍ୟାଚ୍ ରେଫରି ଆଣ୍ଡି ପାଇକ୍ରଫ୍ଟ ବହିଷ୍କୃତ ନହେଲେ ...

# ଏସିଆ କପ୍‌ରୁ ଓହରିଯିବାକୁ ପାକିସ୍ତାନର ଧମକ

ଦୁବାଇ,୧୫।୯ (ଏଜେନ୍ସି)



ଭାରତ ଓ ପାକିସ୍ତାନ ମଧ୍ୟରେ ସେପ୍ଟେମ୍ବର ୧୪ରେ ଅନୁଷ୍ଠିତ ହାଇଭୋଲଟେଜ୍ ଗ୍ରୁପ୍-ଏ' ଲିଗ୍ ମ୍ୟାଚ୍‌କୁ ନେଇ ହାଇ ଡ୍ରାମା ଆରମ୍ଭ ହୋଇଯାଇଛି। ଏହି ମ୍ୟାଚ୍‌ରେ ଭାରତ ପ୍ରଭାବୀ ପ୍ରଦର୍ଶନ କରି ୭ ୱିକେଟରେ ପାକିସ୍ତାନକୁ ପରାସ୍ତ କରିଥିଲା। ମ୍ୟାଚ୍ ଆରମ୍ଭ ବେଳେ କିମ୍ବା ମ୍ୟାଚ୍ ଶେଷହେବା ପରେ ଉଭୟ ପକ୍ଷର ଖେଳାଳିମାନେ କେହି କାହା ସହ ହାତ ମିଳାଇ ନ ଥିଲେ। ଟସ୍ ପଡ଼ିବା ସମୟରେ ମ୍ୟାଚ୍ ରେଫରି ଜିମ୍ବାୱେର ଆଣ୍ଡି ପାଇକ୍ରଫ୍ଟ ପାକିସ୍ତାନ ଅଧିନାୟକ ସଲମାନ ଅଲି ଆଘାଙ୍କୁ ପ୍ରତିପକ୍ଷ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବଙ୍କ ସହ ହାତ ମିଳାଇବାକୁ କୁଆଡେ ମନା କରି ଥିଲେ। ମ୍ୟାଚ୍ ଶେଷ ହେବାର ଗୋଟିଏ ଦିନ ପରେ ପାକିସ୍ତାନ କ୍ରିକେଟ ବୋର୍ଡ ଏହି ମ୍ୟାଚ୍ ରେଫରିଙ୍କୁ ତୁରନ୍ତ ବିଦା କରିବାକୁ ଆଇସିସି ନିକଟରେ ଅଭିଯୋଗ କରିଛି। ପାଇକ୍ରଫ୍ଟଙ୍କୁ ବହିଷ୍କୃତ କରା ନ ଗଲେ ଏସିଆ କପ୍‌କୁ ପାକିସ୍ତାନ ଓହରିଯିବାକୁ ଧମକ ଦେଇଛି। ସେହିପରି ମ୍ୟାଚ୍ ପରେ ଭାରତୀୟ ଖେଳାଳି ହାତ ମିଳାଇ ନ ଥିବାରୁ ପାକିସ୍ତାନ କ୍ରିକେଟ ଦଳର ମ୍ୟାନେଜର ଏସୀୟ କ୍ରିକେଟ କାଉନ୍ସିଲ ନିକଟରେ ଅଭିଯୋଗ କରିଛନ୍ତି। ଆଣ୍ଡି ପାଇକ୍ରଫ୍ଟ ଆଇସିସି ଆଚରଣ ସଂହିତା ଓ ସ୍ପିରିଟ୍ ଅଫ୍ ଦି ଗେମ୍‌ର ଉଲ୍ଲଙ୍ଘନ କରିଥିବା ଏବଂ ଭାରତୀୟ ଖେଳାଳିମାନେ ଖେଳୱାଡ ମନୋଭାବ ଦେଖାଇନାହାନ୍ତି ବୋଲି ଅଭିଯୋଗ କରିଛନ୍ତି। ଏହାକୁ ବିରୋଧ କରି ପାକିସ୍ତାନ ତାହାର ଅଧିନାୟକ ସଲମାନ୍ ଅଲିଙ୍କୁ ସାମ୍ବାଦିକ ସମ୍ମିଳନୀକୁ ପ୍ରତିକ୍ରିୟା ଦେବାକୁ ଛାଡି ନ ଥିଲେ। ଅନ୍ୟପକ୍ଷରେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଏହି ବିଜୟକୁ ଜମ୍ମୁ-କଶ୍ମୀରର ପହଲଗାମ୍‌ରେ ଆତଙ୍କବାଦୀଙ୍କ ଆକ୍ରମଣରେ ପ୍ରାଣ ହରାଇଥିବା ପର୍ଯ୍ୟଟକ ଓ ସେମାନଙ୍କ ପରିବାର ଉଦ୍ଦେଶ୍ୟରେ ଉତ୍ସର୍ଗ କରିଛନ୍ତି। ଅଭିଯୋଗ ଆଣିଥିବା ପାକିସ୍ତାନ କ୍ରିକେଟ ବୋର୍ଡ ଏବଂ ଏସୀୟ କ୍ରିକେଟ କାଉନ୍‌ସିଲର ସଭାପତି ଜଣେ ବ୍ୟକ୍ତି। ସେ ହେଉଛନ୍ତି ପାକିସ୍ତାନର ମୋହସିନ ନକ୍‌ଭି। ସେହିପରି ଆଇସିସି ଅଧ୍ୟକ୍ଷ ଭାବେ ଭାରତର ଜୟ ଶାହା ରହିଛନ୍ତି। ଏଭଳି ସ୍ଥିତିରେ ଏହି ଅଭିଯୋଗ ସମ୍ପର୍କରେ କିପରି ବିଚାର କରାଯିବ ତାହାକୁ ନେଇ ବେଶ ଚର୍ଚ୍ଚା ଚାଲିଛି। ସେହିପରି ଉଭୟ ଦଳ ସେପ୍ଟେମ୍ବର ୨୧ରେ ପରସ୍ପର ସହ ପୁଣିଥରେ ଭେଟାଭେଟି ହେବାର ସମ୍ଭାବନା ରହିଛି। ଯଦି ଏହି ଭେଟାଭେଟି ସମ୍ଭବ ହୁଏ, ତେବେ ନିଶ୍ଚିତଭାବେ ଉତ୍ତେଜନାମୂଳକ ହେବ ବୋଲି ନିଶ୍ଚିତଭାବେ ଆଶଙ୍କା କରାଯାଉଛି।

## ମ୍ୟାଚ୍ ରେଫରିଙ୍କୁ ବହିଷ୍କାର ଲାଗି ଆଇସିସି ନିକଟରେ ପିସିବିର ଫେରାଦ



ଭାରତ-ପାକିସ୍ତାନ ମ୍ୟାଚ୍‌କୁ ବୟକଟ କରିବାକୁ ଆହ୍ୱାନ ଓ ଫାଙ୍କା ଷ୍ଟାଡିୟମ୍‌ରେ ନିରୁତ୍ସାହଜନକ ମ୍ୟାଚ୍ ପରେ ଏହାକୁ ନେଇ ଡ୍ରାମା ଚାଲିଛି। ଏହି ମ୍ୟାଚ୍‌ର ରେଫରି ଜିମ୍ବାୱେର ଆଣ୍ଡି ପାଇକ୍ରଫ୍ଟ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାରଙ୍କ ହାତ ମିଳାଇବାକୁ ପାକିସ୍ତାନ ଅଧିନାୟକ ସଲମାନଙ୍କୁ ବାରଣ କରିଥିଲେ। ଏହା ଜଣାପଡ଼ିବା ପରେ ମ୍ୟାଚ୍ ଶେଷ ହେବାର ଗୋଟିଏ ଦିନ ପରେ ମ୍ୟାଚ୍ ରେଫରି ପାଇକ୍ରଫ୍ଟଙ୍କୁ ତୁରନ୍ତ ଏସିଆ କପ୍‌ରୁ ବିଦା କରିବାକୁ ପାକିସ୍ତାନ କ୍ରିକେଟ ବୋର୍ଡ ପକ୍ଷରୁ ଆଇସିସି ନିକଟରେ ଅଭିଯୋଗ କରାଯାଇଛି। ଅଭିଯୋଗରେ ଆଇସିସି ଆଚରଣ ସଂହିତା ଓ ମ୍ୟାଚ୍ ପରିଚାଳନା ଲାଗି ଏମସିସି ପକ୍ଷରୁ ପ୍ରଣୟନ କରାଯାଇଥିବା ସ୍ପିରିଟ୍ ଅଫ୍ କ୍ରିକେଟ ନିୟମକୁ ପାଇକ୍ରଫ୍ଟ ଉଲ୍ଲଙ୍ଘନ କରିଥିବା ଦର୍ଶାଯାଇଛି। ଏହି ଅଭିଯୋଗ କରିଛନ୍ତି ପାକିସ୍ତାନ ତଥା ଏସୀୟ କ୍ରିକେଟ ବୋର୍ଡର ଅଧ୍ୟକ୍ଷ ମୋହସିନ ନକ୍‌ଭି। ସେ ଏହି ଅଭିଯୋଗ ଆଇସିସିର ଅଧ୍ୟକ୍ଷ ଥିବା ଭାରତୀୟ ଜୟ ଶାହଙ୍କ ନିକଟରେ କରିଛନ୍ତି।

ଏସିଆ କପ୍ ଆୟୋଜନରେ ଆଇସିସିର କୌଣସି ଭୂମିକା ନାହିଁ। ମ୍ୟାଚ୍ ବା ଟୁର୍ଣ୍ଣାମେଣ୍ଟ ପରିଚାଳନା ଲାଗି ଆଇସିସି ପକ୍ଷରୁ ମ୍ୟାଚ୍ ରେଫରି ଓ ଅନ୍ୟାନ୍ୟ କର୍ମକର୍ତ୍ତାଙ୍କୁ ନିଯୁକ୍ତି କରାଯାଇଥାଏ। ମ୍ୟାଚ୍ ରେଫରିଙ୍କୁ ବହିଷ୍କାର କରିବା କିମ୍ବା ପରିବର୍ତ୍ତନ କରିବା ଅଧିକାର କେବଳ ଆଇସିସିର ରହିଛି। ଏହା ଆୟୋଜନ କରୁଥିବା ଦେଶର ଇଚ୍ଛା ବିରୋଧରେ କରିପାରିବ ନାହିଁ। ୟୁଏଇରେ ଏବେ ଚାଲିଥିବା ଏସିଆ କପ୍‌ର ଆୟୋଜନ ଭାରତ କରୁଛି। ଏଣୁ ଭାରତୀୟ କ୍ରିକେଟ ବୋର୍ଡ ବା ବିସିସିଆଇର ବିନା ପରାମର୍ଶରେ ପାଇକ୍ରଫ୍ଟଙ୍କୁ ବିଦା କରିବା କିମ୍ବା ପରିବର୍ତ୍ତନ କରିବା ଆଇସିସି ପକ୍ଷେ ସମ୍ଭବ ହେବ ନାହିଁ।

## ଅଣଖେଳୱାଡ ମନୋଭାବକୁ ବିରୋଧ

ପାକିସ୍ତାନକୁ ୭ ୱିକେଟରେ ହରାଇ ପ୍ରଭାବୀ ବିଜୟ ହାସଲ କରିବା ପରେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର କେବଳ ତାଙ୍କ ବ୍ୟାଟିଂ ପାର୍ଟନରଙ୍କ ସହ ହାତମିଳାଇ ସିଧା ପାଭିଲିୟନ ଚାଲିଯାଇଥିଲେ। ମ୍ୟାଚ୍ ପରେ ପ୍ରତିଦ୍ୱନ୍ଦ୍ୱୀ ଖେଳାଳିଙ୍କ ସହ ପାରମ୍ପରିକ ହାତ ନ ମିଳାଇବାକୁ ସେ ଏଡ଼ାଇଯାଇଥିଲେ। ଏହି ଘଟଣା ପାକିସ୍ତାନ ଖେଳାଳି ଓ କର୍ମକର୍ତ୍ତାଙ୍କୁ କ୍ଷୁବ୍ଧ କରିଥିଲା। ଏହାକୁ ବିରୋଧ କରି ପାକିସ୍ତାନ ଅଧିନାୟକ ସଲମାନ ଅଲି ଆଘା ସାମ୍ବାଦିକ ସମ୍ମିଳନୀକୁ ଆସି ନ ଥିଲେ। କୋଚ୍ ମାଇକ୍ ହେସନ ଏହି ଘଟଣାକୁ ନିରାଶାଜନକ ବୋଲି କହିଥିଲେ। ଆମ ଖେଳାଳିମାନେ ହାତ ମିଳାଇବାକୁ ପ୍ରସ୍ତୁତ ଥିଲେ, କିନ୍ତୁ ଭାରତୀୟ ଖେଳାଳି ଏହାକୁ ଏଡ଼ାଇଯାଇଥିଲେ ବୋଲି ହେସନ କହିଥିଲେ। ସେହିପରି ପାକିସ୍ତାନ କ୍ରିକେଟ ଟିମ୍ ମ୍ୟାନେଜର ଏହାକୁ ବିରୋଧ କରି ଟୁର୍ଣ୍ଣାମେଣ୍ଟ କମିଟି ଆଗରେ ଭାରତୀୟ ଖେଳାଳିଙ୍କ ଅଣଖେଳୱାଡ ମନୋଭାବ ବିରୋଧରେ ଅଭିଯୋଗ ଆଣିଛନ୍ତି।

## ପହଲଗାମ ମୃତ ଓ ସେମାନଙ୍କ ପରିବାରଙ୍କୁ ସୂର୍ଯ୍ୟଙ୍କ ସମର୍ଥନ

ଅନ୍ୟପକ୍ଷରେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଭାରତର ଏହି ବିଜୟକୁ ପହଲଗାମ୍‌ରେ ଆତଙ୍କବାଦୀଙ୍କ ଆକ୍ରମଣରେ ମୃତ୍ୟୁବରଣ କରିଥିବା ପର୍ଯ୍ୟଟକ, ସେମାନଙ୍କ ପରିବାର ଓ ଅପରେସନ ସିନ୍ଦୁରରେ ସାହସ ଉଚିତ ପଦକ୍ଷେପ ନେଇଥିବା ଭାରତୀୟ ସେନାକୁ ଉତ୍ସର୍ଗ କରିଛନ୍ତି। ଆମେ ସମସ୍ତେ ଏକ ବୋଲି ସେ କହିଛନ୍ତି। ଆମେ ଯାହା କରିଛୁ ତାହା ଭାରତ ସରକାର ଓ ବିସିସିଆଇର ମିଳିତ ନିଷ୍ପତ୍ତି। ଏଣୁ ଏହାକୁ ଆମେ ହେୟ ମନେ କରୁନାହୁଁ। ମୁଁ ଭାବୁଛି ଖେଳୁଆଡ ମନୋଭାବ ପ୍ରଦର୍ଶନ ବାହାରେ ମଧ୍ୟ ଜୀବନରେ ଅନେକ କିଛି ରହିଛି। ଯାହାକୁ ଆମେ ଏଡ଼ାଇଯାଇ ପାରିବୁ ନାହିଁ। ପାକିସ୍ତାନ ଖେଳାଳିଙ୍କ ସହ ହାତ ନ ମିଳାଇବା କେବଳ ମୋର ନିଷ୍ପତ୍ତି ନ ଥିଲା। ମୁଁ ଭାବୁଛି ଏହା ପ୍ରତିଦ୍ୱନ୍ଦ୍ୱୀଙ୍କୁ ଉପଯୁକ୍ତ ଜବାବ। ସରକାର ଓ ବିସିସିଆଇ ଏକତ୍ର ହୋଇ ନିଷ୍ପତ୍ତି ନେଉଛନ୍ତି। ଆମେ କେବଳ ଏଠାରେ ଖେଳିବାକୁ ଆସିଛୁ ବୋଲି ସୂର୍ଯ୍ୟକୁମାର କହିଥିଲେ।

## ଦଣ୍ଡିତ ହେବ କି ଭାରତ ?

ଏସିଆ କପ୍‌ରେ ମ୍ୟାଚ୍ ପରେ ପାକିସ୍ତାନୀ ଖେଳାଳିଙ୍କ ସହ ହାତ ନ ମିଳାଇ ପାଭିଲିୟନ ଫେରିଥିବା ଭାରତୀୟ ଖେଳାଳି କିମ୍ବା ଦଳ ଭୁଲ କରିଛନ୍ତି କି? ଏପରି କରିବା ଠିକ୍ ହୋଇଛି କି? ଏଭଳି ଅନେକ ପ୍ରଶ୍ନର ଉତ୍ତର କେବଳ ଦେଇ ପାରିବ ଆଇସିସି ଦ୍ୱାରା ପ୍ରଣୀତ ଆଚରଣ ସଂହିତା। ଆଇସିସି ଆଚରଣ ସଂହିତାରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି, 'ପ୍ରତିଦ୍ୱନ୍ଦ୍ୱୀଙ୍କୁ ସେମାନଙ୍କ ସଫଳତାରେ ଅଭିନନ୍ଦନ ଜଣାଅ ଏବଂ ନିଜ ଦଳ ସହ ଖେଳକୁ ଉପଭୋଗ କର। ମ୍ୟାଚ୍‌ର ଫଳାଫଳ ଯାହା ହେଉନା କାହିଁକି ପ୍ରତିଦ୍ୱନ୍ଦ୍ୱୀ ଦଳର କର୍ମକର୍ତ୍ତା ଓ ମ୍ୟାଚ୍ ପରିଚାଳନା କରୁଥିବା କର୍ମକର୍ତ୍ତାଙ୍କୁ ଧନ୍ୟବାଦ ଦିଅ।' ଏହା ସହ ଆଇସିସି ଆଚରଣ ସଂହିତାର ଧାରା ୨.୧.୧ରେ ସ୍ପଷ୍ଟ ଉଲ୍ଲେଖ ରହିଛି ଖେଳବେଳେ କିମ୍ବା ଖେଳଶେଷରେ ସ୍ପିରିଟ୍ ଅଫ ଦି ଗେମ୍‌ର ବିରୋଧାଚରଣ କଲେ ଲେଭଲ-୧ ଅପରାଧ ଭାବେ ବିବେଚନା କରାଯିବ। ଏହାର ଅର୍ଥ ଭାରତୀୟ ଖେଳାଳିମାନେ କିଛି ତ୍ରୁଟି କରିଛନ୍ତି ଓ ଅଣଖେଳୁଆଡ ମନୋଭାବ ପ୍ରଦର୍ଶନ କରିଛନ୍ତି। ଏହି ଘଟଣାରେ ଏଯାଏ କିଛି ଦଣ୍ଡବିଧାନ କରାଯାଇନାହିଁ। କିନ୍ତୁ ଏଭଳି ଅପରାଧ କରୁଥିବା ଦଳ ବିରୋଧରେ କଠୋର ନୁହେଁ ହାଲ୍‌କା ଦଣ୍ଡ ବିଧାନ କରିବାର ପରମ୍ପରା ରହିଛି। ଅଧିକ ଦଣ୍ଡ ଭାବେ ଦଳକୁ ଚେତାବନୀ କିମ୍ବା କିଛି ଅର୍ଥଦଣ୍ଡ ଦିଆଯିବ।

DP WORLD ASIA CUP 2025

| ଆଜିର ମ୍ୟାଚ୍ | ବାଂଲାଦେଶ-ଆଫଗାନିସ୍ତାନ |
|---|---|
| | ଭେନ୍ୟୁ : ଆବୁଧାବି |
| | ଖେଳ ଆରମ୍ଭ : ରାତି ୮ଟା |
| | ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ |

## ଶ୍ରୀଲଙ୍କାର ଦ୍ୱିତୀୟ ବିଜୟ

ଦୁବାଇ,୧୫।୯ (ଏଜେନ୍ସି): ପାଥୁମ ନିଶାଙ୍କାଙ୍କ ଅର୍ଦ୍ଧଶତକ ବଳରେ ଏଠାରେ ସୋମବାର ଅନୁଷ୍ଠିତ ଏସିଆ କପ୍ ଗ୍ରୁପ୍-ବି'ର ଏକ ଲିଗ୍ ମ୍ୟାଚ୍‌ରେ ଶ୍ରୀଲଙ୍କା ୪ ୱିକେଟରେ ହଂକଂ ଟୀମ୍‌କୁ ପରାସ୍ତ କରି ଦ୍ୱିତୀୟ ବିଜୟ ହାସଲ କରିଛି। ପୂର୍ବରୁ ଦଳ ପ୍ରଥମ ମ୍ୟାଚ୍‌ରେ ବାଂଲାଦେଶକୁ ୬ ୱିକେଟରେ ହରାଇଥିଲା। ଏହି ମ୍ୟାଚରେ ନିଜାଖତ ଖାନଙ୍କ ଅପରାଜିତ ୫୨ ଓ ଓଡ଼ିଆ ଖେଳାଳି ଅଂଶୁମାନ ରଥଙ୍କ ୪୮ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରି ହଂକଂ ୪ ୱିକେଟରେ ୧୪୯ ରନ୍ ସଂଗ୍ରହ କରିଥିଲା। ଜବାବରେ ଶ୍ରୀଲଙ୍କା ୧୮.୫ ଓଭରରେ ୬ ୱିକେଟ ହରାଇ ବିଜୟ ଲାଗି ଆବଶ୍ୟକ ରନ୍ ସଂଗ୍ରହ କରିନେଇଥିଲା। ଦଳ ପକ୍ଷରୁ ଓପନର ନିଶାଙ୍କା ସର୍ବାଧିକ ୬୮ ରନ୍ କରିଥିଲେ। ଏଥିଲାଗି ସେ ୪୪ ବଲ ଖେଳି ୬ଚୌକା ଓ ୨ଛକା ମାରିଥିଲେ। ଅନ୍ୟମାନଙ୍କ ମଧ୍ୟରେ କୁଶାଲ ପରେରା ୨୦, କାମିଲି ମିଶରା ୧୯, କୁଶାଲ ମେଣ୍ଡିସ ୧୧, ଅଧିନାୟକ ଚାରିତ ଆଶାଲଙ୍କା ୨, କାମିନ୍ଦୁ ମେଣ୍ଡିସ ୫ ରନ୍‌ର ଯୋଗଦାନ ଦେଇଥିଲେ। ହଂକଂର ୟସିମ ମୁର୍ତ୍ତାଜା ୨ଟି ୱିକେଟ ପାଇଥିଲେ। ହଂକଂ ଇନିଂସରେ ଶ୍ରୀଲଙ୍କା ଫାଷ୍ଟ ବୋଲର ଦୁଷ୍ମନ୍ତ ଚାମୀରା ୪ଟି ମଧ୍ୟରୁ ଅଧା ବା ୨ଟି ୱିକେଟ ପାଇଥିଲେ। ୱାନିନ୍ଦୁ ହାସରଙ୍ଗା ଓ ଦାସୁନ ଶାନକାଙ୍କୁ ଗୋଟିଏ ଲେଖାଏଁ ୱିକେଟ ମିଳିଥିଲା। ହଂକଂ କ୍ରମାଗତ ତୃତୀୟ ମ୍ୟାଚ୍‌ରେ ପରାଜିତ ହୋଇ ବିନା ବିଜୟରେ ପ୍ରତିଯୋଗିତାରୁ ବିଦାୟ ନେଇଛି।

## ବାଦ୍ ପଡ଼ିଲେ ନବୀନ-ଉଲ-ହକ୍



ଦୁବାଇ,୧୫।୯ (ଏଜେନ୍ସି): କାନ୍ଧରେ ଆଘାତ ଲାଗିଥିବାରୁ ଆଫଗାନିସ୍ତାନର ଫାଷ୍ଟ ବୋଲର ନବୀନ-ଉଲ-ହକ୍ ଚଳିତ ଏସିଆ କପ୍‌ରେ ବାଦ୍ ପଡ଼ିଛି। ଆଫଗାନିସ୍ତାନକୁ ଏହା ଶକ୍ତ ଧକ୍କା ଦେଇଥିଲାବେଳେ ରିଜର୍ଭ ଖେଳାଳି ଫାଷ୍ଟ ବୋଲର ଅବଦୁଲ୍ଲା ଅହମ୍ମଦ୍‌ଜାଇଙ୍କୁ ଦଳରେ ସାମିଲ କରାଯାଇଛି। ଆଫଗାନିସ୍ତାନ ତାହାର ପ୍ରଥମ ମ୍ୟାଚ୍‌ରେ ବିଜୟୀ ହୋଇଥିଲାବେଳେ ଆସନ୍ତାକାଲି ବାଂଲାଦେଶ ସହ ଦ୍ୱିତୀୟ ମ୍ୟାଚ୍ ଖେଳିବ। ଏହି ମ୍ୟାଚ୍‌ରେ ବିଜୟୀ ହେଲେ ସୁପର-୪'ରେ ସ୍ଥାନ ପାଇବା ଆଶା ରହିବ।

## ୟୁଏଇର ପ୍ରଥମ ବିଜୟ

ଆବୁଧାବି,୧୫।୯ (ଏଜେନ୍ସି): ଫାଷ୍ଟ ବୋଲର ଜନୈଦ ସିଦ୍ଦିକ (୪/୨୩)ଙ୍କ ଘାତକ ବୋଲିଂ, ଅଧିନାୟକ ମହମ୍ମଦ୍ ୱାସିମ୍ (୬୯) ଓ ଆଲିସାନ ସରାଫୁ (୫୧)ଙ୍କ ଅର୍ଦ୍ଧଶତକ ବଳରେ ଏଠାରେ ସୋମବାର ଅନୁଷ୍ଠିତ ଏସିଆ କପ୍ ଗ୍ରୁପ୍-ଏ' ମୁକାବିଲାରେ ୟୁଏଇ ୪୨ ରନ୍‌ରେ ଓମାନକୁ ପରାସ୍ତ କରି ପ୍ରଥମ ବିଜୟ ହାସଲ କରିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ୟୁଏଇ ନିର୍ଦ୍ଧାରିତ ୨୦ ଓଭରରେ ୫ ୱିକେଟ ହରାଇ ୧୭୨ ରନ୍ କରିଥିଲା। ଓମାନର ଜିତେନ ରାମଚଣ୍ଡି ୨ଟି ୱିକେଟ ପାଇଥିଲେ। ଜବାବରେ ଓମାନ ଦୁର୍ବଳ ବ୍ୟାଟିଂ ପ୍ରଦର୍ଶନ କରି ୧୮.୪ ଓଭରରେ ୧୩୦ ରନ୍ କରି ଅଲଆଉଟ ହୋଇଯାଇଥିଲା। ଓମାନ ପକ୍ଷରୁ ଆର୍ଯ୍ୟନ ବିସ୍ତ ସର୍ବାଧିକ ୨୪, ବିନାୟକ ଶୁକ୍ଲା ଓ ଅଧିନାୟକ ଜତିନ୍ଦର ସିଂହ ୨୯ ରନ୍ ଲେଖାଏଁ, ରାମଚଣ୍ଡି ୧୩, ସକିଲ ଅହମ୍ମଦ୍ ଅପରାଜିତ ୧୭ ରନ୍ କରି ଡବଲ ଫିଗର ଛୁଇଁଥିଲେ। ବିଜୟୀ ୟୁଏଇ ପକ୍ଷରୁ ଜୁନୈଦଙ୍କ ବ୍ୟତୀତ ହାଇଦର ଅଲି ଓ ମହମ୍ମଦ୍ ଜୱାଦୁଲ୍ଲା ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

## ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ଇର୍ଫାନ ଆମ୍ବାସଡର

## ଚାମ୍ପିଅନ ଦଳକୁ ୫୦ ଲକ୍ଷ ପୁରସ୍କାର



କଟକ,୧୫।୯ (ସମିସ): ଓଡ଼ିଶା ପ୍ରୋ ଟି-୨୦ ଲିଗ୍‌ରେ ଚାମ୍ପିଅନ ଦଳକୁ ଟ୍ରଫି ସହ ଆର୍ଥିକ ପୁରସ୍କାର ରାଶି ୫୦ ଲକ୍ଷ ଟଙ୍କା ପ୍ରଦାନ କରାଯିବ। ସେହିପରି ରନର୍ସଅପ ଦଳକୁ ୨୫ ଲକ୍ଷ ଟଙ୍କା ମିଳିବ। ୬ଟି ଦଳକୁ ନେଇ ଆସନ୍ତା ୧୭ ତାରିଖରୁ ବାରବାଟୀ ଷ୍ଟାଡିୟମରେ ଆରମ୍ଭ ହେବ। ଷ୍ଟାର ସ୍ପୋର୍ଟସ ଖେଲ୍ ଏବଂ ଫ୍ୟାନ୍ କୋଡ୍‌ରେ ପ୍ରତ୍ୟେକ ମ୍ୟାଚ୍‌ର ସିଧାପ୍ରସାରଣ କରାଯିବ। ଆଜି ଓଡ଼ିଶା କ୍ରିକେଟ ଆସୋସିଏସନର ସମ୍ମିଳନୀ କକ୍ଷରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏ ବାବଦରେ ବିସ୍ତୃତ ସୂଚନା ଦିଆଯାଇଛି। ଓସିଏ ସମ୍ପାଦକ ସଞ୍ଜୟ ବେହେରା ସମ୍ମିଳନୀରେ ଯୋଗ ଦେଇ ଉଦ୍‌ଘାଟନୀ କାର୍ଯ୍ୟକ୍ରମ ବାବଦରେ କହିଥିଲେ। ବଲିଉଡ କଳାକାର ଚିତ୍ରାଙ୍ଗଦା ସିଂହ, ନକ୍ସ ଅଜିଜ, ଋତୁରାଜ ମହାନ୍ତି ପ୍ରମୁଖ ଉଦ୍‌ଘାଟନୀ କାର୍ଯ୍ୟକ୍ରମର ମୁଖ୍ୟ ଆକର୍ଷଣ ରହିବେ। ସେହିପରି ବ୍ରେଟ୍ ଲି'ଙ୍କ ସ୍ଥାନରେ ଇର୍ଫାନ ପଠାନ୍‌ଙ୍କୁ ଲିଗର ବ୍ରାଣ୍ଡଆମ୍ବାସଡର ରଖାଯାଇଛି। ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟ ସଞ୍ଜୟ ରାଉଳ ମ୍ୟାଚ୍ ରେଫରୀ ଦାୟିତ୍ୱ ତୁଲାଇବେ। ଲିଗ୍‌ରେ ପ୍ଲେୟର ଅଫ ଦି ମ୍ୟାଚ୍ ପୁରସ୍କାର ୧୦ହଜାର ଟଙ୍କା, ପ୍ଲେୟର ଅଫ ଦି ସିରିଜ ପୁରସ୍କାର ୧ ଲକ୍ଷ ଟଙ୍କା ଲେଖାଏ ଆର୍ଥିକ ପୁରସ୍କାର ଦିଆଯିବ। ବିନା ମୂଲ୍ୟରେ ଟିକେଟ ଜେନି ମୋବାଇଲ ଆପ୍ଲିକେସନରେ ଦର୍ଶକ ଟିକଟ ବୁକିଂ କରିପାରିବେ। ସାମ୍ବାଦିକ ସମ୍ମିଳନୀରେ ଓସିଏ କୋଷାଧ୍ୟକ୍ଷ ବିକାଶ ପ୍ରଧାନ, ସିଇଓ ସୁବ୍ରତ କୁମାର ବେହେରା, ଆରିଭା ସ୍ପୋର୍ଟସର ହେଡ୍ ଅଫ ଅପରେସନ୍ ସଲମାନ ଖାନ୍ ଉପସ୍ଥିତ ଥିଲେ।

## ଇଂଲଣ୍ଡରେ ଭାରତ-ପାକିସ୍ତାନ ୨୦୨୬ ପ୍ରୋ-ଲିଗ୍ ହକି ମୁକାବିଲା

ନୂଆଦିଲ୍ଲୀ,୧୫।୯ (ଏଜେନ୍ସି): ଏଫ୍‌ଆଇଏଚ୍ ପ୍ରୋ-ଲିଗ୍ ହକିର ସପ୍ତମ ସିଜନ ୨୦୨୬ରେ ଆରମ୍ଭ ହେବ। ନ୍ୟୁଜିଲାଣ୍ଡ ଏହି ହାଇ ପ୍ରୋଫାଇଲ ଟୁର୍ଣ୍ଣାମେଣ୍ଟରୁ ଓହରିଯିବାରୁ ପାକିସ୍ତାନକୁ ଖେଳିବାକୁ ସୁଯୋଗ ମିଳିଛି। ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ପୂର୍ବରୁ ଯୋଗ୍ୟତା ଅର୍ଜନ କରିସାରିଛି। ଏଣୁ ଭାରତ ଓ ପାକିସ୍ତାନ ମଧ୍ୟରେ ମୁକାବିଲା ଇଂଲଣ୍ଡରେ ଜୁନ୍ ୨୩-୨୮ ମଧ୍ୟରେ ଖେଳାଯିବ ବୋଲି ଖେଳସୂଚୀରୁ ଜଣାଯାଇଛି। କିନ୍ତୁ ଭାରତର ମହିଳା ଦଳ ଏଥର ଖେଳିବାରୁ ବଞ୍ଚିତ ହୋଇଛି। ଏଥର ପ୍ରୋ ଲିଗ୍ ଡିସେମ୍ବର ୯ରୁ ଆରମ୍ଭ ହେବ ଓ ୧୦ଟି ଦେଶରେ ୧୪୪ଟି ମ୍ୟାଚ୍ ଖେଳାଯିବ। ନେଦରଲାଣ୍ଡସ ଉଭୟ ପୁରୁଷ ଓ ମହିଳା ବିଭାଗରେ ଡିଫେଣ୍ଡିଂ ଚାମ୍ପିଅନ ରହିଛି।

## କ୍ୟାଣ୍ଡିଡେଟସ ଚେସ୍ ଲାଗି ବୈଶାଳୀଙ୍କ ଯୋଗ୍ୟତା

ନୂଆଦିଲ୍ଲୀ,୧୫।୯ (ଏଜେନ୍ସି): ଭାରତୀୟ ମହିଳା ଚେସ୍ ତାରକା ଆର୍ ବୈଶାଳୀ ଫିଡେ ମହିଳା ଗ୍ରାଣ୍ଡ ସ୍ୱିସ୍ ଟାଇଟଲ ବଜାୟ ରଖିଛନ୍ତି। ଏହା ଫଳରେ ସେ ୨୦୨୬ରେ ଖେଳାଯିବାକୁ ଥିବା ସମ୍ମାନଜନକ କ୍ୟାଣ୍ଡିଡେଟ୍ସ ଚେସ୍‌ରେ ଭାଗନେବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ଗ୍ରାଣ୍ଡ ସ୍ୱିସ୍ ଟୁର୍ଣ୍ଣାମେଣ୍ଟରେ ୨୪ ବର୍ଷୀୟା ବୈଶାଳୀ ଶେଷ ରାଉଣ୍ଡରେ ତାନ ଝୋଙ୍ଗୟିଙ୍କ ସହ ମ୍ୟାଚ ଡ୍ର ରଖିବା ଫଳରେ ୧୧ ରାଉଣ୍ଡରୁ ୮ ପଏଣ୍ଟ ପାଇଥିଲେ। ଏହି ପଏଣ୍ଟ ତାଙ୍କୁ ଟାଇଟଲ ଜିତିବାରେ ସହାୟକ ହୋଇଥିଲା। ବୈଶାଳୀଙ୍କ ପୂର୍ବରୁ ଭାରତରୁ କୋନେରୁ ହମ୍ପି ଓ ଦିବ୍ୟା ଦେଶମୁଖ କ୍ୟାଣ୍ଡିଡେଟସ ଚେସ୍ ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ଯୋଗ୍ୟତା ଅର୍ଜନ କରିସାରିଛନ୍ତି। ଉଭୟ ଖେଳାଳି ଫିଡେ ମହିଳା ୱାର୍ଲ୍ଡ କପ୍ ଫାଇନାଲରେ ପ୍ରବେଶ କରିବା ସହ କ୍ୟାଣ୍ଡିଡେଟସ ଚେସ୍ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲେ।



## ୧୧ ବର୍ଷ ପରେ ଦୁଲୀପ ଟ୍ରଫି ଜିତିଲା କେନ୍ଦ୍ରାଞ୍ଚଳ

ବେଙ୍ଗାଲୁରୁ, ୧୫।୯ (ଏଜେନ୍ସି)





ରଜତ ପାଟିଦାରଙ୍କ କେନ୍ଦ୍ରାଞ୍ଚଳ ଚଳିତବର୍ଷର ପ୍ରଥମ ବିସିସିଆଇ ଟୁର୍ଣ୍ଣାମେଣ୍ଟ ଦୁଲୀପ ଟ୍ରଫି ଚାମ୍ପିଅନ୍ ହୋଇଛି। ସୋମବାର ୫ମ ତଥା ଅନ୍ତିମ ଦିନରେ ସମାପ୍ତ ହୋଇଥିବା ଫାଇନାଲ ମ୍ୟାଚ୍‌ରେ ଦକ୍ଷିଣାଞ୍ଚଳକୁ ୬ ୱିକେଟ୍‌ରେ କେନ୍ଦ୍ରାଞ୍ଚଳ ପରାସ୍ତ କରିଛି। ଫାଇନାଲ ମ୍ୟାଚ୍ ଜିତିବା ପାଇଁ କେନ୍ଦ୍ରାଞ୍ଚଳକୁ ଦ୍ୱିତୀୟ ଇନିଂସରେ ମାତ୍ର ୬୫ ରନ୍‌ର ବିଜୟଲକ୍ଷ୍ୟ ମିଳିଥିଲା। ଶେଷ ଦିନର ପ୍ରଥମ ଅଧିବେଶନରେ ୪ ୱିକେଟ୍ ହରାଇ କେନ୍ଦ୍ରାଞ୍ଚଳ ଫାଇନାଲ ମ୍ୟାଚ୍‌କୁ ଜିତି ନେଇଥିଲା। ୨୦୧୪-୧୫ ଋତୁରେ ଶେଷଥର ଦୁଲୀପ ଟ୍ରଫି ଜିତିଥିବା କେନ୍ଦ୍ରାଞ୍ଚଳ ୧୧ ବର୍ଷ ପରେ ଏହି ଟ୍ରଫି ଜିତିପାରିଛି। ମୋଟଉପରେ ୭ମ ଥର କେନ୍ଦ୍ରାଞ୍ଚଳ ଦୁଲୀପ ଟ୍ରଫି ଚମ୍ପିଆନ୍ ହୋଇପାରିଛି। ପ୍ରଥମ ଇନିଂସରେ ଦକ୍ଷିଣାଞ୍ଚଳ ୩୬୨ ରନ୍ ପଛରେ ରହିବା ପରେ ୨ୟ ଇନିଂସରେ ୪୨୬ ରନ୍ କରି ପାରିଥିଲା। ଫଳରେ ୨ୟ ଇନିଂସରେ କେନ୍ଦ୍ରାଞ୍ଚଳକୁ ମାତ୍ର ୬୫ ରନ୍‌ର ବିଜୟଲକ୍ଷ୍ୟ ମିଳିଥିଲା। ଶେଷଦିନର ପିଚ୍‌ରେ ବ୍ୟାଟିଂ କରିବା ସହଜ ନଥିଲା। ଦକ୍ଷିଣାଞ୍ଚଳର ବାମହାତି ପେସ୍ ବୋଲର ଗୁରଜାପନୀତ ସିଂହ ଓ ବାମହାତି ସ୍ପିନର ଅଙ୍କିତ ଶର୍ମା ଚମତ୍କାର ବୋଲିଂ କରିବାରୁ କେନ୍ଦ୍ରାଞ୍ଚଳ ୫ମ ତଥା ଶେଷଦିନରେ ୨୪ ରନ୍‌ରେ ୩ଟି ୱିକେଟ ହରାଇଥିଲା। ଓପନର ଡାନିସ୍ ମାଲେୱାର ୫, ଶୁଭମ୍ ଶର୍ମା ୮ ଓ ସାରାଂଶ ଜୈନ ୪ ରନ୍‌କରି ବିଦାୟ ନେଇଥିଲେ। ଅଧିନାୟକ ରଜତ ପାଟିଦାର ୧୩ ରନ୍‌କରି ଆଉଟ୍ ହୋଇଥିଲେ। ଅନ୍ୟ ଓପନର ଅକ୍ଷୟ ୱାଡ଼କର ୧୯ ଓ ଯଶ ରାଠୋଡ଼ ୧୩ ରନ୍‌କରି ଅପରାଜିତ ଥିଲେ। ଗୁରଜାପନୀତ ସିଂହ ଓ ଅଙ୍କିତ ଶର୍ମା ୨ଟି ଲେଖାଏଁ ୱିକେଟ୍ ନେଇଥିଲେ। ପ୍ରଥମ ଇନିଂସରେ ୧୯୪ ରନ୍ କରିଥିବା ଯଶ ରାଠୋଡ଼ ପ୍ଲେୟର ଅଫ୍ ଦି ମ୍ୟାଚ୍ ଏବଂ ଟୁର୍ଣ୍ଣାମେଣ୍ଟରେ ୧୩୬ ରନ୍ କରିବା ସହ ୧୬ଟି ୱିକେଟ୍ ନେଇଥିବା ସାରାଂଶ ଜୈନ ପ୍ଲେୟର ଅଫ୍ ଦି ଟୁର୍ଣ୍ଣାମେଣ୍ଟ ହୋଇଥିଲେ।



ସାରାଂଶ ଜୈନ

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS